



# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

BHUBANESWAR | ♦VOLUME- 43 ♦ISSUE-105 ♦SATURDAY ♦11 OCTOBER 2025 ♦PAGE-12 ♦₹ 6.00

♦ବର୍ଷ-୪୩ ♦ସଂଖ୍ୟା-୧୦୫ ♦ଶନିବାର ♦୧୧ ଅକ୍ଟୋବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


## ମାରିଆ ମାଚାଡ଼ୋଙ୍କୁ 'ନୋବେଲ ଶାନ୍ତି'



**ଟ୍ରମ୍ପ ନିରାଶ**

**ଭେନେଜୁଏଲାରେ ଗଣତନ୍ତ୍ର ପ୍ରତିଷ୍ଠା ପାଇଁ ୨୦ ବର୍ଷଧରି ପ୍ରଚେଷ୍ଟାରତ**

■ **ଷ୍ଟକହାମ୍, ୧୦।୧୦ (ଏଜେନ୍ସି):** ନୋବେଲ୍ ଶାନ୍ତି ପୁରସ୍କାର ପାଇଁ ନିଜ ସପକ୍ଷରେ ବିଶ୍ୱବ୍ୟାପୀ ସମର୍ଥନ ଜୁଟାଇବାର ବହୁ ପ୍ରୟାସ ଓ ପ୍ରଚାର ସତ୍ତ୍ୱେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ନିରାଶ ହେବାକୁ ପଡ଼ିଛି। ଲାଟିନ ଆମେରିକୀୟ ଦେଶ ଭେନେଜୁଏଲାର ଆଇରନ ଲେଡି ଭାବେ ପରିଚିତ ୫୮ ବର୍ଷୀୟା ମାରିଆ କୋରିନା ମାଚାଡୋଙ୍କୁ ୨୦୨୫ ପାଇଁ ନୋବେଲ ଶାନ୍ତି ପୁରସ୍କାର ପାଇଁ ମନୋନୀତ କରାଯାଇଛି। ବିରୋଧୀ ଦଳ ନେତ୍ରୀ ମାରିଆଙ୍କ ଜୀବନ ପ୍ରତି ବିପଦ ଥିବାରୁ ସେ ଏବେ ଅଜ୍ଞାତବାସରେ ଅଛନ୍ତି। ଦେଶରେ ଗଣତନ୍ତ୍ରକୁ ସୁଦୃଢ଼ କରିବା ପାଇଁ ଦୀର୍ଘ ▶ପୃଷ୍ଠା-୧୦

**ପୁଲିସ ଚାକିରି ବେପାର**


## ପୂର୍ବତନ ଜେଲ୍ ଡିଆଇଜି କ୍ରାଇମବ୍ରାଞ୍ଚ୍‌ରେ ହାଜର

**ଟଙ୍କା ଜମା କରିଥିବା ୨୦ ଜଣଙ୍କୁ ନୋଟିସ୍; ୫ ପୁଲିସ ଅଧିକାରୀଙ୍କୁ ମାଫ୍**

**ମୁନ୍ନା ସହ ଯୋଗାଯୋଗରେ ନୟାଗଡ଼ର ଶ୍ରୀକାନ୍ତ**

■ **ଭୁବନେଶ୍ୱର, ୧୦।୧୦ (ସମିସ):** ପୁଲିସ୍ ଏସ୍‌ଆଇ ଚାକିରି ବିକ୍ରି ଘଟଣା ଓଡ଼ିଶା ସୀମା ଡେଇଁ ଜାତୀୟସ୍ତରରେ ପହଞ୍ଚିଛି। ଯୋଜନାବଦ୍ଧ ଭାବରେ ହୋଇଥିବା ଏହି ଚାକିରି ବିକ୍ରି ଷଡ଼ଯନ୍ତ୍ର ମଧ୍ୟପ୍ରଦେଶର କୁଖ୍ୟାତ ବ୍ୟାପମ୍ ସ୍କାମକୁ ବି ଟପି ଯାଇଥିବା କୁହାଯାଉଛି। ଏହି କ୍ରମରେ ଘଟଣାର ତଦନ୍ତ କରୁଥିବା କ୍ରାଇମବ୍ରାଞ୍ଚ ଆଜି ପୂର୍ବତନ ଜେଲ ଡିଆଇଜି କୁଳମଣି ବେହେରାଙ୍କୁ ଆଜି ପଚାରାଉଚରା କରିଛି। କ୍ରାଇମବ୍ରାଞ୍ଚ ଅଧିକାରୀମାନେ ଏହି ଘଟଣା ସମ୍ପର୍କରେ ଶ୍ରୀ ବେହେରାଙ୍କୁ ପ୍ରାୟ ୪୫ ମିନିଟ ଧରି ବିଭିନ୍ନ ପ୍ରସଙ୍ଗରେ ପଚରାଉଚରା କରିଛନ୍ତି। କ୍ରାଇମବ୍ରାଞ୍ଚର ଜଣେ ଡିଆଇଜି ପାହ୍ୟାର ଅଧିକାରୀଙ୍କ ନେତୃତ୍ୱରେ ୪ଜଣିଆ ଦଳ ପୂର୍ବତନ ଜେଲ୍ ଡିଆଇଜିଙ୍କୁ ଓ ପରେ ବଣିକ କୋଚିଂ ସେଣ୍ଟରର ଅଧିକାରୀଙ୍କୁ ଦିନ ସାଢ଼େ ୧୧ଟାରୁ ଅଢ଼େଇଟା ପର୍ଯ୍ୟନ୍ତ ଦୁଇ ପର୍ଯ୍ୟାୟରେ ଜେରା କରିଛନ୍ତି। ଗତ ୩୦ ତାରିଖରେ ଶ୍ରୀକାକୁଲମ୍‌ରୁ ଗିରଫ ହୋଇଥିବା ୧୧୪ ପରୀକ୍ଷାର୍ଥୀଙ୍କ ମଧ୍ୟରେ ଶ୍ରୀ ବେହେରାଙ୍କ ପୁଅ ଅମୀର ବେହେରା ଅଛନ୍ତି। ତେଣୁ ସେ ମଧ୍ୟ ଚାକିରି ପାଇଁ ଟଙ୍କା ଦେଇଥିବା ଚର୍ଚ୍ଚା ହେଉଛି। ପୁଲିସ ଚାକିରି ପାଇଁ ଜଣ ପିଛା ୨୫ରୁ ୩୫ ଲକ୍ଷ ଟଙ୍କା ଲେଖାଏଁ ▶ପୃଷ୍ଠା-୧୦

## ଦିଲ୍ଲୀରୁ ଫେରିଲେ ନବୀନ



**ଖୁବ୍‌ଶୀଘ୍ର ନୂଆପଡ଼ା ଉପନିର୍ବାଚନ ପ୍ରାର୍ଥୀଙ୍କ ନାମ ଘୋଷଣା**

■ **ଭୁବନେଶ୍ୱର, ୧୦।୧୦ (ସମିସ):** ଶୁକ୍ରବାର ଅପରାହ୍ଣରେ ଦିଲ୍ଲୀରୁ ଓଡ଼ିଶା ପ୍ରତ୍ୟାବର୍ତ୍ତନ କରିଛନ୍ତି ବିଜେଡି ସୁପ୍ରିମୋ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ଗତମାସରେ ନବୀନ ବ୍ୟକ୍ତିଗତ କାର୍ଯ୍ୟବଶତଃ ନୂଆଦିଲ୍ଲୀ ଯାଇଥିଲେ ଓ ନିଜ ବାସଭବନରେ ଅବସ୍ଥାନ କରୁଥିଲେ। ଏହି ସମୟରେ ସେ ନିଜ ପରିବାର ସଦସ୍ୟ ଓ ସାଙ୍ଗସାଥୀଙ୍କୁ ମଧ୍ୟ ଭେଟିଥିଲେ। ଦିଲ୍ଲୀରେ ଏସିଆନ୍ ୱାଇଲ୍ଡଲାଇଫ୍ ଟ୍ରଷ୍ଟ ଏବଂ ଏସିଆନ୍ ହାର୍ଟ ଇନଷ୍ଟିଚ୍ୟୁଟ୍‌ର ପ୍ରତିଷ୍ଠାତା ପଦ୍ମଭୂଷଣ ଡାକ୍ତର ରମାକାନ୍ତ ପଣ୍ଡାଙ୍କ ଦ୍ୱାରା ଆୟୋଜିତ ୱାଇଲ୍ଡଲାଇଫ୍ ଫଟୋ ପ୍ରଦର୍ଶନୀ ସହ ଇଣ୍ଡିଆ ହାବିଟାଟ୍ ସେଣ୍ଟରରେ ଚାଲିଥିବା 'ଭୟେଜେସ୍, ଦି ଆନ୍ସିଏଣ୍ଟ ମେରିଟାଇମ୍ ସିଲ୍କ ରୁଟ୍' କଳା ପ୍ରଦର୍ଶନୀରେ ମଧ୍ୟ ନବୀନଙ୍କୁ ଦେଖିବାକୁ ମିଳିଥିଲା। ଏହା ସତ୍ତ୍ୱେ ନବୀନ ଓଡ଼ିଶାରେ ଘଟୁଥିବା ଘଟଣାକ୍ରମ ଉପରେ ତୀକ୍ଷ୍ଣ ▶ପୃଷ୍ଠା-୧୦



## ନାଟୋରୁ ସ୍ପେନ୍‌କୁ ବିଦା କରିବାକୁ କହିଲେ ଟ୍ରମ୍ପ



ନ୍ୟୁୟର୍କ, ୧୦।୧୦ (ଏଜେନ୍ସି): ସାମରିକ ମେଣ୍ଟ ନାଟୋରୁ ସ୍ପେନ ଭଳି ୟୁରୋପୀୟ ଦେଶକୁ ବାଦ ଦେବାକୁ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ କହିଛନ୍ତି। ଯଦି ସ୍ପେନ୍ ନିଜର ପ୍ରତିରକ୍ଷା ବ୍ୟୟ ଅର୍ଥାତ ଡିଫେନ୍ସ ବଜେଟ୍ ବୃଦ୍ଧି ନକରେ ତେବେ ଏଭଳି କଠୋର ନିଷ୍ପତ୍ତି ନେବାକୁ ହେବ ବୋଲି ସେ ସ୍ପଷ୍ଟ କରିଛନ୍ତି। ହ୍ୱାଇଟ୍ ହାଉସ୍‌ରେ ଫିନଲାଣ୍ଡ ରାଷ୍ଟ୍ରପତି ଆଲେକଜାଣ୍ଡର ଷ୍ଟବ୍ବଙ୍କ ସହ ଏକ ବୈଠକ ପରେ ଟ୍ରମ୍ପ ସାମ୍ବାଦିକମାନଙ୍କୁ ଏହି କଥା କହିଛନ୍ତି। ପୂର୍ବରୁ ଜୁନ୍‌ରେ ଟ୍ରମ୍ପ ଏ ସଂକ୍ରାନ୍ତରେ ସ୍ପେନ୍‌କୁ ଧମକ ମଧ୍ୟ ଦେଇଥିଲେ। ଗତ କିଛି ମାସ ହେବ ଟ୍ରମ୍ପ ନାଟୋରେ ସାମିଲ ଥିବା ଦେଶଗୁଡ଼ିକୁ ନିଜ ପ୍ରତିରକ୍ଷା ବ୍ୟୟ ବଢ଼ାଇବାକୁ କ୍ରମାଗତ ଭାବେ ଚାପ ପକାଇ ଆସୁଛନ୍ତି। ନାଟୋ ଶିଖର ସମ୍ମିଳନୀରେ ଟ୍ରମ୍ପ ସବୁ ଦେଶକୁ ଡିଫେନ୍ସ ବଜେଟ୍‌କୁ ଜିଡିପିର ୫ ପ୍ରତିଶତ ପର୍ଯ୍ୟନ୍ତ ବଢ଼ାଇବାକୁ କହିଥିଲେ। କିନ୍ତୁ ସେତେବେଳେ ସ୍ପେନ ଏହାକୁ ଖାରଜ କରିଥିଲା। ଡିଫେନ୍ସ ବଜେଟ ବୃଦ୍ଧି କଲେ ଦେଶର ଶିକ୍ଷା ଓ ସ୍ୱାସ୍ଥ୍ୟ ବ୍ୟବସ୍ଥା ନକରାତ୍ମକ ଭାବେ ପ୍ରଭାବିତ ହେବ। ଏଥିରେ ଖର୍ଚ୍ଚ କାଟ କରିବାକୁ ହେବ ଓ ଆଦୌ ଠିକ୍ ନୁହଁ ବୋଲି ସ୍ପେନ ପ୍ରଧାନମନ୍ତ୍ରୀ ପଡ୍ରୋ ସାଞ୍ଚେଜ ଯୁକ୍ତି ବାଢ଼ିଛନ୍ତି। କିନ୍ତୁ ନାଟୋ ପ୍ରତି ସ୍ପେନ ସମର୍ପିତ ରହିଛି ଓ ଆମେରିକା ଭଳି ନିଜ ଲକ୍ଷ୍ୟ ହାସଲ କରିବାକୁ ପ୍ରୟାସ କରିବ ବୋଲି ସେ କହିଛନ୍ତି।

## ଫିଲିପାଇନ୍ସରେ ଭୂକମ୍ପ; ୬ ମୃତ

ମାନିଲା, ୧୦।୧୦ (ଏଜେନ୍ସି): ପ୍ରଶାନ୍ତ ମହାସାଗରୀୟ ତଥା ଦକ୍ଷିଣପୂର୍ବ ଏସୀୟ ଦେଶ ଫିଲିପାଇନ୍ସରେ ଶୁକ୍ରବାର ସକାଳେ ଏକ ଶକ୍ତିଶାଳୀ ଭୂକମ୍ପ ଅନୁଭୂତ ହୋଇଛି। ଏହି ଭୂକମ୍ପର ତ୍ରୀବ୍ରତା ରିକ୍ଟର ସ୍କେଲରେ ୭.୬ ଥିଲା। ଏଥିରେ ୬ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି। ଏହି କାରଣରୁ ସୁନାମୀ ସତର୍କତା ଜାରି କରାଯାଇଥିଲା। କିନ୍ତୁ ପରେ ସୁନାମୀ ସତର୍କତାକୁ କାଢ଼ି ନିଆଯାଇଛି। ସ୍ଥିତି ଏବେ ସାମାନ୍ୟ ଅଛି ବୋଲି ପ୍ୟାସିଫିକ ସୁନାମୀ ୱାର୍ଣ୍ଣିଂ ସେଣ୍ଟର ତରଫରୁ କୁହାଯାଇଛି। ଏବେ ଆହୁରି କେତୋଟି ଭୂକମ୍ପର ଝଟ୍‌କା ଅର୍ଥାତ ଆଫଟର ସକ୍ ଅନୁଭୂତ ହେବ ବୋଲି ଫିଲିପାଇନ୍ସ ଆର୍ଥକୁଏକ୍ ଏଜେନ୍ସି କହିଛି। ଭୂକମ୍ପର ଅଧଘଣ୍ଟା ମଧ୍ୟରେ ୫.୯ ଓ ୫.୬ ତୀବ୍ରତାର କେତୋଟି ଝଟ୍‌କା ଅନୁଭୂତ ହୋଇଥିଲା। ଏକ ଭୟଙ୍କର ସୁନାମୀ ଆସିବ ବୋଲି ଏହି ଏଜେନ୍ସି ପୂର୍ବରୁ ସତର୍କତା ଜାରି କରିଥିଲା। କେନ୍ଦ୍ର ଓ ଦକ୍ଷିଣ ଫିଲିପାଇନ୍ସର ଉପକୂଳବର୍ତ୍ତୀ ସହରଗୁଡ଼ିକରେ ଲୋକଙ୍କୁ ଉଚ୍ଚ ସ୍ଥାନକୁ ଯିବା ପାଇଁ କୁହାଯାଇଥିଲା। ଏପର୍ଯ୍ୟନ୍ତ ସେଭଳି କୌଣସ ବଡ଼ ଧରଣର କ୍ଷୟକ୍ଷତି ହୋଇଥିବାର ସୂଚନା ମିଳିନାହିଁ।

## ଜୁବିନଙ୍କ ଦୁଇ ସୁରକ୍ଷା ଅଧିକାରୀ ଗିରଫ

ଗୌହାଟୀ, ୧୦।୧୦(ଏଜେନ୍ସି): ଜଣାଶୁଣା ବଲିଉଡ୍ ତଥା ଆସାମ ଗାୟକ ଜୁବିନ ଗର୍ଗଙ୍କ ମୃତ୍ୟୁ ମାମଲା ଏବେ ନୂଆ ମୋଡ଼ ନେଇଛି। ସ୍ପେଶାଲ ଇନ୍‌ଭେଷ୍ଟିଗେସନ ଟିମ (ଏସ୍‌ଆଇଟି) ଜୁବିନ୍‌ଙ୍କ ସଂଦୀଗ୍ଧ ମୃତ୍ୟୁ ମାମଲାରେ ତାଙ୍କର ଦୁଇଜଣ ସୁରକ୍ଷା ଅଧିକାରୀ ବା ପର୍ସନାଲ ସିକ୍ୟୁରିଟି ଅଫିସର (ପିଏସ୍‌ଓ)ଙ୍କୁ ଗିରଫ କରାଯାଇଛି। ଗିରଫ ହୋଇଥିବା ଏହି ଦୁଇ ପିଏସ୍‌ଓ ହେଲେ ନନ୍ଦେଶ୍ୱର ବୋରା ଓ ପରେଶ ବୈଶ୍ୟ। ଏହି ଦୁଇଜଣ ଜୁବିନଙ୍କ ସୁରକ୍ଷା ଅଧିକାରୀ ଭାବେ ଦୀର୍ଘଦିନ ଧରି ଦାୟିତ୍ୱରେ ରହିଆସୁଥିଲେ। ଗତ ୪ରୁ ୫ ବର୍ଷ ମଧ୍ୟରେ ଏହି ଦୁଇଜଣଙ୍କ ବ୍ୟାଙ୍କ ଖାତାରେ ଏକକୋଟି ଟଙ୍କାରୁ ଊର୍ଦ୍ଧ୍ୱ ଟଙ୍କାର ନେଣଦେଣ ହୋଇଛି। ଏଥିପାଇଁ ପୁଲିସ ଏମାନଙ୍କୁ ଗିରଫ କରିଛି ବୋଲି କହିଛି। ନନ୍ଦେଶ୍ୱରଙ୍କ ବ୍ୟାଙ୍କ ଖାତାକୁ ୭୦ ଓ ପରେଶଙ୍କ ଖାତାକୁ ୪୦ ଲକ୍ଷ ଟଙ୍କା ଆସିଥିଲା। ଫଳରେ ଦୁଇ ଅଧିକାରୀଙ୍କୁ ସସ୍‌ପେଣ୍ଡ କରାଯାଇଛି। ଏଥିସହ ଜୁବିନଙ୍କ ମୃତ୍ୟୁ ମାମଲାରେ ଗିରଫ ସଂଖ୍ୟା ଏବେ ୭ରେ ପହଞ୍ଚିଛି। ଏଥିରେ ଜୁବିନଙ୍କ ସମ୍ପର୍କୀୟ ଭାଇ ତଥା ଡିଏସ୍‌ପି ସନ୍ଦୀପନ ଗର୍ଗ, ମ୍ୟାନେଜର ସିଦ୍ଧାର୍ଥ ଶର୍ମା, ସହ ଗାୟିକା ଅମୃତପ୍ରଭା ମହନ୍ତ, ନର୍ଥ ଇଷ୍ଟ ଭେଷ୍ଟିଭାଲ ଆୟୋଜକ ଶ୍ୟାମକାନୁ ମହନ୍ତ, ବ୍ୟାଣ୍ଡ ଡ୍ରମ ମାଷ୍ଟର ଶେଖର ଜ୍ୟୋତି ଗୋସ୍ୱାମୀ ସାମିଲ ଅଛନ୍ତି।

## ନିର୍ବାଚନ ପୂର୍ବରୁ ଜେଡିୟୁକୁ ଝଟ୍‌କା

ପାଟନା, ୧୦।୧୦ (ଏଜେନ୍ସି): ବିହାର ବିଧାନସଭା ନିର୍ବାଚନ ପୂର୍ବରୁ ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କ ଜେଡିୟୁକୁ ବଡ଼ ଝଟ୍‌କା ଲାଗିଛି। ପୂର୍ବତନ ସାଂସଦ, ବିଧାୟକଙ୍କ ସମେତ ଅନେକ ପ୍ରମୁଖ ନେତା ଶୁକ୍ରବାର ଆରଜେଡିରେ ସାମିଲ ହୋଇଛନ୍ତି। ଏମାନଙ୍କ ମଧ୍ୟରେ ବାଙ୍କା ସାଂସଦ ଗିରିଧାରୀ ଯାଦବଙ୍କ ପୁଅ, ପୂର୍ବତନ ସାଂସଦ ଜଗଦୀଶ ଶର୍ମାଙ୍କ ପୁଅ ରାହୁଲ ଶର୍ମା ଏବଂ ପୂର୍ବତନ ସାଂସଦ ସନ୍ତୋଷ କୁଶ୍ୱାହ ସାମିଲ ଅଛନ୍ତି।

## କରୁର ଦଳାଚକଟା: ସୁପ୍ରିମକୋର୍ଟରେ ରାୟ ସଂରକ୍ଷିତ



ନୂଆଦିଲ୍ଲୀ, ୧୦।୧୦(ଏଜେନ୍ସି): କରୁର ଦଳାଚକଟା ମାମଲାରେ ସୁପ୍ରିମକୋର୍ଟ ସିବିଆଇ ଯାଞ୍ଚ କରିବା ଓ ମାଡ୍ରାସ ହାଇକୋର୍ଟଙ୍କ ଦ୍ୱାରା ଏସ୍‌ଆଇଟି ଗଠନ ଆଦେଶକୁ ଚ୍ୟାଲେଞ୍ଜ କରି ହୋଇଥିବା ଆବେଦନର ରାୟକୁ ସୁରକ୍ଷିତ ରଖିଛନ୍ତି। ତାମିଲ ଅଭିନେତା ବିଜୟଙ୍କ ନବଗଠିତ ପାର୍ଟି ଟିଭିକେ ଓ ବିଜେପି ନେତା ଉମା ଆନନ୍ଦନ ଏହି ଅବେଦନ ଦାଖଲ କରିଥିଲେ। ଟିଭିକେ ତରଫରୁ ଆଡଭୋକେଟ ଗୋପାଳ ସୁବ୍ରମନିୟମ ଓ ସିଏ ସୁନ୍ଦରନ ତର୍କ ଉପସ୍ଥାପନ କରିଥିଲେ। ସେପଟେ ତାମିଲନାଡୁ ସରକାରଙ୍କ ତରଫରୁ ବରିଷ୍ଠ ଓକିଲ ଅଭିଷେକ ମନୁ ସିଙ୍ଘଭି ସିବିଆଇ ଯାଞ୍ଚର ଆବଶ୍ୟକତା ନାହିଁ ବୋଲି କହିଥିଲେ। ଏହି ଦଳାଚକଟା ଘଟଣାରେ ପୁଲିସର ବିଫଳତା ସାବ୍ୟସ୍ତ ହୋଇନାହିଁ ବୋଲି ସେ ତର୍କ ଦେଇଥିଲେ। ଏହି ମାମଲାରେ ସୁପ୍ରିମକୋର୍ଟ ହାଇକୋର୍ଟଙ୍କ ନିର୍ଦ୍ଦେଶକୁ ଭର୍ତ୍ସନା କରିଛନ୍ତି। ସକାଳୁ ଭିଡ଼ ହୋଇଥିବାରୁ ଏହି ଦଳାଚକଟା ହୋଇଥିଲା ବୋଲି କୁହାଯାଇଥିଲା। କିନ୍ତୁ ବିଜୟ ସନ୍ଧ୍ୟା ୭ଟାରେ ପହଞ୍ଚିଥିଲେ। ଉଲ୍ଲେଖଥାଉ କି, ସେପ୍ଟେମ୍ବର ୨୭ରେ ହୋଇଥିବା ଏହି ଦଳାଚକଟାରେ ୪୧ ଜଣ ମୃତ୍ୟୁବରଣ କରିଥିବା ବେଳେ ୧୦୦ଜଣ ଆହତ ହୋଇଥିଲେ। ଅକ୍ଟୋବର ୪ରେ ବିଜୟଙ୍କ ପାର୍ଟି ଉତ୍ତରଦାୟିତ୍ୱରୁ ବର୍ତ୍ତି ପାରିବ ନାହିଁ ବୋଲି ହାଇକୋର୍ଟ କହିଥିଲେ। ବିଜୟଙ୍କ ପାର୍ଟି ଏସ୍‌ଆଇଟି ଗଠନକୁ ବିରୋଧ କରିଥିଲା।

## ଜାମ୍ମୁ- କଶ୍ମୀରକୁ ରାଜ୍ୟ ମାନ୍ୟତା: କେନ୍ଦ୍ରକୁ ଜବାବ ତଲବ

ନୂଆଦିଲ୍ଲୀ, ୧୦।୧୦(ଏଜେନ୍ସି): ଜମ୍ମୁ-କଶ୍ମୀରକୁ ପୁଣି ଥରେ ରାଜ୍ୟ ମାନ୍ୟତା ଦେବା ନେଇ ସୁପ୍ରିମକୋର୍ଟ କେନ୍ଦ୍ର ସରକାରଙ୍କୁ ୪ ସପ୍ତାହ ମଧ୍ୟରେ ଜବାବ ଦେବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏ ନେଇ ଶୁକ୍ରବାର ସୁପ୍ରିମକୋର୍ଟରେ ଶୁଣାଣି ହୋଇଥିଲା। ତେବେ ଏ ନେଇ କେନ୍ଦ୍ର ସରକାର ଓ ଜମ୍ମୁ-କଶ୍ମୀର ପ୍ରଶାସନ ମଧ୍ୟରେ କଥାବାର୍ତ୍ତା ଚାଲିଛି ବୋଲି ସଲିସିଟର ଜେନେରାଲ ତୁଷାର ମେହେଟ୍ଟା ଶୁଣାଣି ବେଳେ କହିଥିଲେ। ଜମ୍ମୁ-କଶ୍ମୀରରେ ବିକାଶ ତ୍ୱରାନ୍ୱିତ ହୋଇଛି ଓ ୯୯.୯ ପ୍ରତିଶତ ଲୋକ ସରକାରଙ୍କ ସହ ରହିଛନ୍ତି। କିନ୍ତୁ କିଛି ଲୋକ ମିଛ ଖବର ପ୍ରଚାର କରୁଛନ୍ତି ଓ ଲୋକଙ୍କୁ ଭ୍ରମିତ କରିବାକୁ ପ୍ରୟାସ କରୁଛନ୍ତି ବୋଲି ସେ କହିଛନ୍ତି। ପୂର୍ବରୁ ଅଗଷ୍ଟ ୧୪ରେ ହୋଇଥିବା ଶୁଣାଣିରେ ସୁପ୍ରିମକୋର୍ଟ ୮ ସପ୍ତାହ ମଧ୍ୟରେ ଏହି ମାମଲାରେ ଲିଖିତ ଜବାବ ଦେବାକୁ କେନ୍ଦ୍ର ସରକାରଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଉଲ୍ଲେଖଥାଉ କି, ୬ ବର୍ଷ ତଳେ ୨୦୧୯ ଅଗଷ୍ଟ ୫ରେ ୩୭୦ ଧାରା ହଟାଇବା ପରେ କେନ୍ଦ୍ର ସରକାର ଜମ୍ମୁ-କଶ୍ମୀରକୁ କେନ୍ଦ୍ର ଶାସିତ ପ୍ରଦେଶର ମାନ୍ୟତା ଦେଇଥିଲେ। ଏହାପରେ କେନ୍ଦ୍ର ସରକାରଙ୍କ ଏହି ନିଷ୍ପତ୍ତି ବିରୋଧରେ ସୁପ୍ରିକୋର୍ଟରେ ଆବେଦନ ହୋଇଥିଲା।

## ବିଷାକ୍ତ କଫ୍ ସିରପ୍ ମାମଲା: ରଙ୍ଗନାଥନ୍‌ଙ୍କୁ କୋର୍ଟରେ ଆକ୍ରମଣ

ଭୋପାଳ, ୧୦।୧୦(ଏଜେନ୍ସି): ବିଶାକ୍ତ କଫ୍ ସିରପ୍ ସେବନ ଯୋଗୁଁ ଶିଶୁ ମୃତ୍ୟୁ ମାମଲାର ମୁଖ୍ୟ ଅଭିଯୁକ୍ତ ଶ୍ରୀସାନ ଫାର୍ମାସିଟିକାଲ କମ୍ପାନୀର ନିର୍ଦ୍ଦେଶକ ଗୋବିନ୍ଦନ ରଙ୍ଗନାଥନଙ୍କ ଉପରେ ପରାସିଆ କୋର୍ଟରେ ଆକ୍ରମଣ ହୋଇଛି। ଓକିଲଙ୍କ ସମେତ ସେଠାରେ ଏକାଠି ହୋଇଥିବା ଲୋକ ତାଙ୍କୁ ଫାସୀ ଦେବାକୁ ଦାବି କରିଛନ୍ତି। ମଧ୍ୟପ୍ରଦେଶ ସରକାରଙ୍କ ଦ୍ୱାରା ଗଠିତ ଏସ୍‌ଆଇଟି ରଙ୍ଗନାଥନଙ୍କୁ ଶୁକ୍ରବାର ଅପରାହ୍ନ ୧୧ଟାରେ ପରାସିଆ କୋର୍ଟରେ ହାଜର କରିଥିଲା। ଶ୍ରୀସାନ କମ୍ପାନୀ ଦ୍ୱାରା ପ୍ରସ୍ତୁତ ବିଶାକ୍ତ କଫ୍ ସିରପ ସେବନ କରି ମଧ୍ୟପ୍ରଦେଶରେ ୨୫ ଜଣ ପିଲା ମୃତ୍ୟୁବରଣ କରିଥିଲେ। ସେପଟେ ଏହି ମାମଲାରେ ସିବିଆଇ ଦ୍ୱାରା ଯାଞ୍ଚ ପାଇଁ ହେଉଥିବା ଦାବିକୁ ସୁପ୍ରିମକୋର୍ଟ ପ୍ରତ୍ୟାଖାନ କରିଛନ୍ତି। ରଙ୍ଗନାଥନଙ୍କ ପାଇଁ କୌଣିସି ଓକିଲ କୋର୍ଟରେ ଲଢ଼ିବେ ନାହିଁ ବୋଲି ପରାସିଆ ବାର ଆସୋସିଏସନ ଅଧ୍ୟକ୍ଷ ଶ୍ୟାମ କୁମାର ସାହୁ କହିଛନ୍ତି। ପୁଣି ଯଦି ବାହାରୁ କୌଣସି ଓକିଲ ତାଙ୍କ ପାଇଁ କେସ୍ ଲଢ଼ନ୍ତି, ତାଙ୍କୁ ବିରୋଧ କରାଯିବ ବୋଲି ସେ ସ୍ପଷ୍ଟ କରିଛନ୍ତି। କୋର୍ଟ ପରିସରରେ ଲୋକଙ୍କ ଭିଡ଼ ବଢୁଥିବାରୁ ସୁରକ୍ଷା ବ୍ୟବସ୍ଥାକୁ କଡ଼ାକଡ଼ି କରାଯାଇଥିଲା। ମଧ୍ୟପ୍ରଦେଶ ଓ ତାମିଲନାଡୁ ପୁଲିସର ମିଳିତ କାର୍ଯ୍ୟାନୁଷ୍ଠାନ କ୍ରମେ ଶ୍ରୀସାନ ଫାର୍ମା କମ୍ପାନୀର ନିର୍ଦ୍ଦେଶକ ଗୋବିନ୍ଦନ ରଙ୍ଗନାଥନଙ୍କୁ ଗୁରୁବାର ଗିରଫ କରାଯାଇଥିଲା। ସେପଟେ ତାମିଲନାଡୁରେ ପ୍ରସ୍ତୁତ ହେଉଥିବା କଫ୍ ସିରିପ ତଥା ଔଷଧର ଯାଞ୍ଚ୍‌କୁ ଅଣଦେଖା କରାଯାଇଛି ବୋଲି କମ୍ପଟ୍ରୋଲର ଆଣ୍ଡ ଅଡିଟର ଜେନେରାଲ ଅଫ୍ ଇଣ୍ଡିଆ (ସିଏଜି) ରିପୋର୍ଟରେ ଉଲ୍ଲେଖ କରାଯାଇଛି। ଡ୍ରଗ୍ ଟେଷ୍ଟିଂରେ ସାଂଘାତିକ ଅବହେଳା କରାଯାଇଛି ବୋଲି କୁହାଯାଇଛି।

ଇସ୍ରାଏଲ- ହମାସ୍ ଅସ୍ତ୍ରବିରତି ପ୍ରକ୍ରିୟା ଆରମ୍ଭ

## ଗାଜାକୁ ଫେରୁଛନ୍ତି ନାଗରିକ

ଗାଜା, ୧୦।୧୦(ଏଜେନ୍ସି): ଦୀର୍ଘ ଦୁଇବର୍ଷ ଧରି ଗାଜାରେ ଇସ୍ରାଏଲ ଓ ହମାସ ମଧ୍ୟରେ ଚାଲିଥିବା ସଂଘର୍ଷ ଶେଷ ହେବାକୁ ଯାଉଛି। ଏବେ ଏହି ସଂଘର୍ଷ ଶାନ୍ତି ରୂପେ ନେବାକୁ ଯାଉଛି। ଇସ୍ରାଏଲ୍ ଓ ହମାସ ମଧ୍ୟରେ ଅସ୍ତ୍ରବିରତି ପ୍ରକ୍ରିୟାର ପ୍ରଥମ ପର୍ଯ୍ୟାୟ ଆରମ୍ଭ ହୋଇଛି। ପାଲେଷ୍ଟାଇନ୍‌ରୁ ସ୍ଥାନାନ୍ତର ହୋଇଥିବା ହଜାର ହଜାର ନାଗରିକ ଶୁକ୍ରବାର ନିଜ ପରିତ୍ୟକ୍ତ ଘରକୁ ପ୍ରତ୍ୟାବର୍ତ୍ତନ କରିବା

### ସୈନ୍ୟ ହଟାଇଲା ଇସ୍ରାଏଲ

### ତଦାରଖ ପାଇଁ ୨୦୦ ସୈନ୍ୟ ପଠାଇଲା ଆମେରିକା



ଆରମ୍ଭ କରିଛନ୍ତି। ଶୁକ୍ରବାର ଅପରାହ୍ନ ୨.୩୦ରେ ଅସ୍ତ୍ରବିରତି ପ୍ରକ୍ରିୟାର ଶୁଭାରମ୍ଭ ହୋଇଥିଲା। ସେହିପରି ଗାଜାରୁ ଇସ୍ରାଏଲ ତା'ର ସୈନ୍ୟ ଫେରାଇବା ଆରମ୍ଭ କରିଛି। ସେପଟେ ଅସ୍ତ୍ରବିରତି ପ୍ରକ୍ରିୟାକୁ କାର୍ଯ୍ୟକାରୀ କରିବା ସହ ତା'ର ତଦାରଖ ପାଇଁ ଆମେରିକା ତା'ର ୨୦୦ ସୈନ୍ୟ ଗାଜାକୁ ପଠାଇଛି। ତେବେ ଏହି ସୈନ୍ୟ ଗାଜାରେ ପ୍ରବେଶ କରିବେ ନାହିଁ ବୋଲି କୁହାଯାଇଛି।

ଅସ୍ତ୍ରବିରତିର ପ୍ରଥମ ପର୍ଯ୍ୟାୟ ଆରମ୍ଭ ହେବା ପରେ ଉଭୟ ଇସ୍ରାଏଲ ଓ ଗାଜାର ନାଗରିକମାନେ ଖୁସିରେ ଆତ୍ମହରା ହୋଇଛନ୍ତି ଓ ଏହି ଅସ୍ତ୍ରବିରତି ପ୍ରକ୍ରିୟାକୁ ସ୍ୱାଗତ କରିଛନ୍ତି। ନୂତନ ନିର୍ଦ୍ଧାରିତ ସ୍ଥାନରେ ସୈନ୍ୟ ନିୟୋଜିତ ହେବା ପରେ ଅସ୍ତ୍ରବିରତି ଲାଗୁ କରାଯିବ ବୋଲି ଇସ୍ରାଏଲ ଡିଫେନ୍ସ ଫୋର୍ସ (ଆଇଡିଏଫ୍) ତରଫରୁ କୁହାଯାଇଥିଲା। ବହୁ ସଂଖ୍ୟାରେ ଗାଜା ନାଗରିକ ଗାଜାର ଉତ୍ତରାଞ୍ଚଳରୁ ଗାଜା ସିଟିଆଡ଼କୁ ଯାତ୍ରା କରିଛନ୍ତି। ଚୁକ୍ତି ଅନୁସାରେ ଅସ୍ତ୍ରବିରତି ଲାଗୁ ହେବାର ୭୨ ଘଣ୍ଟା ମଧ୍ୟରେ ହମାସ ଇସ୍ରାଏଲ ପଣବନ୍ଦୀଙ୍କୁ ଖଲାସ କରିବ। ପ୍ରତିବଦଳରେ ଇସ୍ରାଏଲ ମଧ୍ୟ ଶହଶହ ପାଲେଷ୍ଟାଇନ୍ ବନ୍ଦୀକୁ ମୁକ୍ତ କରିବ। ଇସ୍ରାଏଲର ନେତାନ୍ୟାହୁ ସରକାର ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଅସ୍ତ୍ରବିରତି ଓ ପଣବନ୍ଦୀ ମୁକ୍ତ ଚୁକ୍ତିକୁ ସ୍ୱୀକୃତି ଦେବା ପରେ ଶାନ୍ତିର ରାସ୍ତା ଫିଟିଥିଲା। ଗତ ଗୁରୁବାର ଇସ୍ରାଏଲ ଓ ହମାସ ଅସ୍ତ୍ରବିରତି ପାଇଁ ସମ୍ମତି ପ୍ରକାଶ କରିଥିଲେ। ଗତ ଦୁଇବର୍ଷ ଧରି ଚାଲିଥିବା ଏହି ସଂଘର୍ଷରେ ଗାଜାରେ ୬୬, ୦୦୦ରୁ ଊର୍ଦ୍ଧ୍ୱଲୋକ ମୃତ୍ୟୁବରଣ କରିଥିବା ବେଳେ ବହୁ ସଂଖ୍ୟାରେ ଲୋକ ଅନାହାରରେ ପ୍ରାଣ ହରାଇଥିଲେ। ଗାଜାରେ ଦୁର୍ଭିକ୍ଷ ଭଳି ସ୍ଥିତି ସୃଷ୍ଟି ହୋଇଥିଲା।

ଏବେ ସବୁ ବନ୍ଧକ ଖୁବଶୀଘ୍ର ମୁକ୍ତ ହେବେ ବୋଲି ଟ୍ରମ୍ପ ସାମାଜିକ ଗଣମାଧ୍ୟମରେ ଉଲ୍ଲେଖ କରିଛନ୍ତି। ଇସ୍ରାଏଲ ମଧ୍ୟ ତା'ର ସୈନ୍ୟମାନଙ୍କୁ ଫେରାଇ ନେବ। ଏହା ସ୍ଥାୟୀ ଶାନ୍ତି ପ୍ରତିଷ୍ଠା ପାଇଁ ଏକ ଆରମ୍ଭ ମାତ୍ର। ଏହି ଶାନ୍ତି ଦୀର୍ଘସ୍ଥାୟୀ ହେବା ସହ ସମଗ୍ର ମଧ୍ୟପ୍ରାଚ୍ୟରେ ପ୍ରାଚୁର୍ଯ୍ୟର ଆଶା ସୃଷ୍ଟି କରିବ। ଶାନ୍ତି ପ୍ରତଷ୍ଠାର ଏହି ପ୍ରକ୍ରିୟାରେ ସବୁ ପକ୍ଷ ପ୍ରତି ନିରପେକ୍ଷତା ଅବଲମ୍ବନ କରାଯାଇଛି ବୋଲି ସେ ସ୍ପଷ୍ଟ କରିଛନ୍ତି।

## ବେଆଇନ ବାଲି ଖନନ ପାଇଁ ପଶ୍ଚିମବଙ୍ଗରେ ୧୯ ଗିରଫ

ପୁରୁଲିଆ, ୧୦।୧୦(ଏଜେନ୍ସି): ପଶ୍ଚିମବଙ୍ଗର ପୁରୁଲିଆରେ ବେଆଇନ ବାଲି ଖନନ ପାଇଁ ବିଜେପୀ ବିଧାୟକ ଓ କର୍ମୀଙ୍କ ମଧ୍ୟରେ ମୁକାବିଲାମୂଳକ ସ୍ଥିତି ସୃଷ୍ଟି ହୋଇଥିଲା। ଫଳରେ ପୁରୁଲିଆରେ ଉତ୍ତେଜନା ଦେଖା ଦେଇଛି। ବେଆଇନ ବାଲି ଖନନରେ ସାମିଲ ଥିବା ୧୯ଜଣଙ୍କୁ ପୁଲିସ ଶୁକ୍ରବାର ଗିରଫ କରିଛି। ବୁଧବାର ବିଳମ୍ବିତ ରାତିରେ ପୁଲିସ ଚଢ଼ାଉ କରିଥିଲା। ବାଲି ଚାଲାଣ କରୁଥିବା ଦୁଇଟି ଟ୍ରାକ୍ଟରକୁ ମଧ୍ୟ ପୁଲିସ ଅଟକ ରଖିଛି। ବେଇଆଇନ ବାଲି ଖନନ ନେଇ ପୁରୁଲିଆ ବିଧାୟକ ସୁଦୀପ ମୁଖାର୍ଜୀଙ୍କ ସହ କର୍ମୀ ଥାନାରେ ହିଁ ମୁହାଁମୁହିଁ ହୋଇଥିଲେ। ଦୀର୍ଘଦିନ ଧରି ଏହି ଅଞ୍ଚଳରେ ବେଆଇନନ ବାଲି ଖନନ ଓ ଚାଲାଣ ନେଇ ଅଭିଯୋଗ ହେଉଥିଲା। କିନ୍ତୁ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ନଥିଲା। ଗିରଫ୍ ହୋଇଥିବା ୧୯ଜଣଙ୍କୁ ଶୁକ୍ରବାର ପୁରୁଲିଆ ଜିଲ୍ଲା କୋର୍ଟରେ ହାଜର କରାଯାଇଥିଲା।

## କାବୁଲ୍‌ରେ ପାକ୍ ବାୟୁସେନାର ଆକ୍ରମଣ

କାବୁଲ, ୧୦।୧୦(ଏଜେନ୍ସି): ପାକିସ୍ତାନ ଗୁରୁବାର ରାତିରେ ଆଫଗାନିସ୍ତାନ ରାଜଧାନୀ କାବୁଲରେ ତେହରିକ-ଏ- ତାଲିବାନ ପାକିସ୍ତାନ (ଟିଟିପି) ର କେତୋଟି ଠିକଣା ଉପରେ ଆକାଶ ମାର୍ଗରୁ ଆକ୍ରମଣ କରିଛି। ଏଥିରେ ଟିଟିପି ମୁଖ୍ୟ ମୌଲାନା ନୁର ୱାଲି ମେହସୁଦ ମୃତ୍ୟୁବରଣ କରିଛନ୍ତି ବୋଲି ପାକିସ୍ତାନ ବାୟୁସେନା ଦାବି କରିଛି। ପୂର୍ବ କାବୁଲ୍‌ରେ ଟିଟିପ୍‌ର ଠିକଣାରେ ମେହସୁଦ ଥିଲେ ବୋଲି ପାକିସ୍ତାନ ଗଣମାଧ୍ୟମ ଦାବି କରିଛି। ମେହସୁଦ ୨୦୧୮ରୁ ଟିଟିପିର ନେତୃତ୍ୱ ନେଇ ଆସୁଛନ୍ତି। ତାଲିବାନ ସମର୍ଥନରେ ସେ ଏହି ସଂଗଠନ ପରିଚାଳନା କରି ଆସୁଛନ୍ତି। ତାଲିବାନ ସରକାରଙ୍କ ବିଦେଶ ମନ୍ତ୍ରୀ ଅମୀର ଖାନ୍ ମୁତ୍ତାକି ଭାରତ ଗସ୍ତରେ ଆସିଥିବା ବେଳେ ପାକିସ୍ତାନ ବାୟୁସେନା ଏହି ଆକ୍ରମଣ କରିଛି। ମୁତ୍ତାକି ଭାରତରେ ୭ ଦିନ ରହିବେ। କୌଣସି ପ୍ରକାର ଆକ୍ରମଣ ହୋଇନାହିଁ ବୋଲି ମେହସୁଦ ଏକ ଭିଡିଓ ବାର୍ତ୍ତାରେ ସୂଚନା ଦେଇଛି। ଏହି ଆକ୍ରମଣରେ କୌଣିସ ପ୍ରକାର କ୍ଷତି ହୋଇନାହିଁ ଓ ସବୁକିଛି ନିୟନ୍ତ୍ରଣରେ ରହିଛି ବୋଲି ତାଲିବାନ ସରକାର ତରଫରୁ କୁହାଯାଇଛି। ମେହସୁଦ ଟିଟିପିର ଚତୁର୍ଥ ମୁଖ୍ୟ ଭାବେ ଦାୟିତ୍ୱରେ ରହିଛନ୍ତି। ଟିଟିପି ଏବେ ପାକିସ୍ତାନର ଆଭ୍ୟନ୍ତରୀଣ ସୁରକ୍ଷା ପାଇଁ ସବୁଠାରୁ ବଡ଼ ବିପଦ ଭାବେ ଉଭା ହୋଇଛି ଓ ପାକିସ୍ତାନ ସରକାରଙ୍କ ମୁଣ୍ଡବ୍ୟଥାର କାରଣ ହୋଇଛି। ପାକିସ୍ତାନ ପୁଣି ଥରେ ଏପରି ଦୁଃସାହସ କରେ ତେବେ ତାକୁ ଦୃଢ଼ ଜବାବ ଦିଆଯିବ। ଯଦି ପୁଣି ଏଭଳି କେହି ସାହସ କରେ, ତେବେ ସେମାନେ ସୋଭିଏତ ୟୁନିଅନ, ଆମେରିକା, ନାଟୋଠାରୁ ଶିକ୍ଷା ଗ୍ରହଣ କରିବା ଉଚିତ ବୋଲି ମୁତ୍ତାକି କହିଛନ୍ତି।

## ହିମାଚଳରେ ତୁଷାରପାତ: ମନାଲୀ- ଲେହ ହାଇୱେ ୪ ଦିନ ବନ୍ଦ



ନୂଆଦିଲ୍ଲୀ, ୧୦।୧୦(ଏଜେନ୍ସି): ହିମାଳୟ କ୍ଷେତ୍ରରେ ଥିବା ଜମ୍ମୁ-କଶ୍ମୀର, ହିମାଚଳ ପ୍ରଦେଶ ଓ ଉତ୍ତରାଖଣ୍ଡ ଭଳି ରାଜ୍ୟରେ ତୁଷାରପାତ ଜାରି ରହିଛି। ଏହାର ପ୍ରଭାବରେ ସମତଳ ଅଞ୍ଚଳରେ ତାପମାତ୍ରା ତଳକୁ ଖସିଛି। ବାୟୁର ଗତିପରିବର୍ତ୍ତନ ଫଳରେ ଶୀତ ଅନୁଭୂତ ହେବା ଆରମ୍ଭ ହୋଇଛି। ହରିୟାଣା, ପଞ୍ଜାବ, ରାଜସ୍ଥାନ, ମଧ୍ୟପ୍ରଦେଶ, ଦିଲ୍ଲୀ, ଉତ୍ତରପ୍ରଦେଶର କେତେକାଞ୍ଚଳରେ ତାପମାତ୍ରା ୨୦ ଡିଗ୍ରୀ ତଳକୁ ଖସିଛି। ସକାଳୁ ଶୀତ ଅନୁଭୂତ ହେବା ସହ କୁହୁଡି ଦେଖିବାକୁ ମିଳିଥିଲା। ମଧ୍ୟପ୍ରଦେଶ ରାଜଗଡ଼ରେ ଗୁରୁବାର ତାପମାତ୍ରା ୧୫.୬ ଡିଗ୍ରୀରେ ପହଞ୍ଚିଥିଲା। ଭୋପାଳରେ ଏହା ୧.୬ ଡିଗ୍ରୀ କମି ୧୮ ଡିଗ୍ରୀରେ ପହଞ୍ଚିଥିଲା। ପ୍ରବଳ ବରଫପାତ କାରଣରୁ ମନାଲୀ- ଲେହ ରାଜପଥ ଗତ ୪ ଦିନ ହେବ ବନ୍ଦ ରହିଛି। ହିମାଚଳରେ କ୍ରମାଗତ ଚତୁର୍ଥଦିନ ବର୍ଷା ଓ ତୁଷାରପାତ ପରେ ଗୁରୁବାର ପାଗ ସଫା ରହିଥିଲା। କିନ୍ତୁ କୁଲ୍ଲୁ, ଲାହୋଲ-ସ୍ପିତି, କିନ୍ନାର, ଚମ୍ବା, ମଣ୍ଡି, କାଂଗ୍ରା ଓ ଶିମଲାରେ କିନ୍ତୁ ବରଫର ଚାଦର ଦେଖିବାକୁ ମିଳିଥିଲା। ଲାହୋଲ-ସ୍ପିତିର କେଲାଙ୍ଗରେ ଗତପାଲି ତାପମାତ୍ରା -୧ ଡିଗ୍ରୀରେ ପହଞ୍ଚିଛି। କୁକୁମସୋରୀରେ ତାପମାତ୍ରା -୦.୯ ଓ ସିମ୍‌ଲାରେ ୯.୮ ଓ ମନାଲୀରେ ୭.୭ ଡିଗ୍ରୀରେ ପହଞ୍ଚିଛି।



ପ୍ରଥମ ଭାରତୀୟ ଭାବେ ମିସେସ୍ ୟୁନିଭର୍ସ ମୁକୁଟ ଜିତିଲେ ସେରି ସିଂହ

## ଭାରତରୁ ପାକିସ୍ତାନ, ଆମେରିକାକୁ ନାଲି ଆଖି ଦେଖାଇଲେ ତାଲିବାନ ମନ୍ତ୍ରୀ

ନୂଆଦିଲ୍ଲୀ, ୧୦।୧୦(ଏଜେନ୍ସି): ପ୍ରଥମ ଥର ପାଇଁ ଭାରତ ଗସ୍ତରେ ଆସିଥିବା ତାଲିବାନ ବିଦେଶ ମନ୍ତ୍ରୀ ଅମୀର ଖାନ ମୁତ୍ତାକି ନୂଆଦିଲ୍ଲୀରୁ ପାକିସ୍ତାନ ଏବଂ ଆମେରିକାକୁ ନାଲିଆଖି ଦେଖାଇଛନ୍ତି। ଏହା ସହିତ ଭାରତ ସହ ସମ୍ବନ୍ଧ ବୃଦ୍ଧିକୁ ସେ ଅଗ୍ରାଧିକାର ଦେଇଛନ୍ତି। ମୁତ୍ତାକି କହିଛନ୍ତି ଯେ ଆମେରିକାକୁ ବଗରାମ ଏୟାରବେସ ଦିଆଯିବ ନାହିଁ। କୌଣସି ଦେଶ ବିରୋଧରେ ଆଫଗାନ ମାଟିକୁ ବ୍ୟବହାର କରିବାକୁ ମଧ୍ୟ ଦେବୁନାହିଁ। ଏହା ପୂର୍ବରୁ ଗତ ମାସରେ ଆମେରିକା ରାଷ୍ଟ୍ରପତି ଏହି ଏୟାରବେସ ପୁଣି ଫେରି ପାଇବାକୁ ଦାବି କରିଥିଲେ। ଏପରି ନ କଲେ ଗମ୍ଭୀର ପରିଣାମ ଭୋଗିବାକୁ ପଡିବ ବୋଲି ଧମକ ଦେଇଥିଲେ। ଏହାକୁ ନେଇ ମୁତ୍ତକି କହିଛନ୍ତି ଯେ ନିଜ ଦେଶରେ ବିଦେଶୀ ସେନାକୁ ଆଫଗାନ ନାଗରିକ ସ୍ୱୀକାର କରିବେ ନାହିଁ। ମାତ୍ର କୂଟନୈତିକ ଭାବେ ଆଫଗାନ ସହ କୌଣସି ଦେଶ ସମ୍ପର୍କ ବୃଦ୍ଧି କରିପାରିବେ। ଏହା ସହିତ ଚାବାହର ବନ୍ଦରରୁ କଟକଣା ହଟାଇବା ପାଇଁ ମୁତ୍ତକି ଆମେରିକାକୁ ଅନୁରୋଧ କରିଛନ୍ତି। ଏ ନେଇ ଭାରତ-ଆମେରିକା ଚର୍ଚ୍ଚା କରିବାକୁ ସେ ପ୍ରସ୍ତାବ ଦେଇଛନ୍ତି। ଏହି କଟକଣା ହଟିଲେ ପାକିସ୍ତାନ ନ ଯାଇ ସିଧାସଳଖ ଆଫଗାନ ସହ କାରବାର କରିହେବ। ଅନ୍ୟପକ୍ଷରେ ଭାରତ ପୁଣି ଥରେ ଆଫଗାନିସ୍ତାନରେ ଦୂତାବାସ ଆରମ୍ଭ କରିବାକୁ ଯାଉଛି। ଭାରତ ବୈଦେଶିକ ମନ୍ତ୍ରୀ ଏସ୍ ଜୟଶଙ୍କର ଓ ମୁତ୍ତାକିଙ୍କ ମଧ୍ୟରେ ଶୁକ୍ରବାର ଅନୁଷ୍ଠିତ ଦ୍ୱିପାକ୍ଷିକ ବୈଠକରେ ଏହି ନିଷ୍ପତ୍ତି ନିଆଯାଇଛି। ତେବେ ଏହି ବୈଠକରେ ଭାରତ କିମ୍ବା ଆଫଗାନିସ୍ତାନର ପତାକା ଦେଖିବାକୁ ମିଳି ନଥିଲା। ଭାରତ ଏପର୍ଯ୍ୟନ୍ତ ଆଫଗାନିସ୍ତାନର ତାଲିବାନ ସରକାରଙ୍କୁ ମାନ୍ୟତା ପ୍ରଦାନ କରି ନଥିବାରୁ ବୈଠକର ପ୍ରଚ୍ଛଦରେ କୌଣସି ପତାକା ଦେଖିବାକୁ ମିଳି ନଥିଲା। ତାଲିବାନ କ୍ଷମତାକୁ ଆସିବା ପରେ ୨୦୨୧ରେ ଭାରତ ତା'ର ଦୂତାବାସକୁ ବନ୍ଦ କରିଥିଲା। କାବୁଲରେ ଥିବା ବୈଷୟିକ ମିସନକୁ ଭାରତ ଏବେ ଦୂତାବାସରେ ପରିଣତ କରିବ। ଦୂତାବାସକୁ ବନ୍ଦ କରିବାର ଗୋଟିଏ ବର୍ଷ ପରେ ଭାରତ ଚିକିତ୍ସା ସହାୟତା ଓ ମାନବୀୟ ସହୟତା ଉପଲବ୍ଧ କରାଇବାକୁ କାବୁଲରେ ଏକ ଛୋଟ ମିଶନ ଖୋଲିଥିଲା। ଆଫଗାନିସ୍ତାନର ବିକାଶରେ ଭାରତ ରୁଚି ରଖୁଛି ବୋଲି ଜୟଶଙ୍କର କହିଛନ୍ତି। ମୁତ୍ତାକି ମଧ୍ୟ ବିଭିନ୍ନ ପ୍ରକାର ସହାୟତା, ସହଭାଗିତା ଓ ବନ୍ଧୁତା ପାଇଁ ଭାରତକୁ କୃତଜ୍ଞତା ଜଣାଇଛନ୍ତି। ଆଫଗାନିସ୍ତାନରେ ଯେତେବେଳେ ଭୂକମ୍ପ ଆସିଥିଲା ଭାରତ ପ୍ରଥମ ଦେଶ ଭାବେ ସାହାଯ୍ୟ ଓ ସୁବିଧା ସୁଯୋଗ ଉପଲବ୍ଧ କରାଇଥିଲା ବୋଲି ମୁତ୍ତାକି କହିଛନ୍ତି।

ଅବସରପ୍ରାପ୍ତ ସିଭିଲ ଇଞ୍ଜିନିୟରଙ୍କ ଲୋକାୟୁକ୍ତ ଚଢ଼ାଉ

## ୨.୬ କେଜି ସୁନା, ୧୭ ଟନ୍ ମହୁ ଜବତ

ଭୋପାଳ, ୧୦।୧୦ (ଏଜେନ୍ସି): ମଧ୍ୟପ୍ରଦେଶ ଭୋପାଳରୁ ବାସ୍ତବ ଜୀବନର ଏକ କ୍ରାଇମ-ଥ୍ରିଲର ସାମ୍ନାକୁ ଆସିଛି। ପୂର୍ତ୍ତ ବିଭାଗ (ପିଡବ୍ଲ୍ୟୁଡି)ର ଅବସରପ୍ରାପ୍ତ ମୁଖ୍ୟ ଇଞ୍ଜିନିୟର ଜିପି ମେହେଟାଙ୍କ ଘର ଏବଂ ଅନ୍ୟ ଠିକଣାରେ ଗୁରୁବାର ଦୁର୍ନୀତି ବିରୋଧୀ ସଂସ୍ଥା ଲୋକାୟୁକ୍ତ ପକ୍ଷରୁ ଚଢ଼ଉ କରାଯାଇଛି। ଏହି ଚଢ଼ଉରୁ ଧନର ପାହାଡ଼ର ସନ୍ଧାନ ମିଳିଛି। ଆୟ ବର୍ହିଭୂତ ସମ୍ପତ୍ତି ଠୁଳ ମାମଲାର ତଦନ୍ତରୁ ଆରମ୍ଭ ହୋଇଥିବା ଏହି କାହାଣୀ ରାଜ୍ୟର ପ୍ରମୁଖ ଦୁର୍ନୀତିରେ ସାମିଲ ହୋଇଯାଇଛି। ଘରୁ ଏତେ ଧନ ସମ୍ପତ୍ତି ମିଳିଛି ଯେ ତାହା ଦେଖି ଅଧିକାରୀ ଜଳକା ହୋଇଯାଇଛନ୍ତି। ଏତେ ଟଙ୍କା ଜବତ ହୋଇଛି ଯେ ତାହାକୁ ଗଣିବା ପାଇଁ ଗଣତି ମେସିନ ମଗାଯାଇଛି। ସୁନା ଏବଂ ରୁପା କେଜି ଆକାରରେ ଜବତ ହୋଇଛି। ମାତ୍ର ସବୁଠୁ ଆଶ୍ଚର୍ଯ୍ୟର ବିଷୟ ଏହି କି ଯେ ମେହେଟାଙ୍କ ଫାର୍ମ ହାଉସରୁ ୧୭ ଟନ୍ ମହୁ ଜବତ କରାଯାଇଛି। ଏହାକୁ ମହଜୁଦ କରି ସଜାଇ ରଖାଯାଇଥିଲା।

ସୂଚନା ଅନୁଯାୟୀ ଲୋକାୟୁକ୍ତର ୪ ଡିଏସ୍‌ପି ର୍‍ୟାଙ୍କ ଅଧିକାରୀ ଗୁରୁବାର



ବଡି ଭୋରରେ ମେହେଟାଙ୍କ ଭୋପାଳ ଏବଂ ନର୍ମଦାପୁରମ ସ୍ଥିତ ଚାରି ଠିକଣାରେ ଚଢ଼ଉ କରିଥିଲେ। ମଣିପୁର କଲୋନୀରେ ଥିବା ତାଙ୍କ ଘରୁ ୮.୭୯ ଲକ୍ଷ ଟଙ୍କା, ୫୦ ଲକ୍ଷର ଅଳଙ୍କାର, ୫୬ ଲକ୍ଷର ଫିକ୍ସଡ ଡିପୋଜିଟ ମିଳିଥିଲା। କିନ୍ତୁ ଅସଲ ସମ୍ପତ୍ତି ତାଙ୍କ ଦ୍ୱିତୀୟ କୋଠାରେ ଥିଲା। ଦାନା ପାନି ନିକଟରେ ଥିବା ବିଳାଶପୂର୍ଣ୍ଣ ଆପାର୍ଟମେଣ୍ଟରୁ ବିପୁଳ ସୁନା ମିଳିଥିଲା। ଏଠାରୁ ୨୬ ଲକ୍ଷ ଟଙ୍କା, ୩.୦୫ କୋଟି ଟଙ୍କାର ୨.୬ କେଜି ସୁନା ଏବଂ ୫.୫ କେଜି ରୁପା ମିଳିଥିଲା। ସହରର ସମ୍ପତ୍ତିଗୁଡ଼ିକ ଦେଖି ଆଖି ଖୋସି ହେଉଥିଲେ ମଧ୍ୟ ସୋହାଗପୁର (ନର୍ମଦାପୁରମ) ତହସିଲର ସାଇନି ଗ୍ରାମରେ ମେହରାଙ୍କ ଫାର୍ମହାଉସରୁ ସମ୍ପତ୍ତିର ବଡ଼ ସାମ୍ରାଜ୍ୟ ସାମ୍ନାକୁ ଆସିଥିଲା। ଏଠାରୁ ୧୭ ଟନ୍ ମହୁ, ଛଅଟି ଟ୍ରାକ୍ଟର, ୩୨ଟି ନିର୍ମାଣାଧୀନ କୁଟୀର, ନିର୍ମାଣ ସରିଥିବା ୭ଟି କୋଠା, ମାଛ ଚାଷ ସୁବିଧା ସହିତ ବିଶାଳ ପୋଖରୀ, ଗୋଶାଳା, ମନ୍ଦିର ଏବଂ ଏକ ଫୋର୍ଡ ଏଣ୍ଡେଭର, ସ୍କୋଡା ସ୍ଲାଭିଆ, କିଆ ସୋନେଟ୍ ଏବଂ ମାରୁତି ସିଆଜ୍ ଆଦି କାର୍ ଦେଖିବାକୁ ମିଳିଥିଲା। ଏହି ସବୁ କାର୍ ମେହରା ପରିବାରଙ୍କ ନାମରେ ପଞ୍ଜିକୃତ ହୋଇଥିଲା। ସେହିପରି ଗୋବିନ୍ଦପୁର ଶିଳ୍ପାଞ୍ଚଳରେ ମେହେରାଙ୍କ ଅଫିସ ଥିଲା। ଏଠାରୁ ଅନେକ ସାମଗ୍ରୀ, କଞ୍ଚାମାଲ, ୧.୨୫ ଲକ୍ଷ କ୍ୟାସ ଏବଂ ତାଙ୍କ ପରିବାର ସମ୍ବନ୍ଧିତ ଅନେକ ସମ୍ପତ୍ତି କାଗଜପତ୍ର ମିଳିଥିଲା। ସନ୍ଧ୍ୟା ସୁଦ୍ଧା ତାଙ୍କ ଠିକଣାରୁ ୩୬.୦୫ ଲକ୍ଷ ଟଙ୍କା, ୨.୬୪୯ କେଜି ସୁନା, ୫.୫୨୩ କେଜି ରୁପା, ଏଫଡି, ବୀମା, ଅନେକ ସମ୍ପତ୍ତି, ୪ ବିଳାଶପୂର୍ଣ୍ଣ କାର୍ ଜବତ ହୋଇଥିଲା।

### ପୁଲିସ ଏସ୍ଆଇ ଚାକିରି ବେପାର

# ସିବିଆଇ ତଦନ୍ତ ଦାବିରେ ଗର୍ଜିଲା ଯୁବ-ଛାତ୍ର ବିଜେଡି





ବ୍ରହ୍ମପୁର,୧୦।୧୦(ସମିସ): ପୁଲିସ ଏସ୍ଆଇ ଚାକିରି କେଳେଙ୍କାରୀ ଘଟଣାରେ ରାଜରାସ୍ତାକୁ ଓହ୍ଲାଇଛି ବିଜୁ ଜନତା ଦଳ। ବିଜୁ ଯୁବ ଓ ଛାତ୍ର ଜନତା ଦଳ ପକ୍ଷରୁ ରାଜ୍ୟବ୍ୟାପୀ ଆନ୍ଦୋଳନ ହୋଇଛି। ଏହି କ୍ରମରେ ରାଜ୍ୟ ଯୁବ ବିଜେଡି ସଭାପତି ଚିନ୍ମୟ ସାହୁ ଓ ରାଜ୍ୟ ଛାତ୍ର ବିଜେଡି ସଭାପତି ଇପ୍‌ସିତା ସାହୁଙ୍କ ଆହ୍ୱାନରେ ଗଞ୍ଜାମ ଜିଲ୍ଲା ଯୁବ ଓ ଛାତ୍ର ଜନତା ଦଳ ପକ୍ଷରୁ ପ୍ରତିବାଦ ଶୋଭାଯାତ୍ରା ସହ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି। ଗଞ୍ଜାମ ଜିଲ୍ଲା ବିଜେଡି ସଭାପତି ବିକ୍ରମ ପଣ୍ଡାଙ୍କ ନେତୃତ୍ୱରେ ସ୍ଥାନୀୟ ରାମଲିଙ୍ଗମ ପାର୍କରୁ ଏକ ବିରାଟ ବିକ୍ଷୋଭ ଶୋଭାଯାତ୍ରା ବାହାରି ଖଲ୍ଲିକୋଟ କଲେଜ ଛକରେ ପହଞ୍ଚିଥିଲା। ସେଠାରେ ଦୀର୍ଘ ସମୟ ଧରି ବିକ୍ଷୋଭ ପ୍ରଦର୍ଶନ କରାଯିବା ସହ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ କୁଶପୁତ୍ତଳିକା ଦାହ କରାଯାଇଥିଲା।

ଏହି ଅବସରରେ ବିଜେଡି ପକ୍ଷରୁ ଅଭିଯୋଗ କରାଯାଇଥିଲା ଯେ ପୁଲିସ ଏସ୍ଆଇ ଚାକିରି ଜାଲିଆତି ଘଟଣାରେ ପୁଲିସ ଓ କ୍ରାଇମବ୍ରାଞ୍ଚ ଟିମ୍ ୧୧୪ଜଣଙ୍କୁ ଗିରଫ କରି କୋର୍ଟଚାଲାଣ କରିଛି। ଯଦିଓ ୫ଜଣ ଦଲାଲଙ୍କୁ ଗିରଫ କରାଯାଇଛି, କିନ୍ତୁ ଏହା ପଛରେ ଥିବା ମୁଖ୍ୟ ଅଭିଯୁକ୍ତମାନେ ଏବେ ବି ଖୁଲମଖୁଲା ବୁଲୁଛନ୍ତି। ମୁଖ୍ୟ ଅଭିଯୁକ୍ତ ଭାବେ ଫେରାର୍ ଥିବା ଶଙ୍କର ପୃଷ୍ଟିଙ୍କ ସହ ମୁଖ୍ୟମନ୍ତ୍ରୀଙ୍କ ଫଟୋ ସୋସିଆଲ ମିଡିଆରେ ଭାଇରାଲ ହେଉଛି। ଏଥିରୁ ସ୍ୱଷ୍ଟ ହେଉଛି ଯେ ବିଜେପି ସରକାର ଏହି ଜାଲିଆତି ଘଟଣାରେ ସମ୍ପୃକ୍ତ ରହିଛି। ଏଣୁ ମୁଖ୍ୟମନ୍ତ୍ରୀ ଏହି ଘଟଣାରେ ନୈତିକତା ଦୃଷ୍ଟିରୁ ଇସ୍ତଫା ଦିଅନ୍ତୁ ବୋଲି ବିକ୍ଷୋଭକାରୀମାନେ ଦାବି କରିଥିଲେ। ଏପରି କରି ସରକାର ଛାତ୍ରଛାତ୍ରୀଙ୍କ ଭବିଷ୍ୟତ ଅନ୍ଧକାରକୁ ଠେଲି ଦେଉଥିବା ଅଭିଯୋଗ କରି ଛାତ୍ର ଓ ଯୁବ ବିଜେଡି ନେତାମାନେ ଭୀଷଣ ବର୍ଷିଥିଲେ।

ବିକ୍ଷୋଭ ବେଳେ ବିଜୁ ଜନତା ଦଳର ରାଜ୍ୟ ଉପସଭାପତି ରମେଶ ଚନ୍ଦ୍ର ଚ୍ୟାଉପଟ୍ଟନାୟକ, ପୂର୍ବତନ କେନ୍ଦ୍ରମନ୍ତ୍ରୀ ଚନ୍ଦ୍ରଶେଖର ସାହୁ, ବରିଷ୍ଠ ନେତା ଭୃଗୁ ବକ୍ସିପାତ୍ର, ପୂର୍ବତନ ମନ୍ତ୍ରୀ ଶ୍ରୀକାନ୍ତ ସାହୁ, ପୂର୍ବତନ ବିଧାୟକ ସୁବାସ ବେହେରା, ପୂର୍ଣ୍ଣଚନ୍ଦ୍ର ସ୍ୱାଇଁ, ମେୟର୍ ସଂଘମିତ୍ରା ଦଳେଇ, ଡେ଼ପୁଟି ମେୟର ଇ. ବିବେକ ରେଡ୍ଡୀ, ଦେବାନନ୍ଦ ମହାପାତ୍ର, ଚିକିଟି ବିଧାୟକ ପ୍ରାର୍ଥୀ ଚିନ୍ମୟାନନ୍ଦ ଶ୍ରୀରୂପ ଦେବ, ଆସିକା ସାଂସଦ ପ୍ରାର୍ଥୀ ରଞ୍ଜିତା ସାହୁ, ଛାତ୍ର ବିଜେଡି ଜୋନ୍ ସଭାପତି ଜ୍ୟୋତିରଞ୍ଜନ ସାହୁ, ଜିଲ୍ଲା ସୋସିଆଲ ମିଡିଆ କୋର୍ଡିନେଟର୍ ଦୁର୍ଗାପ୍ରସାଦ ପଣ୍ଡା, ଅଜୟ ମହାରଣା, ନଚିକେତା ସ୍ୱାଇଁ, ଦୁର୍ଗା ଲାୟକ, ଜିଲ୍ଲା ଯୁବ ସଭାପତି ଭବାନୀ ସାହୁ, ବ୍ରହ୍ମପୁର ଯୁବ ସଭାପତି ଅଜିତ ପଣ୍ଡା, ବ୍ରହ୍ମପୁର ଛାତ୍ର ସଭାପତି ଶୋଭନ ନାୟକଙ୍କ ସମେତ ବହୁ ବିଜୁ ଯୁବ ଓ ଛାତ୍ର ଜନତା ଦଳର କର୍ମୀ ଓ ନେତା ଉପସ୍ଥିତ ଥିଲେ।

# ରାଜ୍ୟ କ୍ୟାବିନେଟ୍‌ରେ ୧୫ ପ୍ରସ୍ତାବକୁ ମୋହର



ଭୁବନେଶ୍ୱର,୧୦।୧୦(ସମିସ): ଏ ବର୍ଷ ରାଜ୍ୟରେ ୬୩ ଲକ୍ଷ ମେଟ୍ରିକ୍ ଟନ୍ ଚାଉଳ ସଂଗ୍ରହ ହେବ। ଧାନ ହିସାବରେ ଏହା ପ୍ରାୟ ୯୩ ଲକ୍ଷ ମେଟ୍ରିକ୍ ଟନ୍ ହେବ। ଖରିଫ ଓ ରବିରେ ଧାନ ସଂଗ୍ରହର ଧାର୍ଯ୍ୟ ଲକ୍ଷ୍ୟ ଯଥାକ୍ରମେ ୭୩ ଓ ୨୦ ଲକ୍ଷ ମେଟ୍ରିକ୍ ଟନ୍ ରହିବ। ଏହାଠାରୁ ଯଦି ପଞ୍ଜିକୃତ ଚାଷୀଙ୍କଠାରୁ ମଣ୍ଡିକୁ ଅଧିକ ଧାନ ଆସେ ତେବେ ତାହା ମଧ ରାଜ୍ୟ ସରକାର ତାହା କ୍ରୟ କରିବେ ବୋଲି ଶୁକ୍ରବାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ୨୮ ତମ ରାଜ୍ୟ କ୍ୟାବିନେଟ୍ ବୈଠକରେ ନିଷ୍ପତ୍ତି ହୋଇଛି। ବୈଠକ ପରେ ଗଣମାଧ୍ୟମକୁ ସୂଚନାଦେଇ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା କ୍ୟାବିନେଟ ବୈଠକରେ ନିଆଯାଇଥିବା ବିଭିନ୍ନ ନିଷ୍ପତ୍ତି ସମ୍ପର୍କରେ ଅବଗତ କରାଇଛନ୍ତି।

ମୁଖ୍ୟସଚିବ କହିଛନ୍ତି ଯେ କ୍ୟାବିନେଟ୍ ବୈଠକରେ ମୋଟ ୧୦ ଟି ବିଭାଗର ୧୫ ଟି ପ୍ରସ୍ତାବକୁ ଅନୁମୋଦନ ମିଳିଛି। ଆସନ୍ତା ଚଳିତ ବର୍ଷ ନଭେମ୍ବର ମାସରୁ ଖରିଫ ଧାନ ସଂଗ୍ରହ କରାଯିବ ଓ ରବି ଧାନ ମେ ୨୦୨୬ରୁ ସଂଗ୍ରହ କରାଯିବ ଓ କେବଳ ପଞ୍ଜିକୃତ ଚାଷୀଙ୍କଠାରୁ ସେମାନଙ୍କ ବଳକା ଧାନ କ୍ରୟ ହେବ। କ୍ୟାବିନେଟ୍ ବୈଠକରେ 'ଓଡ଼ିଶା ଜନ ବିଶ୍ୱାସ' ଅଧ୍ୟାଦେଶକୁ ଅନୁମୋଦନ ମିଳିଛି। ଏହି ଅଧ୍ୟାଦେଶ ବଳରେ ୯ ଟି ବିଭାଗର ୧୬ ରାଜ୍ୟ ଆଇନକୁ ଅନ୍ତର୍ଭୁକ୍ତ କରାଯାଇଛି। ଏଥିରେ ପୂର୍ବ ବ୍ୟବସ୍ଥାକୁ ବଦଳାଇ ଭିନ୍ନ ଭିନ୍ନ ଅର୍ଥ ଦଣ୍ଡ ବ୍ୟବସ୍ଥା କରାଯାଇଛି। ଏହା ସହିତ ପ୍ରକ୍ରିୟାଗତ ତ୍ରୁଟି ପାଇଁ ଦଣ୍ଡର ସୀମା କମ୍ କରିବା ସହ ଅଣ-ଗୁରୁତର ମାମଲାରେ କାରାଦଣ୍ଡକୁ ଦୂର କରାଯିବାକୁ ନିଷ୍ପତ୍ତି ହୋଇଛି।

**ଏଥର ୯୩ ଲକ୍ଷ ମେଟ୍ରିକ ଟନ୍ ଧାନ ସଂଗ୍ରହ**

**ମହିଳାମାନଙ୍କୁ ରାତିରେ କାମ ପାଇଁ ଅନୁମତି**

ସେହିପରି ଜଳସମ୍ପଦ ବିଭାଗର ଅନେକ ନିଷ୍ପତ୍ତିକୁ କ୍ୟାବିନେଟ୍ ଅନୁମୋଦନ ମିଳିଛି। ଏଥିରେ ନବକୃଷ୍ଣ ଚୌଧୁରୀ ସେଚ ଉନ୍ନୟନ ଯୋଜନାକୁ ୨୦୨୫-୩୦ ବର୍ଷ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି। ଏଥିପାଇଁ ୧୪୩୭ କୋଟି ଟଙ୍କାର ବ୍ୟୟବରାଦ ହୋଇଛି ଓ ୧,୨୩,୪୮୮ ହେକ୍ଟର ଚାଷ ଜମିକୁ ଜଳସେଚନ କରିବା ଲକ୍ଷ୍ୟ ରହିଛି। ସେହିପରି ଅନ୍ତଃନଦୀ ଜଳାଶୟ ପ୍ରକଳ୍ପ ନିର୍ମାଣ ପାଇଁ ୧୯,୯୪୧ କୋଟି ମଞ୍ଜୁର କରାଯାଇଥିବା ବେଳେ ଆନ୍ତଃରାଜ୍ୟ ନଦୀ ସଂଯୋଗୀକରଣ ଯୋଜନା ପାଇଁ ୧୭୯୦ କୋଟି ମଞ୍ଜୁର ହୋଇଛି। ରାଜ୍ୟରେ ପରିମଳ ବ୍ୟବସ୍ଥାକୁ ସୁଧାରିବାକୁ ସ୍ୱଚ୍ଛ ଓଡ଼ିଶା ଯୋଜନା ପାଇଁ ୧୬୦୦ କୋଟି ଟଙ୍କାର ଅନୁମୋଦନ ଦିଆଯାଇଛି। ୨୦୨୫-୨୬ରୁ ୨୦୨୯-୩୦ ମଧ୍ୟରେ ଏହି ଟଙ୍କା ଖର୍ଚ୍ଚ କରାଯିବ। ଏହି ଯୋଜନାରେ ବର୍ଜ୍ୟବସ୍ତୁ ପରିଚାଳନା, ବର୍ଜ୍ୟଜଳ ପରିଚାଳନା, ସହରାଞ୍ଚଳ ସେପ୍ଟେଜ ସିଷ୍ଟମ୍ ଭଳି କାର୍ଯ୍ୟକ୍ରମ ହାତକୁ ନିଆଯିବ। ସମସ୍ତ ସହରାଞ୍ଚଳକୁ ବର୍ଜ୍ୟମୁକ୍ତ, ସ୍ୱଚ୍ଛ ରଖିବା ସହ ପୌରାଞ୍ଚଳ ଗୁଡ଼ିକୁ ଆର୍ଥିକ ସହାୟତା ଯୋଗାଇ ଦେବା ସ୍ୱଚ୍ଛ ଓଡ଼ିଶା ଯୋଜାନାର ଲକ୍ଷ୍ୟ ରହିଛି। ଏହା ବ୍ୟତୀତ ଓଡ଼ିଶା ଜନ୍ମ ଓ ମୃତ୍ୟୁ ପଞ୍ଜୀକରଣ ନିୟମ ୨୦୨୫କୁ କ୍ୟାବିନେଟ୍ ମଞ୍ଜୁରୀ ମିଳିଛି। ସେହିପରି ପ୍ରଥମରୁ ଅଷ୍ଟମ ଶ୍ରେଣୀ ଛାତ୍ରଛାତ୍ରୀଙ୍କୁ ମାଗଣାରେ ପାଠ୍ୟ ପୁସ୍ତକ ମିଳିବା ନିଷ୍ପତ୍ତିକୁ ମଧ କ୍ୟାବିନେଟ୍ ଅନୁମୋଦନ ମିଳିଛି। ଓଡ଼ିଶା ଦୋକାନ ଏବଂ ବାଣିଜ୍ୟିକ ପ୍ରତିଷ୍ଠାନ (ସଂଶୋଧନ) ଅଧ୍ୟାଦେଶ ଓ କାରଖାନା (ଓଡ଼ିଶା ସଂଶୋଧନ) ଅଧ୍ୟାଦେଶକୁ ମଧ କ୍ୟାବିନେଟ୍ ମଞ୍ଜୁରୀ ଦେଇଛି। ଏହି ଆଇନ ଦ୍ୱାରା ମହିଳାମାନେ ସମସ୍ତ ପ୍ରକାର କାମ ପାଇଁ ସମସ୍ତ ପ୍ରକାର କାରଖାନାରେ ନିଯୁକ୍ତି ପାଇପାରିବେ। ସେମାନଙ୍କୁ ସକାଳ ୬ଟାରୁ ସନ୍ଧ୍ୟା ୭ ଟା ପରେ ଲିଖିତ ସମ୍ମତି ସହିତ କାର୍ଯ୍ୟ କରିପାରିବେ।

### ଆଇଏଏସ୍ ସ୍ତରରେ ଅଦଳବଦଳ

# ଚଞ୍ଚଳ ରାଣାଙ୍କୁ ବିଡିଏ ଓ ସ୍ମାର୍ଟସିଟିର ଅତିରିକ୍ତ ଦାୟିତ୍ୱ

- ୩ ବରିଷ୍ଠ ଆଇଏଏସଙ୍କୁ ଦାୟିତ୍ୱମୁକ୍ତ କଲେ ସରକାର
- ହଟିଲେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ବ୍ୟକ୍ତିଗତ ସଚିବ
- ଏନ୍ ଥିରୁମାଳା ନାଏକ ସ୍କୁଲ ଓ ଗଣଶିକ୍ଷା ବିଭାଗର ସଚିବ ନିଯୁକ୍ତ

ଭୁବନେଶ୍ୱର,୧୦।୧୦(ସମିସ): ଆଇଏଏସ୍ ସ୍ତରରେ ରାଜ୍ୟ ସରକାର ଏକ ବଡ଼ ଅଦଳବଦଳ କରିଛନ୍ତି। ଏହି ଅଦଳବଦଳରେ ୩ ଜଣ ବରିଷ୍ଠ ଆଇଏଏସ୍ ଅଫିସର କେନ୍ଦ୍ରୀୟ ଡେପୁଟେସନରେ ଯିବାପରେ ଖାଲି ପଡ଼ିଥିବା ତାଙ୍କ ପଦବୀରେ ଅନ୍ୟ ଅଫିସରଙ୍କୁ ନିଯୁକ୍ତି ଦିଆଯାଇଛି। ଏହାସହ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ବ୍ୟକ୍ତିଗତ ସଚିବ ତଥା ବରିଷ୍ଠ ଓଏଏସ୍ ଅଫିସର କାହ୍ନୁଚରଣ ଧୀରଙ୍କୁ ତାଙ୍କ ପଦରୁ ବଦଳି କରାଯାଇଛି।

ରାଜ୍ୟ ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ ଜାରି ବିଜ୍ଞପ୍ତି ଅନୁଯାୟୀ, ୨୦୦୧ ବ୍ୟାଚ୍ ଆଇଏଏସ୍ ଶାଳିନୀ ପଣ୍ଡିତ, ୨୦୧୧ ବ୍ୟାଚ୍ ଆଇଏଏସ୍ ସମର୍ଥ ବର୍ମା ଓ ୨୦୧୪ ବ୍ୟାଚ୍ ଆଇଏଏସ୍ ସ୍ୱଧା ଦେବ ସିଂହ କେନ୍ଦ୍ରୀୟ ଡେପୁଟେସନରେ ଯାଇ ସାରିଥିବାରୁ ରାଜ୍ୟ ସରକାର ଏହି ୩ ଜଣ ଅଫିସରଙ୍କୁ ଚଳିତମାସ ୧୩ ତାରିଖ ଅପରାହ୍ନରୁ ଦାୟିତ୍ୱମୁକ୍ତ କରିଛନ୍ତି। ଅନ୍ୟପଟେ ବିଏମ୍‌ସି କମିସନର ଚଞ୍ଚଳ କୁମାର ରାଣାଙ୍କୁ ଅତିରିକ୍ତ ଭାବେ ବିଡିଏ ଉପାଧ୍ୟକ୍ଷ ସହ ଭୁବନେଶ୍ୱର ସ୍ମାର୍ଟସିଟି ଲିମିଟେଡର ପରିଚାଳନା ନିର୍ଦ୍ଦେଶକ ଦାୟିତ୍ୱ ଦିଆଯାଇଛି। ସେହିପରି ପଞ୍ଚାୟତିରାଜ ବିଭାଗ ସଚିବ ୨୦୦୨ ବ୍ୟାଚ୍ ଆଇଏଏସ୍ ଏସଏନ୍ ଗିରୀଶଙ୍କୁ ମିଶନ ଶକ୍ତି ବିଭାଗର ସଚିବ ଭାବେ ଅତିରିକ୍ତ ଦାୟିତ୍ୱ ମିଳିଛି। ସେହିପରି ବିଡିଏ ଉପାଧ୍ୟକ୍ଷ ୨୦୦୯ ବ୍ୟାଚ୍ ଆଇଏଏସ୍ ଏନ୍ ଥିରୁମାଳା ନାଏକଙ୍କୁ ସ୍କୁଲ ଓ ଗଣଶିକ୍ଷା ବିଭାଗର ସଚିବ ଭାବେ ବଦଳି କରାଯାଇଛି। ୨୦୧୦ ବ୍ୟାଚ୍ ଆଇଏଏସ୍ ମାନସୀ ନିମ୍ଭଲଙ୍କୁ ଓଡ଼ିଶା ଉଠାଜଳସେଚନ ନିଗମର ପରିଚାଳନା ନିର୍ଦ୍ଦେଶକ ସହ ଜଳସମ୍ପଦ ବିଭାଗର ଅତିରିକ୍ତ ସଚିବ ଭାବେ ବଦଳି କରାଯାଇଛି। ମାନସୀ ଏବେ ପର୍ଯ୍ୟଟନ ନିର୍ଦ୍ଦେଶକ ଭାବେ କାର୍ଯ୍ୟ କରୁଛନ୍ତି। ୨୦୧୨ ବ୍ୟାଚ୍ ଆଇଏଏସ୍ ସୁରେନ୍ଦ୍ର କୁମାର ମୀନାଙ୍କୁ ରାଜ୍ୟ ଅନୁସୂଚିତ ଜାତି ଓ ଜନଜାତି ବଭାଗର ଅତିରିକ୍ତ ସଚିବ ଭାବେ ବଦଳି କରାଯାଇଛି। ଶ୍ରୀ ମୀନା ଏବେ ପଞ୍ଚାୟତିରାଜ ବିଭାଗର ଅତିରିକ୍ତ ସଚିବ ସମେତ ଏସ୍ଆଇଆରଡି ନିର୍ଦ୍ଦେଶକ ଦାୟିତ୍ୱରେ ଅଛନ୍ତି।

ସେହିପରି ୨୦୧୪ ବ୍ୟାଚ୍ ଆଇଏଏସ୍ ତଥା ବୟନିକାର ପରିଚାଳନା ନିର୍ଦ୍ଦେଶକ ପ୍ରଣତି ଛୋଟରାୟଙ୍କୁ ଗୃହ ବିଭାଗର ଅତିରକ୍ତ ସଚିବ ଭାବେ ନିଯୁକ୍ତି ମିଳିଛି। ୨୦୧୪ ବ୍ୟାଚ୍ ଆଇଏଏସ୍ ଦୀପଙ୍କର ମହାପାତ୍ରଙ୍କୁ ଓଡ଼ିଶା ପର୍ଯ୍ୟଟନ ନିର୍ଦ୍ଦେଶକ ଭାବେ ନିଯୁକ୍ତି ମିଳିଛି। ତାଙ୍କୁ ଓଡ଼ିଶା ପର୍ଯ୍ୟଟନ ବିକାଶ ନିଗମ(ଓଟିଡିସି)ର ପରିଚାଳନା ନିର୍ଦ୍ଦେଶକ ଭାବେ ଅତିରିକ୍ତ ଦାୟିତ୍ୱ ଦିଆଯାଇଛି। ଶ୍ରୀ ମହାପାତ୍ର ଏବେ ହକି ପ୍ରମୋସନ କାଉନସିଲର ମୁଖ୍ୟ କାର୍ଯ୍ୟ ନିର୍ବାହୀ ଅଧିକାରୀ ଭାବେ କାର୍ଯ୍ୟ କରୁଛନ୍ତି। ଗୃହ ବିଭାଗର ଅତିରିକ୍ତ ସଚିବ ଥିବା ୨୦୧୫ ବ୍ୟାଚ୍ ଆଇଏଏସ୍ ନିବେଦିତା ପୃଷ୍ଟିଙ୍କୁ ବୟନିକା ପରିଚାଳନା ନିର୍ଦ୍ଦେଶକ ଭାବେ ବଦଳି କରାଯାଇଛି। ସେ ହସ୍ତତନ୍ତ ନିର୍ଦ୍ଦେଶକ ଭାବେ ଅତିରିକ୍ତ ଦାୟିତ୍ୱ ମଧ ତୁଲାଇବେ। ଏସ୍‌ଟି ଏସ୍‌ସି ବିଭାଗର ଅତିରିକ୍ତ ସଚିବ ପ୍ରେମଜିତ ନାୟକଙ୍କୁ ଅନୁସୂଚୀତ ଜନଜାତି ନିର୍ଦ୍ଦେଶକ ଭାବେ ବଦଳି କରାଯାଇଛି।

ସେହିପରି ୨୦୧୫ ବ୍ୟାଚ୍ ଆଇଏଏସ୍ ମଧୁସ୍ମିତା ସାମଲଙ୍କୁ ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗର ଅତିରିକ୍ତ ସଚିବ ଭାବେ ବଦଳି କରାଯାଇଛି। ଶ୍ରୀମତୀ ସାମଲ ଏବେ ଯୋଜନା ଓ ସମନ୍ୱୟ ବିଭାଗର ଅତିରିକ୍ତ ସଚିବ ଭାବେ କାର୍ଯ୍ୟରତ ଅଛନ୍ତି। ୨୦୧୫ ବ୍ୟାଚ୍ ଆଇଏଏସ୍ ସଞ୍ଜୟ କୁମାର ବିଶ୍ୱାଳଙ୍କୁ ବାଣିଜ୍ୟ ଓ ପରିବହନ ବିଭାଗର ଅତିରିକ୍ତ ସଚିବ ଭାବେ ନିଯୁକ୍ତି ମିଳିଛି। ସେହିପରି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ବ୍ୟକ୍ତିଗତ ସଚିବ ବରିଷ୍ଠ ଓଏଏସ୍ କାହ୍ନୁଚରଣ ଧୀରଙ୍କୁ ମାଇନର ମିନେରାଲସ ନିର୍ଦ୍ଦେଶକ ଭାବେ ବଦଳି କରାଯାଇଛି।

### ବିଜେପି ନେତା ପୀତବାସ ପଣ୍ଡା ହତ୍ୟା ଘଟଣା

# ପୁରୁଣା ଅପରାଧୀଙ୍କ ଫାଇଲ ଓଲଟାଉଛି ପୁଲିସ

**ସ୍କାନରରେ ସାର୍ପ ସୁଟର୍**


**ଆସିଲା ବ୍ୟବଚ୍ଛେଦ ଓ ସାଇଣ୍ଟିଫିକ ରିପୋର୍ଟ**

**ବାଲିଷ୍ଟିକ ରିପୋର୍ଟକୁ ଅପେକ୍ଷା**

**୫ଦିନ ପରେ ବି ସ୍ୱଷ୍ଟ ହେଉନି କାରଣ**

**ସନ୍ଦେହରେ ୫-୫ରୁ ଉର୍ଦ୍ଧ୍ୱ ବ୍ୟକ୍ତିଙ୍କୁ ପଚରାଉଚରା**

**୬ରୁ ଉର୍ଦ୍ଧ୍ୱ ବ୍ୟକ୍ତି ଅଟକ ଓ ଦାମୀ ଗାଡ଼ି ଜବତ: ଏସ୍‌ପି**



ବ୍ରହ୍ମପୁର, ୧୦।୧୦ (ସମିସ): ଆଇନଜୀବୀ ତଥା ବିଜେପି ନେତା ପୀତବାସ ପଣ୍ଡାଙ୍କ ହତ୍ୟାକୁ ଇତିମଧ୍ୟରେ ୫ ଦିନ ବିତିଯାଇଥିଲେ ହେଁ ଏପର୍ଯ୍ୟନ୍ତ ପୁଲିସ କାହାରିକୁ ଗିରଫ କରିପାରିନାହିଁ। ସେହିପରି, କେଉଁ କାରଣରୁ ତାଙ୍କୁ ହତ୍ୟା କରାଯାଇଛି, ତାହାର ମଧ ରହସ୍ୟ ପୁଲିସ ଭେଦି ପାରିନାହିଁ। ହତ୍ୟାକାଣ୍ଡ ପଛରେ ଏକାଧିକ କାରଣ ଥିବା ନେଇ ଆଲୋଚନା ପରେ ପୁଲିସର ଦ୍ୱନ୍ଦ୍ୱ ବଢ଼ିଯାଇଛି। କେଉଁ ଦିଗକୁ ଧରିବ, କାହାକୁ ଛାଡ଼ିବ; ବର୍ତ୍ତମାନ ସ୍ଥିତିରେ ପୁଲିସ ପାଇଁ ତାହା ବଡ଼ ଚ୍ୟାଲେଞ୍ଜ ହୋଇଛି। ତେବେ ଏପରି ଦୋଦୁଲ୍ୟମାନ ସ୍ଥିତିରେ ପୁଲିସ୍ ଏବେ ଦାଗୀ ଅପରାଧୀଙ୍କ ଫାଇଲ ଓଲଟାଇବା ଆରମ୍ଭ କରିଛି। ବିଶେଷକରି, ପୁଲିସ୍ ସାର୍ପ-ସୁଟର୍‌ଙ୍କ ତାଲିକା ବାହାର କରୁଛି। ଏହି ହତ୍ୟାକାଣ୍ଡରେ ସାର୍ପସୁଟର୍ ସୁପାରି କିଲର୍‌ଙ୍କ ହାତ ଥିବା ସନ୍ଦେହ କରାଯାଉଛି। ଆତତାୟୀଙ୍କ ଗୁଳି କରିବାର ତରିକାରୁ ପୁଲିସର ଏପରି ସନ୍ଦେହ ହୋଇଛି। ତେଣୁ, ଜିଲ୍ଲାରେ ପୂର୍ବରୁ ସଂଘଟିତ ବିଭିନ୍ନ ଗୁଳିକାଣ୍ଡ ଘଟଣାରେ ନିୟୋଜିତ ସାର୍ପସୁଟର୍‌ଙ୍କ ତାଲିକା ବାହାର କରୁଛି। ପୂର୍ବରୁ କେଉଁକେଉଁ ମାମଲାରେ ସୁପାରି କିଲରଙ୍କୁ ନିୟୋଜିତ କରାଯାଇଥିଲା ଏବଂ ସେମାନଙ୍କୁ କେଉଁଠାରୁ ଆମଦାନୀ କରାଯାଇଥିଲା, ସେମାନଙ୍କ କୁଣ୍ଡଳୀ ଖୋଜୁଛି ପୁଲିସ।

ଅପରପକ୍ଷେ, ପୀତବାସଙ୍କ ଶବ ବ୍ୟବଚ୍ଛେଦ ରିପୋର୍ଟ ଆଜି ପୁଲିସର ହସ୍ତଗତ ହୋଇଛି। ପୀତବାସଙ୍କୁ ଅନ୍ୟୂନ ୨ରୁ ୨.୫ମିଟର ଦୂରରୁ ଗୁଳିମାଡ଼ ହୋଇଥିଲା। ଗୁଳିମାଡ଼ ପରେ ତାଙ୍କ ଶରୀରରୁ ପ୍ରାୟ ୪ଲିଟର ରକ୍ତସ୍ରାବ ହୋଇଥିଲା। ପ୍ରଚୁର ରକ୍ତସ୍ରାବ ଓ ଛାନିଆ ଯୋଗୁଁ ମୃତ୍ୟୁ ହୋଇଥିବା ବ୍ୟବଚ୍ଛେଦ ରିପୋର୍ଟରେ ଉଲ୍ଲେଖ ଥିବା ଜଣାପଡ଼ିଛି। ଗୁରୁତ୍ୱପୂର୍ଣ୍ଣ କଥା ହେଲା, ଦୁର୍ବୃତ୍ତମାନଙ୍କ ଗୁଳି ଛାତିରେ ସିଧା ନବାଜି ସାମାନ୍ୟ ବଙ୍କା ହୋଇ ବାଜିଥିଲା। ଫଳରେ ଗୁଳିଟି ଶରୀରର ଅନେକ ଶିରାପ୍ରଶିରାକୁ ଭେଦ କରି ମେରୁଦଣ୍ଡ ନିକଟରେ ଲାଖି ରହିଥିଲା। ଗୁଳିଟିକୁ ବାହାର କରିବାକୁ ପ୍ରାୟ ଦେଢ଼ଘଣ୍ଟା ସମୟ ଲାଗିଥିଲା। ଏଭଳି ପୂର୍ବରୁ ଅନ୍ୟ କେଉଁ ମାମଲାରେ ଦେଖାଯାଇନଥିବା କହିଛନ୍ତି ଏମ୍‌କେସିଜି ମେଡିକାଲର ଏଫଏମ୍‌ଟି ବିଭାଗୀୟ ମୁଖ୍ୟ ପ୍ରଫେସର୍ ଡାକ୍ତର ସୁଦୀପା ଦାସ। ସାଇଣ୍ଟିଫିକ ରିପୋର୍ଟ ମଧ ପୁଲିସର ହସ୍ତଗତ ହୋଇଛି। ତେବେ ପୁଲିସ ଜବତ ଖୋଖା ଓ ଶରୀରରୁ ଉଦ୍ଧାର କରାଯାଇଥିବା ଗୁଳିର ବାଲାଷ୍ଟିକ୍ ରିପୋର୍ଟକୁ ଅପେକ୍ଷା କରିଛି। ରିପୋର୍ଟରୁ ତାହା କି' ପ୍ରକାରର ଗୁଳି ଓ କେଉଁ କିସମର ବନ୍ଧୁକରେ ବ୍ୟବହାର ହୋଇଥିଲା, ତାହା ଜଣାପଡ଼ିବ।

ଅପରପକ୍ଷେ, ସହରର ପ୍ରାୟ ୫୦ରୁ ଉର୍ଦ୍ଧ୍ୱ ସ୍ଥାନରୁ ସଂଗୃହୀତ ସିସିଟିଭି ଫୁଟେଜ ଆଧାରରେ ୫-୫ରୁ ଅଧିକ ବ୍ୟକ୍ତିଙ୍କୁ ସନ୍ଦେହରେ ପଚରାଉଚରା କରିଛି ପୁଲିସ। ସେପଟେ ଦାମୀ ଗାଡ଼ି ସହ ୬ରୁ ଉର୍ଦ୍ଧ୍ୱ ବ୍ୟକ୍ତିଙ୍କୁ ଅଟକ ରଖି ପଚରାଉଚରା ଜାରି ରହିଥିବା କହିଛନ୍ତି ବ୍ରହ୍ମପୁର ଏସପି ଡା. ସର୍ବଣା ବିବେକ ଏମ। ସେଥିମଧ୍ୟରେ ଜଣେ ଏସ୍ଓଜି କମାଣ୍ଡୋ ଓ ଅନ୍ୟ ଜଣେ ସିଆଇଏସଏଫ ଯବାନ ରହିଛନ୍ତି। ଅପରାଧୀଙ୍କୁ ଧରିବା ପୁଲିସ ପାଇଁ ମୁଣ୍ଡବ୍ୟଥାର କାରଣ ସାଜିଛି। ରହସ୍ୟ ଉନ୍ମୋଚନ ପାଇଁ ବଛାବଛା ଅଧିକାରୀଙ୍କୁ ନେଇ ଗଠିତ ୬ଟି ସ୍ୱତନ୍ତ୍ର ଟିମ୍ ପକ୍ଷରୁ ଗଞ୍ଜାମ ସମେତ ରାଜ୍ୟର ବିଭିନ୍ନ ସ୍ଥାନରେ ଚଢ଼ଉ ଜାରି ରହିଛି। ଗୋଟିଏ ଟିମ୍ ପୁରୀ ଯାଇଥିବା ବେଳେ ଅନ୍ୟ ଟିମ୍ ଖଲ୍ଲିକୋଟ, କବିସୂର୍ଯ୍ୟନଗର ଓ ପୋଲସରାରେ ଡେରା ପକାଇଛନ୍ତି। ଏପରିକି ବିଭିନ୍ନ ସ୍ଥାନରୁ ଏକାଧିକ ବ୍ୟକ୍ତିଙ୍କୁ ସନ୍ଦେହରେ ଉଠାଯାଇଥିବା ମଧ ଜଣାପଡ଼ିଛି।

## ହତ୍ୟା ପୂର୍ବରୁ ପିଛା କରିଥିଲେ ଅପରାଧୀ

ପୀତବାସଙ୍କ ହତ୍ୟାକାଣ୍ଡରେ ଏକାଧିକ ଲୋକଙ୍କ ସମ୍ପୃକ୍ତି ରହିଥିବା ସନ୍ଦେହ କରାଯାଉଛି। ହତ୍ୟା ପୂର୍ବରୁ ତାଙ୍କୁ ପିଛା କରାଯାଇଥିଲା ଏବଂ ଅତ୍ୟନ୍ତ ଯୋଜନାବଦ୍ଧ ଭାବେ ହତ୍ୟାକାଣ୍ଡକୁ ରୂପ ଦିଆଯାଇଛି ବୋଲି ଏସପି କହିଛନ୍ତି। ଏହି ମାମଲାରେ ପୁଲିସ ବର୍ତ୍ତମାନ ୬ଜଣଙ୍କୁ ଅଟକ ରଖି ପଚରାଉଚରା ଜାରି ରଖିଥିବା ବେଳେ ଅଟକଙ୍କ ମଧ୍ୟରେ ଦୁଇଜଣ ଯବାନ ଓ ଦାମୀ ଗାଡ଼ିକୁ ମଧ ଜବତ କରାଯାଇଥିବା ଏସପି ସ୍ୱୀକାର କରିଛନ୍ତି।

## ପୀତବାସଙ୍କୁ ବିଜେପିର ଅଣଦେଖା!

ପୀତବାସ ପଣ୍ଡା ବିଜେପିର ଜଣେ ଆଗଧାଡିର ନେତା ଭାବେ ଗଞ୍ଜାମ ଜିଲ୍ଲାରେ ବେଶ ପରିଚିତ। ଗତ ସାଧାରଣ ନିର୍ବାଚନ ବେଳେ ସେ କଂଗ୍ରେସ ଛାଡ଼ି ବିଜେପିରେ ସାମିଲ ହୋଇଥିଲେ ହେଁ ଖୁବ୍ କମ୍ ଦିନରେ ଗୋପାଳପୁର ବିଧାୟକ ତଥା ଖଣିମନ୍ତ୍ରୀ ବିଭୂତି ଜେନାଙ୍କ ଅତ୍ୟନ୍ତ ଘନିଷ୍ଠ ଓ ନିକଟତର ହୋଇପାରିଥିଲେ। ପୀତବାସଙ୍କୁ ଗୁଳି କରାଯାଇଥିବା ଖବର ପାଇ ମନ୍ତ୍ରୀ ଶ୍ରୀ ଜେନା ମେଡିକାଲରେ ପହଞ୍ଚିବା ସହ ଅନ୍ତ୍ୟେଷ୍ଟିକ୍ରିୟା ପର୍ଯ୍ୟନ୍ତ ସାଙ୍ଗରେ ରହିଥିଲେ। ଏପରିକି, ସେହିଦିନ ବିଳମ୍ବିତ ରାତିରେ ରାଜ୍ୟ ବିଜେପି ସଭାପତି ମନମୋହନ ସାମଲଙ୍କ ସମେତ ଜିଲ୍ଲାର ଅନ୍ୟ ବିଧାୟକମାନେ ମଧ ଉପସ୍ଥିତ ଥିଲେ। ସମସ୍ତେ ଗଣମାଧ୍ୟମରେ ଶୋକବ୍ୟକ୍ତ ମଧ କରିଥିଲେ। ତେବେ ଘଟଣାକୁ ଇତି ମଧ୍ୟରେ ୫ଦିନ ବିତିଯାଇଥିଲେ ହେଁ ଦଳର ଜଣେ ନେତାଙ୍କୁ ହରାଇଥିବା ବିଜେପି ପକ୍ଷରୁ ଶୋକ ସଭାଟିଏ ଆୟୋଜନ କରାନଯିବା ଘଟଣାକୁ ନେଇ ସମଗ୍ର ଜିଲ୍ଲାରେ ସବୁଠି ଚର୍ଚ୍ଚା ଜୋର୍ ଧରିଛି। ଆଇନଜୀବୀଙ୍କ ପକ୍ଷରୁ ରାଜ୍ୟବ୍ୟାପୀ ଆନ୍ଦୋଳନ ସହ କ୍ୟାଣ୍ଡେଲ ଶୋଭାଯାତ୍ରା ସହ ଶୋକସଭାର ଆୟୋଜନ କରାଯାଇଛି। ହେଲେ ପୀତବାସଙ୍କ ନିଜ ଦଳ ବିଜେପି ତାଙ୍କୁ ସ୍ୱଳ୍ପ ଦିନରେ ଅଣଦେଖା କରିଦେଇଥିବା ନେଇ ସାଧାରଣରେ ଆଲୋଚନା ହେଉଛି।

# ୧୪ ସୁଦ୍ଧା ରାଜ୍ୟରୁ ମୌସୁମୀ ପ୍ରତ୍ୟାବର୍ତ୍ତନ ଆରମ୍ଭ

ଭୁବନେଶ୍ୱର,୧୦।୧୦(ସମିସ): ଆସନ୍ତା ୩-୪ ଦିନ ମଧ୍ୟରେ ରାଜ୍ୟରୁ ମୌସୁମୀ ପ୍ରତ୍ୟାବର୍ତ୍ତନ ଆରମ୍ଭ ହେବ। ଦେଶର ବିଭିନ୍ନ ସ୍ଥାନ ସମେତ ଓଡ଼ିଶାର କିଛି ଅଞ୍ଚରୁ ମୌସୁମୀ ଅପସାରାଣ ପାଇଁ ପାଗ ଅନୁକୂଳ ରହିଛି। ତେଣୁ ରାଜ୍ୟରୁ ମୌସୁମୀ ବିଦାୟ ନେଇ ଆଇଏମ୍‌ଡି ପକ୍ଷରୁ ସୂଚନା ଦିଆଯାଇଛି। ତେଣୁ ରାଜ୍ୟରେ କିଛି କିଛି ଅଞ୍ଚଳରେ କାଁ ଭାଁ ବର୍ଷା ଛାଡ଼ି ଦେଲେ ବାକି ଅଞ୍ଚଳରେ ପାଗ ମୁଖ୍ୟତଃ ଶୁଖିଲା ରହିବାର ସମ୍ଭାବନା ରହିଛି।

ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ଆସନ୍ତା ସପ୍ତାହେ ପର୍ଯ୍ୟନ୍ତ ରାଜ୍ୟରେ ପାଗ ମୁଖ୍ୟତଃ ଶୁଖିଲା ଓ ଖରାଟିଆ ରହିବ। ତେବେ ୧୩ ଓ ୧୪ରେ ସମୁଦ୍ର ସଂଲଗ୍ନ ଜିଲ୍ଲାରେ ହାଲୁକାରୁ ସ୍ୱଳ୍ପ ବର୍ଷା ହୋଇପାରେ। ୧୫ ତାରିଖରୁ ରାତିର ତାପମାତ୍ରା କ୍ରମଶଃ କମିବା ସହ ୧୭ ତାରିଖ ସୁଦ୍ଧା କେତେକ ଆଭ୍ୟନ୍ତରୀଣ ଅଞ୍ଚଳରେ ତାପମାତ୍ରା ପ୍ରାୟ ୨-୩ ଡିଗ୍ରୀ କମିପାରେ। କନ୍ଧମାଳ, କୋରାପୁଟ,



ଗଜପତି, ମୟୂରଭଞ୍ଜ ଓ କେନ୍ଦୁଝରରେ ତାପମାତ୍ରା ସବୁଠାରୁ କମ୍ ରହିବ। ଏହି ସ୍ଥାନମାନଙ୍କରେ ସର୍ବନିମ୍ନ ତାପମାତ୍ରା ୨-୩ ଡିଗ୍ରୀ କମିବା ହେତୁ ଶିଶିରପାତ ସହ କୁହୁଡ଼ି ହେବାର ସମ୍ଭାବନା ରହିଛି। ୧୭ ତାରିଖରେ ଦକ୍ଷିଣ ବଙ୍ଗୋପସାଗରରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହୋଇ ସମୁଦ୍ରରେ ୫ ଦିନରୁ ଅଧିକ ରହିବାରୁ ଘନୀଭୂତ ହେବାର ସମ୍ଭାବନା ରହିଛି। ତେବେ ଏହା କେତେ ଘନୀଭୂତ ହେବ ଓ କେଉଁ ଆଡ଼କୁ ଗତି କରିବ ଆଗକୁ ସ୍ୱଷ୍ଟ ହେବ ବୋଲି ପ୍ରଫେସର ପଶୁପାଳକ କହିଛନ୍ତି।

ଅନ୍ୟପଟେ ଦକ୍ଷିଣ ପଶ୍ଚିମ ମୌସୁମୀ ବାୟୁ ପରିବର୍ତ୍ତନ ହୋଇ ଉତ୍ତର-ପୂର୍ବ ବାୟୁ ଉପକୂଳରେ ହେବ, ଯାହାକି ପ୍ରତ୍ୟାବର୍ତ୍ତନ ମୌସୁମୀକୁ ସୁଚାଉଛି। ବିଭିନ୍ନ ମଡେଲ୍ ଓ ପାଣିପାଗ ସଂସ୍ଥାର ସୂଚନା ଅନୁଯାୟୀ ବର୍ତ୍ତମାନ ଲା-ନିନା ସ୍ଥିତି ସୃଷ୍ଟି ହୋଇ ସାରିଛି। ଜାନୁଆରୀ ୨୦୨୬ ପର୍ଯ୍ୟନ୍ତ ଅର୍ଥାତ ସ୍ୱଳ୍ପ ଅବଧି ପାଇଁ ଏହା ରହିପାରେ। ଲା-ନିନା ବର୍ଷରେ ଅନେକ ସମୟରେ ଅତ୍ୟଧିକ ବର୍ଷା ଓ ଶୀତ ହେବାର ନଜୀର ରହିଛି ବୋଲି ପ୍ରଫେସର ପଶୁପାଳକ କହିଛନ୍ତି। ଗତ ୨୪ ଘଣ୍ଟାରେ ରାଜ୍ୟରେ ପାଗ ମୁଖ୍ୟତଃ ଶୁଖିଲା ରହିଛି। ଏହି ସମୟରେ ବାଲେଶ୍ୱରରେ ୧୧.୭ ମିମି ବର୍ଷା ରେକର୍ଡ ହୋଇଛି।

### ପୁଲିସ ଏସ୍ଆଇ ଚାକିରି ବେପାର

# ବିଜେପି ପ୍ରଭାରୀଙ୍କ ଆଡ଼କୁ କଂଗ୍ରେସର ଅଙ୍ଗୁଳି ନିର୍ଦ୍ଦେଶ



ପ୍ରଭାବଶାଳୀ ଅତୁଲ ପ୍ରଭାକରଙ୍କ ଭୂମିକା ବି ସନ୍ଦେହରେ

ଭୁବନେଶ୍ୱର,୧୦।୧୦(ସମିସ): ରାଜ୍ୟରେ ପୁଲିସ ଏସ୍ଆଇ ନିଯୁକ୍ତି କେଳେଙ୍କାରୀ ଘଟଣାରେ ବଡ଼ ମୁଣ୍ଡଙ୍କୁ ଯୋଡ଼ିଛି ରାଜ୍ୟ କଂଗ୍ରେସ। ଏହି କେଳେଙ୍କାରୀରେ ବିଜେପିର କେନ୍ଦ୍ରୀୟ ନେତୃତ୍ୱଙ୍କ ମଧ ସମ୍ପୃକ୍ତି ରହିଛି ବୋଲି କଂଗ୍ରେସ କହିଛି। ବିଜେପିର ଏହି କେନ୍ଦ୍ରୀୟ ନେତୃତ୍ୱ ତାଙ୍କର ଜଣେ ଅତ୍ୟନ୍ତ ଅନୁଗାମୀଙ୍କ ଜରିଆରେ ଏହି କେଳେଙ୍କାରୀରେ ସାମିଲ ଥିବା କଂଗ୍ରେସ ଅଭିଯୋଗ କରିଛି।

ଦଳ ପକ୍ଷରୁ ଶୁକ୍ରବାର କଂଗ୍ରେସ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ବରିଷ୍ଠ ମୁଖପାତ୍ର ରଜନୀ ମହାନ୍ତି କହିଛନ୍ତି ଯେ ଓପିଆରବିର ବରିଷ୍ଠ ପୁଲିସ ଅଧିକାରୀ, ରାଜ୍ୟ ସରକାରଙ୍କର ବରିଷ୍ଠ ମନ୍ତ୍ରୀ ଓ ନେତୃବୃନ୍ଦଙ୍କ ବିନା ଅଗୋଚରରେ ଏହି କେଳେଙ୍କାରୀ ହୋଇପାରିବ ନାହିଁ। ବିଜେପି ନେତାଙ୍କ ସହ ଏହି କେଳେଙ୍କାରୀର ମାଷ୍ଟରମାଇଣ୍ଡ ଶଙ୍କର ପୃଷ୍ଟିର ଘନିଷ୍ଠ ସମ୍ପର୍କ ରହିଥିଲା। ଏହାସହିତ ଅତୁଲ ପ୍ରଭାକର ନାମକ ଜଣେ ବ୍ୟକ୍ତି ମଧ ଉଭୟ ବିଜେପି ନେତା ଓ ଶଙ୍କର ପୃଷ୍ଟିଙ୍କ ସହ ଘନିଷ୍ଠ ଥିଲେ। ଏହି ଅତୁଲ ପ୍ରଭାକର କିଏ ? ସେ ଶଙ୍କର ପୃଷ୍ଟିଙ୍କୁ କିଭଳି ଜାଣିଲେ? ଅତୁଲ ପ୍ରଭାକରଙ୍କ ସହ ରାଜ୍ୟ ବିଜେପି ପ୍ରଭାରୀ ବିଜୟପାଲ୍ ସିଂ ତୋମାରଙ୍କ କି ସମ୍ପର୍କ ଅଛି ବୋଲି କଂଗ୍ରେସ ପ୍ରଶ୍ନ କରିଛି। ରଜନୀ ମହାନ୍ତି କହିଛନ୍ତି ଯେ ଅତୁଲ ପ୍ରଭାକର ମହାରାଷ୍ଟ୍ରର ଅଧିବାସୀ। ମାତ୍ର ତାଙ୍କର ଓଡ଼ିଶାରେ କି କାର୍ଯ୍ୟ? ଭୁବନେଶ୍ୱରରେ ସେ ମାସ ମାସ ଧରି ରହୁଛନ୍ତି କାହିଁକି? ଶଙ୍କର ପୃଷ୍ଟିଙ୍କ ସହ ତାଙ୍କର ନିବିଡ ସମ୍ପର୍କ କେବେ ଠୁଁ ରହିଛି ବୋଲି ସେ ପ୍ରଶ୍ନ କରିଛନ୍ତି। ତେଣୁ ପୁଲିସ ଚାକିରି ବିକ୍ରି ରାକେଟକୁ ଶଙ୍କର ପୃଷ୍ଟି ସହିତ ଅତୁଲ ପ୍ରଭାକର ଚଳାଉଛନ୍ତି ବୋଲି କଂଗ୍ରେସ ସନ୍ଦେହ କରିଛି।

ଦଳ ପକ୍ଷରୁ ଆହୁରି କୁହାଯାଇଛି ଯେ ଏସଆଇ ନିଯୁକ୍ତି ପରୀକ୍ଷାର ମହାଦୁର୍ନୀତିର ଚେର ପଞ୍ଚସଫ୍ଟ ମାଲିକ ଶଙ୍କର ପୃଷ୍ଟି ଓ ଆଜି ପର୍ଯ୍ୟନ୍ତ ଗିରଫ ହୋଇଥିବା ମଧ୍ୟସ୍ଥ ଏବଂ ପରୀକ୍ଷାର୍ଥୀଙ୍କ ଭିତରେ ସୀମିତ ନାହିଁ। ଯେଉଁମାନେ ବିଜେପିର ଓଡ଼ିଶା ଦାୟିତ୍ୱରେ ରହିଛନ୍ତି, ସେମାନଙ୍କ ପର୍ଯ୍ୟନ୍ତ ଦୁର୍ନୀତିର ଚେର ଲମ୍ବିଛି। ଓଡ଼ିଆ ଅସ୍ମିତାର ଦ୍ୱାହି ଦେଇ ପ୍ରଥମ ଥର ରାଜ୍ୟରେ କ୍ଷମତାକୁ ଆସିଥିବା ବିଜେପି ସରକାର ୧୫ ମାସ ଭିତରେ ୧୬ଟି ନିଯୁକ୍ତିଭିତ୍ତିକ ପରୀକ୍ଷାରେ ପ୍ରଶ୍ନପତ୍ର ଲିକ୍‌ଠାରୁ ଆରମ୍ଭ କରି ଚାକିରି ଦେବା ପାଇଁ ଅର୍ଥ ଆଦାୟର ଅଭିଯୋଗ ହେବା ପରେ ଏହାକୁ ବାତିଲ କରାଯାଇଛି। ଓଡ଼ିଶା ପୁଲିସ ରିକ୍ରୁଟମେଣ୍ଟ ବୋର୍ଡ ରାଜ୍ୟରେ ଖାଲିପଡ଼ିଥିବା ୯୩୩ ପଦବୀ ପୂରଣ କରିବା ପାଇଁ ଲିଖିତ ପରୀକ୍ଷା କରିବା ପାଇଁ କେନ୍ଦ୍ର ସରକାରଙ୍କ ଆଇଟିଆଇ ସଂସ୍ଥା ସହିତ ଚୁକ୍ତିନାମା କରିଥିଲେ। ଉକ୍ତ ଚୁକ୍ତିନାମାରେ ସର୍ତ୍ତାବଳୀ ଅନୁସାରେ ଆଇଟିଆଇ ସଂସ୍ଥା ପରୀକ୍ଷା ପରିଚାଳନା କରିବା ପାଇଁ ଅନ୍ୟ କୌଣସି ସଂସ୍ଥାକୁ ସବ୍ କଣ୍ଟ୍ରାକ୍ଟ ଦେଇପାରିବେ। ସେହି ଅନୁସାରେ ସିଲିକନ ଟେକ୍ ଲାବକୁ ଆଇଟିଆଇ ସଂସ୍ଥା ସବ୍ କଣ୍ଟ୍ରାକ୍ଟ ଦେଇଥିଲା। କିନ୍ତୁ ସବ୍ କଣ୍ଟ୍ରାକ୍ଟ ପାଇଥିବା ସଂସ୍ଥା ଅନ୍ୟ ଏକ ସଂସ୍ଥାକୁ ସବ୍ କଣ୍ଟ୍ରାକ୍ଟ ଦେଇପାରିବ ନାହିଁ। କିଭଳି ଭାବରେ ସମସ୍ତ ନିୟମକୁ ଉଲଂଘନ କରି ପଞ୍ଚସଫ୍ଟକୁ ପରୀକ୍ଷା କରିବାକୁ ଦିଆଗଲା ବୋଲି କଂଗ୍ରେସ ପ୍ରଶ୍ନ କରିଛି।

ସକାଳ
THE SAKALA



ଉର୍ବର ଚାଷଜମି ପାଲଟିଛି ବେଣା ଜଙ୍ଗଲ

# ବେଣାମୁକ୍ତ କରି କୃଷିଭିତ୍ତିକ ଶିଳ୍ପ କରାଯିବା ଦାବି

**ପଟ୍ଟାମୁଣ୍ଡାଇ, ୧୦।୧୦(ସମିସ)**



ଓଡ଼ିଶାର ଅନ୍ୟତମ ପ୍ରମୁଖ କୃଷି ପ୍ରଧାନ ଅଞ୍ଚଳ ଭାବେ ବର୍ଷ ବର୍ଷ ଧରି ପଟ୍ଟାମୁଣ୍ଡାଇର ସ୍ୱତନ୍ତ୍ର ପରିଚୟ ରହିଛି। ଏକଦା ଏଠାକାର ଉତ୍ପାଦିତ ଚାଉଳଠାରୁ ଆରମ୍ଭ କରି ବିଭିନ୍ନ ସାମଗ୍ରୀ ରାଜ୍ୟ ଓ ରାଜ୍ୟ ବାହାରକୁ ଯାଉଥିଲା। ନିଜର କୃଷିଜାତ ସାମଗ୍ରୀ ବିକ୍ରି କରି ଚାଷୀ ଦୁଇ ପଇସା ଉପାର୍ଜନ କରିବା ଦ୍ୱାରା ଆର୍ଥିକ କ୍ଷେତ୍ରରେ ସଶକ୍ତ ହେଉଥିଲା। କୃଷିର ବିକାଶ ପାଇଁ କେନ୍ଦ୍ର ଓ ରାଜ୍ୟ ସରକାର ଯୋଜନା ପରେ ଯୋଜନା ପ୍ରସ୍ତୁତ କରୁଥିଲେ ମଧ୍ୟ ତା'ର କୌଣସି ଫଳକ ପଟ୍ଟାମୁଣ୍ଡାଇରେ ଦେଖିବାକୁ ମିଳୁନାହିଁ। କାରଣ ନିର୍ଦ୍ଦିଷ୍ଟ ଯୋଜନା ଅଭାବରୁ ପଟ୍ଟାମୁଣ୍ଡାଇ ଅଞ୍ଚଳର କୃଷି କ୍ଷେତ୍ରରେ ଆଖିଦୃଶିଆ ବିକାଶ ପରିଲକ୍ଷିତ ହେଉନାହିଁ। ପଟ୍ଟାମୁଣ୍ଡାଇ ଧୋଆଞ୍ଚଳର ଶହ ଶହ ଏକର ଉର୍ବର ଚାଷଜମି ବେଣା ଜଙ୍ଗଲରେ ପରିପୂର୍ଣ୍ଣ ହୋଇପଡ଼ିଛି। ବର୍ଷ ବର୍ଷ ଧରି ଏହି ସମସ୍ୟା ଲାଗି ରହିଛି। ଚାଷୀଙ୍କ ଉର୍ବର ଚାଷଜମି ବେଣା ଜଙ୍ଗଲରେ ପରିପୂର୍ଣ୍ଣ ହୋଇଥିବାରୁ ଚାଷ କାମ ହୋଇପାରୁନାହିଁ। ଘରେ ପୁଅ ବେକାର ହୋଇ ଘରେ ବସିଛି। କୌଣସି ରୋଜଗାର ବାଟ ନ ପାଇ ବେକାର ହୋଇ ବସିଥିବା ଜୋଆନ ପୁଅ ପରିବାର ଉପରେ ବୋଝ ହେଉଛି। ଫଳରେ ଚାଷୀଙ୍କ ଆର୍ଥିକ ସ୍ଥିତି ବିଗିଡି ଯାଉଛି। ଚରମ ଆର୍ଥିକ ସଙ୍କଟ ଦେଇ ଗତି କରୁଥିବା ଚାଷୀ କରଜ ଭାର ସହି ନ ପାରି ଆତ୍ମହତ୍ୟା ବାଟ ବାଛି ନେଉଛି। କାମ ଧନ୍ଦା ନ ପାଇ ବେରୋଜଗାରିଆ ବେକାର ପୁଅ ପରିବାର ଲୋଭ ତୁଟାଇ ଦାଦନ ଖଟିବାକୁ ରାଜ୍ୟ ବାହାରକୁ ଚାଲିଯାଉଛି। ରାଜ୍ୟ ବାହାରେ ପେଟ ବିକଳରେ ପଡ଼ି ରହିଥିବା ବେକାର ଯୁବକ ଅଧିକାଂଶ ସମୟରେ ଶୋଷଣ ଓ ଅତ୍ୟାଚାରର ଶିକାର ହୋଇ ଜୀବନ ହାରିବା ଘଟଣା ସମ୍ବାଦପତ୍ରର ଶିରୋନାମା ପାଲଟି ଯାଉଛି। ତେଣୁ ଧୋଆଞ୍ଚଳର ଚାଷଜମିକୁ ବେଣାମୁକ୍ତ କରି କୃଷିଭିତ୍ତିକ ଶିଳ୍ପ କରାଯିବାକୁ ଦାବି ହେଉଛି। ପଟ୍ଟାମୁଣ୍ଡାଇ ଧୋଆଞ୍ଚଳରେ ଥିବା ଶହ ଶହ ଏକର ଉର୍ବର ଚାଷଜମି ବେଣା ଜଙ୍ଗଲରେ ପରିପୂର୍ଣ୍ଣ ହୋଇଛି। ପଟ୍ଟାମୁଣ୍ଡାଇ ବ୍ଲକର ବାଲିପାଟଣା, ବାଛରା, ଅଣ୍ଡରା, ପେଗଡ଼ପାଳ, ଚଉଡ଼ିପାଳ, ଅନ୍ଦପୁର, ବଲୁଗାଁ, ସିଂହଗା, ଅମୃତମଣୋହି ଆଦି ପଞ୍ଚାୟତ ବନ୍ୟା, ବାତ୍ୟା, ମରୁଡ଼ି ଆଦି ପ୍ରାକୃତିକ ବିପର୍ଯ୍ୟୟର ଚିର ସହଚର। ପଟ୍ଟାମୁଣ୍ଡାଇ ଧୋଆଞ୍ଚଳ ଚାଷୀ ପ୍ରାକୃତିକ ବିପର୍ଯ୍ୟୟରେ ବ୍ୟାପକ ଭାବେ କ୍ଷତିଗ୍ରସ୍ତ ହେଉଥିବାବେଳେ ଚାଷଜମି ବେଣାମୟ ହୋଇପଡ଼ିବା ଫଳରେ କୌଣସି ଫସଲ କରି ନ ପାରି ପୁନରାୟ କ୍ଷତିଗ୍ରସ୍ତ ହୋଇ ନିଜ ଭାଗ୍ୟକୁ ନିନ୍ଦୁଛି। କୃଷି ଓ କୃଷକର ଉନ୍ନତି ପାଇଁ ସରକାର ଅନେକ ଯୋଜନା ହାତକୁ ନେଉଥିଲେ ମଧ୍ୟ ଉର୍ବର ଚାଷଜମିକୁ ବେଣାମୁକ୍ତ କରିବା ପାଇଁ କୌଣସି ଯୋଜନା କରିବା ଦେଖାଯାଉନାହିଁ। ରାଜ୍ୟ ସରକାର ପଟ୍ଟାମୁଣ୍ଡାଇ ଧୋଆଞ୍ଚଳରେ ଥିବା ଶହ ଶହ ଏକର ଚାଷଜମିକୁ ବେଣାମୁକ୍ତ କରିବା ପାଇଁ ସ୍ୱତନ୍ତ୍ର ଯୋଜନା ପ୍ରସ୍ତୁତ କରିବା ସହିତ କୃଷିଭିତ୍ତିକ ଶିଳ୍ପ ପ୍ରତିଷ୍ଠା କଲେ ଚାଷୀର ଉନ୍ନତି ସହିତ ଦାଦନ ସମସ୍ୟା ଅନେକାଂଶରେ ଦୂର ହୋଇପାରିବ ବୋଲି ବିଭିନ୍ନ ମହଲରେ ମତ ପ୍ରକାଶ ପାଇଛି।

## ୪୨ ବର୍ଷରେ ଦେସାହି ଗଜଲକ୍ଷ୍ମୀ ପୂଜା



**ଗୋବିନ୍ଦପୁର, ୧୦।୧୦(ସମିସ):** ଆଳି ବ୍ଲକ ଅନ୍ତର୍ଗତ ଦେସାହି ଗ୍ରାମରେ ଗଜଲକ୍ଷ୍ମୀ ପୂଜା ଅନୁଷ୍ଠିତ ହେଉଛି। ଏହି ପୂଜା ୪୨ ବର୍ଷରେ ପଦାର୍ପଣ କରିଛି। ପ୍ରତିଦିନ ଭଜନ କୀର୍ତ୍ତନ ଓ ଆଧ୍ୟାତ୍ମିକ କାର୍ଯ୍ୟକ୍ରମ କରାଯାଉଛି। ପଞ୍ଚାୟତର ସମିତିସଭ୍ୟ ସନ୍ତୋଷ ବେହୁରିଆ ଓ ସ୍ଥାନୀୟ ଜନସାଧାରଣଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମ ଚାଲିଛି।

## ବାଲିଆପଦା ଓ ନେତୁଆରେ ଗଜଲକ୍ଷ୍ମୀ ପୂଜା





**ପଞ୍ଚୁପାଣ୍ଡବ, ୧୦।୧୦(ସମିସ):** ଛୋଟି ପଞ୍ଚାୟତ ଅନ୍ତର୍ଗତ ବାଲିଆପଦା ଓ ନେତୁଆ ଗ୍ରାମରେ ଗଜଲକ୍ଷ୍ମୀ ପୂଜା ହେଉଛି। ଯୁଗଜ୍ୟୋତି କମିଟି ଓ ମହାଲକ୍ଷ୍ମୀ ପୂଜା କମିଟି ପକ୍ଷରୁ ଉଭୟ ଗ୍ରାମରେ ପୂଜା ହେଉଥିବାରୁ ଏଠାରେ ଶ୍ରଦ୍ଧାଳୁଙ୍କ ଭିଡ଼ ଜମୁଛି। ଦୁଇ ମଣ୍ଡପ ନିକଟରେ ସାଂସ୍କୃତିକ କାର୍ଯ୍ୟକ୍ରମ ସହ ଦୋକାନ ବଜାର ଲାଗିଛି। ହଜିଯାଇଥିବା ଆମ ଅତୀତକୁ ମନ ପକାଇବାକୁ ଅତୀତର କିଛି ଜିନିଷ ସୃଷ୍ଟି କରାଯାଇଥିବା ଦେଖିବାକୁ ମିଳୁଛି। ଦୁଇ ମଣ୍ଡପ ପାଖାପାଖି ହୋଇଥିବାରୁ ଦୂରଦୂରାନ୍ତରୁ ଲୋକେ ଏଠାକୁ ଆସୁଥିବା ମହାଲକ୍ଷ୍ମୀ ପୂଜା କମିଟି ସଭାପତି ନିର୍ମଳ ମଲ୍ଲ କହିଛନ୍ତି।

## ମାଟିଆପଡ଼ା ହାଇସ୍କୁଲରେ ବନ୍ୟପ୍ରାଣୀ ସପ୍ତାହ



**ପଟ୍ଟାମୁଣ୍ଡାଇ, ୧୦।୧୦(ସମିସ):** ପଟ୍ଟାମୁଣ୍ଡାଇ ବ୍ଲକ ଅନ୍ତର୍ଗତ ମାଟିଆପଡ଼ା ହାଇସ୍କୁଲରେ ବନ୍ୟପ୍ରାଣୀ ସପ୍ତାହ ପାଳିତ ହୋଇଯାଇଛି। ପ୍ରଧାନଶିକ୍ଷକ କବି ମନୋଜ ଶତପଥୀଙ୍କ ପୌରୋହିତ୍ୟରେ ଆୟୋଜିତ ସଭାରେ ଦିହୁଡ଼ିପୁର ସରପଞ୍ଚ ନରେଶ ମଲିକ ମୁଖ୍ୟଅତିଥି, ସମାଜସେବୀ ସତ୍ୟବ୍ରତ ପଣ୍ଡା ମୁଖ୍ୟବକ୍ତା ଭାବେ ଯୋଗଦେଇ ପ୍ରାକୃତିକ ସୌନ୍ଦର୍ଯ୍ୟର ଗନ୍ତାଘର ବିଶ୍ୱ ପ୍ରସିଦ୍ଧ ଭିତରକନିକାର ଜୈବ ବିବିଧତାର ବିବିଧତା ଓ ବନ୍ୟ ପ୍ରାଣୀଙ୍କ ସୁରକ୍ଷା ଉପରେ ଆଲୋକପାତ କରିଥିଲେ। ବିଜ୍ଞାନ ଶିକ୍ଷକ ସ୍ୱପ୍ନେଶ୍ୱର ଆଚାର୍ଯ୍ୟ ଓ ଶିକ୍ଷୟିତ୍ରୀ ଶୁଭଶ୍ରୀ ପରିଡ଼ା ଜନସଂଖ୍ୟା ବୃଦ୍ଧି ଯୋଗୁଁ ଜୀବଜନ୍ତୁଙ୍କ ଉପରେ ଏହାର ପ୍ରଭାବ ସମ୍ପର୍କରେ ଛାତ୍ରଛାତ୍ରୀଙ୍କୁ କହିଥିଲେ। ସହକାରୀ ଶିକ୍ଷକ ମାନସ ରଞ୍ଜନ ସାହୁ ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରିଥିଲେ। ଏ ଅବସରରେ ଆୟୋଜିତ ବିଭିନ୍ନ ପ୍ରତିଯୋଗିତାକୁ ସହକାରୀ ଶିକ୍ଷକ ବିନୋଦ ସାହୁ, ବିନ୍ଦୁରେଖା ନାୟକ ଓ ଚନ୍ଦ୍ରଭାନୁ ସାହୁ ପରିଚାଳନା କରିଥିଲେ। ଶେଷରେ ଶିକ୍ଷିତ୍ରୀ ପୁଷ୍ପଲତା ପ୍ରଧାନ ଧନ୍ୟବାଦ ଦେଇଥିଲେ। ଏ ଅବସରରେ ବିଭିନ୍ନ ପ୍ରତିଯୋଗିତାର କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା। ଏହି କାର୍ଯ୍ୟକ୍ରମକୁ ସହକାରୀ ଶିକ୍ଷକ ଚନ୍ଦ୍ରଭାନୁ ସାହୁ, ଶୁଭାଶିଷ ପତ୍ରୀ, ରଞ୍ଜିତ ସାହୁ ଓ ମାଧୁରୀ ଭୁଏ ପରିଚାଳନା କରିଥିଲେ।

## ଦୀନବନ୍ଧୁ ସାହୁଙ୍କ ଜୟନ୍ତୀ ସମାରୋହ



**କେନ୍ଦ୍ରାପଡ଼ା, ୧୦।୧୦(ସମିସ):** କେନ୍ଦ୍ରାପଡ଼ା ସ୍ୱୟଂଶାସିତ ମହାବିଦ୍ୟାଳୟ ସମ୍ମିଳନୀ କକ୍ଷରେ ଦୀନବନ୍ଧୁ ସାହୁଙ୍କ ୧୧୬ତମ ଜୟନ୍ତୀ ପାଳିତ ହୋଇଯାଇଛି। ଅଧ୍ୟକ୍ଷ ପ୍ରଫେସର ଶାନ୍ତନୁ ଜେନାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉତ୍ସବରେ ଅବସରପ୍ରାପ୍ତ ଆରକ୍ଷୀ ମହାନିର୍ଦ୍ଦେଶକ ଡ. ସତ୍ୟଜିତ ମହାନ୍ତି ମୁଖ୍ୟଅତିଥି ଭାବେ ଯୋଗଦେଇ ଦୀନବନ୍ଧୁ ସାହୁ ସ୍ମାରକୀ ବକ୍ତୃତା ପ୍ରଦାନ କରିଥିଲେ। ସେ କହିଥିଲେ, କେନ୍ଦ୍ରାପଡ଼ା ଏକ କୃଷିଭିତ୍ତିକ ଅଞ୍ଚଳ। ବିଗତ ୬୦ ବର୍ଷ ଭିତରେ କିଛି ରାସ୍ତା, ଗାଡି, ଘରବାଡି ବଢ଼ିଛି। ତେବେ ଆମର କିଛି ପରିବର୍ତ୍ତନ ହୋଇନାହିଁ। ଆମ ଗାଁର ପିଲା ମୋତେ ହୋମଗାର୍ଡ ହେବାକୁ ସୁପାରିଶ କରିବା ପାଇଁ କହୁଛନ୍ତି। କେନ୍ଦ୍ରାପଡ଼ାର ପ୍ରାକ୍ତନ ଜନନେତା, ଓଡ଼ିଶାର ପ୍ରାକ୍ତନ ମନ୍ତ୍ରୀ ଓ ଅଧିବକ୍ତା ସ୍ୱାଧୀନତା ପୂର୍ବରୁ ପାଟନାରୁ ଅର୍ଥନୀତିରେ ଏମଏ ଓ ପରେ ଆଇନ ପାଠ ସାରି ଆଡଭୋକେଟ ଜେନେରାଲ ଓ ମନ୍ତ୍ରୀ ଥାଇ ଏଠାରେ ମହାବିଦ୍ୟାଳୟ ସ୍ଥାପନାଠାରୁ ଗ୍ରାମୀଣ ବିଶ୍ୱବିଦ୍ୟାଳୟ ପର୍ଯ୍ୟନ୍ତ ଯେଉଁ ପରିକଳ୍ପନା କରିଥିଲେ ତାହା ଏବେ ଅଧୁରା ରହିଛି। ୭୦ ଦଶକରେ ଆମ ସ୍ଥିତି ଯାହା ଥିଲା, ସେଥିରେ ବିଶେଷ କିଛି ସୁଧାର ଆସିନାହିଁ ବୋଲି ଡ. ମହାନ୍ତି କହିଥିଲେ। ଏ ଅବସରରେ କଲେଜ ପକ୍ଷରୁ ମୁଖ୍ୟଅତିଥି ଡ. ମହାନ୍ତିଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। କ୍ୟାପଟେନ ସୀମା ମହାନ୍ତିଙ୍କ ସଂଯୋଜନାରେ ଅନୁଷ୍ଠିତ ଉତ୍ସବରେ ଅଧ୍ୟକ୍ଷ ପ୍ରଫେସର ଜେନା ସ୍ୱାଗତ ଭାଷଣ, ଆବାହକ ପ୍ରାଧ୍ୟାପକ ବିଶ୍ୱରଞ୍ଜନ ପୁହାଣ ଅତିଥି ପରିଚୟ ଓ ଅଧ୍ୟାପକ ରଞ୍ଜିତ ଦାସ ଧନ୍ୟବାଦ ଅର୍ପଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ପ୍ରାକ୍ତନ ଅଧ୍ୟକ୍ଷ ଡ. ରାମଚନ୍ଦ୍ର ବେହେରା, ପ୍ରାଧ୍ୟାପକ ନନ୍ଦକିଶୋର ପରିଡ଼ା, କୈଳାସ ବରାଳ, ଡ. ପ୍ରଦୀପ୍ତ ଦାଶ, ଡ. ଦେବେନ୍ଦ୍ର ଗୋଚ୍ଛାୟତ, ତପନ ପତି, ଡ. ଶ୍ରୀଧର ସାମଲ, ଡ. ପ୍ରଭାକର ମଲ୍ଲିକ, ବିଜୟ ଦାସ, ଆଇନଜୀବୀ ଧିରେନ ସାହୁ, ପ୍ରାଧ୍ୟାପିକା ଡ. ବାସନ୍ତୀ ଶୁକ୍ଳା, ଡ. ଦୀପ୍ତି ରାୟ, ଡ. ପୂର୍ବାଶା ପ୍ରିୟଦର୍ଶିନୀ, ପୂର୍ଣ୍ଣମାସୀ ପଣ୍ଡା ପ୍ରମୁଖଙ୍କ ସମେତ ଅଧ୍ୟାପକ, ଅଧ୍ୟାପିକା, ଛାତ୍ରଛାତ୍ରୀ ଓ କର୍ମଚାରୀ ଉପସ୍ଥିତ ଥିଲେ।

## ମା' ଲକ୍ଷ୍ମୀଙ୍କ ଆଶୀର୍ବାଦ ଭିକ୍ଷା କଲେ ପାଟକୁରା ବିଧାୟକ



**ଡେରାବିଶ, ୧୦।୧୦(ସମିସ):** ପାଟକୁରା ବିଧାୟକ ଅରବିନ୍ଦ ମହାପାତ୍ର ଆଜି ଡେରାବିଶ ବ୍ଲକ ଅନ୍ତର୍ଗତ ଗୁଆଲସିଂ, କାଉପଡ଼ା, ଚାଟରାଚକଡ଼ା, କୁରୁଜଙ୍ଗା, ରଘୁଦେଇପୁର, ଲକ୍ଷ୍ମୀନାରାୟଣପୁର, ଏଣ୍ଡର, ବାଲିଆ, ଗୋଲରାହାଟ ଆଦି ପଞ୍ଚାୟତକୁ ଯାଇ ବିଭିନ୍ନ ପୂଜା ମଣ୍ଡପରେ ମା' ଗଜଲକ୍ଷ୍ମୀଙ୍କୁ ଦର୍ଶନ କରି ଆଶୀର୍ବାଦ ଭିକ୍ଷା କରିଛନ୍ତି। ବିଧାୟକ ଶ୍ରୀ ମହାପାତ୍ରଙ୍କ ସହିତ ବରିଷ୍ଠ ବିଜେଡି ନେତା ସରୋଜ ନାୟକ, ମନୋରଞ୍ଜନ ଉପାଧ୍ୟାୟ, ନରସିଂହପୁର ସରପଞ୍ଚ ସୁଧିର ଖଟୁଆ, ଚାଟରାଚକଡ଼ା ସମିତିସଭ୍ୟ ନିରଞ୍ଜନ କର, ବାଲିଆ ସରପଞ୍ଚ ପ୍ରବୀର ସିଂ, ଦିଲ୍ଲୀପ ଦାସ ପ୍ରମୁଖ ଉପସ୍ଥିତ ଥିଲେ।

## ଜିଲ୍ଲାସ୍ତରୀୟ ଆନ୍ତର୍ଜାତିକ ବରିଷ୍ଠ ନାଗରିକ ଦିବସ ପାଳିତ

**କେନ୍ଦ୍ରାପଡ଼ା, ୧୦।୧୦(ସମିସ):** ଜିଲ୍ଲା ପ୍ରଶାସନ, ଜିଲ୍ଲା ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ ମିଳିତ ଆନୁକୂଲ୍ୟରେ ଜିଲ୍ଲାସ୍ତରୀୟ ଆନ୍ତର୍ଜାତିକ ବରିଷ୍ଠ ନାଗରିକ ଦିବସ ପାଳିତ ହୋଇଯାଇଛି। ମ୍ୟୁନିସିପାଲିଟି ଟାଉନ ହଲ୍‌ରେ ଆୟୋଜିତ ବୈଠକରେ ଜିଲ୍ଲାପାଳ ରଘୁରାମ ଆର ଆୟର ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ (ସାଧାରଣ) ନବକ୍ରିଷ୍ଣ ଜେନା, ଉପଜିଲ୍ଲାପାଳ ଅରୁଣ ନାୟକ, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର ମନୋରଞ୍ଜନ ରାଉତ, ପ୍ରାକ୍ତନ ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ପ୍ରଭାସ ଦାସ, ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ସୁଷମା ମହାନ୍ତି, ପୂର୍ବତନ ଅଧ୍ୟାପକ ଅଜୟ ସାମଲ ପ୍ରମୁଖ ଉପସ୍ଥିତ ରହି ବରିଷ୍ଠ ନାଗରିକଙ୍କ ସମସ୍ୟା, ସରକାରୀ ସୁବିଧା ସୁଯୋଗ, ଆଇନ ବ୍ୟବସ୍ଥା ଇତ୍ୟାଦି ବିଷୟରେ ବିସ୍ତୃତ ଭାବେ ଆଲୋକପାତ କରିଥିଲେ। ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ସଂଗ୍ରାମ ବେହୁରା ଜିଲ୍ଲା ପ୍ରଶାସନ ପକ୍ଷରୁ ଯୋଗାଇ ଦିଆଯାଉଥିବା ସୁବିଧା ଓ ବିଗତ ଦିନରେ ଦିଆଯାଉଥିବା ସୁବିଧା ସମ୍ପର୍କରେ ମତ ରଖିଥିଲେ। ଭିନ୍ନକ୍ଷମ ବିଦ୍ୟାଳୟ ଅଧ୍ୟକ୍ଷ ସୁଧାଂଶୁ ଦାସ ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ମଣ୍ଡଳ ସାମାଜିକ ସୁରକ୍ଷା ଅଧିକାରୀ ସୁଧାଂଶୁ ବେହୁରା ଧନ୍ୟବାଦ ଅର୍ପଣ କରିଥିଲେ। ଯୋଗଗୁରୁ ସଞ୍ଜୟ ମଥାନଙ୍କ ନେତୃତ୍ୱରେ ନାଚଗୀତ ପରିବେଷଣ ହୋଇଥିବାବେଳେ ସଙ୍ଗୀତ ଗୁରୁ କଳାକାର ପଣ୍ଡାଙ୍କ ନେତୃତ୍ୱରେ ସଚେତନତା ଧର୍ମୀ କାର୍ଯ୍ୟକ୍ରମ କରାଯାଇଥିଲା। ସ୍ୱାଧୀନତା ସଂଗ୍ରାମୀ ବିଦ୍ୟାଧର ମୁଦୁଲି ଓ ୧୦ ଜଣ ବରିଷ୍ଠ ନାଗରିକଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।



## ଚାନ୍ଦୋଳ ବଜାର ଗଜଲକ୍ଷ୍ମୀ ମଣ୍ଡପ ବୁଲିଲେ ମନ୍ତ୍ରୀ ସୂର୍ଯ୍ୟବଂଶୀ



**ଡେରାବିଶ, ୧୦।୧୦(ସମିସ):** ଚାନ୍ଦୋଳ ବଜାରର ବିଭିନ୍ନ ଗଜଲକ୍ଷ୍ମୀ ପୂଜା ମଣ୍ଡପକୁ ଆଜି ଉଚ୍ଚଶିକ୍ଷା, କ୍ରୀଡ଼ା ଓ ଯୁବ ବ୍ୟାପାର, ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଯାଇ ମା'ଙ୍କ ଦର୍ଶନ କରିଛନ୍ତି। ଆଜି ଅପରାହ୍ନରେ ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଚାନ୍ଦୋଳସ୍ଥ ଦଳୀୟ କାର୍ଯ୍ୟାଳୟରେ ପହଞ୍ଚିବା ପରେ ତାଙ୍କୁ ରାଜ୍ୟ ବିଜେପି ମୁଖପାତ୍ର ତେଜେଶ୍ୱର ପରିଡ଼ା ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ପ୍ରଦାନ ପୂର୍ବକ ସ୍ୱାଗତ କରିଥିଲେ। ପରେ ଶ୍ରୀ ପରିଡ଼ା ମନ୍ତ୍ରୀଙ୍କୁ ଚାନ୍ଦୋଳ ବଜାରରେ ହୋଇଥିବା ବିଭିନ୍ନ ଗଜଲକ୍ଷ୍ମୀ ପୂଜା ମଣ୍ଡପକୁ ନେଇଥିଲେ। ମନ୍ତ୍ରୀଙ୍କ ସହିତ ମହାକାଳପଡ଼ା ବିଧାୟକ ଦୁର୍ଗାପ୍ରସନ୍ନ ନାୟକ, ବିଜେପି ଜିଲ୍ଲା ସଭାପତି ଶଶାଙ୍କ ସେଠୀ, କିଶୋର ପଣ୍ଡା, ଗୀତାଞ୍ଜଳି ସେଠୀ, କୃଷ୍ଣଚନ୍ଦ୍ର ପଣ୍ଡା, ସୁନାକାର ବେହେରା, ସ୍ମାରକ ମହାନ୍ତି, ବିଜୟ ଜେନା, ଭଞ୍ଜନ ମହାନ୍ତି, ଦୀପ୍ତିକାନ୍ତ ସାହୁ, କଳ୍ପତରୁ ଶତପଥୀ ପ୍ରମୁଖ ସାମିଲ ଥିଲେ।

## ବିଶ୍ୱ ମାନସିକ ସ୍ୱାସ୍ଥ୍ୟ ଦିବସ ପାଳିତ




**ପଟ୍ଟାମୁଣ୍ଡାଇ, ୧୦।୧୦(ସମିସ):** ପଟ୍ଟାମୁଣ୍ଡାଇ ତାଲୁକ ଆଇନ ସେବା ସମିତି ପକ୍ଷରୁ ପଟ୍ଟାମୁଣ୍ଡାଇ ସବଡିଭିଜନ ହସ୍ପିଟାଲରେ ବିଶ୍ୱ ମାନସିକ ସ୍ୱାସ୍ଥ୍ୟ ଦିବସ ପାଳିତ ହୋଇଯାଇଛି। ପଟ୍ଟାମୁଣ୍ଡାଇ କୋର୍ଟର ଅତିରିକ୍ତ ଜିଲ୍ଲା ଜଜ୍ ବିଦ୍ୟାଧର ପୃଷ୍ଟି ପୌରୋହିତ୍ୟ କରି ସମଗ୍ର ବିଶ୍ୱରେ ମାନସିକ ରୋଗୀଙ୍କ ସଂଖ୍ୟା ବୃଦ୍ଧି ଏକ ଆହ୍ୱାନ ଭାବେ ଦେଖା ଦେଇଥିବାରୁ ଏହାର ନିୟନ୍ତ୍ରଣ ଓ ନିରାକରଣ ଦିଗରେ ସବୁ ମହଲରେ ଉଦ୍ୟମ କରାଯିବା ସହିତ ବ୍ୟାପକ ସଚେତନତା ସୃଷ୍ଟି କରିବାକୁ ପରାମର୍ଶ ଦେଇଥିଲେ। ସିଭିଲ ଜଜ ବିଦ୍ୟୁତଲତା ପ୍ରଧାନ, ଜେଏମଏଫସି ଡିକେ ବାଲକ୍ରିଷ୍ଣନ ବିଶ୍ୱରେ ମାନସିକ ରୋଗୀ ବୃଦ୍ଧି ସମାଜ ପାଇଁ ଚିନ୍ତାଜନକ ହୋଇଥିବାରୁ ବ୍ୟାପକ ସଚେତନତା ସୃଷ୍ଟି ଉପରେ ଗୁରୁତ୍ୱାରୋପ କରିଥିଲେ। ପଟ୍ଟାମୁଣ୍ଡାଇ ଓକିଲ ସଂଘ ଉପସଭାପତି ସୁରେଶ ନରେନ୍ଦ୍ର ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରିଥିଲେ। ପଟ୍ଟାମୁଣ୍ଡାଇ ସବଡିଭିଜନ ହସ୍ପିଟାଲ ଡା. ତାପସ ସାହୁ, ଓକିଲ ସଂଘ ସମ୍ପାଦକ ରବୀନ୍ଦ୍ର ଦାଶ, ସହସମ୍ପାଦକ ମନୋଜ ନାୟକ, ଲିଗାଲ ଏଡ୍ ପ୍ୟାନେଲ ଆଡ଼ଭୋକେଟ ଗୀତାଞ୍ଜଳି ପୃଷ୍ଟି, ଆଡ଼ଭୋକେଟ ବିଜୟ ରାଉତ, ହୃଦାନନ୍ଦ ମହାନ୍ତି, ଲିଗାଲ ଏଡ କର୍ମକର୍ତ୍ତା ଅପର୍ଣ୍ଣା ସାମଲ, ମୋହନ ଦାସଙ୍କ ସମେତ ସ୍ୱାସ୍ଥ୍ୟ କର୍ମଚାରୀ ଓ ଆଶା କର୍ମୀ ଯୋଗ ଦେଇଥିଲେ। ଆଡଭୋକେଟ ଧୀରେନ୍ଦ୍ର ସାହୁ ଧନ୍ୟବାଦ ଦେଇଥିଲେ।

## ପ୍ରତି ମଣ୍ଡପକୁ ମିଳିବ ୫୦ ହଜାର ଟଙ୍କା: ସଂସ୍କୃତି ମନ୍ତ୍ରୀ



**କେନ୍ଦ୍ରାପଡ଼ା, ୧୦।୧୦(ସମିସ):** କେନ୍ଦ୍ରାପଡ଼ାର ପ୍ରସିଦ୍ଧ ଗଜଲକ୍ଷ୍ମୀ ପୂଜା ଭାଇଚାରାର ଅନନ୍ୟ ନିଦର୍ଶନ। ଏଠାରେ ସବୁ ସମ୍ପ୍ରଦାୟର ଲୋକେ ପୂଜାରେ ନିଜକୁ ସାମିଲ କରିଥା'ନ୍ତି। କେନ୍ଦ୍ରାପଡ଼ା ଗଜଲକ୍ଷ୍ମୀ ପୂଜାକୁ ଅଧିକ ସରସ ସୁନ୍ଦର କରିବା ପାଇଁ ପ୍ରତି ମଣ୍ଡପକୁ ୫୦ ହଜାର ଟଙ୍କା ସରକାରୀ ଅନୁଦାନ ପ୍ରଦାନ କରାଯିବ ବୋଲି ସଂସ୍କୃତି ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ନୂଆ ବସଷ୍ଟାଣ୍ଡରେ ଥାନପତି ପୂଜା କମିଟି ପକ୍ଷରୁ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଯୋଗଦେଇ ପ୍ରକାଶ କରିଛନ୍ତି। ଏହି କାର୍ଯ୍ୟକ୍ରମରେ ମହାକାଳପଡ଼ା ବିଧାୟକ ଡ. ଦୁର୍ଗାପ୍ରସନ୍ନ ନାୟକ ଯୋଗଦେଇ କହିଲେ ରାଜ୍ୟ ସରକାର କେନ୍ଦ୍ରାପଡ଼ା ଜିଲ୍ଲା ପ୍ରତି ବେଶ ସମ୍ବେଦନଶୀଳ ଅଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ବିଜେପି ଜିଲ୍ଲା ସଭାପତି ଶଶାଙ୍କଶେଖର ସେଠୀ, ପୂର୍ବତନ ଜିଲ୍ଲା ସଭାପତି କିଶୋର ପଣ୍ଡା, ରାଜନଗର ବିଜେପି ନେତା ଲଳିତ ବେହେରା, ଗୀତାଞ୍ଜଳି ସେଠୀ, ପ୍ରତାପ ଦାସ, ଉମାକାନ୍ତ ପଟ୍ଟନାୟକ, ଆଳି ବିଜେପି ନେତା କୃଷ୍ଣଚନ୍ଦ୍ର ପଣ୍ଡା, ଭୁବନମୋହନ ଜେନା, ନେହେରୁ ସାହୁ ପ୍ରମୁଖ ଉପସ୍ଥିତ ଥିଲେ। ଥାନପତି କମିଟି ସଦସ୍ୟ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ୨ ଚତୁର୍ଥ ଶ୍ରେଣୀ କର୍ମଚାରୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା

**ପଞ୍ଚୁପାଣ୍ଡବ, ୧୦।୧୦(ସମିସ):** ଡେରାବିଶ ବ୍ଲକ ବେଣୀପୁର ପଞ୍ଚାୟତ ଅନ୍ତର୍ଗତ ବଜାର ଗ୍ରାମସ୍ଥ ଦାମୋଦରଜୀଉ ବିଦ୍ୟାପୀଠରେ ଦୁଇଜଣ ଚତୁର୍ଥ ଶ୍ରେଣୀ କର୍ମଚାରୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା ଦିଆଯାଇଛି। ଶରତ ଭୋଇ ଜୁଲାଇ ୩୧ ଓ ଦୈତାରୀ ସାମଲ ସେପ୍ଟେମ୍ବର ୩୦ ତାରିଖରେ ଅବସର ନେଇଥିଲେ। ପ୍ରଧାନଶିକ୍ଷକ ବିଭୂତି ମିଶ୍ରଙ୍କ ସଭାପତିତ୍ୱରେ ଆୟୋଜିତ ଅବସରକାଳୀନ ସମ୍ବର୍ଦ୍ଧନାରେ ମୁଖ୍ୟଅତିଥି ଭାବେ ପରିଚାଳନା କମିଟି ସଭାପତି ରବୀନ୍ଦ୍ର ସାମଲ, ମୁଖ୍ୟବକ୍ତା ସମର ସାମଲ, ସମ୍ମାନିତ ଅତିଥି ଭାବେ ଅତିଥି ଶିକ୍ଷକ କୈଳାସ ବାସୁଲି, ପୂର୍ବତନ କର୍ମଚାରୀ ବୀରବର ସାହୁ, କୈଳାସ ସାହୁ ଯୋଗ ଦେଇଥିଲେ। ବଜାର ନୋଡାଲ ପ୍ରାଥମିକ ବିଦ୍ୟାଳୟ ପ୍ରଧାନଶିକ୍ଷୟିତ୍ରୀ ଲିଲିମା ସାମଲ, ଶିକ୍ଷକ ଅକ୍ଷୟ ନାୟକ, ପ୍ରଶାନ୍ତ ଜେନା, ପ୍ରଶାନ୍ତ ନାୟକ, ବିଭୂତି ଘଡାଇ, ଗୟାଧର ମହାପାତ୍ର ପ୍ରମୁଖ ପରିଚାଳନା କରିଥିବାବେଳେ ଖେଳ ଶିକ୍ଷକ ନିରଞ୍ଜନ ପରିଡ଼ା ଧନ୍ୟବାଦ ଅର୍ପଣ କରିଥିଲେ।




## ବିରଜା ଦାସଙ୍କୁ ଜୁଆଣିଆ ଓ ପେତପଡ଼ା ସମିତି ଦାୟିତ୍ୱ

**ଆଳି, ୧୦।୧୦(ସମିସ):** ଗୋବିନ୍ଦପୁର ପ୍ରାଥମିକ ସମବାୟ ସମିତି ସମ୍ପାଦକ ବିରଜା ପ୍ରସାଦ ଦାସଙ୍କ ଆଳି ବ୍ଲକସ୍ଥ ଆଳି କଟକ ସେଣ୍ଟ୍ରାଲ କୋଅପରେଟିଭ ବ୍ୟାଙ୍କ ପକ୍ଷରୁ ନୂତନ ଭାବେ ଗଢିଉଠିଥିବା ଜୁଆଣିଆ ଓ ପେତପଡ଼ା ସମବାୟ ସମିତି ଦାୟିତ୍ୱ ଦିଆଯାଇଛି।



ଜୁଆଣିଆ ଓ ପେତପଡ଼ା ସମବାୟ ସମିତିର ପୂର୍ବ ସମ୍ପାଦକଙ୍କ ନାମରେ ଦୁର୍ନୀତି ଅଭିଯୋଗ ହୋଇଥିଲା। ବାରମ୍ବାର ଚାଷୀ ଅଭିଯୋଗ ଆଣିବା ପରେ ଓଡ଼ିଶା ଷ୍ଟେଟ କୋଅପରେଟିଭ ବ୍ୟାଙ୍କର ଚିଫ ଜେନେରାଲ ମ୍ୟାନେଜରଙ୍କ ନିର୍ଦ୍ଦେଶ କ୍ରମେ ଉକ୍ତ ଦୁଇ ସମବାୟରେ ସ୍ୱତନ୍ତ୍ର ଅଡିଟ ହେବା ସହ ଦୁର୍ନୀତି ପ୍ରମାଣ ମିଳିବା ପରେ ଦୁଇ ସମ୍ପାଦକଙ୍କୁ ନିଲମ୍ବିତ କରାଯାଇଥିଲା। ଦୀର୍ଘଦିନ ଧରି ଏହି ସମବାୟ ସମିତିରେ କାହାକୁ ଦାୟିତ୍ୱ ନ ଦିଆଯିବା ଫଳରେ ଚାଷୀ ସରକାରୀ ଯୋଜନାରୁ ବଞ୍ଚିତ ହେଉଥିଲେ। ବାଧ୍ୟ ହୋଇ ଉଚ୍ଚ ନ୍ୟାୟାଳୟର ଦ୍ୱାରସ୍ଥ ହୋଇଥିଲେ। ଉଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶକ୍ରମେ ଅନ୍ୟ ସମ୍ପାଦକଙ୍କୁ ଦାୟିତ୍ୱ ଦିଆଯାଇଥିଲେ ମଧ୍ୟ ସମ୍ପାଦକ ନିଯୁକ୍ତି ହୋଇପାରି ନ ଥିଲା। ପୁଣି ଚାଷୀ ଏଆରସିଏସ, ଡିଆରସିଏସଙ୍କ ସହ ଜିଲ୍ଲାପାଳଙ୍କୁ ଭେଟି ଜଣାଇଥିଲେ। ଜିଲ୍ଲାପାଳଙ୍କ ହସ୍ତକ୍ଷେପ ପରେ ସମାଧାନ ବାଟ ଫିଟିଥିଲା। ଆଜି କେନ୍ଦ୍ରାପଡ଼ା ସମବାୟ ସହନିବନ୍ଧକ ପକ୍ଷରୁ ପେତପଡ଼ା ଓ ଜୁଆଣିଆ ସମବାୟ ସମିତି ସମ୍ପାଦକ ଭାବେ ଗୋବିନ୍ଦପୁର ସମବାୟ ସମିତି ସମ୍ପାଦକ ବିରଜା ପ୍ରସାଦ ଦାସଙ୍କୁ ଦାୟିତ୍ୱ ଦିଆଯାଇଛି।

## ଆଳି କଲେଜରେ ବିଶ୍ୱ ମାନସିକ ସ୍ୱାସ୍ଥ୍ୟ ଦିବସ ପାଳିତ

**ଆଳି, ୧୦।୧୦(ସମିସ):** ବିଶ୍ୱରେ ବଢ଼ିଚାଲିଥିବା ମାନସିକ ଅସୁସ୍ଥତା ରୋକିବା ଲକ୍ଷ୍ୟ ନେଇ ଆଜି ସାରା ବିଶ୍ୱରେ ପାଳିତ ହୋଇଛି ବିଶ୍ୱ ମାନସିକ ସ୍ୱାସ୍ଥ୍ୟ ଦିବସ। ଆଳି କଲେଜ ପରିସରରେ ଏହା ପାଳନ କରାଯାଇଛି। ଆଳି ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ ଦେବାନ ସତ୍ୟଦର୍ଶୀ ନନ୍ଦ ମୁଖ୍ୟଅତିଥି ଭାବେ ଯୋଗଦେଇ କଲେଜ ଛାତ୍ରଛାତ୍ରୀ ଓ ସମାଜର ବିଭିନ୍ନ ବର୍ଗର ବ୍ୟକ୍ତିବିଶେଷଙ୍କ ମାନସିକ ସୁସ୍ଥତା ବଜାୟ ରଖିବା ପାଇଁ ଉଦ୍ଦିଷ୍ଟ ସରକାରୀ ଦାୟିତ୍ୱ ଓ ଆଇନର ସୂଚନା ଦେଇଥିଲେ। ଆଇନଜୀବୀ ପ୍ରମୋଦ ସ୍ୱାଇଁଙ୍କ ସଂଯୋଜନାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଆଡଭୋକେଟ ଶରତ ମହାନ୍ତି, ଅକ୍ଷୟ ମଲ୍ଲିକ, ଆଳି ମହାବିଦ୍ୟାଳୟ ଅଧ୍ୟକ୍ଷ ରବିନାରାୟଣ ଦାଶ, ଆଇନଜୀବୀ ମୃତ୍ୟୁଞ୍ଜୟ ସାମଲ, ନୃସିଂହ ଦୀକ୍ଷିତ ପ୍ରମୁଖ ଯୋଗ ଦେଇଥିଲେ।

୧୮ ମାସ ହେଲା ମିଳିନି ଦରମା

## ବିଡିଓଙ୍କ କାର୍ଯ୍ୟାଳୟରେ ରାତ୍ର ଜଗୁଆଳି ଓ ସୁଇପରଙ୍କ ଧାରଣା

**ରାଜନଗର, ୧୦।୧୦(ସମିସ)**



ରାଜନଗର ବ୍ଲକର ୧୭ଟି ରୂପାନ୍ତରିତ ବିଦ୍ୟାଳୟରେ କାର୍ଯ୍ୟରତ ସୁଇପର ଓ ରାତ୍ର ଜଗୁଆଳ ଦୀର୍ଘ ୧୮ ମାସ ହେଲା ଦରମା ପାଉନାହାନ୍ତି। ଦରମା ମିଳୁ ନ ଥିବାରୁ ପରିବାର ଉପବାସରେ ରହୁଛନ୍ତି। ଏ ନେଇ ବିଡିଓଙ୍କୁ ଭେଟି ଅଭିଯୋଗ କରିଥିଲେ। କୌଣସି ପଦକ୍ଷେପ ନ ନେବାରୁ ରାତ୍ର ଜଗୁଆଳି ଓ ସୁଇପର ଆଜି ବିଡିଓଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣାରେ ବସିଥିଲେ।

ସୂଚନା ମୁତାବକ, ୱାଚ ଆଣ୍ଡ ୱାର୍ଡ ବ୍ୟବସ୍ଥାରେ ୫ଟି ରୂପାନ୍ତରିତ ବିଦ୍ୟାଳୟରେ ୩ ବର୍ଷ ପୂର୍ବେ ନିଯୁକ୍ତି ଦିଆଯାଇଥିଲା। ପ୍ରତି ବିଦ୍ୟାଳୟରେ ଘର ସଫେଇ ପାଇଁ ଜଣେ ଓ ରାତ୍ର ଜଗୁଆଳି ପାଇଁ ଜଣଙ୍କୁ ନିଯୁକ୍ତି ଦିଆଯାଇଥିଲା। ସିଧାସଳଖ ଏହି ନିଯୁକ୍ତି ଦିଆ ନ ଯାଇ ସ୍ୱୟଂସହାୟକ ଗୋଷ୍ଠୀ ମାଧ୍ୟମରେ ନିଯୁକ୍ତି ଦିଆଯାଇଥିଲା। ବ୍ଲକରେ ପ୍ରାୟ ୩୪ ଜଣଙ୍କୁ ନିଯୁକ୍ତି ମିଳିଥିଲା। ଦେଢ ବର୍ଷ ହେଲା ଏହି ସୁଇପର ଓ ରାତ୍ର ଜଗୁଆଳିଙ୍କୁ ଦରମା ମିଳୁନାହିଁ। ଆଜି ୫ଟି ରୂପାନ୍ତରିତ ବିଦ୍ୟାଳୟରେ କାର୍ଯ୍ୟରତ ସୁଇପର ଓ ରାତ୍ର ଜଗୁଆଳି ରାଜନଗର ବ୍ଲକ କାର୍ଯ୍ୟାଳୟରେ ଧାରଣାରେ ବସିବା ସହିତ ଆମ ପରିବାର କିପରି ଚଳିବ ବୋଲି ପ୍ରଶ୍ନ କରିଥିଲେ। ୧୫ ଦିନ ମଧ୍ୟରେ ଦରମା ପ୍ରଦାନ ପାଇଁ ପଦକ୍ଷେପ ନିଆଯିବ ବୋଲି ବିଡିଓଙ୍କ ପତିଶ୍ରୁତି ପରେ ଧାରଣାରୁ ଉଠିଥିଲେ। ରାଜେଶ ମଲ୍ଲିକ, ପ୍ରେମଲତା ବିଶ୍ୱାଳଙ୍କ ନେତୃତ୍ୱରେ ଧାରଣା ଦିଆଯାଇଥିଲା।

## ମହାକାଳପଡ଼ା ତହସିଲଦାର ଗିରଫ

**ଭୁବନେଶ୍ୱର, ୧୦।୧୦(ସମିସ):** ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ କେନ୍ଦ୍ରାପଡ଼ା ଜିଲ୍ଲା ମହାକାଳପଡ଼ା ତହସିଲଦାର ଶିବପ୍ରସାଦ ମଲ୍ଲିକଙ୍କୁ ଗିରଫ କରାଯାଇଛି। ତାଙ୍କ ପାଖରୁ ଠାବ ସଂପତ୍ତି ତାଙ୍କ ଆୟଠାରୁ ୧୯୦ ପ୍ରତିଶତ ଅଧିକ ବୋଲି ଭିଜିଲାନ୍ସ ପକ୍ଷରୁ କୁହାଯାଇଛି।

ଆୟଠାରୁ ୧୯୦ ପ୍ରତିଶତ ଅଧିକ ସଂପତ୍ତି

ତାଙ୍କ ନାମରେ ୪ଟି ବହୁତଳ କୋଠା ଥିବା ବେଳେ ୭ଟି ବହୁ ମୂଲ୍ୟବାନ ପ୍ଲଟ୍, ଆକାଉଣ୍ଟରେ ୧୮ ଲକ୍ଷ ଟଙ୍କା ରହିଛି। ସେହିପରି ଚଢ଼ଉ ବେଳେ ଭିଜିଲାନ୍ସ ତାଙ୍କ ଘରୁ ନଗଦ ୧.୫୫ ଲକ୍ଷ ଜବତ କରିଥିଲା। ଏସବୁ ସଂପତ୍ତିର ଉତ୍ସ ସଂପର୍କରେ ସେ ହିସାବ ଦେଇନପାରିବାରୁ ତାଙ୍କୁ ଗିରଫ କରାଯାଇଛି। ଗତ ୨୩ ତାରିଖରେ ୨୦ ହଜାର ଟଙ୍କା ଲାଞ୍ଚ ନେବା ବେଳେ ଭିଜିଲାନ୍ସ ହାତରେ ଧରାପଡ଼ିଥିଲେ ଶିବପ୍ରସାଦ।

● ବିଶ୍ୱ ମାନସିକ ସ୍ୱାସ୍ଥ୍ୟ ଦିବସ

## ଜିଲ୍ଲାସ୍ତରୀୟ ଭିନ୍ନକ୍ଷମ ପ୍ରତିଭା ସମ୍ମାନ ଉତ୍ସବ



ଅନୁଗୋଳ,୧୦ ।୧୦(ସମିସ): ବିଶ୍ୱ ମାନସିକ ସ୍ୱାସ୍ଥ୍ୟ ଦିବସ ଉପଲକ୍ଷେ ସ୍ଥାନୀୟ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟରେ ଜିଲ୍ଲାସ୍ତରୀୟ ଭିନ୍ନକ୍ଷମ ପ୍ରତିଭା ସମ୍ମାନ ଉତ୍ସବ ଅନୁଷ୍ଠିତ ହୋଇଛି । ଜିଲ୍ଲା ଶିକ୍ଷା ଅଧିକାରୀ ନିରଞ୍ଜନ ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡା. ମଦନ ମୋହନ ପ୍ରଧାନ, ମୁଖ୍ୟବକ୍ତା ଭାବେ ଜିଲ୍ଲା ଚିକିତ୍ସାଳୟର ଜନସ୍ୱାସ୍ଥ୍ୟ ଅଧିକାରୀ ଡା. ଧନଞ୍ଜୟ ବେହେରା, ସମ୍ମାନିତ ଅତିଥି ଭାବେ ଅନୁଗୋଳ ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ନାରାୟଣ ମହାପାତ୍ର, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରିଣୀ ପ୍ରତିଭା ବାରିକ, ମଧୁସ୍ମିତା ନନ୍ଦ, ଲୋପମୁଦ୍ରା ପଟ୍ଟନାୟକ, ବଣ୍ଟାରପାଳ ବିଇଓ ମାନସ ରଞ୍ଜନ ପୃଷ୍ଟି, କଣିହାଁ ବିଇଓ ତଥା ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷକ ପ୍ରିୟରଞ୍ଜନ ପ୍ରଧାନ, ଜିଲ୍ଲା ଅନ୍ତର୍ନିବେଶୀ ଶିକ୍ଷା ସଂଯୋଜକ ବିଜୟ କୁମାର ସାହୁ ପ୍ରମୁଖ ଯୋଗଦେଇଥିଲେ । ଜିଲ୍ଲା ସମଗ୍ର ଶିକ୍ଷା କାର୍ଯ୍ୟାଳୟ ତରଫରୁ ଅତିଥିମାନଙ୍କୁ ପୁଷ୍ପଗୁଚ୍ଛ ଓ ବ୍ୟାଜ୍ ପ୍ରଦାନ ପୂର୍ବକ ସମ୍ମାନିତ କାରାଯାଇଥିଲା । କାର୍ଯ୍ୟକ୍ରମରେ ୩୦ଟି ବିଭାଗରେ କନିଷ୍ଠ, ଉପକନିଷ୍ଠ ଓ ବରିଷ୍ଠ ବର୍ଗର ମୋଟ ୧୬୦ ଭିନ୍ନକ୍ଷମ ଛାତ୍ରଛାତ୍ରୀ, ୧୬୦ ଅଭିଭାବକ, ୨୫ ଜଣ ଗାଇଡ ଶିକ୍ଷକ, ୧୩ ଗୋଷ୍ଠୀ ଶିକ୍ଷା ସାଧନକର୍ମୀ, ସହ ଗୋଷ୍ଠୀ ଶିକ୍ଷା ଅଧିକାରୀ, ୪୪ ଜଣ ଭିନ୍ନକ୍ଷମ ଅନ୍ତର୍ନିବେଶୀ ଶିକ୍ଷା ସ୍ୱେଚ୍ଛାସେବୀ ତଥା ଜିଲ୍ଲା ଶିକ୍ଷା ଓ ସମଗ୍ରଶିକ୍ଷା କାର୍ଯ୍ୟାଳୟର ସମସ୍ତ କର୍ମକର୍ତ୍ତା ଯୋଗଦେଇଥିଲେ । ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟର ଛାତ୍ରୀମାନଙ୍କ ଦ୍ୱାରା ସ୍ୱାଗତ ସଙ୍ଗୀତ ପରିବେଷଣ କାରାଯାଇଥିଲା । ପ୍ରତ୍ୟେକ ଭିନ୍ନକ୍ଷମ ଛାତ୍ରଛାତ୍ରୀ ଆମ ସମାଜର ଅବିଚ୍ଛେଦ୍ୟ ଅଙ୍ଗ । ସେମାନଙ୍କ ବିକାଶ ସମାଜର ବିକାଶକୁ ବୁଝାଇଥାଏ । ସେମାନଙ୍କ ଶିକ୍ଷା, ସ୍ୱାସ୍ଥ୍ୟ, ମନୋରଞ୍ଜନ ତଥା ସମାଜିକୀକରଣ କ୍ଷେତ୍ରରେ ସମସ୍ତେ ସହଯୋଗ କରିବା କରିବା ଆବଶ୍ୟକ ବୋଲି ଜିଲ୍ଲା ଶିକ୍ଷା ଅଧିକାରୀ କହିଥିଲେ । ମୁଖ୍ୟଅତିଥି ଡା. ମଦନ ମୋହନ ପ୍ରଧାନ ତାଙ୍କ ଅଭିଭାଷଣରେ କହିଥିଲେ ଯେ, ଶାରୀରିକ ସ୍ୱାସ୍ଥ୍ୟ ଭଳି ମାନସିକ ସ୍ୱାସ୍ଥ୍ୟ ସମସ୍ତଙ୍କ ପାଇଁ ଅତ୍ୟନ୍ତ ଆବଶ୍ୟକ । ସୁଖୀ ମନ ହେଉଛି ସୁଖମୟ ଜୀବନର ଆଧାର । ତେଣୁ ଆଜିର ଦିନରେ ଭିନ୍ନକ୍ଷମ ଛାତ୍ରଛାତ୍ରୀମାନଙ୍କ ପ୍ରତିଭାକୁ ସମ୍ମାନ ଜଣାଇବା ପାଇଁ ଜିଲ୍ଲା ଶିକ୍ଷା କାର୍ଯ୍ୟାଳୟ ତରଫରୁ ଆୟୋଜନ କରାଯାଇଥିବା ଜିଲ୍ଲାସ୍ତରୀୟ ଭିନ୍ନକ୍ଷମ ପ୍ରତିଭା ସମ୍ମାନ ଉତ୍ସବ ଅତ୍ୟନ୍ତ ସ୍ୱାଗତଯୋଗ୍ୟ ପଦକ୍ଷେପ । ଏଭଳି ପଦକ୍ଷେପ ଆଗକୁ ଜାରି ରହୁ ବୋଲି ସେ କହିଥିଲେ । ପରେ କୃତୀ ପ୍ରତିଯୋଗୀଙ୍କୁ ଟ୍ରଫି ସହ ପ୍ରମାଣପତ୍ର ପ୍ରଦାନ କରାଯାଇଥିଲା । ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ମଧୁସ୍ମିତା ନନ୍ଦ ଧନ୍ୟବାଦ ଅର୍ପଣ କରିଥିଲେ । ଜିଲ୍ଲା ଶିକ୍ଷା ବିଜ୍ଞାନ ସଂଯୋଜକ ମନୋରଞ୍ଜନ ସାହୁ ମଞ୍ଚ ପରିଚାଳନାରେ ସହଯୋଗ କରିଥିଲେ ।

## ନିଖୋଜ ଦୁଇ ନାବାଳିକା ଉଦ୍ଧାର

କଣିହାଁ,୧୦ ।୧୦(ସମିସ): କଣିହାଁ ବ୍ଲକ ରେଙ୍ଗାଲି ଡ୍ୟାମ ସାଇଟ ଥାନା ଅଞ୍ଚଳରେ ରହୁଥିବା ଦୁଇ ନାବାଳିକା ନିଖୋଜ ନେଇ ସୋମବାର ରେଙ୍ଗାଲି ଥାନାରେ ଦୁଇଟି ମାମଲା ରୁଜୁ ହୋଇଥିଲା । ନାବାଳିକା ଦ୍ୱୟଙ୍କୁ ଠାବ କରିବା ପାଇଁ ଅନୁଗୋଳ ଏସ୍‌ପି ରାହୁଲ ଜୈନଙ୍କ ନିର୍ଦ୍ଦେଶ କ୍ରମେ ପାଲଲହଡ଼ା ଏସଡିପିଓ କୈଳାସ ସେଠୀ ଓ ରେଙ୍ଗାଲି ଥାନା ଆଇଆଇସି ଜୟନ୍ତ କୁମାର ମହାନ୍ତିଙ୍କ ତତ୍ତ୍ୱାବଧାନରେ ଏକ ଟିମ ଗଠନ ହୋଇଥିଲା । ଦୁଇ ନାବାଳିକା ଆନ୍ଧ୍ରପ୍ରଦେଶ କୋଠ ପୋଲଭରମ ଅଞ୍ଚଳରେ ଚିଙ୍ଗୁଡ଼ି ଫାକ୍ଟ୍ରିରେ କାମ କରିବାକୁ ଯାଇଥିବା ଖବର ମିଳିବା ପରେ ଏକ ଟିମ ସେଠାକୁ ଯାଇଥିଲା । ତେବେ ଦୁଇ ନାବାଳିକା ସେଠାରୁ ବସ୍ ଯୋଗେ ପଳାଇ ଆସିଥିବା ପୁଲିସ ଜାଣିବାକୁ ପାଇଥିଲା । ଏହି ସୂଚନା ମିଳିବା ପରେ ପୁଲିସର ଆଉ ଏକ ଟିମ୍ ତାଳଚେର ବସଷ୍ଟାଣ୍ଡରୁ ଦୁଇ ନାବାଳିକାଙ୍କୁ ଉଦ୍ଧାର କରିଛି । ଉଭୟଙ୍କୁ ରେଙ୍ଗାଲି ଥାନାକୁ ଅଣାଯାଇ ପରିବାରକୁ ହସ୍ତାନ୍ତର କରାଯାଇଛି ।

# ପୂଜା ମଣ୍ଡପରେ ପାଳନ ହେଉନି ପ୍ରଶାସନର ମାର୍ଗଦର୍ଶିକା

## ଶ୍ରଦ୍ଧାଳୁଙ୍କ ସୁରକ୍ଷା ପ୍ରତି ଅବହେଳା / ନାହିଁ ଅଗ୍ନିନିର୍ବାପକ ଯନ୍ତ୍ର, ସିସିଟିଭି କ୍ୟାମେରା, ବିଦ୍ୟୁତ ସୁରକ୍ଷା







ଅନୁଗୋଳ,୧୦ ।୧୦(ସମିସ): ବଣ୍ଟାରପାଳ ଓ ନାଲକୋନଗର ଥାନା ଅଞ୍ଚଳରେ ଚଳିତବର୍ଷ ୫୦ରୁ ଉର୍ଦ୍ଧ୍ୱ ମଣ୍ଡପରେ ଗଜଲକ୍ଷ୍ମୀ ପୂଜା ଅନୁଷ୍ଠିତ ହେଉଛି । ବଣ୍ଟାରପାଳ ବ୍ଲକ ସଦର ମହକୁମା ବଜାର ଅଞ୍ଚଳରେ ୧୫ଟି ଏବଂ କୁଲାଡ଼ ଗାଁରେ ୧୦ଟି ପୂଜା ମଣ୍ଡପ ସମେତ ନାଲକୋ ନଗର ଟାଉନସିପ ଅଞ୍ଚଳରେ ୪ଟି ମଣ୍ଡପରେ ବଡ଼ ଧରଣର ପୂଜା ଆୟୋଜନ ହୋଇଛି । ସଜସଜ୍ଜାରେ କେହି କାହାଠୁ କମ୍ ନୁହନ୍ତି । ପ୍ରତିଦ୍ୱନ୍ଦ୍ୱିତା ମୂଳକ ଭାବେ ଆକର୍ଷଣୀୟ ମଣ୍ଡପ ସାଜସଜ୍ଜାକୁ ପୂଜା କମିଟି ଅଧିକ ଗୁରୁତ୍ୱ ଦେଇ ସୁଉଚ୍ଚ ତୋରଣ, ଲାଇଟ ଗେଟ, ରଙ୍ଗୀନ ଆଲୋକମାଳାରେ ସଜ୍ଜିତ କରାଯାଇଛି । ପୂଜା ଆୟୋଜନ ପାଇଁ ବିଭିନ୍ନ ପୂଜା କମିଟି ପକ୍ଷରୁ ମାସାଧିକ ସମୟ ପୂର୍ବରୁ ପ୍ରସ୍ତୁତି ଚାଲିଥିଲା । ପୂଜାକୁ ଶାନ୍ତିଶୃଙ୍ଖଳାରେ ପାଳନ ପାଇଁ ପୂଜା ଆରମ୍ଭର କିଛିଦିନ ପୂର୍ବରୁ ସ୍ଥାନୀୟ ପ୍ରଶାସନ, ପୁଲିସ ଓ ପୂଜା କମିଟିଗୁଡ଼ିକୁ ନେଇ ସମନ୍ୱୟ ବୈଠକ ଅନୁଷ୍ଠିତ ହୋଇଥିଲା । ସମସ୍ତଙ୍କ ସହମତିରେ ପୂଜାକୁ ଶୃଙ୍ଖଳିତ ଭାବେ ପାଳନ କରିବାକୁ ମାର୍ଗଦର୍ଶିକା ନିର୍ଦ୍ଧାରଣ ହୋଇଥିଲା । ବିଦ୍ୟୁତ ବିଭାଗ, ଅଗ୍ନିଶମ ବିଭଗ ଅଧିକାରୀ ମଧ୍ୟ ଉପସ୍ଥିତ ଥିଲେ । ପୂଜାମଣ୍ଡପରେ ଅନୁମୋଦିତ ସୁରକ୍ଷିତ ବ୍ୟବସ୍ଥା ମଧ୍ୟରେ ଅସ୍ଥାୟୀ ବିଦ୍ୟୁତ ସଂଯୋଗ ଏବଂ ବିଦ୍ୟୁତ ଦେୟ ପୈଠ ବାବଦରେ ଆଲୋଚନା ହୋଇଥିଲା । ଆକସ୍ମିକ ସର୍ଟସର୍କିଟ କିମ୍ବା ଅନ୍ୟ କୌଣସି କାରଣ ଯୋଗୁଁ ସମ୍ଭାବ୍ୟ ଅଗ୍ନି ଦୁର୍ଘଟଣାକୁ ଦୃଷ୍ଟିରେ ରଖି ସବୁ ମଣ୍ଡପରେ ଅଗ୍ନିନିର୍ବାପକ ଯନ୍ତ୍ର ରଖିବାକୁ ବୈଠକରେ ଗୁରୁତ୍ୱାରୋପ ହୋଇଥିଲା । ଭିଡ଼ରେ ଅପରାଧିକ କାର୍ଯ୍ୟକଳାପ ସମ୍ଭାବନାକୁ ଦୃଷ୍ଟିରେ ରଖି ସିସିଟିଭି କ୍ୟାମେରା ଖଞ୍ଜିବାକୁ ମଧ୍ୟ ସହମ୍ମତି ପ୍ରକାଶ ପାଇଥିଲା । ତେବେ ବୈଠକରେ ନିଷ୍ପତ୍ତି ଅନୁଯାୟୀ ପୂଜାମଣ୍ଡପଗୁଡ଼ିକରେ ଅବହେଳା ହୋଇଥିବା ଜଣାପଡ଼ିଛି । ପୂଜା କମିଟି ପକ୍ଷରୁ ସୁରକ୍ଷା ନେଇ କୌଣସି ବ୍ୟବସ୍ଥା କରାଯାଇନାହିଁ । ଲକ୍ଷ ଲକ୍ଷ ଟଙ୍କା ଖର୍ଚ୍ଚ କରି ସପ୍ତାହବ୍ୟାପୀ ଉତ୍ସବ ଆୟୋଜନ କରୁଥିବା ବେଳେ ସମ୍ଭାବ୍ୟ ବିପଦରେ ଲୋକଙ୍କ ଧନଜୀବନ ସୁରକ୍ଷା ପ୍ରତି ଅଣଦେଖା କରାଯାଇଛି । ଇତିମଧ୍ୟରେ ପୂଜା ୪ଦିନ ବିତିଗଲାଣି । ପୂଜାର ତୃତୀୟ ଦିନରେ ବଣ୍ଟାରପାଳ ଅଗ୍ନିଶମ ବିଭାଗ ପକ୍ଷରୁ ପୂଜା ମଣ୍ଡପ ବୁଲି ତଦାରଖ କରାଯାଇଥିଲା । କୌଣସି ମଣ୍ଡପରେ ଅଗ୍ନିନିର୍ବାପକ ଯନ୍ତ୍ର ନ ଥିବାରୁ କମିଟି କର୍ମକର୍ତ୍ତାଙ୍କୁ ସଚେତନ କରାଇଥିଲେ । ଅଗ୍ନିନିର୍ବାପକ ଯନ୍ତ୍ର ରଖିବାକୁ ପରାମର୍ଶ ଦେଇଥିଲେ । ସେହିଭଳି ପୂଜା ମଣ୍ଡପରେ ସିସିଟିଭି କ୍ୟାମେରା ମଧ୍ୟ ଦେଖାଯାଉନି ।

ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଲା ଉତ୍ସବ ସମୟରେ କୁଲାଡ଼ ଅଞ୍ଚଳର ୩ ପୂଜାମଣ୍ଡପ ଏବଂ ବଣ୍ଟାରପାଳ ବଜାର ଅଞ୍ଚଳର ୪ ପୂଜାମଣ୍ଡପକୁ ବିଦ୍ୟୁତ ବିଭାଗ ପକ୍ଷରୁ ଅସ୍ଥାୟୀ ବିଦ୍ୟୁତ ସଂଯୋଗ ଦିଆଯାଇଛି । ସେମାନଙ୍କଠାରୁ ମିଟର ରିଡିଂ ଅନୁସାରେ ବିଦ୍ୟୁତ ଶୁଳ୍କ ଆଦାୟ କରାଯିବ । ଅବଶିଷ୍ଟ ମଣ୍ଡପଠାରୁ ଫାଇନ ସହ ବିଦ୍ୟୁତ ବିଲ ଆଦାୟ କରାଯିବ । ଗୁରୁବାର ବିଭଗୀୟ କର୍ମଚାରୀ ବିଭିନ୍ନ ପୂଜା ମଣ୍ଡପ କର୍ମକର୍ତ୍ତାଙ୍କୁ ଏ ନେଇ ଅବଗତ କରାଇଥିବା ବଣ୍ଟାରପାଳ ବିଦ୍ୟୁତ ସବଷ୍ଟେସନର କନିଷ୍ଠ ଯନ୍ତ୍ରୀ ସୁଜିତ କୁମାର ସାହୁ ସୂଚନା ଦେଇଛନ୍ତି ।

## ବ୍ଲକସ୍ତରୀୟ ବରିଷ୍ଠ ନାଗରିକ ଦିବସ ପାଳିତ



କଣିହାଁ,୧୦ ।୧୦(ସମିସ): କଣିହାଁ ବ୍ଲକ ପବିତ୍ର ମୋହନ ସଭାଗୃହରେ ଶୁକ୍ରବାର ପୂର୍ବାହ୍ନରେ ବ୍ଲକସ୍ତରୀୟ ବରିଷ୍ଠ ନାଗରିକ ଦିବସ ପାଳିତ ହୋଇଛି । ବିଡିଓ ତ୍ରିବିକ୍ରମ କୁମୁରାଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଅତିଥି ଭାବେ ବ୍ଲକ ଅଧ୍ୟକ୍ଷ ରାମକୃଷ୍ଣ ପ୍ରଧାନ, ଜିଲ୍ଲା ପରିଷଦ ସଭ୍ୟ ରଞ୍ଜନ କୁମାର ସାହୁ, ପିଏମଶ୍ରୀ ପବିତ୍ର ମୋହନ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଅଧ୍ୟକ୍ଷ ସିଦ୍ଧିପ୍ରସାଦ ସାହୁ, କନିଷ୍ଠ ଯନ୍ତ୍ରୀ ସଂଗ୍ରାମ କେଶରୀ ଦେବେତା ଯୋଗଦେଇଥିଲେ । ଅତିଥିମାନେ ବରିଷ୍ଠ ନାଗରିକମାନଙ୍କ ଶାରୀରିକ ଓ ମାନସିକ ସ୍ୱାସ୍ଥ୍ୟ ଉପରେ ବକ୍ତବ୍ୟ ରଖିଥିଲେ । ଯୋଗ ପ୍ରଶିକ୍ଷକ ହରମୋହନ ସାହୁଙ୍କ ଦ୍ୱାରା ବରିଷ୍ଠ ନାଗରିକମାନଙ୍କୁ ଯୋଗାଭ୍ୟାସ କରାଯାଇଥିଲା । କଣିହାଁ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଡା. ଆଶୁତୋଷ ବିକ୍ରମାଦିତ୍ୟ ସ୍ୱାଇଁ ଓ ସ୍ୱାସ୍ଥ୍ୟକର୍ମୀ ସହଯୋଗରେ ବରିଷ୍ଠ ନାଗରିକଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରି ଔଷଧ ପ୍ରଦାନ କରାଯାଇଥିଲା । ପିଏମଶ୍ରୀ ପବିତ୍ର ମୋହନ ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଛାତ୍ରଛାତ୍ରୀଙ୍କ ମଧ୍ୟରେ ବରିଷ୍ଠ ନାଗରିକମାନଙ୍କ ଉପରେ ପ୍ରବନ୍ଧ ପ୍ରତିଯୋଗିତା କରାଯାଇଥିଲା । କୃତୀ ପ୍ରତିଯୋଗୀଙ୍କୁ ଟ୍ରଫି ପ୍ରଦାନ କରାଯାଇଥିଲା । କାର୍ଯ୍ୟକ୍ରମରେ ଗଦାଶିଳା ସରପଞ୍ଚ ବୃନ୍ଦାବନ ପ୍ରଧାନ, ବାଲିପଶି ସରପଞ୍ଚ ହାଡ଼ିବନ୍ଧୁ ସେଠୀଙ୍କ ସହ ବହୁ ବରିଷ୍ଠ ନାଗରିକ ଯୋଗଦେଇଥିଲେ ।

**କିଶୋରନଗର:** କିଶୋରନଗର ବ୍ଲକ ରାଜୀବ ଗାନ୍ଧୀ ସେବାକେନ୍ଦ୍ର ସଭାଗୃହରେ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତୀକରଣ ବିଭାଗ ତରଫରୁ ବରିଷ୍ଠ ନାଗରିକ ଦିବସ ପାଳିତ ହୋଇଛି । ବିଡିଓ ସୁବ୍ରତ କୁମାର ବେହେରାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଏବିଡିଓ ଦିଲୀପ ପ୍ରଧାନ, ସିଡିପିଓ ଆରତୀ ସିଂହ, ଡା. ଅଲେଖ କୁମାର ପ୍ରଧାନ, ଡା. ପାର୍ଥସାରଥି ପତି ଯୋଗଦେଇ ଏହି ଦିବସର ଉଦ୍ଦେଶ୍ୟ ଓ ଆଭିମୁଖ୍ୟ ଉପରେ ଆଲୋକପାତ କରିଥିଲେ । ବରିଷ୍ଠ ନାଗରିକ ଉପେନ୍ଦ୍ର ପ୍ରଧାନ, ଖଗେଶ୍ୱର ସାହୁ, ଶଙ୍କର୍ଷଣ ବାରିକ ଯୋଗଦେଇ ବରିଷ୍ଠ ନାଗରିକଙ୍କ ଜୀବନଶୈଳୀ କିପରି ହେବା ଦରକାର ସେ ସମ୍ପର୍କରେ ଆଲୋକପାତ କରିଥିଲେ । ବ୍ଲକ ଭାରପ୍ରାପ୍ତ ସାମାଜିକ ସୁରକ୍ଷା ଅଧିକାରୀ ଝସକେତନ ସାହୁ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ ।



## ବାଇକ ଡିକି ଭାଙ୍ଗି ୨.୫ ଲକ୍ଷ ଲୁଟିନେଲେ



ତାଳଚେର,୧୦ ।୧୦(ସମିସ): ସ୍ୱଷ୍ଟ ଦିବାଲୋକରେ ଜନଗହଳିପୂର୍ଣ୍ଣ ସ୍ଥାନରେ ବାଇକ ଡିକି ଭାଙ୍ଗି ୨ ଲକ୍ଷ ୫୦ ହଜାରର ଟଙ୍କା ଲୁଟିନେଇଛନ୍ତି ଦୁର୍ବୃତ୍ତ । ଭରତପୁର ଜିଏମ ଅଫିସ୍ ସମ୍ମୁଖରେ ଶୁକ୍ରବାର ମଧ୍ୟାହ୍ନରେ ଏହି ଘଟଣା ଘଟିଛି । ଗୋପାଳପ୍ରସାଦ ଗ୍ରାମର ବିଦ୍ୟାଧର ଦାସ (୪୬) ବିକ୍ରମପୁର ଥାନା ଭରତପୁର ୟୁକୋ ବ୍ୟାଙ୍କରୁ ଚେକ ମାଧ୍ୟମରେ ଅଢ଼େଇ ଲକ୍ଷ ଟଙ୍କା ଉଠାଇ ତାଙ୍କ ଗାଡ଼ି ଡିକିରେ ରଖି ଘରକୁ ଫେରୁଥିବା ବେଳେ ଭରତପୁର ଜିଏମ୍ ଅଫିସ ଆଗରେ ଗାଡ଼ି ରଖି ପରିବା କିଣୁଥିଲେ । ଏହି ସମୟରେ ଦୁଇ ଦୁର୍ବୃତ୍ତ ପଲସର ଗାଡ଼ିରେ ଆସି ତାଙ୍କ ଗାଡ଼ି ଡିକି ଭାଙ୍ଗି ଟଙ୍କା ନେଇ ଚମ୍ପଟ ମାରିଥିଲେ । ବିଦ୍ୟାଧର ପରିବା କିଣି ଫେରିବା ବେଳେ ଗାଡ଼ି ଡିକି ଭଙ୍ଗାଯିବା ସହ ଟଙ୍କା ନ ଥିବା ଦେଖିବାକୁ ପାଇଥିଲେ ।

ଏହି ସମସ୍ତ ଘଟଣା ସେଠାରେ ଲାଗିଥିବା ସିସିଟିଭି କ୍ୟାମେରାରେ କଏଦ ହୋଇଛି । ପରେ ବିଦ୍ୟାଧର ଏ ନେଇ ବିକ୍ରମପୁର ଥାନାରେ ଅଭିଯୋଗ କରିଛନ୍ତି । ପୁଲିସ୍ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି ।

## ଶାଳକାଠ ସହ ଟାଟା ଏସିଇ ଗାଡ଼ି ଜବତ

ଅନୁଗୋଳ,୧୦ ।୧୦(ସମିସ): ଅନୁଗୋଳ ଜିଲ୍ଲା ବନ୍ତଲା ବନ ବିଭାଗ ଗୁରୁବାର ମଧ୍ୟାହ୍ନରେ ଚୋରା ଶାଳକାଠ ବୋଝେଇ ଏକ ଟାଟା ଏସିଇ ଗାଡ଼ି ଜବତ କରିଛି । ଅନୁଗୋଳ ବ୍ଲକ ଇଙ୍କରବନ୍ଧ ଗାଁ ନିକଟସ୍ଥ ବଉଳିନାଳ ବ୍ରିଜ ପାଖରେ ଏକ ଟାଟା ଏସିଇରେ ୫.୩୯ କ୍ୟୁବିକ ଫୁଟ ଶାଳପଟା ବୋଝେଇ ହୋଇ ଯାଉଥିବା ବିଶ୍ୱସ୍ତ ସୂତ୍ରରୁ ସୂଚନା ଆଧାରରେ ବନ ବିଭାଗ ଚଢ଼ଉ କରିଥିଲା । ବନ୍ତଲା ବନପାଳ ପ୍ରସନ୍ନ କୁମାର ସାହୁଙ୍କ ନେତୃତ୍ୱରେ ଫରେଷ୍ଟର ଶ୍ରୀନିବାସ ସାହୁ, ରଶ୍ମିରଞ୍ଜନ ସେଠୀ, ଆଦିକନ୍ଦ ପ୍ରଧାନ, ତ୍ରିନାଥ ଭୋଇ, ଫରେଷ୍ଟ ଗାର୍ଡ ସୁମନ୍ତ ସାହୁ, ଗଜସାଥୀ ଟଙ୍କଧର ସାହୁ ଓ ପ୍ରଶାନ୍ତ ସାହୁ ଚଢ଼ଉ କରି ଗାଡ଼ି ଓ କାଠ ଜବତ କରିଥିଲେ । ତେବେ ବନ କର୍ମଚାରୀଙ୍କୁ ଦେଖି ଚାଳକ ଫେରାର ହୋଇଯାଇଛନ୍ତି । ଏ ସମ୍ପର୍କରେ ଏକ ମାମଲା ରୁଜୁ କରାଯାଇ ତଦନ୍ତ ଆରମ୍ଭ ହୋଇଛି ।

## ସ୍କୁଲରେ ଜମୁଛି ପାଣି, ପାଠପଢ଼ା ବାଧାପ୍ରାପ୍ତ

ବଇଣ୍ଡା,୧୦ ।୧୦(ସମିସ): ଅନୁଗୋଳ ଜିଲ୍ଲା ଆଠମଲ୍ଲିକ ବ୍ଲକ ଠାକୁରଗଡ଼ ଥାନା କେଞ୍ଚୁଆନାଳୀ ପ୍ରାଥମିକ ବିଦ୍ୟାଳୟରେ କିଛିଦିନ ହେବ ପାହାଡ଼ ପାଣି ଆସି ଜମି ରହୁଛି । ପାଣି ନିଷ୍କାସନ ହେଉ ନ ଥିବାରୁ ପାଠପଢ଼ା ବାଧାପ୍ରାପ୍ତ ହେଉଛି । ଏହାର ସ୍ଥାୟୀ ସମାଧାନ ପାଇଁ ଅଞ୍ଚଳବାସୀ ବହୁବାର ସ୍ଥାନୀୟ ବ୍ଲକ ଶିକ୍ଷା ବିଭାଗକୁ ଅଭିଯୋଗ କଲେ ମଧ୍ୟ କେହି ଶୁଣୁନାହାନ୍ତି । ଶୁକ୍ରବାର ଗ୍ରାମବାସୀ ଏ ନେଇ ଅନୁଗୋଳ ଜିଲ୍ଲାପାଳଙ୍କୁ ଅଭିଯୋଗ କରିଛନ୍ତି ।



ଅଭିଯୋଗପତ୍ରରେ ଉଲ୍ଲେଖ କରିଛନ୍ତି ଯେ ଜଙ୍ଗଲ ନିକଟରେ ଉକ୍ତ ବିଦ୍ୟାଳୟ ରହିଛି । ସାମାନ୍ୟ ବର୍ଷା ହେଲେ ପାହାଡ଼ରୁ ପାଣି ଗଡ଼ିଆସି ବିଦ୍ୟାଳୟ ପରିସରରେ ଜମି ରହୁଛି । ଏପରିକି ବିଦ୍ୟାଳୟ ପରିସରରେ ୨ ଫୁଟ ଉଚ୍ଚ ପାଣି ଜମୁଛି । ଅନେକ ସମୟରେ ପାଣି ଜମୁଥିବାରୁ ବିଦ୍ୟାଳୟ ପରିସର ସମ୍ପୂର୍ଣ୍ଣ କାଦୁଅପୂର୍ଣ୍ଣ ହୋଇଯାଉଛି । ଛାତ୍ରଛାତ୍ରୀ କାଦୁଅ ସରସର ହୋଇ ବିଦ୍ୟାଳୟକୁ ପ୍ରବେଶ କରୁଥିବା ବେଳେ ଅନେକ ସମୟରେ ଗୋଡ଼ ଖସି ଆହତ ହେଉଛନ୍ତି । ତୁରନ୍ତ ବିଦ୍ୟାଳୟରୁ ପାଣି ନିଷ୍କାସନ ବ୍ୟବସ୍ଥା କରିବାକୁ ଅଞ୍ଚଳବାସୀ ଦାବି କରିଛନ୍ତି ।

# ହାତୀ ଗତିପଥକୁ ବନ ବିଭାଗର ଅବରୋଧ



ଅନୁଗୋଳ,୧୦ ।୧୦(ସମିସ): ହାତୀ ଓ ମଣିଷଙ୍କ ସୁରକ୍ଷା ପାଇଁ ସରକାର ବିଭିନ୍ନ ଯୋଜନାରେ ଅର୍ଥ ବିନିଯୋଗ କରୁଥିବା ବେଳେ କିଛି ବନ କର୍ମଚାରୀଙ୍କ ବେପରୁଆ ମନୋବୃତ୍ତି ପାଇଁ ଲୋକଙ୍କ ଧନଜୀବନ ନଷ୍ଟ ହେଉଛି । ତାଳଚେର ଫରେଷ୍ଟ ରେଞ୍ଜ ସୀମାନ୍ତ ଗାଁ ତୁଳସୀପାଳ, ସନ୍ତ୍ରୀ, ଗଣ୍ଡିଗାଡ଼ିଆ ଅଞ୍ଚଳରେ ଦୀର୍ଘଦିନ ଉପଦ୍ରବ କରିବା ପରେ ୧୫ ଦିନ ହେଲା ଏକ ୪୨ଟିକିଆ ହାତୀପଲ ଅନୁଗୋଳ ଫରେଷ୍ଟ ରେଞ୍ଜ ଅନ୍ତର୍ଗତ ନାଲକୋ ସ୍ମେଲ୍ଟର ପ୍ଲାଣ୍ଟ ନିକଟ ବେନ୍ତପୁର, ଗୋପୀନାଥପୁର, ନୂଆସାହି ଗାଁ ଅଞ୍ଚଳରେ ପଶି ଉପଦ୍ରବ ଜାରି ରଖିଛନ୍ତି । ଚଳିତ ସପ୍ତାହରେ ଆଙ୍କୁଲା ଆମ୍ବତୋଟାରେ ଏକ ହାତୀ ଶାବକ ଜନ୍ମ ହୋଇଛି । ଉକ୍ତ ଅଞ୍ଚଳର ଗୋଟିଏ ପାଶ୍ୱର୍ରେ ତୁରଙ୍ଗ କେନାଲ, ଆଉ ଗୋଟିଏ ପାଶ୍ୱର୍ରେ ନାଲକୋ ସ୍ମେଲ୍ଟର ପ୍ଲାଣ୍ଟର ୪ କିମି ବ୍ୟାପୀ ବିରାଟ ପକ୍କା ପାଚେରି ହାତୀଙ୍କ ଗତିପଥ ଅବରୋଧ କରୁଥିବା ବେଳେ ଯେଉଁଠାରୁ ହାତୀପଲ ଆସିଥିଲେ ସେ ଦିଗକୁ ତାଳଚେର ଫରେଷ୍ଟ ରେଞ୍ଜ ପକ୍ଷରୁ ସୀମାକୁ ସିଲ କରିଦିଆଯାଇଛି । ତାଳଚେର ରେଞ୍ଜ ସୀମାକୁ ସୋଲାର ତାରବାଡ଼ରେ ଅବରୋଧ କରାଯାଇଛି । ତାଳଚେର ରେଞ୍ଜ ବନ କର୍ମଚାରୀ ସୀମାରେ ଜଗି ବସିଛନ୍ତି । ତାଙ୍କ ଆଡ଼କୁ ହାତୀ ମୁହାଁଇଲେ ବାଣ ଫୁଟାଇ ପୁନର୍ବାର ତାଳଚେର ରେଞ୍ଜକୁ ପ୍ରବେଶ କରାଇ ଦେଉନାହାନ୍ତି । ଫଳରେ ହାତୀପଲ ବାଟ ନ ପାଇ ସେହି ଅଞ୍ଚଳରେ ରହି ଧାନ ଫସଲ ଉଜାଡ଼ି ଚାଲିଛନ୍ତି । ଗୋଟିଏ ଘର ମଧ୍ୟ ଭାଙ୍ଗି ଚୂରମାର କରିଦେଇଛନ୍ତି । ହାତୀ ଆତଙ୍କରେ ବେନ୍ତପୁର-ନାଲକୋ ଟାଉନସିପ ରାସ୍ତାରେ ଲୋକଙ୍କ ଯାତାୟାତ ବନ୍ଦ ହୋଇଯାଇଛି । ଅନୁଗୋଳ ବନ କର୍ମଚାରୀ, ଗଜସାଥୀ ସ୍ୱେଚ୍ଛାସେବୀ ହାତୀ ଘଉଡ଼ାଇବାକୁ କିଛି ଉପାୟ ନ ପାଇ କେବଳ ପାଳି କରି ହାତୀପଲର ଗତିବିଧି ଉପରେ ନଜର ରଖିଛନ୍ତି । ହାତୀ ଦେଖିବାକୁ ମଧ୍ୟ ଲୋକଙ୍କ ଗହଳି ହେଉଛି । ହାତୀପଲ ବିବ୍ରତ ହୋଇ ବେଳେ ବେଳେ ଲୋକଙ୍କ ଆଡ଼କୁ ମାଡ଼ିଆସୁଛନ୍ତି । ଏ ଅଞ୍ଚଳରୁ ହାତୀପଲ ଘଉଡ଼ାଇବାକୁ ଆଞ୍ଚଳିକ ମୁଖ୍ୟ ବନ ସଂରକ୍ଷକ ହସ୍ତକ୍ଷେପ କରିବାକୁ ଅଞ୍ଚଳବାସୀ ଦାବି କରିଛନ୍ତି । ପ୍ରାୟ ୪୦ କିମି ଦୂର ଜରପଡ଼ା ରେଞ୍ଜ ଅଧିକାରୀ ଆସି ଏ ଅଞ୍ଚଳର ଅସୁବିଧା ସୁଧାରିବା ସମ୍ଭବ ହେଉ ନ ଥିବାରୁ ଅନୁଗୋଳ ଫରେଷ୍ଟ ରେଞ୍ଜର ପଦବୀ ପୂରଣ କରି ଅଞ୍ଚଳବାସୀଙ୍କୁ ସୁରକ୍ଷା ଯୋଗାଇ ଦେବାକୁ ଦାବି ହେଉଛି ।

- ଏପାଖେ ତାଳଚେର ରେଞ୍ଜ ବନ କର୍ମଚାରୀ, ଅନ୍ୟ ପଟେ ଅନୁଗୋଳ ରେଞ୍ଜ ଅନ୍ତର୍ଗତ ନାଲକୋ ପ୍ଲାଣ୍ଟ ପାଚେରି
- ୧୫ ଦିନ ନାକାବନ୍ଦୀରେ ଶାବକ ସହ ୪୨ ଟିକିଆ ହାତୀପଲ
- କାଙ୍ଗୁଲା, ବେନ୍ତପୁର, ନୂଆସାହି, ଆଙ୍କୁଲା ମୌଜାରେ ଫସଲ ଉଜାଡ଼ିଦେଲେ
- ସ୍ଥାୟୀ ରେଞ୍ଜର ନିଯୁକ୍ତି ଦାବି

DSPL-308






ଶ୍ରୀ ନରେନ୍ଦ୍ର ମୋଦୀ
ପ୍ରଧାନମନ୍ତ୍ରୀ

ସୁସ୍ଥ ଓଡ଼ିଶା
ବିକଶିତ ଓଡ଼ିଶା

ଶ୍ରୀ ମୋହନ ଚରଣ ମାଝୀ
ମୁଖ୍ୟମନ୍ତ୍ରୀ, ଓଡ଼ିଶା

ପୋଲିଓ ଦିବସ
୧୨ ଅକ୍ଟୋବର ୨୦୨୫

ଦୁଇ ବୁନ୍ଦା ପ୍ରତ୍ୟେକ ଥର
ପୋଲିଓ ଉପରେ ବିଜୟ ରହୁ ନିରନ୍ତର



ପୋଲିଓ ଦିବସ ଅନୁଗୁଳ, ବାଲେଶ୍ୱର, ଭଦ୍ରକ, ବୌଦ୍ଧ, କଟକ, ଗଜପତି, ଗଞ୍ଜାମ, ଯାଜପୁର, ଝାରସୁଗୁଡ଼ା, କଳାହାଣ୍ଡି, କେଉଁଝର, ଖୋର୍ଦ୍ଧା, ମାଲକାନଗିରି, ମୟୂରଭଞ୍ଜ, ପୁରୀ, ସମ୍ବଲପୁର ଏବଂ ସୁନ୍ଦରଗଡ଼ ଜିଲ୍ଲା ସହିତ ସମସ୍ତ ମହାନଗର ନିଗମ ଅଞ୍ଚଳରେ ପାଳନ ହେବ ।

ପୋଲିଓ ଦିବସ
୧୨ ଅକ୍ଟୋବର ୨୦୨୫
ରବିବାର

ପୋଲିଓ ବୁନ୍ଦା ପ୍ରତ୍ୟେକ ଥର ଦିଅନ୍ତୁ । ଆମ ଦେଶରୁ ପୋଲିଓ ସମ୍ପୂର୍ଣ୍ଣ ନିରାକରଣରେ ଯୋଗଦାନ କରନ୍ତୁ ।

ଅଧିକ ବିବରଣୀ ଜାଣିବା ପାଇଁ ଆଶା/ ଏ.ଏନ.ଏମ୍/ ଅଙ୍ଗନବାଡ଼ି କର୍ମୀଙ୍କ ସହ ଯୋଗାଯୋଗ କରନ୍ତୁ ।

ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ, ଓଡ଼ିଶା ସରକାର
facebook.com/HFWOdisha
@HFWOdisha
http://www.health.odisha.gov.in/
OIPR-10003/13/0298/2526

# ସମ୍ପାଦକୀୟ



ଯଦି ଶୀଘ୍ର ଚାଲିବାକୁ ଚାହୁଁଛ ତେବେ ଏକୁଟିଆ ଚାଲ; ଯଦି ବହୁଦୂର ବାଟ ଯିବାର ଅଛି ତେବେ ସାଥୀମାନଙ୍କୁ ସାଙ୍ଗରେ ନେଇ ଚାଲ।

-ରତନ ଟାଟା

ସକାଳ THE SAKALA

## ଆଉ ଢିଲା ଦିଅନି, ବାନ୍ଧ

ପୁଲିସ ମହାନିର୍ଦ୍ଦେଶକଙ୍କୁ ଏବେ ବିଶୃଙ୍ଖଳା ସୃଷ୍ଟିକାରୀ ଓ ଅସାମାଜିକ ତତ୍ତ୍ୱଙ୍କୁ ବାନ୍ଧିବା ପାଇଁ ନିର୍ଦ୍ଦେଶ ମିଳିଛି। ଇଏ ବି ଠିକ୍ କଥା। ନହେଲେ ଆମ ରାଜ୍ୟରେ ଭୁଶୁଡ଼ି ପଡୁଥିବା ଆଇନ ଶୃଙ୍ଖଳା ପରିସ୍ଥିତିକୁ ସୁଧାରିବା ଏତେ ସହଜ ହେବନି। କ୍ଷମତା କେନ୍ଦ୍ର ପ୍ରତି ଲୋକେ ଆଙ୍ଗୁଠି ଉଠାଇବା ଆରମ୍ଭ କଲେଣି। ହେଲେ ମନରେ ସ୍ୱତଃ ପ୍ରଶ୍ନ ଉଠେ ଏମାନଙ୍କୁ ନବାନ୍ଧିବା ସକାଶେ ଆଗରୁ କ'ଣ ଗୋପନ ନିର୍ଦ୍ଦେଶ ଦିଆଯାଇଥିଲା ଯେ ଏବେ ବାନ୍ଧିବାକୁ ନିର୍ଦ୍ଦେଶ ଦେବା ପାଇଁ ବାଧ୍ୟବାଧକତା ଉପୁଜିଲା? ବିଶୃଙ୍ଖଳା ନିୟନ୍ତ୍ରଣ ବାହାରକୁ ଚାଲିଯାଉଥିବାରୁ ସରକାରଙ୍କୁ ଏହି ସୀମିତ ସମୟ ମଧ୍ୟରେ ତିନି ତିନି ଥର ସାନ୍ଧ୍ୟ ଆଇନ ଜାରି କରିବାକୁ ପଡ଼ିଛି। ଆତ୍ମାହୁତି ଓ ଆତ୍ମହତ୍ୟା ଘଟଣା ରାଜ୍ୟବାସୀଙ୍କୁ ଏଭଳି ବିଚଳିତ କରିପକାଇଲା ଯେ ସରକାର ବ୍ୟବସ୍ଥାକୁ ସୁଧାରି ନପାରି କେବଳ ଅନୁକମ୍ପାମୂଳକ ସହାୟତା ରାଶି ଘୋଷଣା କରି ନିଶ୍ଚିନ୍ତ ହୋଇପଡ଼ିଛନ୍ତି। ଅଥଚ ଘଟଣାର ଅନୁସନ୍ଧାନ ରିପୋର୍ଟ ଓ ଚାର୍ଜସିଟ ଦାଖଲରେ ଅକ୍ଷମଣୀୟ ବିଳମ୍ବ ପ୍ରତି ଧ୍ୟାନ ନ ଦେବାରୁ ଅପରାଧ ବଢ଼ିଚାଲିଛି। ଧର୍ଷଣକଷଣ ଦିନକୁ ଦିନ ସୀମାତିକ୍ରମ କରୁଥିବାରୁ ମହିଳା ନିଜକୁ ଅସୁରକ୍ଷିତ ମଣୁଛନ୍ତି। ତେବେ ଏହି ବାନ୍ଧିବା ନିର୍ଦ୍ଦେଶରୁ ପୁଲିସର ନ ପାରିବା ପଣିଆ ବାରି ହୋଇପଡୁଛି।

ନିକଟରେ ୨୦୨୩ର ଏନ୍‌ସିଆରବି ରିପୋର୍ଟ ପ୍ରକାଶ ପାଇଛି। ଏହାକୁ ସାମଗ୍ରିକ ଭାବେ ଦେଶର ଅପରାଧ ଚିତ୍ର ଓ ଚରିତ୍ର ସଂକ୍ରାନ୍ତ ଠୋସ୍ ଆକଳନ କୁହାଯାଇପାରେ। ଠିକ ଠିକ ହିସାବ କଲେ ଦେଶର ଅପରାଧ ହାର ପ୍ରତି ୧ଲକ୍ଷ ନାଗରିକ କ୍ଷେତ୍ରରେ ୪୪୮.୩ ପହଞ୍ଚିଛି। ଦେଶରେ ପଞ୍ଜିକୃତ ହୋଇଥିବା ଆପରାଧିକ କାର୍ଯ୍ୟକଳାପ ସଂଖ୍ୟା ୬.୪ନିୟୁତ ଏବଂ ଏହା ପୂର୍ବବର୍ଷ ତୁଳନାରେ ୭.୨ ପ୍ରତିଶତ ଅଧିକ। ସବୁଠାରୁ ଉଲ୍ଲେଖଯୋଗ୍ୟ ହେଲା, ଦେଶର ସହରାଞ୍ଚଳର ଅପରାଧ ସଂଖ୍ୟା ସୀମା ଅତିକ୍ରମ କରିଛି। ତେଣୁ ପୂର୍ବବର୍ଷ ତୁଳନାରେ ସହରାଞ୍ଚଳ ଅପରାଧ ସଂଖ୍ୟା ୧୦.୬ ପ୍ରତିଶତ ବଢ଼ିଛି। ଜାତୀୟସ୍ତରରେ ହାରାହାରି ପ୍ରତି ୫ ସେକେଣ୍ଡରେ ଗୋଟିଏ ଅପରାଧ ଘଟୁଛି। ମହିଳାଙ୍କ କ୍ଷେତ୍ରରେ ଅସୁରକ୍ଷିତ ପରିବେଶ ସବୁଠାରୁ ଅଧିକ ଚିନ୍ତାଜନକ। ଦେଶର ପ୍ରତି ୧ ଲକ୍ଷ ମହିଳାଙ୍କ ମଧ୍ୟରୁ ୬୬.୭ ଜଣ ଅପରାଧିକ କାର୍ଯ୍ୟକଳାପର ସମ୍ମୁଖୀନ ହେଉଛନ୍ତି। ବିଗତ ୧୨ ବର୍ଷ ମଧ୍ୟରେ ମହିଳାବିରୋଧୀ ଅପରାଧ ତିନିଗୁଣ ବଢ଼ିଛି। ଦିଲ୍ଲୀ ଓ ତେଲେଙ୍ଗାନାରେ ମହିଳା ସବୁଠାରୁ ଅଧିକ ଅସୁରକ୍ଷିତ। ଏହି ଦୁଇ ରାଜ୍ୟରେ ପ୍ରତି ୧ ଲକ୍ଷ ମହିଳାଙ୍କ କ୍ଷେତ୍ରରେ ଯଥାକ୍ରମେ ୧୩୩ ଓ ୧୨୪ ଅପରାଧର ସମ୍ମୁଖୀନ ହୋଇଛନ୍ତି। ଗତ ଦଶବର୍ଷ ମଧ୍ୟରେ ଅନୁସୂଚିତ ଜାତି ଓ ଜନଜାତି ମହିଳା ନିଜକୁ ସବୁଠାରୁ ଅଧିକ ଅସୁରକ୍ଷିତ ମଣୁଛନ୍ତି। ସେମାନଙ୍କ ଉତ୍ପୀଡ଼ନ ହାର କ୍ରମାଗତ ଭାବେ ବୃଦ୍ଧି ଚାଲିଛି।

ରିପୋର୍ଟର ନିର୍ଯାସ ହେଉଛି, ସାମାଜିକ ପରିବେଶରେ ପରିବର୍ତ୍ତନ ଓ ସୁରକ୍ଷା ବ୍ୟବସ୍ଥା ପ୍ରତି ଆସ୍ଥା ବଢ଼ିଥିବାରୁ ମହିଳା ନିରବ ନ ରହି ସେମାନେ ସମ୍ମୁଖୀନ ହେଉଥିବା ଉତ୍ପୀଡ଼ନ ସଂପର୍କରେ ଥାନାରେ ରିପୋର୍ଟ କରୁଛନ୍ତି। ସେହିଭଳି ସହରାଞ୍ଚଳରେ ବର୍ଦ୍ଧିତ ଅପରାଧିକ କାର୍ଯ୍ୟକଳାପ ଓ ସାଇବର ଅପରାଧ ଚିନ୍ତାଜନକ। ଏହାକୁ ପରିବର୍ଦ୍ଧିତ ପରିସଂଖ୍ୟାନର ଅସଲ କାରଣ ବୋଲି ଦର୍ଶାଯାଇଛି। ୨୦୨୩ ପରେ ଘଟଣାକ୍ରମ ସୁଧୁରିବା ପରିବର୍ତ୍ତେ ଅଧିକ ବିଗୁଡୁଥିବାର ପରିଲକ୍ଷିତ ହେଉଛି। ତେଣୁ ଏନସିଆରବି ରିପୋର୍ଟରେ ଯେଉଁ ପରିସଂଖ୍ୟାନ ଉପସ୍ଥାପନ କରାଯାଇଛି ତାହା ନିଶ୍ଚିୟ ଚିନ୍ତା ଉଦ୍ରେକକାରୀ।

## ଅଳିକ ଅହଂକାର

ଡୋନାଲ୍ଡ ଟ୍ରମ୍ପଙ୍କ କୋଳାଶ୍ରିତ ହେବା ପରେ ପାକିସ୍ତାନ ନେତାମାନେ ହଠାତ୍ ମୁଖର ହୋଇପଡ଼ିଛନ୍ତି। ଆମେରିକା ପରେ ସାଉଦୀ ଆରବ ସହ ସୁସଂପର୍କକୁ ଏକ କୂଟନୈତିକ ସଫଳତା ରୂପେ ବିଚାର କରି ପାକିସ୍ତାନର ପ୍ରତିରକ୍ଷାମନ୍ତ୍ରୀ ଖାଜା ଆସିଫ ଯେଉଁ ଭାରତ ବିରୋଧୀ ବିବୃତି ଦେଇଛନ୍ତି ତାହାର ସୁଦୂରପ୍ରସାରୀ ପ୍ରଭାବ ନେଇ ଏପର୍ଯ୍ୟନ୍ତ ଅନିଶ୍ଚିତ ଥିବା ମନେହୁଏ। 'ଅପରେସନ ସିନ୍ଦୂର'ର ପରିଣତି ଓ ପରାଭବରୁ ନିଜକୁ ମୁକ୍ତ କରି ନଥିବା ପାକ୍‌ନେତାମାନେ ଆଭ୍ୟନ୍ତରୀଣ କନ୍ଦଳ ଓ ଆତଙ୍କୀ କାର୍ଯ୍ୟକଳାପରେ ବ୍ୟସ୍ତ ଓ ବିବ୍ରତ। ବେଲୁଚିସ୍ତାନ ଓ ଖାଇବରପଖ୍ତୁନଖ୍ୱା ପ୍ରଦେଶରେ ବିଦ୍ରୋହୀଙ୍କୁ ଜବତ କରିବାରେ ପାକ୍ ସେନାଙ୍କ ଅସାମର୍ଥ୍ୟ ପଦାରେ ପଡ଼ି ଯାଇଛି। ଦେଶର ସମଗ୍ର ଶାସନତନ୍ତ୍ର ସେନାବାହିନୀ ନିୟନ୍ତ୍ରଣରେ ଥିବାରୁ ସେମାନଙ୍କ ଇଙ୍ଗିତରେ ନେତାମାନେ ଭାରତ ବିରୋଧରେ ଯୁଦ୍ଧ ପ୍ରସ୍ତୁତ ନେଇ ଅପରିଣାମଦର୍ଶୀ ବୟାନ ଆରମ୍ଭ କରିଛନ୍ତି। ଆସିଫ୍ ସ୍ୱୀକାର କରିଛନ୍ତି ଯେ ପାକିସ୍ତାନରେ ଐକ୍ୟ ଓ ସଂହତି ପ୍ରତିଷ୍ଠାରେ ଏହା ସହାୟକ ହୋଇଆସିଛି। ଏଥିରୁ ସ୍ପଷ୍ଟ ଯେ ପାକ୍ ସୈନ୍ୟଙ୍କ କ୍ରମାଗତ କାର୍ଯ୍ୟାନୁଷ୍ଠାନ ସତ୍ତ୍ୱେ ବିଚ୍ଛିନ୍ନତାବାଦୀ ଆତଙ୍କୀଙ୍କ ଉପଦ୍ରବ ନିୟନ୍ତ୍ରଣ ହୋଇପାରିନାହିଁ। ତେଣୁ ବିଚଳିତ ଓ ବିବ୍ରତ ସେନାଧ୍ୟକ୍ଷଙ୍କ ବିରୋଧରେ ଦେଶବାସୀଙ୍କ ଅସନ୍ତୋଷ ଦିନକୁ ଦିନ ବୃଦ୍ଧି ପାଇବାରେ ଲାଗିଛି।

ସମୟର ଆବଶ୍ୟକତା ଦୃଷ୍ଟିରୁ ଅସ୍ଥାୟୀ ଓ କାମଚଳା କୂଟନୈତିକ ସଂପର୍କ ନେଇ ଆଶାର ପିରାମିଡ୍ ଗଢ଼ିବାରେ କାହାକୁ ମନା ନାହିଁ। ଗାଜା ପ୍ରସଙ୍ଗକୁ କେନ୍ଦ୍ରକରି ଆରବ ରାଷ୍ଟ୍ରଙ୍କ ମଧ୍ୟରେ ନୂଆ ଅଙ୍କ କଷିବା ଆରମ୍ଭ ହୋଇଥିବା ବେଳେ ସାଉଦୀ ନେତୃତ୍ୱର ପାକିସ୍ତାନ ଉପରେ ନିର୍ଭରଶୀଳତା ଯେ ଅଧିକ ତାହା ଜଳଜଳ ଦୃଶ୍ୟମାନ ହେଉଛି। ଅନ୍ୟପକ୍ଷରେ ଚୀନ ସହ ପାକିସ୍ତାନ ସଂପର୍କର ଗଭୀରତା ନିକଟରେ ଟ୍ରମ୍ପ ଯେ କେତେବେଳେ ପଛଘୁଞ୍ଚା ଦେବେ ତାହାର କିଛି ଠିକଣା ନାହିଁ। ଏସିଆ କପ ରାଜନୀତିରେ ପାକିସ୍ତାନ ଯେପରି ଅପଦସ୍ତ ହୋଇଛି ତାହା କ୍ରିକେଟ ସହ ସଂଶ୍ଳିଷ୍ଟ କୂଟନୈତିକ ସଂପର୍କରେ ପ୍ରତିବନ୍ଧକ ହୋଇଛି। ଏହି କ୍ରିକେଟ୍ ରାଜନୀତି ସହ ପାକିସ୍ତାନ ଅର୍ଥମନ୍ତ୍ରୀ ପ୍ରତ୍ୟକ୍ଷ ଭାବେ ଜଡିତ ଥିବାରୁ ତାହା ସରକାରଙ୍କ ସକାଶେ ଅଧିକ ପ୍ରତିକୂଳ ପରିସ୍ଥିତି ସୃଷ୍ଟି କରିଛି। ଏସବୁକୁ ବିଚାର କଲେ ଆସିଫ୍‌ଙ୍କ ଅହଙ୍କାର ଯେ କେତେ ଅଳିକ ତାହା ସହଜରେ ଅନୁମାନ କରାଯାଇପାରେ।

ଆଫଗାନିସ୍ତାନ ସୀମାବର୍ତ୍ତୀ ଖାଇବରପଖ୍ତୁନଖ୍ୱା ପ୍ରଦେଶରେ ସକ୍ରିୟ ଟିଟିପି ଆତଙ୍କବାଦୀ ଗୋଷ୍ଠୀ ବିରୋଧରେ ପାକ ସରକାର ନିଷେଧାଦେଶ ଜାରି କରିଥିଲେ ମଧ୍ୟ ସେମାନଙ୍କ କାର୍ଯ୍ୟକଳାପକୁ ନିୟନ୍ତ୍ରଣ କରାଯାଇ ପାରିନାହିଁ। ବୁଧବାରର ସାମରିକ କାର୍ଯ୍ୟାନୁଷ୍ଠାନରେ ୧୯ ଟିଟିପି କାର୍ମୀ ନିହତ ହୋଇଥିଲେ ମଧ୍ୟ ଜଣେ ଲେଫ୍ଟନାଣ୍ଟ କର୍ଣ୍ଣେଲ ଓ ଜଣେ ମେଜରଙ୍କ ସମେତ ୧୧ ଜଣଙ୍କୁ ହରାଇଛି ସେନାବାହିନୀ। ଏହି ପ୍ରଦେଶର ନେତୃତ୍ୱ ପୂର୍ବତନ ପ୍ରଧାନମନ୍ତ୍ରୀ ଇମରାନ ଖାଁଙ୍କ ପାକିସ୍ତାନ ତେହେରିକ ଇ ଇନସାଫ ଦଳ ହାତରେ ରହିଛି। ସାମରିକ କାର୍ଯ୍ୟାନୁଷ୍ଠାନ ପରେ ଅଲ୍ଲି ଅମିନ ଗଣ୍ଡପୁରଙ୍କୁ ସ୍ଥାନରେ ମହମ୍ମଦ ସୋହେଲ ଆଫ୍ରିଦିଙ୍କୁ ମୁଖ୍ୟମନ୍ତ୍ରୀ ପଦରେ ଦଳ ଅବସ୍ଥାପିତ କରିଛି। ଅନ୍ୟପକ୍ଷରେ ବେଲୁଚିସ୍ତାନ ଉପକୂଳରେ ଗ୍ୱାଦର ବନ୍ଦର ନିକଟରେ ଆଉ ଏକ ବନ୍ଦର ପ୍ରତିଷ୍ଠା ସକାଶେ ଆମେରିକାକୁ ପ୍ରସ୍ତାବ ଦେଇ ପାକିସ୍ତାନ ଉଭୟ ବିଦ୍ରୋହୀ ବିଏଲଓ ଏବଂ ଚୀନ ଅସନ୍ତୋଷର କାରଣ ହୋଇଛି। ଏଭଳି ପ୍ରତିକୂଳ ପରିସ୍ଥିତିରେ ପାକ୍ ନେତାଙ୍କ ମିଛ ଅହଂକାର କାହିଁକି?

# ଓଡ଼ିଶାର ବିକାଶ ଓ ସୁସମ୍ପନ୍ନ ସହରୀକରଣ

ଡ. ପିୟୁଷ ରଞ୍ଜନ ରାଉତ

ବିଶ୍ୱର ନିରନ୍ତର ବିକାଶଯାତ୍ରାରେ ଆଧୁନିକ ସହର ଯୋଜନା ଏକ ଅପରିହାର୍ଯ୍ୟ ଅଙ୍ଗ। ସାମ୍ପ୍ରତିକ ବିବିଧତା ଭରା ଆହ୍ୱାନରେ ସହରର ଆକାର ବଢ଼େଇବା ଅପେକ୍ଷା ସ୍ୱଳ୍ପ ସମୟ ମଧ୍ୟରେ ବିକଶିତ କରିବାର ଆବଶ୍ୟକତା ରହିଛି। ଏହି ପରିପ୍ରେକ୍ଷୀରେ 'ପନ୍ଦର ମିନଟ ସହର ଯୋଜନା' ଏକ ସୁନ୍ଦର ପରିକଳ୍ପନା। ପନ୍ଦର ମିନିଟ ସହର ଯୋଜନାର କେନ୍ଦ୍ରବିନ୍ଦୁ ହେଉଛି, ଦୈନନ୍ଦିନ ଜୀବନରେ ମଣିଷର ଜୀବନଶୈଳୀରେ ଯାହା ଆବଶ୍ୟକ, ଯେପରି ପନ୍ଦର ମିନଟ ଦୂରତ୍ୱ ମଧ୍ୟରେ ତାହା ମିଳିପାରୁଥିବ। ଜଣେ ସାଇକେଲ ଚଳାଇ କିମ୍ବା ଚାଲିକି ଯାଇ ଆଣି ପାରୁଥିବ। ଯେତେବେଳ ଦୂର ଜାଗାକୁ ଯାତ୍ରା କରିବାର ଥିବ ସେତେବେଳେ ସର୍ବସାଧାରଣ ପାଇଁ ଉଦ୍ଦିଷ୍ଟ ବସ ପରିବହନ ବ୍ୟବହାର କରିପାରିବେ ଅବା ନିଜର କାର ବ୍ୟବହାର କରିପାରିବେ। ଏହା ଲୋକମାନଙ୍କ ପାଇଁ ଏକ ବନ୍ଧୁତ୍ୱପୂର୍ଣ୍ଣ ଭାଇଚାରାର ସହର ସୃଷ୍ଟି କରିବ। ପରିସ୍ଥିତିକୁ ବଦଳାଇ ପାରିବାର ଦକ୍ଷତା ରଖିଥିବ। ଅଧିବାସୀଙ୍କର ଆବଶ୍ୟକତା ଅନୁସାରେ ଯୋଜନା ପ୍ରସ୍ତୁତ ହେବ। ଫଳସ୍ୱରୂପ ଗୋଟିଏ ସହର ମଧ୍ୟରେ ଅନେକ ଆତ୍ମନିର୍ଭରଶୀଳ ସହର ଗଢ଼ିଉଠିବ।

ଶିଳ୍ପ ବିପ୍ଳବ ପରେ ଏବଂ କାର ଉଦ୍ଭାବନ ପରେ ଯେଉଁ ସହର ଯୋଜନା ପ୍ରସ୍ତୁତ ହେଉଥିଲା, ତାହା କେବଳ ଧନୀ ଓ ଗରିବ ମଧ୍ୟରେ ଦୂରତ୍ୱ ସୃଷ୍ଟି କରୁଥିଲା। ସହର ମଧ୍ୟରେ ବାସସ୍ଥାନ, କର୍ମକ୍ଷେତ୍ର, ଶିଳ୍ପ, ବାଣିଜ୍ୟ ପାଇଁ ଅଲଗା ଅଲଗା ସ୍ଥାନ ନିରୂପଣ ହେଉଥିଲା, ଯାହା ସହରକୁ ଖଣ୍ଡବିଖଣ୍ଡ କରିଦେଉଥିଲା। ତେଣୁ ସମୟକ୍ରମେ ପନ୍ଦର ମିନିଟର ସହରୀ ଯୋଜନା ପରିକଳ୍ପନା କରାଗଲା।

ଆଜିର ସହରୀକରଣର ମୁଖ୍ୟ ଆହ୍ୱାନ ହେଉଛି ସହରାଞ୍ଚଳରେ ଜଳବାୟୁ ପରିବର୍ତ୍ତନର ପ୍ରଭାବକୁ ପ୍ରତିହତ କରିବା ଲାଗି ସ୍ଥାନୀୟ ଯୋଜନା ଏବଂ ତା'ର ସଫଳ ରୂପାୟନ। ଆମେ ବର୍ତ୍ତମାନ ଏପରି ଏକ ସହରୀ ସଭ୍ୟତାରେ ବସବାସ କରୁଛେ, ଯାହାକୁ ସହର ଶତାବ୍ଦୀ ବୋଲି କହିବାରେ ଦ୍ୱିଧା ନାହିଁ। ମିଳିତ ଜାତିସଂଘର ଭବିଷ୍ୟତ ଚିନ୍ତାଧାରା ଅନୁସାରେ ୨୦୩୦ ସୁଦ୍ଧା ସମଗ୍ର ବିଶ୍ୱରେ ୭୦% ଲୋକ ସହରରେ ବସବାସ କରିବେ। ସହରୀକରଣ ବିଶ୍ୱର ବହୁଦେଶର ଅର୍ଥନୈତିକ ଅଭିବୃଦ୍ଧିରେ ବଡ଼ ଭୂମିକା ଗ୍ରହଣ କରିଛି। ଆପାତତଃ ବିଶ୍ୱର ୭୫% ଅର୍ଥନୀତିର ଆଦାନ ପ୍ରଦାନ ସହର ମଧ୍ୟରେ ଘଟିଥାଏ, ଯାହାକି ବହୁତ ଲୋକଙ୍କୁ ଗରିବ ସୀମା ରେଖାରୁ ଉପରକୁ ଉଠେଇବାରେ ସହାୟକ ହୋଇଛି। ସହରୀକରଣରେ ଅଧିକ ପ୍ରାକୃତିକ ସମ୍ବଳ ବ୍ୟବହାର ହୋଇଥାଏ। ବିଶ୍ୱର ୩% ସ୍ଥାନ ସହର ପାଇଁ ବ୍ୟବହୃତ ହୁଏ। ସେହିପରି ବିଶ୍ୱର ୬୦% ସହର ଅଧିବାସୀ ଏହାର ୭୫% ସମ୍ବଳ ବ୍ୟବହାର କରିଥା'ନ୍ତି। ସହରରେ ବସବାସ କରୁଥିବା ଲୋକ ବିଶ୍ୱର ଦୁଇ-ତୃତୀୟାଂଶ ଶକ୍ତି ବ୍ୟବହାର କରିଥା'ନ୍ତି, ଯାହା ଗ୍ରୀନ୍ ହାଉସ୍ ଗ୍ୟାସ୍ ନିର୍ଗମନରେ ପ୍ରମୁଖ ଭୂମିକା ଗ୍ରହଣ କରୁଛି। ଆଗାମୀ ଦିନରେ ଏହି ଆହ୍ୱାନର ମୁକାବିଲା କରିବା ପାଇଁ ସହରଗୁଡ଼ିକୁ ଏକ ଉନ୍ନତଶୈଳୀରେ ପରିବେଶ ସୁରକ୍ଷିତ କରି ଗଢ଼ିବାକୁ ପଡ଼ିବ।

ଭାରତ ଏକ ବୃହତ ସହରୀକରଣ ଦିଗରେ ଅଗ୍ରସର। ୨୦୩୦ସୁଦ୍ଧା ସମ୍ଭବତଃ ୩୫୦ ନିୟୁତ ଜନସଂଖ୍ୟା ସହରରେ ବସବାସ କରୁଥିବେ ଏବଂ ୨୦୫୦ ବେଳକୁ ଏହା ୭୦୦ ନିୟୁତରେ ପହଞ୍ଚିବ। ସେହିଭଳି ଓଡ଼ିଶାର ଜନସଂଖ୍ୟାର ୧୬% ଲୋକେ ବର୍ତ୍ତମାନ ସହରରେ ବସବାସ କରୁଛନ୍ତି, ଯାହାକି ୨୦୩୦ ବେଳକୁ ସମ୍ଭବତଃ ୨୫% ପହଞ୍ଚିପାରେ।

କିନ୍ତୁ ସହରାଞ୍ଚଳରେ ବସବାସ କରିବା ପାଇଁ ଯେଉଁଭଳି ମାନଦଣ୍ଡର ସୁବିଧା ସୁଯୋଗ ରହିବା କଥା ଆଜି ମଧ୍ୟ ତାହା ଦେଖିବାକୁ ମିଳୁନି। ଯାହାଫଳରେ ସହରମାନଙ୍କରେ ସମସ୍ୟା ବଢ଼ିବାରେ ଲାଗିଛି। ଭାରତରେ ସହର ଭିତ୍ତିଭୂମି ବିକାଶ ପାଇଁ ପ୍ରତି ବାସିନ୍ଦାଙ୍କ ପାଇଁ ଖର୍ଚ୍ଚ ହେଉଛି ହାରାହାରି ୨୦ ଆମେରିକୀୟ ଡଲାର, ଯାହାକି ବ୍ରିଟେନରେ ୮୦୦ ଆମେରିକୀୟ ଡଲାର ଏବଂ ଚୀନରେ ୧୨୦ ଆମେରିକୀୟ ଡଲାର। ସମ୍ଭବତଃ ଭାରତରେ ଗ୍ରାମାଞ୍ଚଳ ଅପେକ୍ଷା ବହୁତ କମ ଅର୍ଥ ପ୍ରଦାନ କରାଯାଉଥିବାରୁ ସହରଗୁଡ଼ିକ ବିଶ୍ୱସ୍ତରରେ ପଛରେ ପଡ଼ିଯାଇଛନ୍ତି।

ଓଡ଼ିଶାର ସହରଗୁଡ଼ିକୁ ଯୋଜନାବଦ୍ଧ ଓ ସୁନ୍ଦର କରିବା ପାଇଁ ଏହା ହିଁ ଏକ ପ୍ରକୃଷ୍ଟ ସୁଯୋଗ। ଯୋଜନାବଦ୍ଧ ସୁନ୍ଦର ସହରର ଅର୍ଥ ନୁହେଁ କେବଳ ଉଚ୍ଚ ଅଟ୍ଟାଳିକା, ଚଉଡ଼ା ରାସ୍ତା। ବରଂ ସହରକୁ ଗରିବ ମୁକ୍ତ କରିବା, ଅର୍ଥନୈତିକ ଅଭିବୃଦ୍ଧି, ପରିବେଶ ସନ୍ତୁଳିତ ଏବଂ ଜଳବାୟୁ ପରିବର୍ତ୍ତନକୁ ନେଇ ଯୋଜନା ଆଧାରରେ ପ୍ରସ୍ତୁତ କରିବା। ଯେପରି ଦକ୍ଷିଣ କୋରିଆ ସିଓଲ ସହରକୁ ସମଗ୍ର ବିଶ୍ୱ ପାଇଁ ଉଦାହରଣୀୟ କରିପାରିଛି। ମାତ୍ର ତିରିଶ ବର୍ଷ ମଧ୍ୟରେ ଏକ ଗରିବ କୃଷିପ୍ରଧାନ ଦେଶରୁ ବିଶ୍ୱର ପ୍ରମୁଖ ଅର୍ଥନୈତିକ ପେଣ୍ଠସ୍ଥଳୀ ଏବଂ ବିଶ୍ୱର ଅନ୍ୟତମ ବିକଶିତ ସହରରେ ପରିବର୍ତ୍ତନ ହୋଇପାରିଛି। ପାରମ୍ପରିକ ସହର ଯୋଜାନାଠାରୁ ବହୁମାତ୍ରାରେ ଉନ୍ନତ ଓ ଲୋକାଭିମୁଖୀ କରି ଦକ୍ଷିଣ କୋରିଆ ଏହି ସଫଳତା ହାସଲ କରିଛି।

ସିଓଲ ଭଳି ବିଶ୍ୱରେ ଅନେକ ସହର ଅଛି, ଯେଉଁଗୁଡ଼ିକ ନୂତନତ୍ୱକୁ ମାନଦଣ୍ଡ କରି ଆଜି ସାରା ବିଶ୍ୱ ପାଇଁ ଉଦାହରଣ ହେଇପାରିଛନ୍ତି। ଆଉ ଏକ ସହର ହଉଛି ବୋଗଟା ଯାହାକି ବିଶ୍ୱରେ ସୁନ୍ଦର ପରିବହନ ପରିକଳ୍ପନା କରି ସ୍ୱଳ୍ପ ସମୟ ଯୋଜନାର ସହର ଭାବେ ଆପଣେଇ ପାରିଛନ୍ତି। ବୋଗଟା ସହର ନିଜ ଲୋକଙ୍କ ପାଇଁ କାର ରାସ୍ତା କରିବା ଅପେକ୍ଷା ୪୦୦ କିମି. ସାଇକେଲ ରାସ୍ତା ପ୍ରସ୍ତୁତ କରିଛନ୍ତି, ଯାହାକୁ ୪୦% ରୁ ଅଧିକ ଲୋକେ ଦୈନିକ ବ୍ୟବହାର କରୁଛନ୍ତି। ସେହିଭଳି କୁରାଟିବା ସହର ବସ ପରିବହନ ପାଇଁ ସାରା ବିଶ୍ୱରେ ଉଦାହରଣ ସୃଷ୍ଟି କରିପାରିଛି। ଜାପାନର ୟୋକହମା ସହର ଲୋକସଂଖ୍ୟା ବଢ଼ିବା ପରେ ବି ବର୍ଜ୍ୟ ନିଷ୍କାସନକୁ ୪୦% ପର୍ଯ୍ୟନ୍ତ ହ୍ରାସ କରିପାରିଛନ୍ତି କେବଳ ଲୋକଙ୍କ ମଧ୍ୟରେ ପରିବେଶ ସମ୍ବନ୍ଧୀୟ ସଚେତନତା ଓ ସହଯୋଗିତା ଯୋଗୁଁ।

ଆମ ରାଜଧାନୀ ଭୁବନେଶ୍ୱର ପାଇଁ ମଧ୍ୟ ଏଭଳି ଅପାର ସମ୍ଭାବନା ରହିଛି। ଭୁବନେଶ୍ୱର ଆଜିକୁ ସାତ ଦଶନ୍ଧି ପୂର୍ବେ ଦୂରତ୍ୱ ଅନୁସାରେ 'ପନ୍ଦର ମିନିଟ ସହର' ଭାବେ ଗଢ଼ା ଯାଇଥିଲା। କିନ୍ତୁ ସମୟ ସହିତ ତାଳ ନ ଦେଇପାରିବା ଯୋଗୁଁ ଲକ୍ଷ୍ୟରୁ ଦୂରେଇ ଯାଇଛି। 'ପନ୍ଦର ମିନିଟର ସହର' ପରିକଳ୍ପନା ବର୍ତ୍ତମାନ ସମୟରେ ଆବଶ୍ୟକତା। କାରଣ ଭବିଷ୍ୟତରେ ଜନସଂଖ୍ୟା ବୃଦ୍ଧି ସହିତ ଯେତେ ବଡ଼ ସହର ହେବ ସେତେ ଅଧିକ ସମସ୍ୟା ସୃଷ୍ଟି ହେବ। ଭୂମି, ଜଳ, ଗ୍ୟାସ ଏତେ ସହଜରେ ମିଳିନପାରେ; ତେଣୁ ଆମକୁ ଅଳ୍ପ ସମୟ ଏବଂ ଦୂରତ୍ୱ ମଧ୍ୟରେ କିପରି ଅଧିକ ଲୋକ ବସବାସ କରିପାରିବେ ଏବଂ ସୁରକ୍ଷିତରେ ରହିପାରିବେ ସେଥିପ୍ରତି ଧ୍ୟାନ ଦେବାକୁ ପଡ଼ିବ।

ଭୁବନେଶ୍ୱର ଏକ ଯୋଜନାବଦ୍ଧ, ପରିବେଶ ସନ୍ତୁଳିତ ଏବଂ ସମସ୍ତଙ୍କ ପାଇଁ ଉଦ୍ଦିଷ୍ଟ ସହର ଭଳି ଗଢ଼ି ଉଠୁ, ଯାହାକି ଅନ୍ୟ ସହର ପାଇଁ ଉଦାହରଣ ହେବ। କାରଣ ଦେଶ ଓ ରାଜ୍ୟର ଭବିଷ୍ୟତ ଦକ୍ଷତା ସମ୍ପନ୍ନ ସହରୀକରଣ ଉପରେ ନିର୍ଭରଶୀଳ। ଉପରେ।"

(ସହର ଯୋଜନା ବିଶେଷଜ୍ଞ)
ଭୁବନେଶ୍ୱର, ମୋ: ୯୪୩୭୧୭୬୭୧୭

## ଚିକିତ୍ସା ବିଜ୍ଞାନ ନୋବେଲ-୨୦୨୫

# ପ୍ରତିରକ୍ଷା ତନ୍ତ୍ରୀ-ସଜାଗପ୍ରହରୀର ଆବିଷ୍କାର

ଡାକ୍ତର ନିତ୍ୟାନନ୍ଦ ସ୍ୱାଇଁ

ମେରୀ ଇ ବ୍ରଙ୍କୋ, ଫ୍ରେଡ ରାମସଡେଲ ଓ ଡାକ୍ତର ସାଇମୋନ୍ ସାକାଗୁଚି ୨୦୨୫ ମସିହାର ଚିକିତ୍ସା ବିଜ୍ଞାନରେ ନୋବେଲ ପୁରସ୍କାର ପାଇବାର ଗୌରବ ପ୍ରାପ୍ତ ହୋଇଛନ୍ତି। ପ୍ରଥମ ବିଜ୍ଞାନୀଦ୍ୱୟ ଆମେରିକୀୟ, ଡାକ୍ତର ସାକାଗୁଚି ଜାପାନର ଅଧିବାସୀ। ମେରୀ ବ୍ରଙ୍କୋ ଜଣେ ମହିଳା। ସେମାନଙ୍କ ବୟସ ଯଥାକ୍ରମେ ୬୪, ୬୪ ଓ ୭୪। ମେରୀ ବ୍ରଙ୍କୋ ଜିନୋମିକ୍ସ ଓ ଅଟୋଇମ୍ୟୁନ୍ ରୋଗ ଉପରେ ଗବେଷଣା କରୁଛନ୍ତି ସିୟାଟେଲ ସ୍ଥିତ ଇନ୍‌ଷ୍ଟିଚ୍ୟୁଟ୍ ଫର ସିଷ୍ଟମସ ବାୟୋଲୋଜି ପ୍ରତିଷ୍ଠାନରେ। ଫ୍ରେଡ ରାମସଡେଲ ସାନଫ୍ରାନସିସ୍‌କୋର ସୋନୋମା ବାୟୋ ନାମକ ଏକ ଜୈବ ପ୍ରଯୁକ୍ତି ସଂସ୍ଥାରେ ଗବେଷଣାରତ। ସାଇମୋନ୍ ସାକାଗୁଚି ଜାପାନର ଓସାକା ବିଶ୍ୱବିଦ୍ୟାଳୟରେ ଇମ୍ୟୁନୋଲୋଜି ବିଭାଗର ପ୍ରଫେସର।

ଗୋଟିଏ ଗୋଷ୍ଠୀର ରୋଗ ଅଛନ୍ତି, ଯେଉଁଗୁଡ଼ିକୁ କୁହାଯାଏ ଅଟୋଇମ୍ୟୁନ। 'ଅଟୋ' ଏକ ଗ୍ରୀକ୍ ଶବ୍ଦ। ଏହାର ଅର୍ଥ ସ୍ୱ ବା ନିଜର। 'ଇମ୍ୟୁନ'ର ଅର୍ଥ ରୋଗ କବଳରୁ ପ୍ରତିରୋଧକ୍ଷମ। ଆମ ଶରୀରରେ ରହିଛି ବିଭିନ୍ନ ତନ୍ତ୍ର। ପ୍ରତ୍ୟେକ ତନ୍ତ୍ରର କାର୍ଯ୍ୟ ନିର୍ଦ୍ଦିଷ୍ଟ। ସେହି ତନ୍ତ୍ରଗୁଡ଼ିକ ମଧ୍ୟରୁ ପ୍ରତିରକ୍ଷା ତନ୍ତ୍ର ବା ଇମ୍ୟୁନ ସିଷ୍ଟମ ହେଉଛି ଅନ୍ୟତମ। ଜୀବାଣୁ, ଭୂତାଣୁ ଓ ଅନ୍ୟାନ୍ୟ ଅଣୁଜୀବଗୁଡ଼ିକର ଆକ୍ରମଣରୁ ଶରୀରକୁ ସୁରକ୍ଷିତ ରଖିବା ହେଉଛି ପ୍ରତିରକ୍ଷା ତନ୍ତ୍ରର କାମ। କିନ୍ତୁ ପ୍ରତିରକ୍ଷା ତନ୍ତ୍ରଗୁଡ଼ିକ ବେଳେ ବେଳେ ହୋଇପଡ଼େ ରୋଗ ସୃଷ୍ଟିର କାରଣ। ନିଜସ୍ୱ ପ୍ରତିରକ୍ଷା ତନ୍ତ୍ର ବା ଇମ୍ୟୁନ ସିଷ୍ଟମ ଦ୍ୱାରା ସୃଷ୍ଟି ହେଉଥିବାରୁ ସେହି ରୋଗଗୁଡ଼ିକୁ ଡାକ୍ତରୀ ଭାଷାରେ 'ଅଟୋଇମ୍ୟୁନ୍' ରୋଗ ବୋଲି କହନ୍ତି। ଏବେ ଏହିଧରଣର ରୋଗସଂଖ୍ୟା ବଢ଼ି ଚାଲିଛି। ଏ ସଂପର୍କିତ ଗବେଷଣାକୁ ସ୍ୱୀକୃତି ଜଣେଇ ନୋବେଲ ପୁରସ୍କାର କମିଟି ପ୍ରଦାନ କରିଛି ୨୦୨୫ ମସିହାର ଚିକିତ୍ସା ବିଜ୍ଞାନ ନୋବେଲ ପୁରସ୍କାର। ପୁରସ୍କାରଟି ପ୍ରଦତ୍ତ ହୋଇଛି 'ପେରିଫେରାଲ ଇମ୍ୟୁନ ଟଲେରାନ୍ସ' ବା 'ପ୍ରାନ୍ତୀୟ ରୋଗ ପ୍ରତିରକ୍ଷା ସହନଶୀଳତା' ବିଷୟକ ସେମାନଙ୍କର ଯୁଗାନ୍ତକାରୀ ଆବିଷ୍କାର ପାଇଁ। ପୁରସ୍କାର ବାବଦକୁ ପ୍ରତ୍ୟେକ ନୋବେଲ ବିଜେତାଙ୍କୁ ଦିଆଯିବ ୪ ଲକ୍ଷ ଡଲାର (ଭାରତୀୟ ମୁଦ୍ରାର ପାଖାପାଖି ୩୫୦ ଲକ୍ଷ ଟଙ୍କା), ଗୋଟିଏ ଲେଖାଏଁ ସ୍ୱର୍ଣ୍ଣ ପଦକ ଓ ପୁରସ୍କାର ପ୍ରମାଣପତ୍ର ବା ନୋବେଲ ଡିପ୍ଲୋମା। ଏହା ପ୍ରଦତ୍ତ ହେବ ନୋବେଲ ପୁରସ୍କାରର ପ୍ରତିଷ୍ଠାତା ଆଲ୍‌ଫ୍ରେଡ୍ ନୋବେଲଙ୍କ ତିରୋଧାନ ଦିବସ ଡିସେମ୍ବର ୧୦ ତାରିଖରେ। ଏହି ଦିବସକୁ 'ନୋବେଲ ଦିବସ' ଭାବରେ ପାଳନ କରାଯାଏ।

ପ୍ରଶ୍ନ ଉଠେ, ଆମ ଶରୀରରେ ଯଦି ପ୍ରତିରକ୍ଷା ତନ୍ତ୍ର ଭଳି ଏକ ସ୍ୱତନ୍ତ୍ର ପ୍ରଣାଳୀ ଆମକୁ ସୁରକ୍ଷିତ ରଖିବା ପାଇଁ କାମ କରୁଛି ଏବଂ ତାହା ଶରୀରର ସୁସ୍ଥ କୋଷଗୁଡ଼ିକୁ ସୁରକ୍ଷିତ ରଖି ରୋଗ ସୃଷ୍ଟିକାରୀ ଜୀବାଣୁ ଭୂତାଣୁ ଇତ୍ୟାଦିକୁ ଆକ୍ରମଣ କରି ଧ୍ୱଂସ କରିଦେଉଛି; ତେବେ ଆମ ଭିତରୁ କେତେକ ପୁଣି ଅଟୋଇମ୍ୟୁନ ରୋଗ ଦ୍ୱାରା ଆକ୍ରାନ୍ତ ହୋଇପଡୁଛନ୍ତି କିପରି? କାହିଁକି ଅବା ଆମେ ସମସ୍ତେ ଅଟୋଇମ୍ୟୁନ ରୋଗ ଭୋଗୁନେ? ସାଇମୋନ ସାକାଗୁଚି ଆବିଷ୍କାର କଲେ ଏକନୂତନ ପ୍ରକାରର ଇମ୍ୟୁନ୍ ସେଲ୍‌ଫ। ସେହି ସେଲ ବା କୋଷର ନାଁ 'ରେଗୁଲେଟରୀ ଟିସେଲ'। ସଂକ୍ଷେପରେ 'ଟି ରେଗ୍‌ସ ରେଗୁଲେଟରୀ ଟି ସେଲ' ହେଉଛି ନିଅନ୍ତ୍ରଣକାରୀ। ତାହା ସିକ୍ୟୁରିଟି ଗାର୍ଡ ବା ନିରାପତ୍ତା ରକ୍ଷୀ ଭାବରେ କାର୍ଯ୍ୟ କରି ଶରୀରର ସୁସ୍ଥକୋଷଗୁଡ଼ିକୁ ପ୍ରତିରକ୍ଷା ତନ୍ତ୍ରର ଆକ୍ରମଣରୁ ରକ୍ଷା କରେ। ଯେଉଁ ପ୍ରତିରକ୍ଷାତନ୍ତ୍ର ପୁଲିସ ଭଳି କାମ କରି ରୋଗ ସୃଷ୍ଟି କରୁଥିବା ଜୀବାଣୁ ଭୂତାଣୁମାନଙ୍କ ଉପରେ ଆକ୍ରମଣ କରି ସେମାନଙ୍କୁ କାବୁ କରି ଦେଉଛି, ସେହି ପ୍ରତିରକ୍ଷା ତନ୍ତ୍ର ଯେପରି ସୁସ୍ଥ କୋଷଗୁଡ଼ିକୁ ଆକ୍ରମଣ ନ କରି ପାରିବ ସେଥିପ୍ରତି ପୁଲିସ ଭଳି ସେଥିପ୍ରତି କଡ଼ା ନିଘା ରଖିଛି ରେଗୁଲେଟରୀ ଟି ସେଲ ବା ନିରାପତ୍ତା ରକ୍ଷୀ। ଫଳରେ ପ୍ରତିରକ୍ଷା ତନ୍ତ୍ର ସୁସ୍ଥ କୋଷଗୁଡ଼ିକୁ ଆକ୍ରମଣ କରିପାରୁନାହିଁ।

ପ୍ରଶ୍ନ ଉଠେ ରେଗୁଲେଟରୀ ଟି ସେଲ ରହିଥିବା ସତ୍ତ୍ୱେ ନିରାପତ୍ତା ରକ୍ଷୀ ଭାବରେ ତାହା ପ୍ରତିରକ୍ଷା ତନ୍ତ୍ର ଉପରେ ସତର୍କ ଦୃଷ୍ଟି ରଖିଥିବା ସତ୍ତ୍ୱେ, ପୁଣି ପ୍ରତିରକ୍ଷା ତନ୍ତ୍ର ତା'ର ଭାରସାମ୍ୟ ହରେଇ ସୁସ୍ଥକୋଷକୁ ଆକ୍ରମଣ କରି ପକାଉଛି କିପରି? କିପରି ପୁଣି ଜାତ ହୋଇପାରୁଛି ଅଟୋଇମ୍ୟୁନ ରୋଗ? ଏହି ଆବିଷ୍କାରର ରହିଛି ଏକ ଦ୍ୱିତୀୟ ଅଂଶ। ଦ୍ୱିତୀୟ ଅଂଶଟିର ଆବିଷ୍କାରକ ହେଉଛନ୍ତି ମେରୀ ବ୍ରଙ୍କୋ ଓ ଫ୍ରେଡ ରାମସଡେଲ। ସେମାନେ ଏପରି ଏକ ପ୍ରଜାତିର ମୂଷାଙ୍କ ସନ୍ଧାନ ପାଇଲେ, ଯେଉଁ ମୂଷାମାନେ ଅଟୋଇମ୍ୟୁନ ରୋଗ ପ୍ରତି ଅତିମାତ୍ରାରେ ସଂବେଦନଶୀଳ। ରୋଗଭୋଗୀ ଅଳ୍ପ କେଇଟି ସପ୍ତାହ ଭିତରେ ସେମାନେ ମୃତ୍ୟୁବରଣ କରିବା ପାଇଁ ବାଧ୍ୟ ହୋଇଥା'ନ୍ତି। ସେହି ପ୍ରଜାତିର ମୂଷାଙ୍କୁ କୁହାଯାଉଛି ସ୍କର୍ଫି। କେବଳ ଅଣ୍ଡିରା ମୂଷା ଏଥିରେ ଆକ୍ରାନ୍ତ ହେଉଥିବାରୁ ମେରୀ ଓ ଫ୍ରେଡ ସିଦ୍ଧାନ୍ତରେ ପହଞ୍ଚିଲେ ଯେ ଅଣ୍ଡିରା ସ୍କର୍ଫି ମୂଷାଙ୍କ ଏକ୍ସ କ୍ରୋମୋଜୋମରେ କିଛି ତ୍ରୁଟି ରହିଛି। ଆହୁରି ଅଧିକ ଅନୁଧ୍ୟାନ କରି ସେମାନେ ଦେଖିଲେ ଯେ ଏକ୍ସ କ୍ରୋମୋଜୋମ୍‌ରେ ଫକ୍ସପି ୩ ନାମକ ଏକ ଜିନ୍‌ରେ ରହିଛି ଏକ ପରିବର୍ତ୍ତନ (ଜିନରେ ଏଭଳି ପରିବର୍ତ୍ତନକୁ ବିଜ୍ଞାନ ଭାଷାରେ କୁହାଯାଏ ମ୍ୟୁଟେସନ)। ଫକ୍ସପି ୩ ଜିନରେ ମ୍ୟୁଟେସନ ଯୋଗୁଁ ହିଁ ମୂଷା ଅଟୋଇମ୍ୟୁନ ରୋଗରେ ଆକ୍ରାନ୍ତ ହୋଇପଡୁଛନ୍ତି। ସେମାନେ ଏହା ବି ଦେଖିଲେ ଯେ ମଣିଷ ଶିଶୁମାନଙ୍କ ଭିତରୁ କେତେକ ଭୋଗିଥା'ନ୍ତି ଆଇପେକ୍ସ ନାମକ ଗୁରୁତର ଅଟୋଇମ୍ୟୁନ ରୋଗ। ସେହି ରୋଗୀଙ୍କଠାରେ ବି ଫକ୍ସପି ୩ଜିନରେ ପରିଲକ୍ଷିତ ହୋଇଛି ମ୍ୟୁଟେସନ। ସୁତରାଂ ମେରୀ ଓ ଫ୍ରେଡ ନିଶ୍ଚିତ ହୋଇଗଲେ ଯେ ଫକ୍ସପି ୩ ରେ ମ୍ୟୁଟେସନ କରେଇପାରେ ଅଟୋଇମ୍ୟୁନ୍ ରୋଗ।

ଏହି ତଥ୍ୟ ମିଳିଗଲା ପରେ ସାକାଗୁଚି ପୁଣି ଲାଗିପଡ଼ିଲେ ଗବେଷଣାରେ। ଦୁଇବର୍ଷ ଧରି ଗବେଷଣା ପରେ ସାକାଗୁଚି ଦର୍ଶେଇଦେଲେ ଯେ ଫକ୍ସପି ୩ ଜିନଟି ନିୟନ୍ତ୍ରଣ କରିଥାଏ ରେଗୁଲେଟରି ଟି ସେଲର ବିକାଶକୁ। ଫଳରେ ପ୍ରତିରକ୍ଷା ତନ୍ତ୍ର ଶରୀରର ସୁସ୍ଥ କୋଷଗୁଡ଼ିକୁ ଆକ୍ରମଣ କରିପାରେନି। କିନ୍ତୁ ଫକ୍ସପି୩ ଜିନରେ ମ୍ୟୁଟେସନ ହୋଇ ତାହା ତ୍ରୁଟିଯୁକ୍ତ ହୋଇ ପଡ଼ିଲେ ରେଗୁଲେଟରୀ ଟି ସେଲ ବା ପ୍ରତିରକ୍ଷା ତନ୍ତ୍ରର ନିରାପତ୍ତାର ରକ୍ଷୀ ଦାୟିତ୍ୱ ନିର୍ବାହ କରିବାରେ ବିଫଳ ହେବାରୁ ଜାତ ହୋଇପଡ଼େ ଅଟୋଇମ୍ୟୁନ ରୋଗ।

ଆମର ଅତିପରିଚିତ ରିଉମାଟଏଡ ଆର୍ଥ୍ରାଇଟିସ ନାମକ ଗଣ୍ଠିରୋଗ ଓ ଟାଇପ-୧ ଡାଇବେଟିସ ହେଉଛି ଅଟୋଇମ୍ୟୁନ ରୋଗର ଉଦାହରଣ। ଅଙ୍ଗ ପ୍ରତିରୋପଣ ଓ କେତେକ କ୍ୟାନସରରେ ମଧ୍ୟ ଏହି ଆବିଷ୍କାରର ଗୁରୁତ୍ୱ ରହିଛି। ମାତ୍ର ରେଗୁଲେଟରୀ ଟି ସେଲ ଭିତ୍ତିକ ଚିକିତ୍ସା ପଦ୍ଧତି ସଂପ୍ରତି ରହିଛି ପରୀକ୍ଷା ସ୍ତରରେ। ହେଲେ ଏହି ଚିକିତ୍ସା ପଦ୍ଧତିର ଭବିଷ୍ୟତ ବେଶ୍ ଉଜ୍ଜ୍ୱଳ।

କଟକ, ମୋ: ୯୪୩୭୭୬୬୧୧୭

# ତିବ୍ବତରେ ବୌଦ୍ଧ ବିହାର

ପ୍ରବୀର କୁମାର ପଟ୍ଟନାୟକ

ପୂର୍ବପ୍ରକାଶିତ ଉତ୍ତାରୁ...

ପ୍ରାୟତଃ ସମସ୍ତ ବୌଦ୍ଧବିହାର ଶିକ୍ଷାକେନ୍ଦ୍ର ଭାବେ କାର୍ଯ୍ୟ କରିଥା'ନ୍ତି। ଏଗୁଡ଼ିକରେ ତିବ୍ବତୀୟ ଭାଷାରେ ଅନୁଦିତ କଞ୍ଜୁର ଓ ତଞ୍ଜୁର ଦୁଇଟି ବର୍ଗର ଧର୍ମୀୟ ପୁସ୍ତକ ତଥା ବିଭିନ୍ନ ଶାସ୍ତ୍ରସବୁର ବିଶାଳ ଭଣ୍ଡାର ସଂଗୃହୀତ। ତିବ୍ବତରେ ବୌଦ୍ଧବିହାର ତଥା ମନ୍ଦିରମାନ ପ୍ରତିଷ୍ଠା କାର୍ଯ୍ୟ ତଥା ଏଥିପାଇଁ ରାଜକୀୟ ଅଥବା ଶାସକୀୟ ସହାୟତା, ମୁଖିଆ ତଥା ଅଭିଜାତ ବର୍ଗର ସହୟତା ପ୍ରାପ୍ତି ସପ୍ତମ /ଅଷ୍ଟମ ଶତାବ୍ଦୀରୁ ଆରମ୍ଭ ହୋଇ ଅଷ୍ଟାଦଶ ଶତାବ୍ଦୀ ପର୍ଯ୍ୟନ୍ତ ଚାଲି ରହିଲା। ଭାରତ ଭଳି ତିବ୍ବତୀୟ ବୌଦ୍ଧ ଧର୍ମରେ ମଧ୍ୟ ବିଭିନ୍ନ ସଂପ୍ରଦାୟ ରହିଛନ୍ତି। ଏହିମାନେ ଧର୍ମର ପ୍ରଚାର ପ୍ରସାର ଅଧିକ ମାତ୍ରାରେ କରିଛନ୍ତି। ଏହି ସଂପ୍ରଦାୟଗୁଡ଼ିକ ମଧ୍ୟରେ ମୁଖ୍ୟ ହେଲେ ନିଙ୍ଗ୍‌ମାପା, ଶାସ୍‌କ୍ୟାପା ଓ କାବ୍‌ରଗ୍ୟୁଡପା। ମିଳିତ ଭାବେ ଏମାନେ 'ନାଲିଟୋପି' ସଂପ୍ରଦାୟ ଭାବେ ପରିଚିତ ଏବଂ ଏମାନଙ୍କର ସବୁଠାରୁ ଅଧିକ ସଂଖ୍ୟକ ବିହାର ରହିଛି।



ତିବ୍ବତ ହେଉଛି ବୌଦ୍ଧ ବିହାରର ଦେଶ। ସେଥିମଧ୍ୟରୁ କେତେକ ଉଲ୍ଲେଖଯୋଗ୍ୟ ବିହାର ହେଲା (୧) ସମୟେ- ଏହା ହେଉଛି ରାଜା ଖ୍ରୀ-ସ୍ରନ୍‌ଙ୍କ ଦ୍ୱାରା ପଦ୍ମସମ୍ଭବ ଓ ଶାନ୍ତରକ୍ଷିତଙ୍କ ସହାୟତାରେ ଲାସା ନିକଟରେ ନିର୍ମିତ ପ୍ରଥମ ବୌଦ୍ଧ ମହାବିହାର। ଏହି ମହାବିହାରଟି ମଗଧର ଓଦନ୍ତପୁରୀ ମହାବିହାର ଅବିକଳ ଢାଞ୍ଚାରେ ଖ୍ରୀ ୭୪୯ ରେ ନିର୍ମିତ ହୋଇଥିଲା। ଏହାଥିଲା

## ଦ୍ୱିତୀୟ-ବୁଦ୍ଧ କଥା

ତିବ୍ବତର ମୁଖ୍ୟ ତଥା ପ୍ରଧାନ ବୌଦ୍ଧ ଶିକ୍ଷାକେନ୍ଦ୍ର। ଆଚାର୍ଯ୍ୟ ଶାନ୍ତରକ୍ଷିତ ଏହି ବିହାରର ପ୍ରଥମ ମୁଖ୍ୟ ଆଚାର୍ଯ୍ୟ ଭାବେ ନିଯୁକ୍ତ ହୋଇ ଜୀବନର ଶେଷକାଳ ପର୍ଯ୍ୟନ୍ତ ସେହି ଦାୟିତ୍ୱ ତୁଲାଇଥିଲେ। ଏହି ବିହାରର ଅଧିକାଂଶ ଭିକ୍ଷୁ ନିଙ୍ଗ୍‌ମାପା ସଂପ୍ରଦାୟର ହୋଇଥିଲେ ମଧ୍ୟ ଏହାର ମୁଖ୍ୟ ଶସ୍‌କ୍ୟାପା ଗୋଷ୍ଠୀର। (୨) ଗାଲ୍‌ଡାନ୍- ଏହାର ସଂସ୍କୃତ ଅର୍ଥ ହେଲା ତୁଷିତ (ଦେବତାମାନଙ୍କର ବାସସ୍ଥାନ, ଗୋଟିଏ ସ୍ୱର୍ଗ)। ଏହି ବିହାରଟି ଗେଲୁଗ୍‌ସ୍ୱା ସଂପ୍ରଦାୟର (ହଳଦିଆ ଟୋପି) ବିରାଟ ତଥା ପ୍ରସିଦ୍ଧ ମହାବିହାର। ଲାସାର ପୂର୍ବକୁ ତିରିଶ ମାଇଲ ଦୂରରେ ଏହା ଅବସ୍ଥିତ। ତିବ୍ବତର ମହାନ ବୌଦ୍ଧ ସଂସ୍କାରକ ସଙ୍ଗ୍-ଖା-ପା ଏହି ବିହାରକୁ ଖ୍ରୀ୧୪୦୯ ରେ ନିର୍ମାଣ କରାଇଥିଲେ। ଏହି ବିହାରଟି ଭାବିବୁଦ୍ଧ ମୈତ୍ରେୟଙ୍କର ଚିତ୍ତାକର୍ଷକ ପ୍ରତିମୂର୍ତ୍ତି ପାଇଁ ପ୍ରସିଦ୍ଧ। କିମ୍ବଦନ୍ତୀ କୁହେ ଏହା ମଗଧରୁ ଏଠାକୁ ଉଡ଼ି କରି ଆସିଛନ୍ତି। (୩) ଦେ-ପୁଙ୍ଗସ୍- ଏହା ହେଉଛି ତିବ୍ବତର ସବୁଠାରୁ ଅଧିକ କ୍ଷମତାଶାଳୀ ତଥା ଜାନାକୀର୍ଣ୍ଣ ମହାବିହାର। ଏହା ଖ୍ରୀ ୧୪୧୫ରେ ନିର୍ମିତ। ଏହି ବିହାରଟିର ବହୁ ଉଚ୍ଚ ଉଚ୍ଚ କୋଠାମାନଙ୍କର ସମାହାର ଏହାକୁ ଏକ ସହର ଭଳି ଦର୍ଶାଇଥାଏ। ଏହି ବିହାରଟି ଲାସାର ପଶ୍ଚିମକୁ ମାତ୍ର ତିନି ମାଇଲ ଦୂରରେ ଅବସ୍ଥିତ। ଏଠାରେ ପ୍ରାୟ ସାତ ହଜାର ଭିକ୍ଷୁ ବସବାସ କରିଥା'ନ୍ତି। ଏଠାରେର ଶିକ୍ଷା ନିମିତ୍ତ ଆଠ ଗୋଟି ମହାବିଦ୍ୟାଳୟ ରହିଥିଲା। ଏବେ ମାତ୍ର ଚାରିଗୋଟି କାର୍ଯ୍ୟକ୍ଷମ। (୪)ସେରା - ସଙ୍ଗ୍-ଖା-ପାଙ୍କର ମହାପ୍ରୟାଣ ବର୍ଷ ଖ୍ରୀ ୧୪୧୮ ରେ ଏହି ବିହାରଟି ଲାସାର ଅତି ନିକଟରେ ଥିବା ତାଟି ପୁ ପାହାଡ଼ରେ ଗଡ଼ାଣିଆ ସ୍ଥଳରେ ନିର୍ମିତ। ଏହା ମଧ୍ୟରେ ବହୁତଳ ବିଶିଷ୍ଟ ତିନିଗୋଟି ବିଶାଳ ବୌଦ୍ଧ ମନ୍ଦିର ରହିଛନ୍ତି। ଏହା ଚାରିଗୋଟି ମହାବିଦ୍ୟାଳୟ ସହ ଗୋଟିଏ ପ୍ରସିଦ୍ଧ ବିଶ୍ୱବିଦ୍ୟାଳୟ। କୁହାଯାଏ ସମ୍ରାଟ ଅଶୋକଙ୍କ ଦ୍ୱାରା ନିର୍ମିତ ୮୪, ୦୦୦ ଚୈତ୍ୟମଧ୍ୟରୁ ଏଇଟି ଗୋଟିଏ ଏବଂ ଏହାକୁ ମଗଧରୁ ଅଣାଯାଇ ଥିଲା। (୫) ତାସୀ-ଲୁନ୍-ପୋ - ଏହି ବିଶାଳ ମହାବିହାରଟି ଲାସାର ଦକ୍ଷିଣ-ପଶ୍ଚିମକୁ ଶିଗାତ୍‌ସେ ଠାରେ ଅବସ୍ଥିତ। (କ୍ରମଶଃ)

ଭୁବନେଶ୍ୱର, ମୋ: ୭୨୦୫୦୨୨୭୯୦

ସକାଳ THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ରାଜ୍ୟସ୍ତରୀୟ ବନ୍ୟପ୍ରାଣୀ ସପ୍ତାହ

# ହାତୀ-ମଣିଷ ଲଢ଼େଇକୁ ନେଇ ରାଜ୍ୟପାଳଙ୍କ ଚିନ୍ତାପ୍ରକଟ



**ଭୁବନେଶ୍ୱର, ୧୦।୧୦ (ସମିସ):** ରାଜ୍ୟରେ ମଣିଷ-ହାତୀ ସଂଘର୍ଷ ଚନ୍ତାଜନକ। ଭିତ୍ତିଭୂମି, ବିକାଶମୂଳକ ପ୍ରକଳ୍ପ ଏବଂ ଭୂମି ବ୍ୟବହାର ପରିବର୍ତ୍ତନ ଯୋଗୁଁ ହାତୀ କରିଡର୍ ସଙ୍କୁଚିତ ହେଉଛି। ଏଥିପାଇଁ ମଣିଷ ଓ ହାତୀଙ୍କ ମଧ୍ୟରେ ବିବାଦ ବୃଦ୍ଧି ହେଉଛି। ଏହା ଦୁଃଖଦ ପରିସ୍ଥିତି ସୃଷ୍ଟି କରୁଛି। ତେଣୁ ରାଜ୍ୟର ହାତୀ କରିଡର୍‌ଗୁଡ଼ିକର ସୁରକ୍ଷା ଏବଂ ପୁନରୁଦ୍ଧାର କରିବା ଉପରେ ରାଜ୍ୟପାଳ ଡ. ହରିବାବୁ କମ୍ଭମପାଟି ଗୁରୁତ୍ୱ ଦେଇଛନ୍ତି।

ଗୁରୁବାର ଲୋକସେବା ଭବନର କନ୍‌ଭେନସନ୍ ସେଣ୍ଟର୍‌ଠାରେ ଆୟୋଜିତ ୭୧ତମ ରାଜ୍ୟସ୍ତରୀୟ ବନ୍ୟପ୍ରାଣୀ ସପ୍ତାହ ପାଳନ ସମାରୋହରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ରାଜ୍ୟପାଳ କହିଛନ୍ତି ଯେ ବନ୍ୟପ୍ରାଣୀ ସଂରକ୍ଷଣ ପାଇଁ ସାମୂହିକ ଦାୟିତ୍ୱର ଏକାନ୍ତ ଆବଶ୍ୟକ। ମଣିଷ ଏବଂ ବନ୍ୟପ୍ରାଣୀଙ୍କ କଲ୍ୟାଣ ପ୍ରାକୃତିକ ସମନ୍ୱୟର ଅବିଚ୍ଛେଦ୍ୟ ଅଂଶ। ତେଣୁ ହାତୀ-ମଣିଷ ଲଢ଼େଇ ପ୍ରତିହତ କରିବା ପାଇଁ ଡ୍ରୋନ୍ ନିରୀକ୍ଷଣ ଏବଂ ଜିପିଏସ୍ ଟ୍ରାକିଂ ଭଳି ଆଧୁନିକ ଉପକରଣ ବ୍ୟବହାର ସହ ଏଥିରେ ଯୁବପିଢ଼ି ଏବଂ ଗୋଷ୍ଠୀକୁ ସାମିଲ କରିବାକୁ ପରାମର୍ଶ ଦେଇଛନ୍ତି।

# ରେଳଧାରଣାରେ ଶୋଇପଡ଼ିଲେ ମହିଳା

**ବୈଶିଙ୍ଗା, ୧୦।୧୦ (ସମିସ):** ବେତନଟୀ ବ୍ଲକ ଆମ୍ବଗଡ଼ିଆ ଉପକଣ୍ଠ ନୂଆସାହିଠାରେ ଜଣେ ମହିଳା ଟ୍ରେନ୍‌ରେ କଟି ପ୍ରାଣ ହରାଇଛନ୍ତି। ମୃତ ମହିଳା ହେଲେ ନୂଆସାହି ଗ୍ରାମର ପରମାନନ୍ଦ ସିଂଙ୍କ ସ୍ତ୍ରୀ ସିତୁ ଓରଫ କଟି ସିଂ (୪୬)। ସୂଚନାନୁଯାୟୀ, ବାଙ୍ଗିରିପୋଷିରୁ ବାଲେଶ୍ୱର ଅଭିମୁଖେ ମେମୁ ଟ୍ରେନ୍ ଯାଉଥିବା ବେଳେ ଅନତି ଦୂରରେ ଅଟକିବାର ଥିଲା। ତେବେ ଠାକୁରତୋଟା ଷ୍ଟେସନର ପହଞ୍ଚିବା ଅବ୍ୟବହିତ ପୂର୍ବରୁ ସିତୁ ଦୌଡ଼ି ଆସି ରେଳଧାରଣା ଉପରେ ମୁଣ୍ଡ ରଖି ଶୋଇ ପଡ଼ିଥିଲେ। ଫଳରେ ତାଙ୍କର ମୁଣ୍ଡଗଣ୍ଡି ଅଲଗା ହୋଇଯାଇଥିଲା। ଲୋକୋପାଇଲଟଙ୍କଠାରୁ ସୂଚନା ପାଇ ରୁପ୍ସା ଜଙ୍କସନରୁ ଜିଆରପି ପୁଲିସ ଘଟଣାସ୍ଥଳରେ ପହଞ୍ଚି ଛାନଭିନ କରିବା ବେଳକୁ ମହିଳାଙ୍କ ପରିବାର ମୃତଦେହକୁ ନେଇ ପଳାଇଥିଲେ। ତେବେ ପାରିବାରିକ କଳହରୁ ସେ ଏପରି ଚରମ ପଦକ୍ଷେପ ନେଇଥିବା କୁହାଯାଉଛି।


**AFFIDAVIT**

By virtue of an affidavit (No. 5392, dtd- 09/10/2025) before the Executive Magistrate, Angul. I, **Bijaya Kumar Panda,** resident of At-Kaliadama, Po- Balipasi, Ps-Rengali Dam Site, Dist-Angul, PIN- 759105, Odisha declare that, I want to correction my wife name from **Subasini Satpathy to Subhasini Satpathy** & my name from **Bijaya Ku. Panda to Bijaya Kumar Panda** in my son's (**Anwesh Panda**) school admission register / records.

**AFFIDAVIT**

By virtue of an affidavit before the Notary Public, Nuapada, I, Narayan Majhi, resident of At-Darlipali ORF Chuhuri, Po-Kodomeri, Ps- Jonk, Dist-Nuapada, Odisha, PIN-766104 have changed my minor son name from Rehaan Sahu to Aryan Majhi. Henceforth, he shall be known and called as Aryan Majhi for all purposes.

Sd/-Narayan Majhi

**AFFIDAVIT**

By virtue of an affidavit before the Executive Magistrate, Tigiria vide No-03/08.10.2025 I Pravati Das W/o Lokanath Das of Vill-Badabhuindal, Po-Badabhuin, Ps-Athagarh, Dist-Cuttack that I have changed my name from Pravati Manjari Das to Pravati Das. Henceforth I shall be known as Pravati Das for all purpose.

**AFFIDAVIT**

By virtue of an affidavit before the Notary Public, Paralakhemundi, I, Smt. Satyabati Pradhan, resident of Subhadra Vihar, 4th Lane, PO/PS Paralakhemundi, Dist. Gajapati, Odisha, PIN-761211 have changed my minor son's name from Bibek Pradhan to Suman Pradhan. Henceforth, he shall be known as **Suman Pradhan** for all purposes.

Sd/- Satyabati Pradhan

**AFFIDAVIT**

By virtue of an affidavit sworn before the Executive Magistrate, Nabarangpur, dated 10.10. 2025 I, Iswar Tentulikhuntia, S/o - Samaru Tentulikhuntia, Village-Gundriguda, Po.- Binjili, Ps.-Kosagumuda, Dist.- Nabarangpur, Odisha, Pin - 764058, declare that, I have changed the name of my Son from **LAKHAN KANTA TENTULIKHUNTIA** to **LAXMIKANTA TENTULIKHUNTIA**. Henceforth, he shall be known as **LAXMIKANTA TENTULIKHUNTIA** for all purposes.

Sd/- Iswar Tentulikhuntia

**AFFIDAVIT**

By virtue of an affidavit (No. 6165, dtd- 25/06/2025) sworn before The Executive Magistrate, Jajpur. I, **Sudharani Pati,** W/o Asish Kumar Pati, resident of Vill: Seepura, PO: Pubasahi, PS: Dasarathur, Dist: Jajpur, PIN: 755006, Odisha declare that I have changed my minor daughter's name from **Somali Pati** (old name) to **Sonali Pati** (new name). Henceforth, she shall be known as **Sonali Pati** (new name) for all purposes.

**Sudharani Pati**

**AFFIDAVIT**

I, Shaikh Safiyan Ali, aged about 58 years, S/o- Shaikh Usman Ali, resident of AT/PO: Jhalpada, PS: Brahmabarada, Dist: Jajpur, PIN: 755005, Odisha declared by this affidavit No. 2031, dtd- 09/10/2025 that now onwards I shall be known as **SHAIKH SUFIYAN ALI** for all future purposes.

**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.

**9437015112**

**AFFIDAVIT**

By virtue of an affidavit before the Executive Magistrate, Gajapati, I, Satyanarayan Karjee, resident of Village Kesara, P.O. Govindapur, P.S. Mohana, Dist.: Gajapati, Odisha (Pin: 761015), have changed my name & DOB from Satya Karjyee (D.O.B: 01.01.1985) to Satyanarayan Karjee (D.O.B: 07.08.1985) for all purposes.

Sd/-Satyanarayan Karjee

**AFFIDAVIT**

I, Samarjit Mohapatra, S/o- Amulya Kumar Mohapatra, Resident of Plot No.: 45,Near Kali Mandir, Satya Nagar, Bhubaneswar, Khordha, Odisha, PIN-751007 declared by this Affidavit No.: 1149/2025, Dated: 09.10.2025 that now onwards I shall Be Known As **SAMARRJIT MOHAPPATRA** for all future Purposes.

**AFFIDAVIT**

By virtue of an affidavit sworn before Executive Magistrate, Nabarangpur, No.911 dated 10/10/2025 I, Nalini Gonda, D/o- Sisusanta Gonda resident of Village- Dangriguda, Po.- Bikrampur, Ps.- Nabarangpur, Odisha, Pin- 764059 state that, I have changed my name from **Nalini Nagesh** to **Nalini Gonda**. Henceforth I shall be known as **Nalini Gonda** for all future purposes.

Nalini Gonda

**AFFIDAVIT**

I, Simanchala Malu, S/o- Dhundar Malu, Resident of Plot No.: 2077/5113, Mahadev Nagar, Near Gangua Canal, Jharpada, Bhubaneswar, Bhubaneswar (M.C), PO: Budheswari Colony, Dist.: Khordha Odisha, PIN-751006 declared by this Affidavit No.1157/2025, Dated: 10.10.2025. That now onwards I shall be known as **SIMANCHAL MALU** for all future Purposes.

**VEHICLE FOR SALE**

MAHINDRA BOLERO B6, Model - 2022, Registration No-OD-02-CC-9936, in as is where is condition, Contact: M/S Sundaram Finance Limited, JAJPUR ROAD BRANCH, Ph:94371 02409, within 7 days.

**AFFIDAVIT**

By an affidavit No.- 3459, sworn before the Executive Magistrate, Dharmasala on dtd- 2/9/25, I Kodanda Pal, S/o- Nrushingh Pal of Kanipatla, Jaraka, Dharmasala, Jajpur declare that in Aadhaar- 258083961419 my DOB is mentioned as 01.01.1952 instead of 24.10.1944 which is genuine and in pension PPO No.-12020076504 it is mentioned as Kodanda, S/o- Narasingha. Both Kodanda Pal, S/o- Nrusingha Pal and Kodanda, S/o- Narasingha is same and one person.

**AFFIDAVIT**

By virtue of an affidavit sworn before the Executive Magistrate, At-Narasinghpur, dated- 26.09.2025 I Aparajita Pati, w/o-santosh Had village/Po-Phulapada,Ps-Narasinghpur, Dist- Cuttack declare that I have changed my old name Aparajita Had to New name Aparajita pati. Henceforth,she shall be known as Aparajita pati for all purposes.

**AFFIDAVIT**

By virtue of an affidavit (No. 9620, dtd- 03/10/2025) sworn before The Executive Magistrate, Jajpur. I, **Sanatan Ketaki** (new name), S/o Anu Ketaki, permanent resident of Vill: Talagadia, PO: Malapara, PS: Jajpur Sadar, Dist: Jajpur, PIN: 755043, Odisha declare that I have changed my name from **Sonatan Ketki** (old name) to **Sanatan Ketaki** (new name). Henceforth, I shall be known as **Sanatan Ketaki** (new name) for all purposes.

**Sanatan Ketaki**

**VEHICLE FOR SALE**

MAHINDRA BOLERO NEO N8, Model - 2022, Registration No-OD-33-AG-9337, in as is where is condition, Contact: M/S Sundaram Finance Limited, BHUBANESWAR RETAIL BRANCH, Ph:9437575689 within 7 days.


## କେନ୍ଦ୍ରାପଡା ପୌରପରିଷଦ , କେନ୍ଦ୍ରାପଡା

"ଗଜଲକ୍ଷ୍ମୀ ପୂଜା - ୨୦୨୫" ପାଳନ ଅବସରରେ କେନ୍ଦ୍ରାପଡା ପୌର ପରିଷଦ ତାହାର ସମସ୍ତ କର ଦାତା ଓ ପୌରାଞ୍ଚଳବାସୀଙ୍କୁ ହାର୍ଦ୍ଦିକ ଅଭିନନ୍ଦନ ଜଣାଇବା ସଂଗେ ସଂଗେ ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟରେ ସହଯୋଗ ନିମନ୍ତେ ଅନୁରୋଧ କରୁଛି।

### ନିବେଦନ

୧. ସହରର ସ୍ୱଚ୍ଛତା ଓ ବର୍ଜ୍ୟବସ୍ତୁ ପରିଚାଳନା ନିମନ୍ତେ ବ୍ୟାଟେରୀ ଚଳିତ ଅଳିଆ ଗାଡ଼ିରେ ଶୁଖିଲା ଓ ଓଦା ଅଳିଆ ଅଲଗା ଅଲଗା କରି ଦିଅନ୍ତୁ । ଦିନକୁ ୨ ଥର ଆପଣଙ୍କ ଅଂଚଳକୁ ଏହି ଗାଡି ଅଳିଆ ସଂଗ୍ରହ ନିମନ୍ତେ ଯାଉଛି । ଅଳିଆ ସଂଗ୍ରହ ଗାଡି ଯିବା ପୂର୍ବରୁ କିମ୍ବା ପରେ ରାସ୍ତା ଉପରେ ଘରର ଅଳିଆ ପକାନ୍ତୁ ନାହିଁ ।

୨. ରାସ୍ତା ଅବରୋଧ କରି ଇଟା, ଗୋଡି , ମାଟି କିମ୍ବା ବାଲି ରଖନ୍ତୁ ନାହିଁ।

୩. ପ୍ଲାଷ୍ଟିକ ଜରି, ଥରମୋକୁଲ (ସୋଲ ) ଗିନା , ଥାଳି ଓ କାଗଜ ନିର୍ମିତ ଚା କପ ବ୍ୟବହାରକୁ ନିଷିଦ୍ଧ କରାଯାଇଛି ।ଏସବୁ ବ୍ୟବହାର କରୁଥିବାର ଦେଖାଗଲେ, ଆଇନ ଅନୁଯାୟୀ ଦଣ୍ଡିତ ହେବେ । ଏଣୁ ଏ ସବୁ ବ୍ୟବହାର ନ କରି ସହରକୁ ସୁନ୍ଦର ରଖିବାରେ ସାହାଯ୍ୟ କରନ୍ତୁ ।

୪. ସ୍ୱଚ୍ଛ ଭାରତ ଅଭିଯାନ (ସହରାଞ୍ଚଳ) ଯୋଜନା ବର୍ଜ୍ୟବସ୍ତୁ ପରିଚାଳନା ଅଧିନିୟମ ୨୦୧୬ ଉପବିଧି ୧୫ ଅନ୍ତର୍ଗତ ଆଇନ ଭାଗ ୬ ଅନୁଯାୟୀ ୟୁଜର ଫି ସଂଗ୍ରହ ନିମନ୍ତେ ଉଲ୍ଲେଖ ରହିଛି, ଯାହାକୁ ସ୍ୱଚ୍ଛ ସାଥି , ସୁପର ଭାଇଜର , ସ୍ୱଚ୍ଛ କର୍ମୀଙ୍କ ମାସିକ ପ୍ରୋତ୍ସାହନ ରାଶି, ବୈଭବକେନ୍ଦ୍ରର ରକ୍ଷଣାବେକ୍ଷଣ ସହିତ ସଫେଇ ନିମନ୍ତେ ଖର୍ଚ୍ଚ କରାଯିବାର ବ୍ୟବସ୍ଥା ଅଛି। ଏଣୁ ଅନୁରୋଧ ଧାର୍ଯ୍ୟ ୟୁଜର ଫି କୁ ପୌରସଂସ୍ଥା ର କର୍ମଚାରୀଙ୍କ ନିକଟରେ ପୈଠ କରି ପୌରପରିଷଦର ଉନ୍ନତିରେ ସାମିଲ ହୁଅନ୍ତୁ।

୫. ନୂତନ ବାସଗୃହ, ଦୋକାନ ଗୃହ ଆଦି ନିର୍ମାଣ କରିବା ପୂର୍ବରୁ ପୌରସଂସ୍ଥାର ଗୃହର ନକ୍ସା ଅନୁମୋଦନ କରି ନିଅନ୍ତୁ ।ଯଦି ପୂର୍ବରୁ ପୌର ସଂସ୍ଥା ର ବିନା ଅନୁମୋଦନ ଘର ନିର୍ମାଣ କରିସାରିଛନ୍ତି , ଆଗାମୀ ଦିନରେ ଓଡିଶା ସରକାରଙ୍କ ଗୃହ ଓ ନଗର ଉନ୍ନୟନ ବିଭାଗ ଦ୍ୱାରା ହେବାକୁ ଥିବା ସର୍ବକ୍ଷମା ଯୋଜନାରେ ଗୃହର ନକ୍ସା ଓ ପ୍ଲାନ ଅନୁମୋଦନ କରି ନିଅନ୍ତୁ ।

| | | |
|---|---|---|
| ଶ୍ରୀଯୁକ୍ତ ଅଜିତ ନାରାୟଣ ପ୍ରସାଦ ଗିରି<br>ନିର୍ବାହୀ ଅଧିକାରୀ | ଆକବରୀ ଖାତୁନ<br>ଉପାଧ୍ୟକ୍ଷା | ଶ୍ରୀମତୀ ସରିତା ସାହୁ<br>ଅଧ୍ୟକ୍ଷା |

## OFFICE OF THE SRI NILACHAKRA WEAVERS' CO-OPERATIVE SOCIETY LTD.,

REGD.NO.18 PLB(TEX), DATED: 08.03.1992

AT: THAPAPALI, PO: SAN GOCHHAPADA, PS: BAUNSUNI, BLOCK/DIST: BOUDH

### ADVERTISEMENT

No: 01 DATE: 09.10.2025

Applications are invited in the prescribed form from the desirous candidates for 01 (One) post of the Secretary of Sri Nilachakra Weavers' Co-operative Society Ltd., At: Thapapali, Post: San Gochhapada, Dist: Boudh, PIN: 762015. Application form can be obtained in person from the Office of the Sri Nilachakra W.C.S. Ltd., Thapapali on payment of Rs.100.00 (Rupees One Hundred only) from dated: 10.10.2025 to 25.10.2025 during 10.00 AM to 5.30 PM (Except holidays). The duly filled in application form along with required documents (Self attested) should be submitted in the office of the Sri Nilachakra W.C.S. Ltd. in person obtaining the acknowledgement receipt or by Registered Post from Dated: 10.10.2025 to 25.10.2025 (Except holidays) during 10.00 AM to 5.30 PM and no application will be received after 5.30 PM of dated: 25.10.2025.

**ELIGIBILITY, EDUCATIONAL QUALIFICATION AND SELECTION CRITERIA:**

1. The candidate must be permanent resident of the Area operation of the Sri Nilachakra W.C.S. Ltd.
2. The candidate must passed the Matriculation/HSC examination from the recognized institution/Board.
3. Preference shall be given to the candidate having knowledge in weaving of handloom products.
4. A candidate must not be less than 21 years or more than 38 years of age as on dated: 01.01.2025. The upper age limit shall be 43 years in respect of person belonging to SC/ST/OBC including SEBC.
5. There is no scale of pay/salary for the post. However, remuneration shall be considered by the Managing Committee taking into the working performance of the employees and profit of the Society.
6. The candidate if selected for the post will deposit the Security Money of Rs.25,000/- and Surety Bond of Rs.1,00,000/- at the time of joining in the post in the Society.
7. The employee must obey the Odisha Co-operative Societies Act, 1962 (Odisha Act-2 of 1963)/Rule, 1965 and Bye-Laws of the Society and his engagement depends on the satisfactory performance by the Managing Committee of the Society.
8. Appointment for the post of Secretary will be made by the Managing Committee basis on the mark secured in the written test/Viva-voce and additional mark if any by the candidate.
9. Submission of the incomplete application and late receipt of the application will be rejected outrightly.

**NB: The Managing Committee/Administrator of the Society reserves all right to cancel/alter/ modify/reject the advertisement at any time without assigning any reason thereof.**

By order of the Administrator
Sd/-Secretary,
Sri Nilachakra W.C.S. Ltd., Thapapali

---

**यूनियन बैंक ऑफ इंडिया Union Bank of India** भारत सरकार का उपक्रम A Government of India Undertaking

**କ୍ଷେତ୍ରୀୟ କାର୍ଯ୍ୟାଳୟ: ବ୍ରହ୍ମପୁର**
ଗାୟତ୍ରୀ ସେଣ୍ଟ୍ରାଲ୍ ପ୍ଲାଜା, ଟାଟା ବେଞ୍ଚ ସ୍କୋୟାର ନିକଟ, ବ୍ରହ୍ମପୁର-୭୬୦୦୦୧, ଓଡ଼ିଶା, ଫୋନ୍: ୦୬୮୦-୨୨୨୫୨୭୨

## ବିକ୍ରୟ ନୋଟିସ୍ (୩୦ ଦିନିଆ ନୋଟିସ୍)

{ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ ୨୦୦୨ ର ରୁଲ୍ ୬(୨)/୮(୬)}

ପ୍ରାପ୍ତେଷୁ, (ନିମ୍ନଲିଖିତ ଆକାଉଣ୍ଟର ସମସ୍ତ ଋଣଗ୍ରହୀତା/କୋ-ଓବ୍ଲିଗାଣ୍ଟ/କୋ-ଆପ୍ଲିକାଣ୍ଟ/ ବନ୍ଧକଦାତା/ଗ୍ୟାରେଣ୍ଟିଦାତାମାନଙ୍କ ନିମନ୍ତେ ଏହା ଏକ ବିକ୍ରୟ ନୋଟିସ୍ ଅଟେ)

| ଶାଖା ଏବଂ ଯୋଗାଯୋଗ ନଂ. / ଋଣଗ୍ରହୀତା / କୋ-ଓବ୍ଲିଗାଣ୍ଟ / କୋ-ଆପ୍ଲିକାଣ୍ଟ/ ବନ୍ଧକଦାତା / ଗ୍ୟାରେଣ୍ଟିଦାତାମାନଙ୍କ ନାମ ଓ ଠିକଣା | ସମ୍ପତ୍ତିଗୁଡିକର ବିବରଣୀ | ଡିମାଣ୍ଡ ନୋଟିସ୍ ତାରିଖ / ଦଖଲ ତାରିଖ / ୩୦ ଦିନିଆ ନୋଟିସ୍ ତାରିଖ |
|---|---|---|
| **କୋର୍ଟପେଟା ଶାଖା, ଫୋନ୍: ୯୯୦୩୮୨୦୧୦୨ /** ୧) **ଅଜିତ୍ କୁମାର ପଣ୍ଡା,** ପିତା: ଦୁର୍ଗା ମାଧବ ପଣ୍ଡା, ସା: ମେନ୍ ରୋଡ୍, ଟାଙ୍ଗଣାପଲ୍ଲୀ, ଗଞ୍ଜାମ - ୭୬୧୦୦୩, ୨) **ଦୁର୍ଗା ମାଧବ ପଣ୍ଡା,** ପିତା: ଗୋପିନାଥ ପଣ୍ଡା, ସା: ମେନ୍ ରୋଡ୍, ଟାଙ୍ଗଣାପଲ୍ଲୀ, ଗଞ୍ଜାମ - ୭୬୧୦୦୩ | ଶ୍ରୀ ଦୁର୍ଗା ମାଧବ ପଣ୍ଡା (ସମ୍ପତ୍ତିର ମାଲିକ)ଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୧୩୦୩/୨୮୩୫, ଖାତା ନଂ.: ୪୫୦/୪୭୮, ମୌଜା: ଟାଙ୍ଗଣାପଲ୍ଲୀ, ଗଞ୍ଜାମ, ପରିମିତ କ୍ଷେତ୍ର: ଏକର୦.୦୧୨ ଡିସିମିଲି ଯାହା ୫୨୩ ବର୍ଗଫୁଟ ଏବଂ ଏହାର ଚାରିପାର୍ଶ୍ୱରେ ପୂର୍ବ: କେନାଲ, ପଶ୍ଚିମ: ରାସ୍ତା, ଉତ୍ତର: ଦିନବନ୍ଧୁ ରାଉଳଙ୍କ ସମ୍ପତ୍ତି, ଦକ୍ଷିଣ: କରୁଣା ରାଉଳଙ୍କ ସମ୍ପତ୍ତି | ୦୮.୦୪.୨୦୨୧ / ୧୮.୧୧.୨୦୨୧ / ୦୮.୧୦.୨୦୨୫ |
| **କୋର୍ଟପେଟା ଶାଖା, ଫୋନ୍: ୯୯୦୩୮୨୦୧୦୨ /** ୧) **ଶ୍ରୀ ଅରୁଣ ଗୌଡ,** ପିତା: କାଶୀ ଗୌଡ, ସା.: ଲାଠି, ଅଡୁଆ ଷ୍ଟ୍ରିଟ୍, ସୁକୁଣ୍ଡା, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡ଼ିଶା, ୨) **ଶ୍ରୀ କାଶୀ ଗୌଡ,** ସା.: ଲାଠି, ଅଡୁଆ ଷ୍ଟ୍ରିଟ୍, ସୁକୁଣ୍ଡା, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡ଼ିଶା, ୩) **ଶ୍ରୀ ସୀମାଞ୍ଚଳ ଗୌଡ,** ସା.: ଲାଠି, ଅଡୁଆ ଷ୍ଟ୍ରିଟ୍, ସୁକୁଣ୍ଡା, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡ଼ିଶା | ଶ୍ରୀ ଅରୁଣ ଗୌଡ, ଶ୍ରୀ କାଶୀ ଗୌଡ ଏବଂ ଶ୍ରୀ ସୀମାଞ୍ଚଳ ଗୌଡ (ସମ୍ପତ୍ତିର ମାଲିକ)ଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ରେଭିନ୍ୟୁ ମୌଜା: ସୁକୁଣ୍ଡା, ମେନ୍ ରୋଡ୍, ସୁକୁଣ୍ଡା, ବ୍ରହ୍ମପୁର, ପରିମିତ କ୍ଷେତ୍ର: ୮୭୧ ବର୍ଗଫୁଟ, ପ୍ଲଟ୍ ନଂ.: ୨୯୮/୪୯୯, ଖାତା ନଂ.: ୧୦୪/୨୩୫, ଏହାର ଚାରିପାର୍ଶ୍ୱରେ ପୂର୍ବ:ରାସ୍ତା, ପଶ୍ଚିମ: ରାସ୍ତା, ଉତ୍ତର: ରଙ୍କନିଧି ଗୌଡଙ୍କ ଗୃହ, ଦକ୍ଷିଣ:କାମନା ଗୌଡଙ୍କ ଗୃହ | ୦୭.୧୧.୨୦୧୭ / ୨୫.୦୪.୨୦୧୮ / ୦୮.୧୦.୨୦୨୫ |
| **କୋର୍ଟପେଟା ଶାଖା, ଫୋନ୍: ୯୯୦୩୮୨୦୧୦୨ /** ୧) **ମେସର୍ସ ଏମ୍.ବି. ଫାର୍ମାସ୍ୟୁଟିକାଲ୍ସ, ସ୍ୱତ୍ତ୍ୱାଧିକାରୀ: ଦିବ୍ୟ ଲୋଚନ ବେହେରା,** ସା: ବ୍ରଜ ନଗର, ୩ୟ ଲେନ୍, ବ୍ରହ୍ମପୁର, ୨) **ଦିବ୍ୟ ଲୋଚନ ବେହେରା,** ପିତା: ଶତୃଘନ ବେହେରା, ୩) **ଶତୃଘନ ବେହେରା,** ପିତା: ସୁବୁଦ୍ଧି ବେହେରା, କ୍ର. ନଂ.: ୨ ଏବଂ ୩ର ଠିକଣା- ଗ୍ରାମ: ହୁଣ୍ଡତ, ପୋ.: ହତାପୁର, ପୁରୁଷୋତ୍ତମପୁର, ଗଞ୍ଜାମ-୭୬୧୦୧୮ | ଶ୍ରୀ ଶତୃଘନ ବେହେରାଙ୍କ ନାମରେ ଥିବା ବାସୋପଯୋଗୀ ଜମି ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.:୯୭୩/୧୬୧୭, ଖାତା ନଂ.: ୩୦୩/୨୩୦, ମୌଜା: ପୁରୁଷୋତ୍ତମପୁର, ଗଞ୍ଜାମ, ପରିମିତ କ୍ଷେତ୍ର:ଏକର୦.୦୪୧ଡିସିମିଲି ଯାହା ୧୭୮୬ ବର୍ଗଫୁଟ, ଏହାର ଚାରିପାର୍ଶ୍ୱରେ ପୂର୍ବ: ରାମ ଚନ୍ଦ୍ର ସାହୁଙ୍କ ଜମି, ପଶ୍ଚିମ: ସୁକାନ୍ତି ସାସମଲଙ୍କ ଜମି, ଉତ୍ତର: କ୍ରେତାମାନଙ୍କ ଜମି, ଦକ୍ଷିଣ: ରାସ୍ତା | ୦୫.୦୫.୨୦୨୧ / ୦୨.୧୧.୨୦୨୧ / ୦୮.୧୦.୨୦୨୫ |
| **କୋର୍ଟପେଟା ଶାଖା, ଫୋନ୍: ୯୯୦୩୮୨୦୧୦୨ /** ୧) **ମେସର୍ସ ନବଜ୍ୟୋତି ପଲିପାଇପ୍ସ, ସ୍ୱତ୍ତ୍ୱାଧିକାରୀ: ସରୋଜିନୀ ପଣ୍ଡିତ,** ସ୍ୱାମୀ: ଆଲି କୃଷ୍ଣ ପଣ୍ଡିତ, ସା: ପ୍ରେମ ନଗର ୨ୟ ଲେନ୍, ବ୍ରହ୍ମପୁର, ଗଞ୍ଜାମ, ୨) **ସରୋଜିନୀ ପଣ୍ଡିତ,** ସ୍ୱାମୀ: ଆଲି କୃଷ୍ଣ ପଣ୍ଡିତ, ସା: ପ୍ରେମ ନଗର ୨ୟ ଲେନ୍, ବ୍ରହ୍ମପୁର, ଗଞ୍ଜାମ | ସରୋଜିନୀ ପଣ୍ଡିତ (ସମ୍ପତ୍ତିର ମାଲିକ)ଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୧୧୨୩/୨୩୫୫, ଖାତା ନଂ.: ୧୮୮/୮୫୫, ଗ୍ରାମ: ଦୁବପଲ୍ଲୀ, କନିସି, ଗଞ୍ଜାମ, ଓଡ଼ିଶା, ପରିମିତ କ୍ଷେତ୍ର: ଏକର୦.୦୪୧ ଡ଼ିସିମିଲି ଏବଂ ଏହାର ଚାରିପାର୍ଶ୍ୱରେ ପୂର୍ବ: ବିକ୍ରେତାଙ୍କ ବଳକା ଜମି, ପଶ୍ଚିମ: ସ୍ୱର୍ଣ୍ଣମଞ୍ଜରୀ ପଣ୍ଡାଙ୍କ ଜମି, ଉତ୍ତର: ରାସ୍ତା, ଦକ୍ଷିଣ: ସମ୍ପୃକ୍ତ ପକ୍ଷଙ୍କ ବଳକା ଜମି | ୩୧.୦୮.୨୦୧୯ / ୧୬.୦୧.୨୦୨୦ / ୦୮.୧୦.୨୦୨୫ |
| **କୋର୍ଟପେଟା ଶାଖା, ଫୋନ୍: ୯୯୦୩୮୨୦୧୦୨ /** ୧) **ଶ୍ରୀ ପ୍ରଭାକର ସାହୁ,** ପିତା: ଶ୍ରୀ ଅଶୋକ କୁମାର ସାହୁ, ସା: ଆରୁଆପଲ୍ଲୀ, ଗଞ୍ଜୁ, ଗୋପାଳପୁର, ଗଞ୍ଜାମ, ଓଡ଼ିଶା,୨) **ଶ୍ରୀ ଅଶୋକ କୁମାର ସାହୁ,** ପିତା: ଶ୍ରୀ ଖଲ୍ଲି ସାହୁ, ସା: ଆରୁଆପଲ୍ଲୀ, ଗଞ୍ଜୁ, ଗୋପାଳପୁର, ଗଞ୍ଜାମ, ଓଡ଼ିଶା | ଶ୍ରୀ ଅଶୋକ କୁମାର ସାହୁ(ସମ୍ପତ୍ତିର ମାଲିକ)ଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପରିମିତ କ୍ଷେତ୍ର:୧୦୮୯ ବର୍ଗଫୁଟ, ପ୍ଲଟ୍ ନଂ.: ୧୧୧୮, ଖାତା ନଂ.: ୪୭୦/୨୮୧, ରେଭିନ୍ୟୁ ମୌଜା: ଆରୁଆପଲ୍ଲୀ, ଆରୁଆପଲ୍ଲୀ, ଗଞ୍ଜୁ, ଗଞ୍ଜାମ ଏବଂ ଏହାର ଚାରିପାର୍ଶ୍ୱରେ ପୂର୍ବ: ତ୍ରିନାଥ ସାହୁଙ୍କ ଗୃହ, ପଶ୍ଚିମ: ନରସିଂଘ ସାହୁଙ୍କ ଗୃହ, ଉତ୍ତର: ରାସ୍ତା, ଦକ୍ଷିଣ: ସୀମା ବେହେରାଙ୍କ ସମ୍ପତ୍ତି | ୦୧.୦୯.୨୦୧୮ / ୦୨.୦୧.୨୦୧୯ / ୨୨.୦୯.୨୦୨୫ |
| **ୟୁଏମ୍ଏଫ୍‌ବି ଶାଖା, ଫୋନ୍: ୭୮୭୩୫୮୧୯୪୫ /** ୧) **ମେସର୍ସ ଆଶା ଏଣ୍ଟରପ୍ରାଇଜେସ୍, ସ୍ୱତ୍ତ୍ୱାଧିକାରୀ: ଜେ ଆଶା,** ସା: ଗେଦଲନାଇଡୁପଲମ, ପାଲିଆ ଷ୍ଟ୍ରିଟ୍, ଛତ୍ରପୁର, ଗଞ୍ଜାମ, ଓଡିଶା-୭୬୧୦୨୦, ୨) **ଜେ ଆଶା,** ପିତା: ଜେ ଦେବରାଜ ରାଓ, ସା: ପାଲିଆ ଲକ୍ଷ୍ମୀପୁର, କାଳିପଲି, ବଡପୁଟି, ଗଞ୍ଜାମ, ଓଡିଶା-୭୬୧୦୨୦, ୩) **ଜି ଡିଲେଶ୍ୱରି,** ସ୍ୱାମୀ: ଜି ମହାଦେବ, ସା: ଗେଦଲନାଇଡୁପଲମ, ପାଲିଆ ଷ୍ଟ୍ରିଟ୍, ଛତ୍ରପୁର, ଗଞ୍ଜାମ, ଓଡିଶା-୭୬୧୦୨୦ | **ଜି ଡିଲେଶ୍ୱରି,** ସ୍ୱାମୀ: ଜି ମହାଦେବଙ୍କ ନାମରେ ଥିବା ଜମି ଏବଂ ଗୃହ ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ଖାତା ନଂ.: ୧୮୨/୪୧୩୪, ପ୍ଲଟ୍ ନଂ.: ୨୭୫, କ୍ଷେତ୍ର: ଏକର୦.୨୪୮ ଡ଼ିସିମିଲି (ଘରବାରୀ), ରେଭିନ୍ୟୁ ମୌଜା: ଗେଦଲନାଇଡୁପଲମ, ତହସିଲ: ଛତ୍ରପୁର, ଜିଲ୍ଲା: ଗଞ୍ଜାମ, ରାଜ୍ୟ: ଓଡିଶା, ପିନ୍-୭୬୧୦୨୦, ଏହାର ଚାରିପାର୍ଶ୍ୱରେ ଉତ୍ତର: ଜି ଡିଲେଶ୍ୱରିଙ୍କ ପ୍ଲଟ୍ ନଂ.: ୨୭୬/୪୪୮୬ର ଜମି, ଦକ୍ଷିଣ: ପ୍ଲଟ୍ ନଂ.: ୨୭୪, ପୂର୍ବ: ରାସ୍ତା, ପଶ୍ଚିମ: କାମେଶ୍ୱର ରାଓଙ୍କ ଜମି | ୧୪.୦୮.୨୦୨୪ / ୨୨.୧୦.୨୦୨୪ / ୨୨.୦୯.୨୦୨୫ |
| **ବେଲଗୁଣ୍ଠା ଶାଖା, ଫୋନ୍: ୭୦୦୮୫୧୭୬୮୭ /** ୧) **କୈଳାସ ଚନ୍ଦ୍ର ଶତପଥୀ,** ପିତା: କୃପାସିନ୍ଧୁ ଶତପଥୀ, ୨) **ବାସନ୍ତୀ ଶତପଥୀ,** ସ୍ୱାମୀ: କୈଳାସ ଚନ୍ଦ୍ର ଶତପଥୀ, ୩) **ଲକ୍ଷ୍ମୀକାନ୍ତ ଶତପଥୀ,** ପିତା: କୈଳାସ ଚନ୍ଦ୍ର ଶତପଥୀ, ସମସ୍ତଙ୍କ ଠିକଣା- ସା.:କୁମ୍ଭାପଡା, ଭାୟା: ଜଗନ୍ନାଥପ୍ରସାଦ, ଗଞ୍ଜାମ, ଓଡ଼ିଶା-୭୬୧୧୨୧ | **ବାସନ୍ତୀ ଶତପଥୀଙ୍କ** ନାମରେ ଥିବା ଜମି ଏବଂ ଗୃହ ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.: ୫୭୮୯ ଏବଂ ୫୭୯୦,ଖାତା ନଂ.: ୧୩୨୧/୧୭୯, ରେଭିନ୍ୟୁ ମୌଜା: କୁମ୍ଭାପଡା, ତହସିଲ: ଜଗନ୍ନାଥପ୍ରସାଦ, ଜିଲ୍ଲା: ଗଞ୍ଜାମ, କ୍ଷେତ୍ର: ଏକର ୦.୦୭୯ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ବାସନ୍ତୀ ଶତପଥୀଙ୍କ ଗୃହ, ପଶ୍ଚିମ: ହାଡିଆ ନାୟକ ଏବଂ ନକୁଳ ନାୟକଙ୍କ ଜମି, ଉତ୍ତର: ରାସ୍ତା, ଦକ୍ଷିଣ: ଦାଶରଥି ନାୟକଙ୍କ ଜମି | ୦୯.୦୪.୨୦୨୧ / ୧୪.୧୧.୨୦୨୧ / ୦୮.୧୦.୨୦୨୫ |
| **ବେଲଗୁଣ୍ଠା ଶାଖା, ଫୋନ୍: ୭୦୦୮୫୧୭୬୮୭ /** ୧) **ପ୍ରମୋଦ କୁମାର ଆରୁଖ,** ପିତା: ୰ ଲିଙ୍ଗରାଜ ଆରୁଖ, ସା/ପୋ.: ଖମାରପଲ୍ଲୀ, ଭାୟା: ବରଗାଁ, ପୋ/ଥାନା: ଜଗନ୍ନାଥପ୍ରସାଦ, ଜିଲ୍ଲା: ଗଞ୍ଜାମ, ଓଡ଼ିଶା-୭୬୧୧୨୦, ୨) **କନ୍ଧ ଚରଣ ଆରୁଖ,** ପିତା: ଦୁର୍ଯ୍ୟୋଧନ ଆରୁଖ, ଗ୍ରାମ:ଖମାରପଲ୍ଲୀ, ଜିଲ୍ଲା: ଗଞ୍ଜାମ, ୩) **ସୁମନ୍ତ ଦିହୁଡି,** ପିତା: ସନ୍ୟାସୀ ଦିହୁଡି, ପୋ/ଥାନା: ଜଗନ୍ନାଥପ୍ରସାଦ, ଜିଲ୍ଲା: ଗଞ୍ଜାମ, ପିନ୍-୭୬୧୧୨୦ | **ପ୍ରମୋଦ କୁମାର ଆରୁଖଙ୍କ** ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.: ୧୯୫୨/୪୨୭୭, ଖାତା ନଂ.: ୪୦୫/୧୩୪, ରେଭିନ୍ୟୁ ମୌଜା: ଖମାରପଲ୍ଲୀ, ତହସିଲ: ଜଗନ୍ନାଥପ୍ରସାଦ, ସା: ଖମାରପଲ୍ଲୀ, ବେଲଗୁଣ୍ଠା, ଜିଲ୍ଲା: ଗଞ୍ଜାମ, ପରିମିତ କ୍ଷେତ୍ର: ଏକର ୦.୦୪୦ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ଦୁଃଖିଶ୍ୟାମ ଆରୁଖଙ୍କ ଗୃହ, ପଶ୍ଚିମ: ଅଭିମନ୍ୟୁ ଆରୁଖଙ୍କ ଗୃହ, ଉତ୍ତର: ହରିକୃଷ୍ଣ ଆରୁଖଙ୍କ ସମ୍ପତ୍ତି, ଦକ୍ଷିଣ: ରାସ୍ତା | ୦୧.୦୧.୨୦୨୦ / ୧୯.୧୧.୨୦୨୧ / ୦୮.୧୦.୨୦୨୫ |
| **ବେଲଗୁଣ୍ଠା ଶାଖା, ଫୋନ୍: ୭୦୦୮୫୧୭୬୮୭ /** ୧) **ରବିନ୍ଦ୍ରନାଥ ସେଠୀ,** ପିତା: ଖଦାଳ ସେଠୀ, ସ୍ଥାୟୀ ଠିକଣା-କାଦପଡା, ପୋ.: ବାଲିପଦର, ଜିଲ୍ଲା: ଗଞ୍ଜାମ, ଓଡ଼ିଶା-୭୬୧୧୧୭, ୨) **ମନୋରମା ସେଠୀ,** ସ୍ୱାମୀ: ରବିନ୍ଦ୍ରନାଥ ସେଠୀ, ସ୍ଥାୟୀ ଠିକଣା-କାଦପଡା, ପୋ.: ବାଲିପଦର, ଜିଲ୍ଲା: ଗଞ୍ଜାମ, ପିନ୍-୭୬୧୧୧୭, ୩) **ମନୋରମା ସେଠୀ,** ସ୍ଥାୟୀ ଠିକଣା- କ୍ୱାର୍ଟର ନଂ.: ଏ-୪୦୦, ସେକ୍ଟର-୨, ନାଲ୍‌କୋ ଟାଉନସିପ୍ (ମାଇନିଂ ଅପରେଟର), ଦାମନଯୋଡି-୭୬୩୦୦୮, ଜିଲ୍ଲା: କୋରାପୁଟ, ଓଡ଼ିଶା | **ରବିନ୍ଦ୍ରନାଥ ସେଠୀଙ୍କ** ନାମରେ ଥିବା ଆଇନଗତ ବନ୍ଧକପ୍ରାପ୍ତ ବାସୋପଯୋଗୀ ଜମି ଏବଂ ଗୃହ ଯାହାର ରେଭିନ୍ୟୁ ମୌଜା: କାଦପଡା, ଖାତା ନଂ.: ୫୨୭/୯୩, ପ୍ଲଟ୍ ନଂ.: ୭୧୯/୧୦୬୬, କ୍ଷେତ୍ର: ଏକର୦.୧୯୬ ଡିସିମିଲି, ବାଲିପଦର, ଗଞ୍ଜାମ, ଏହାର ଚାରିପାର୍ଶ୍ୱରେ ପୂର୍ବ: ବିକ୍ରେତା ରୁଦ୍ର ନାରାୟଣ ପାତ୍ରଙ୍କ ଜମି, ପଶ୍ଚିମ: ମଞ୍ଜୁଳା ପ୍ରଧାନଙ୍କ ଜମି, ଉତ୍ତର: ରାସ୍ତା, ଦକ୍ଷିଣ: ଦାଣ୍ଡ | ୦୮.୦୫.୨୦୧୮ / ୨୦.୦୯.୨୦୧୮ / ୦୮.୧୦.୨୦୨୫ |
| **ବାଉଁଶିଆପଡା ଶାଖା, ଫୋନ୍: ୯୮୧୯୪୧୦୯୫୧ /** ୧) **ମେସର୍ସ ମା ଲକ୍ଷ୍ମୀ ସବ୍‌ଜୀ ଭଣ୍ଡାର, ସ୍ୱତ୍ତ୍ୱାଧିକାରୀ: ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରା,** ସା: ରାମଚନ୍ଦ୍ରପୁର, ପୋ: ହରେକୃଷ୍ଣପୁର, ଜିଲ୍ଲା: ନୟାଗଡ଼, ଓଡ଼ିଶା, ୨) **ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରା,** ପିତା: ଶ୍ରୀ ସଂସାରୀ ସାମନ୍ତରା, ଗ୍ରାମ: ଡମୁଣି, ପୋ: ମହିପୁର, ଥାନା: ନୂଆଗାଁ, ଜିଲ୍ଲା: ନୟାଗଡ଼, ଓଡ଼ିଶା, ୩) **ଶ୍ରୀ ଗୋପାଳ ଚନ୍ଦ୍ର ସାମନ୍ତରା,** ପିତା: ଶ୍ରୀ ସଂସାରୀ ସାମନ୍ତରା, ଗ୍ରାମ: ଡମୁଣି, ପୋ: ମହିପୁର, ଥାନା: ନୂଆଗାଁ, ଜିଲ୍ଲା: ନୟାଗଡ଼, ଓଡ଼ିଶା, ୪) **ଶ୍ରୀମତୀ ଲକ୍ଷ୍ମୀରାଣୀ ସାମନ୍ତରା,** ସ୍ୱାମୀ: ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରା, ଗ୍ରାମ: ଡମୁଣି, ପୋ: ମହିପୁର, ଥାନା: ନୂଆଗାଁ, ଜିଲ୍ଲା: ନୟାଗଡ଼, ଓଡ଼ିଶା | **ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରା ଏବଂ ଶ୍ରୀ ଗୋପାଳ ଚନ୍ଦ୍ର ସାମନ୍ତରାଙ୍କ** ନାମରେ ଥିବା ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୯୯୦, ଖାତା ନଂ.: ୧୮୦/୬୯, କ୍ଷେତ୍ର: ଏକର୦.୧୨ ଡିସିମିଲି ଏବଂ ପ୍ଲଟ୍ ନଂ.: ୯୯୧/୧୧୩୮, ଖାତା ନଂ.: ୧୮୦/୨୬, କ୍ଷେତ୍ର: ଏକର୦.୦୭ ଡିସିମିଲି, ମୌଜା: ଗାତିରି, ତହସିଲ: ନୂଆଗାଁ, ଆର୍.ଆଇ ସର୍କଲ: ମହିପୁର, ଜିଲ୍ଲା: ନୟାଗଡ଼ | ୦୨.୦୮.୨୦୧୮ / ୧୮.୦୨.୨୦୧୯ / ୨୨.୦୯.୨୦୨୫ |
| **ଦିଗପହଣ୍ଡି ଶାଖା, ଫୋନ୍: ୯୭୦୪୯୧୯୨୭୦ /** ୧) **ମେସର୍ସ ଅଏଲ୍‌ଲେସ୍ ଫୁଡ୍ ଇଣ୍ଡଷ୍ଟ୍ରି, ସ୍ୱତ୍ତ୍ୱାଧିକାରୀ: ଶ୍ରୀମତୀ ହିଙ୍ଗଳ ତିଳତମା ରେଡ୍ଡୀ,** ସା/ପୋ.: ଗୋକର୍ଣ୍ଣପୁର, ଦିଗପହଣ୍ଡି, ଗଞ୍ଜାମ, ଓଡ଼ିଶା - ୭୬୧୦୧୨, ୨) **ଶ୍ରୀ ହିଙ୍ଗଳ ସୁରେନ୍ଦ୍ର ରେଡ୍ଡୀ,** ପିତା: ଶ୍ରୀ ହିଙ୍ଗଳ ସୋମନାଥ ରେଡ୍ଡୀ, ସା/ପୋ.: ଗୋକର୍ଣ୍ଣପୁର, ଦିଗପହଣ୍ଡି, ଗଞ୍ଜାମ, ଓଡ଼ିଶା - ୭୬୧୦୧୨ | **ଶ୍ରୀ ହିଙ୍ଗଳ ସୁରେନ୍ଦ୍ର ରେଡ୍ଡୀଙ୍କ** ନାମରେ ଥିବା ଜମି ଏବଂ ଗୃହ ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.: ୩୭୧୭, ଖାତା ନଂ.: ୬୬୯, ରେଭିନ୍ୟୁ ମୌଜା: ଗୋକର୍ଣ୍ଣପୁର, ତହସିଲ/ଏସ୍‌ଆରଓ: ଦିଗପହଣ୍ଡି, ଗଞ୍ଜାମ, ଓଡ଼ିଶା, ପରିମିତ କ୍ଷେତ୍ର: ଏକର୦.୦୨୦ ଡିସିମିଲି ଯାହା ୮୭୧ ବର୍ଗଫୁଟ, ଏହାର ଚାରିପାର୍ଶ୍ୱରେ ଉତ୍ତର: ରାସ୍ତା, ଦକ୍ଷିଣ: ଶିବରାମ ମହାରଣାଙ୍କ ଜମି, ପୂର୍ବ: ଏଚ୍ ରଘୁନାଥ ରେଡ୍ଡୀଙ୍କ ଗୃହ, ପଶ୍ଚିମ: ଏଚ୍ କସ୍ତୁରୀଙ୍କ ଗୃହ | ୧୧.୧୦.୨୦୨୨ / ୧୫.୦୪.୨୦୨୩ / ୦୮.୧୦.୨୦୨୫ |
| **ଗୋସାଣୀନୂଆଗାଁ ଶାଖା, ଫୋନ୍: ୭୬୮୨୮୨୦୩୫୩ /** ୧) **ମୁକ୍ତା ଦାସ,** ସ୍ୱାମୀ: ବନ ଦାସ, ସା: ଲକ୍ଷ୍ମୀ ଷ୍ଟ୍ରିଟ୍, ବାଉରୀ ଷ୍ଟ୍ରିଟ୍ ନିକଟ, ବିଜିପୁର, ବ୍ରହ୍ମପୁର- ୭୬୦୦୦୧, ୨) **ଚନ୍ଦ୍ରକଳା ରାଉତ,** ସା: ଲକ୍ଷ୍ମୀ ଷ୍ଟ୍ରିଟ୍, ବାଉରୀ ଷ୍ଟ୍ରିଟ୍ ନିକଟ, ବିଜିପୁର, ବ୍ରହ୍ମପୁର- ୭୬୦୦୦୧, ୩) **କେଦାର ରାଉତ,** ମାତା: ଚନ୍ଦ୍ରକଳା ରାଉତ, ସା: ଲକ୍ଷ୍ମୀ ଷ୍ଟ୍ରିଟ୍, ବାଉରୀ ଷ୍ଟ୍ରିଟ୍ ନିକଟ, ବିଜିପୁର, ବ୍ରହ୍ମପୁର- ୭୬୦୦୦୧ | **ମୁକ୍ତା ଦାସଙ୍କ** ନାମରେ ଥିବା ଆଇନଗତ ବନ୍ଧକପ୍ରାପ୍ତ ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୨୫୧, ଖାତା ନଂ.: ୭୮୨, ରେଭିନ୍ୟୁ ମୌଜା: ବିଜିପୁର, ତହସିଲ: ବ୍ରହ୍ମପୁର, ସା: ଲକ୍ଷ୍ମୀ ଷ୍ଟ୍ରିଟ୍, ବାଉରୀ ସାହି, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ପରିମିତ କ୍ଷେତ୍ର: ଏକର୦.୦୦୮ ଡ଼ିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ପଦ୍ମ ଦାସଙ୍କ ଗୃହ, ପଶ୍ଚିମ: କୁନ୍ତଳା ଦାସଙ୍କ ଗୃହ, ଉତ୍ତର: ଶ୍ରୀ ସୁବୁଦ୍ଧି ସେଠୀଙ୍କ ଗୃହ, ଦକ୍ଷିଣ: ରାସ୍ତା | ୨୮.୦୭.୨୦୨୨ / ୧୧.୧୦.୨୦୨୨ / ୨୨.୦୯.୨୦୨୫ |
| **କୁଲ୍ଲାଡ ଶାଖା, ଫୋନ୍: ୭୦୦୪୮୩୬୬୭୬ /** ୧) **ରବିନ୍ଦ୍ର ନାୟକ,** ପିତା: ବିଜୟ ନାୟକ, ୨) **ବିଜୟ ନାୟକ,** ପିତା: ସହଦେବ ନାୟକ, ଉଭୟଙ୍କ ଠିକଣା- ସା.: ରାଇପଲ୍ଲୀ, ପୋ.: ତିଳିସିଙ୍ଗି, ଭାୟା: କୁଲ୍ଲାଡ, ଗଞ୍ଜାମ, ଓଡିଶା-୭୬୧୧୩୧ | ୧) **ରବିନ୍ଦ୍ର ନାୟକ,** ପିତା: ବିଜୟ ନାୟକଙ୍କ ନାମରେ ଥିବା ବାସୋପଯୋଗୀ ଜମି ଯାହାର ମୌଜା: ବାଲିଆପଟା, ଏସ୍‌ଆରଓ /ତହସିଲ: ଘୁମୁସର, ଭଞ୍ଜନଗର, ଜିଲ୍ଲା: ଗଞ୍ଜାମ, ଖାତା ନଂ.: ୧୬୮/୧୦୦, ପ୍ଲଟ୍ ନଂ.: ୭୬୭/୧୨୦୮, କ୍ଷେତ୍ର: ଏକର ୦.୨୦୦ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ : ଉମା ଚରଣ ପ୍ରଧାନଙ୍କ ଜମି, ପଶ୍ଚିମ: ଶତୃଘନ ପ୍ରଧାନଙ୍କ ଜମି, ଦକ୍ଷିଣ: ରବିନ୍ଦ୍ର ନାୟକଙ୍କ ପ୍ଲଟ୍ ନଂ.: ୭୬୮, ଉତ୍ତର: ରାସ୍ତା, ୨) **ବିଜୟ ନାୟକ,** ପିତା: ସହଦେବ ନାୟକଙ୍କ ନାମରେ ଥିବା ବାସୋପଯୋଗୀ ଜମି ଯାହାର ମୌଜା: ରାଇପଲ୍ଲୀ, ଏସ୍‌ଆରଓ / ତହସିଲ: ଘୁମୁସର, ଭଞ୍ଜନଗର, ଜିଲ୍ଲା: ଗଞ୍ଜାମ, ଖାତା ନଂ.: ୧୨୩, ପ୍ଲଟ୍ ନଂ.: ୯୯୫, କ୍ଷେତ୍ର: ଏକର୦.୦୩୦ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ଲିଙ୍ଗରାଜ ପ୍ରଧାନଙ୍କ ଜମି, ଦକ୍ଷିଣ: କାଶୀନାଥ ଗୌଡଙ୍କ ଜମି, ଉତ୍ତର: ତ୍ରିନାଥ ନାୟକଙ୍କ ଜମି, ପଶ୍ଚିମ: ରାସ୍ତା | ୩୦.୦୪.୨୦୨୧ / ୧୦.୧୨.୨୦୨୧ / ୨୨.୦୯.୨୦୨୫ |
| **ନୀଳକଣ୍ଠନଗର ଶାଖା,ଫୋନ୍: ୯୮୬୧୨୮୧୨୩୪/** ୧) **ମିସ୍ ଭାଗ୍ୟଲକ୍ଷ୍ମୀ ବିଶ୍ୱାଳ,** ପିତା: ଅଭିମନ୍ୟୁ ବିଶ୍ୱାଳ/ ସୁରକ୍ଷା ବିଶ୍ୱାଳ, ସା: ରାମ ନଗର ୨ୟ ଲେନ୍, କମାପଲ୍ଲୀ, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡିଶା- ୭୬୦୦୦୨, ୨) **ଶ୍ରୀ ନୀଳକଣ୍ଠ ମହାନ୍ତି,** ପିତା: ଶ୍ରୀ ସୁଦର୍ଶନ ମହାନ୍ତି, ସା: ଶାସ୍ତ୍ରୀ ନଗର-୨, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡିଶା- ୭୬୧୦୧୮ | **ମିସ୍ ଭାଗ୍ୟଲକ୍ଷ୍ମୀ ବିଶ୍ୱାଳଙ୍କ** ନାମରେ ଥିବା ଜମି ସହିତ ଫାଉଣ୍ଡେସନ୍ ଷ୍ଟ୍ରକଚର ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.: ୪୨୬୭/୧୫୬୩୯/୧୬୮୩୭, ଖାତା ନଂ.: ୧୫୩୦/୭୯୪୧, ମୌଜା: ଭାବିନିପୁର, ରେଭିନ୍ୟୁ ସର୍କଲ: ବଡ଼କୁଶସ୍ଥଳି, ଥାନା: ବ୍ରହ୍ମପୁର ସଦର, ତହସିଲ: କନିସି, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଗୃହ ସମ୍ପତ୍ତିର **ସମୁଦାୟ ପରିମିତ କ୍ଷେତ୍ର: ଏକର ୦.୦୧୪ ଡ଼ିସିମିଲି,** ଏହାର ଚାରିପାର୍ଶ୍ୱରେ ପୂର୍ବ: ନୀଳକଣ୍ଠ ମହାନ୍ତିଙ୍କ ସମ୍ପତ୍ତି, ପଶ୍ଚିମ: ସନ୍ତୋଷ କୁମାର ସାହୁ ଏବଂ ଲକ୍ଷ୍ମୀକାନ୍ତ ପାଢ଼ୀଙ୍କ ସମ୍ପତ୍ତି, ଉତ୍ତର: ପ୍ଲଟ୍ ନଂ.: ୪୨୪୪, ଦକ୍ଷିଣ: ରାସ୍ତା | ୦୬.୦୪.୨୦୨୦ / ୧୭.୧୧.୨୦୨୨ / ୦୮.୧୦.୨୦୨୫ |
| **ରମ୍ଭା ଶାଖା, ଫୋନ୍: ୯୮୬୧୦୧୪୪୯୦ /** ୧) **ରଞ୍ଜନ କୁମାର ନାହାକ,** ପିତା: ରାମ ଚନ୍ଦ୍ର ନାହାକ, ୨) **ଗୁରୁବାରୀ ନାହାକ (ବନ୍ଧକଦାତା/ଗ୍ୟାରେଣ୍ଟିଦାତା),** ସ୍ୱାମୀ: ରାମ ଚନ୍ଦ୍ର ନାହାକ, ୩) **ବିକ୍ରମ କୁମାର ନାହାକ,** ପିତା: ହାଡୁ ବନ୍ଧୁ ନାହାକ, ସମସ୍ତଙ୍କ ଠିକଣା- ସା: ମଧୁରଚୁଆ, ପୋ: ରମ୍ଭା, ଗଞ୍ଜାମ, ପିନ୍-୭୬୧୦୨୮ | **ଗୁରୁବାରୀ ନାହାକ,** ସ୍ୱାମୀ: ରାମ ଚନ୍ଦ୍ର ନାହାକ, ସା: ମଧୁରଚୁଆ, ପୋ: ରମ୍ଭା, ଗଞ୍ଜାମଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ସା: ଏନ୍‌ଏସି ମେନ୍ ରୋଡ୍, ହାଇସ୍କୁଲ ସମ୍ମୁଖ, ମୌଜା: ମଧୁରଚୁଆ, ଥାନା: ରମ୍ଭା, ତହସିଲ/ଜିଲ୍ଲା: ଗଞ୍ଜାମ, ପ୍ଲଟ୍ ନଂ.: ୫୧୩, ଖାତା ନଂ.:୧୯୫ (ପୁରୁଣା), ଖାତା ନଂ.: ୩୧୨/୨୧୩ (ନୂତନ), କ୍ଷେତ୍ର: ଏକର୦.୦୩୬ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ରାମ ଚନ୍ଦ୍ର ନାହାକଙ୍କ ଗୃହ, ପଶ୍ଚିମ: ଭିକାରୀ ନାହାକଙ୍କ ଗୃହ, ଦକ୍ଷିଣ: ଯୋଗୀ ମହାପାତ୍ର, ଉତ୍ତର: ରାସ୍ତା | ୩୦.୦୪.୨୦୨୧ / ୦୫.୦୧.୨୦୨୨ / ୨୨.୦୯.୨୦୨୫ |
| **ଏସ୍ଏମ୍ଆଇଟି ଚଣ୍ଡିପଦର ଶାଖା, ଫୋନ୍: ୯୪୮୬୦୯୮୬୫୩ /** ୧(କ) **ଶ୍ରୀ ସଞ୍ଜୟ ରାଉଳ,** ପିତା: ଶ୍ରୀ ଧୋବା ରାଉଳ, ସା/ପୋ: ଚଣ୍ଡିପଦର, ଭାୟା: ଭାଟକୁମରଡା, ଜିଲ୍ଲା: ଗଞ୍ଜାମ, ଓଡ଼ିଶା-୭୬୧୦୦୩ **(ଋଣଗ୍ରହୀତା),** ୧(ଖ) **ଶ୍ରୀ ଧୋବା ରାଉଳ,** ପିତା: ସୋମନାଥ ରାଉଳ, ସା/ପୋ: ଚଣ୍ଡିପଦର, ବଡ ସାହି, ଜିଲ୍ଲା: ଗଞ୍ଜାମ, ଓଡ଼ିଶା-୭୬୧୦୦୩ **(ସହ-ଋଣଗ୍ରହୀତା), ୨(କ) ଶ୍ରୀ ଧୋବା ରାଉଳ,** ପିତା: ସୋମନାଥ ରାଉଳ, ସା/ପୋ: ଚଣ୍ଡିପଦର, ବଡ ସାହି, ଜିଲ୍ଲା: ଗଞ୍ଜାମ, ଓଡ଼ିଶା-୭୬୧୦୦୩ **(ବନ୍ଧକଦାତା)** | **ଶ୍ରୀ ଧୋବା ରାଉଳଙ୍କ** ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର କ୍ଷେତ୍ର: ଏକର ୦.୦୧୯ଡିସିମିଲି (୮୨୭ ବର୍ଗଫୁଟ), ପ୍ଲଟ୍ ନଂ.: ୨୫୯୩/୪୬୩୧, ଖାତା ନଂ.: ୭୬୧/୭୩୭, ରେଭିନ୍ୟୁ ମୌଜା: ଚଣ୍ଡିପଦର, ବଡ ଷ୍ଟ୍ରିଟ୍, ଚଣ୍ଡିପଦର, ଜିଲ୍ଲା: ଗଞ୍ଜାମ, ଏହାର ଚାରିପାର୍ଶ୍ୱରେ ପୂର୍ବ: ଶ୍ରୀ ବୃନ୍ଦାବନ ରାଉଳଙ୍କ ସମ୍ପତ୍ତି, ପଶ୍ଚିମ: ମୋହନ ରାଉଳଙ୍କ ଗୃହ, ଉତ୍ତର: ରାସ୍ତା, ଦକ୍ଷିଣ: ରାସ୍ତା | ୩୦.୦୪.୨୦୨୧ / ୧୪.୧୨.୨୦୨୧ / ୦୮.୧୦.୨୦୨୫ |
| **ଶେରଗଡ ଶାଖା, ଫୋନ୍: ୯୦୯୦୦୩୨୭୮୩ /** ୧) **ମେସର୍ସ ରାମଚଣ୍ଡୀ କିରାନା ଷ୍ଟୋର, ସ୍ୱତ୍ତ୍ୱାଧିକାରୀ: ଶ୍ରୀ କୃଷ୍ଣ ଚନ୍ଦ୍ର ଗୌଡ,** ସା: ରମୁଣୀ ଷ୍ଟ୍ରିଟ୍, ଶେରଗଡ, ଜିଲ୍ଲା: ଗଞ୍ଜାମ, ଓଡିଶା-୭୬୧୧୦୬, ୨) **ଶ୍ରୀ କୃଷ୍ଣ ଚନ୍ଦ୍ର ଗୌଡ (ଋଣଗ୍ରହୀତା ତଥା ଗ୍ୟାରେଣ୍ଟିଦାତା),** ସା: ରମୁଣୀ ଷ୍ଟ୍ରିଟ୍, ଶେରଗଡ, ଜିଲ୍ଲା: ଗଞ୍ଜାମ, ଓଡିଶା-୭୬୧୧୦୬, ୩) **ଶ୍ରୀମତୀ ଧୋବୁଣି ଗୌଡ (ବନ୍ଧକଦାତା ତଥା ଗ୍ୟାରେଣ୍ଟିଦାତା),** ସ୍ୱାମୀ: କାଳିଆ ଗୌଡ, ସା: ରମୁଣୀ ଷ୍ଟ୍ରିଟ୍, ଶେରଗଡ, ଜିଲ୍ଲା: ଗଞ୍ଜାମ, ଓଡିଶା-୭୬୧୧୦୬ | **ଶ୍ରୀମତୀ ଧୋବୁଣି ଗୌଡଙ୍କ** ନାମରେ ଥିବା ଗୃହ ସମ୍ପତ୍ତି ଯାହାର ମୌଜା/ଗ୍ରାମ: ଶେରଗଡ, ପୋ/ଥାନା/ଏସ୍‌ଆରଓ: ଶେରଗଡ, ଜିଲ୍ଲା: ଗଞ୍ଜାମ, ଓଡିଶା, ଖାତା ନଂ.: ୮୩୩/୪୨୯, ପ୍ଲଟ୍ ନଂ.: ୩୪୬୨/୫୭୮୨, କ୍ଷେତ୍ର: ଏକର୦.୦୧୦ ଡିସିମିଲି, କିସମ: ଘରବାରୀ, ଏହାର ଚାରିପାର୍ଶ୍ୱରେ ପୂର୍ବ: ରାସ୍ତା, ପଶ୍ଚିମ: ଶ୍ରୀ ଚୈତନ୍ୟ ମହାପ୍ରଭୁଙ୍କ ଜମି, ଉତ୍ତର: ପୁରୁଷୋତ୍ତମ ଦାଶଙ୍କ ବାରି, ଦକ୍ଷିଣ: କୈଳାସ ଚନ୍ଦ୍ର ତ୍ରିପାଠୀ | ୦୯.୦୧.୨୦୨୪ / ୦୩.୦୫.୨୦୨୪ / ୧୦.୧୦.୨୦୨୫ |

**ବିଷୟ: ସିକ୍ୟୁରିଟାଇଜେସନ ଆଣ୍ଡ୍ ରିକନ୍‌ଷ୍ଟ୍ରକସନ ଅଫ୍ ଫାଇନାନ୍‌ସିଆଲ ଆସେଟ୍ସ ଆଣ୍ଡ୍ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ ଅନୁଯାୟୀ ବ୍ୟାଙ୍କର ବକେୟା ଦେୟ ଆଦାୟ ନିମନ୍ତେ ଉପର ଦର୍ଶିତ ଋଣଗ୍ରହୀତା/ଗ୍ୟାରେଣ୍ଟିଦାତା/ବନ୍ଧକଦାତାମାନଙ୍କ ସମ୍ପତ୍ତି ବିକ୍ରୟ ।**

ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ, ସୁରକ୍ଷିତ ଋଣଦାତାଙ୍କ ଦ୍ୱାରା ସରଫେଶୀ ଆକ୍ଟ, ୨୦୦୨ ଅନୁଯାୟୀ ନିର୍ଦ୍ଦିଷ୍ଟ ସମୟ ସୀମା ମଧ୍ୟରେ ବକେୟା ଦେୟ ପଇଠ କରିବା ନିମନ୍ତେ ଆପଣଙ୍କୁ ଉପରଦର୍ଶିତ ତାରିଖରେ ଡିମାଣ୍ଡ ନୋଟିସ୍ ଜାରି କରାଯାଇଥିଲା। ଯେହେତୁ କଥିତ ନୋଟିସ୍ ଅନୁଯାୟୀ ନିର୍ଦ୍ଦିଷ୍ଟ ସମୟ ସୀମା ମଧ୍ୟରେ ଆପଣ ବକେୟା ଦେୟ ପଇଠ କରିବାରେ ବିଫଳ ହେଲେ, ତେଣୁ ଧାରା ୧୩ (୪) ସହିତ ସିକ୍ୟୁରିଟୀ ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ, ୨୦୦୨ ର ରୁଲ୍ ୬/୮ ଅନୁଯାୟୀ କ୍ଷମତାପ୍ରାପ୍ତ ଅଧିକାରୀ ଉପରଦର୍ଶିତ ତାରିଖରେ ସମ୍ପତ୍ତିଗୁଡ଼ିକୁ ଦଖଲ ନେଇଛନ୍ତି। ସମ୍ପତ୍ତିକୁ ଦଖଲ ନେବା ପରେ ମଧ୍ୟ ଆପଣ ବ୍ୟାଙ୍କକୁ ଦେବାକୁ ଥିବା ବକେୟା ଦେୟ ପରିଶୋଧ କରିନାହାଁନ୍ତି। ତେଣୁ ଏହି ନୋଟିସ୍ ପ୍ରାପ୍ତିର **୩୦ ଦିନ** ଅତିକ୍ରମ ପରେ ଅନ୍‌ଲାଇନ୍ ପଦ୍ଧତିରେ ସର୍ବସାଧାରଣ ଇ-ନିଲାମ ମାଧ୍ୟମରେ ଉପର ଦର୍ଶିତ ସମ୍ପତ୍ତିଗୁଡିକୁ ବିକ୍ରୟ କରିବା ଆବଶ୍ୟକ ହୋଇପଡ଼ିଛି। ଇ-ନିଲାମର ତାରିଖ ଓ ସମୟ ସହିତ ସମ୍ପତ୍ତିର ସଂରକ୍ଷିତ ମୂଲ୍ୟ ଏବଂ ସେବା ପ୍ରଦାନକାରୀଙ୍କ ସବିଶେଷ ବିବରଣୀ ଯାହାଙ୍କ ଦ୍ୱାରା ଇ-ନିଲାମ ପରିଚାଳନା କରାଯିବ ତାହା ଆପଣଙ୍କୁ ପୃଥକ୍ ଭାବେ ଜଣାଇ ଦିଆଯିବ। ତେଣୁ, ବିକ୍ରୟ ବିଜ୍ଞପ୍ତିର ପ୍ରକାଶନ ତାରିଖ ପୂର୍ବରୁ ଯଦି ଆପଣ ବକେୟା ଦେୟ ସହିତ ତତ୍‌ପରବର୍ତ୍ତୀ ସୁଧ, ଆଇନଗତ ଖର୍ଚ୍ଚ ଓ ଦେୟ ବ୍ୟାଙ୍କକୁ ପଇଠ କରନ୍ତି, ତେବେ ଆପଣଙ୍କ ସମ୍ପତ୍ତି ବିକ୍ରୟ ନିମିତ୍ତ କୌଣସି ପରବର୍ତ୍ତୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ନାହିଁ ଏବଂ କଥିତ ଆକ୍ଟର ଧାରା ୧୩ (୮) ଅନୁଯାୟୀ ଆପଣ ଆପଣଙ୍କ ସମ୍ପତ୍ତିକୁ ବନ୍ଧକମୁକ୍ତ କରିପାରିବେ।

ସ୍ଥାନ: ବ୍ରହ୍ମପୁର
ତାରିଖ: ୧୦.୧୦.୨୦୨୫

ସ୍ୱା/- କ୍ଷମତାପ୍ରାପ୍ତ ଅଧିକାରୀ
ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ

# ବ୍ଳକସ୍ତରୀୟ ବରିଷ୍ଠ ନାଗରିକ ଦିବସ ପାଳିତ

କାମାକ୍ଷାନଗର,୧୦ ।୧୦(ସମିସ): କାମାକ୍ଷାନଗର ବ୍ଲକ ଜିରିଡ଼ାମାଳିସ୍ଥିତ ଐରା ସଂସ୍ଥା ଦ୍ୱାରା ପରିଚାଳିତ ବୃଦ୍ଧାଶ୍ରମରେ ବ୍ଲକସ୍ତରୀୟ ବରିଷ୍ଠ ନାଗରିକ ଦିବସ ପାଳିତ ହୋଇଛି । ମୁଖ୍ୟଅତିଥି ଭାବେ କାମାକ୍ଷାନଗର ତାଲୁକ ଆଇନ ସେବା କମିଟି ଅଧ୍ୟକ୍ଷା ତଥା ଅତିରିକ୍ତ ଜିଲ୍ଲା ଦୌରାଜଜ ଇତିଶ୍ରୀ ମାଳବିକା ଭୂୟାଁ, ସମ୍ମାନିତ ଅତିଥି ଭାବେ ସବ୍‌ଜଜ୍ ମାମି ବେହେରା, ଏସଡଜେଏମ ନିଲୋଫର ପ୍ରମୁଖ ଯୋଗଦେଇ ବୃଦ୍ଧାଶ୍ରମ ଅନ୍ତେବାସୀଙ୍କ ସହ ସମୟ ବିତାଇଥିଲେ । ଅନ୍ତେବାସୀଙ୍କ ସୁବିଧା ଓ ଅସୁବିଧା ସମ୍ପର୍କରେ ପଚାରି ବୁଝିଥିଲେ । ପରେ ଅନ୍ତେବାସୀଙ୍କୁ ଫଳ ଓ ବିସ୍କୁଟ ବଣ୍ଟନ କରାଯାଇଥିଲା ।



# ଗଁଦିଆରେ ବରିଷ୍ଠ ନାଗରିକ ଦିବସ ପାଳିତ




ଗଁଦିଆ,୧୦ ।୧୦(ସମିସ): ଗଁଦିଆ ବିଡିଓ ପବିତ୍ର କୁମାର ବେହେରାଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ବ୍ଲକ୍ ସଭାଗୃହରେ ଶୁକ୍ରବାର ବ୍ଲକ୍‌ସ୍ତରୀୟ ବରିଷ୍ଠ ନାଗରିକ ଦିବସ ପାଳିତ ହୋଇଛି । ବ୍ଲକ ବରିଷ୍ଠ ନାଗରିକ ମଞ୍ଚ ସଭାପତି ବୁଦ୍ଧଦେବ ପ୍ରଧାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଖାଦ୍ୟ ଯୋଗାଣ ଖାଉଟି କଲ୍ୟାଣ ବିଭାଗ ମନ୍ତ୍ରୀଙ୍କ ଗଁଦିଆ ବ୍ଲକ ପ୍ରତିନିଧି ପୋରୁହଖୋଜ ସରପଞ୍ଚ ରତିକାନ୍ତ ସାହୁ ଯୋଗଦେଇ ବରିଷ୍ଠ ନାଗରିକଙ୍କ ପାଇଁ ଥିବା ସରକାର ବିଭିନ୍ନ ଯୋଜନା ଉପରେ ଆଲୋକପାତ କରିଥିଲେ । ସମ୍ମାନିତ ଅତିଥି ଭାବେ ଅବସରପ୍ରାପ୍ତ ବିଚାରପତି ଭିକାରୀ ଚରଣ ରାଉତ, ଶିକ୍ଷାବିତ୍ ପ୍ରକୃତିବନ୍ଧୁ ଦଣ୍ଡଧର ସାହୁ, କଳା ସଂସ୍କୃତି ସଂଘ ବ୍ଲକ ଉପସଭାପତି କପିଳ ବେହେରା, ଗଁଦିଆ ସ୍ମୃତି ସଂସଦ ସଭାପତି ପ୍ରକୃତିବନ୍ଧୁ ହରିହର ସାହୁ ମଞ୍ଚାସୀନ ଥିଲେ । ଶିକ୍ଷାବିତ୍ ରାଘବ ଚନ୍ଦ୍ର ମହାରଣା ସ୍ୱାଗତ ଭାଷଣ ଦେଇଥିଲେ । ଅବସରପ୍ରାପ୍ତ ଶିକ୍ଷକ ହେମନ୍ତ କୁମାର ବ୍ରହ୍ମ ଅଭିଭାଷଣ ପ୍ରଦାନ କରିଥିଲେ । ଶ୍ରୀରାମଚନ୍ଦ୍ରପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ତରଫରୁ ବରିଷ୍ଠ ନାଗରିକଙ୍କ ସ୍ୱାସ୍ଥ୍ୟ ଯାଞ୍ଚ କରାଯାଇଥିଲା । ଭାରପ୍ରାପ୍ତ ସାମାଜିକ ସୁରକ୍ଷା ଅଧିକାରୀ ଶତାବ୍ଦୀ ଶେଖର ସାମଲ ସହଯୋଗ କରିଥିଲେ ।

# ବିଶ୍ୱ ମାନସିକ ସ୍ୱାସ୍ଥ୍ୟ ଦିବସ ପାଳିତ

ଢେଙ୍କାନାଳ,୧୦ ।୧୦(ସମିସ): ଢେଙ୍କାନାଳ ଜିଲ୍ଲା ଗଁଦିଆ ବ୍ଲକ ଲାଉଲଇସ୍ଥିତ ଫିଜିଓଥେରାପି ସେଣ୍ଟରରେ ବିଶ୍ୱ ମାନସିକ ସ୍ୱାସ୍ଥ୍ୟ ଦିବସ ପାଳିତ ହୋଇଛି । ମୁଖ୍ୟଅତିଥି ଭାବେ ପ୍ରିୟର ନିର୍ଦ୍ଦେଶକ ଟଙ୍କଧର ବାରିକ ଯୋଗଦେଇଥିଲେ । ଫିଜିଓଥେରାପିଷ୍ଟ ନିବେଦିତା ନାୟକ, ସାହିଲ ଆଫ୍ରିଡ଼, ସତ୍ୟପ୍ରକାଶ ନାୟକ ଉପସ୍ଥିତ ଥିଲେ । ଦିବ୍ୟାଙ୍ଗ ପିଲାମାନଙ୍କୁ କୌଣସି କାମରେ ନ ଲଗାଇ ସେମାନଙ୍କ ଉପରେ ବିରକ୍ତ ନ ହୋଇ ସେମାନଙ୍କର ଉଚିତ୍ ଯତ୍ନ ନେବାକୁ ନିର୍ଦ୍ଦେଶକ ଟଙ୍କଧର ବାରିକ ଅଭିଭାବକମାନଙ୍କୁ ପରାମର୍ଶ ଦେଇଥିଲେ । ସମସ୍ତ ଶିଶୁଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇ ଔଷଧ ବଣ୍ଟନ କରାଯାଇଥିଲା । ପ୍ରିୟର କର୍ମକର୍ତ୍ତା ଇଲନପ୍ରଭା ସେନାପତି, ଅନ୍ନପୂର୍ଣ୍ଣା ଧଳ, ସୋନାଲି ଧଳ, ସ୍ୱାଗତିକା ରାଉତ, ଲକ୍ଷ୍ମୀପ୍ରିୟା ନାୟକ, ବୈକୁଣ୍ଠନାଥ ପାତ୍ର, ରବୀନ୍ଦ୍ର କୁମାର ସାମଲ, ପର୍ଶୁରାମ ଦାସ, ପ୍ରକାଶ ସାମଲ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ ।



# ଓଡ଼ିଶା ଗ୍ରାମୀଣ ବ୍ୟାଙ୍କ ଅବସରପ୍ରାପ୍ତ କର୍ମଚାରୀ ସଂଘ ନିର୍ବାଚନ



ଢେଙ୍କାନାଳ,୧୦ ।୧୦(ସମିସ): ଢେଙ୍କାନାଳ ସହର ଲେଖକ ସଂସଦ ଭବନରେ ଓଡ଼ିଶା ଗ୍ରାମୀଣ ବ୍ୟାଙ୍କ ଅବସରପ୍ରାପ୍ତ କର୍ମଚାରୀ ସଂଘ ଢେଙ୍କାନାଳ ଜୋନର ବାର୍ଷିକ ଅଧିବେଶନ ଓ କର୍ମକର୍ତ୍ତା ନିର୍ବାଚନ ଅନୁଷ୍ଠିତ ହୋଇଛି । ରବୀନ୍ଦ୍ର ନାଥ ପରିଡ଼ାଙ୍କ ସଭାପତିତ୍ୱରେ ବୈଠକ ହୋଇଥିଲା । ପ୍ରଥମେ ଦିବଂଗତ ସଭ୍ୟମାନଙ୍କ ପାଇଁ ୧ ମିନିଟ ନିରବ ପ୍ରାର୍ଥନା କରାଯାଇଥିଲା । ୭୦ ବର୍ଷରୁ ଉର୍ଦ୍ଧ୍ୱ ବୟସ୍କ ସଭ୍ୟମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା । ପରେ ପୀତାମ୍ବର ପତିଙ୍କ ପରିଚାଳନାରେ କର୍ମକର୍ତ୍ତା ନିର୍ବାଚନ ହୋଇଥିଲା । ବିଶ୍ୱେଶ୍ୱର ରାଉତ ସଭାପତି, ଗାୟତ୍ରୀ ମିଶ୍ର ଉପସଭାପତି ଓ ଧୀରେନ୍ଦ୍ର ନାଥ ମହାନ୍ତି ସାଧାରଣ ସମ୍ପାଦକ ଭାବେ ନିର୍ବାଚିତ ହୋଇଛନ୍ତି । ରବୀନ୍ଦ୍ର ନାଥ ପରିଡ଼ା ଧନ୍ୟବାଦ ଅର୍ପଣ କରିଥିଲେ ।

# କାର୍ ସହ ୩୦ କିଲୋ ଗଞ୍ଜେଇ ଜବତ; ୩ ଗିରଫ

ଆଠମଲ୍ଲିକ,୧୦ ।୧୦(ସମିସ): ବଇଣ୍ଠା-ଆଠମଲ୍ଲିକ-କିଆକଟା ୬୨ନମ୍ବର ରାଜ୍ୟ ରାଜପଥର ମାଧପୁର ଅଞ୍ଚଳରୁ ଆଠମଲ୍ଲିକ ଆଡ଼କୁ ଏକ କାରରେ ଗଞ୍ଜେଇ ଭର୍ତ୍ତିହୋଇ ଯାଉଥିବା ଖବର ପାଇ ଆଠମଲ୍ଲିକ ଥାନା ଭାରପ୍ରାପ୍ତ ଅଧିକାରୀ ପ୍ରକାଶ ଚନ୍ଦ୍ର ମାଝୀଙ୍କ ନେତୃତ୍ୱରେ ପୁଲିସ ଚଢ଼ଉ କରିଛି । ପୁଲିସ ଗାଡ଼ି ଅଟକାଇବାକୁ ଉଦ୍ୟମ କରିଥିଲେ ମଧ ମାଳିପଦର ପୋଲ ନିକଟରୁ ନୂଆଗଡ଼ ଦେଇ ବଇଣ୍ଠା-ଆଠମଲ୍ଲିକ ମୁଖ୍ୟରାସ୍ତାକୁ ଉକ୍ତ କାର ପଳାଇ ଯାଇଥିଲା । ତେବେ ପୁଲିସ ଗୋପାଳପୁର ଛକ ନିକଟରେ ଗାଡ଼ି ଅଟକାଇ ଯାଞ୍ଚ କରିଥିଲା । ସେଥିରେ ୩୦ କେଜି ୧୫୦ ଗ୍ରାମ ଗଞ୍ଜେଇ ଥିବା ଜଣାପଡ଼ିଥିଲା । ପୁଲିସ ଗଞ୍ଜେଇ ସହ ଗାଡ଼ି ଜବତ କରିଥିବା ବେଳେ ସେଥିରେ ଥିବା ଡ୍ରାଇଭର ସମେତ ତିନିଜଣଙ୍କୁ ଗିରଫ କରିଛି । ଗିରଫ ଅଭିଯୁକ୍ତମାନେ ହେଲେ ପଶ୍ଚିମବଙ୍ଗ ବରସତ ଥାନା ଅଞ୍ଚଳର ପ୍ରବୀର ମଣ୍ଡଳଙ୍କ ପୁଅ ଶୁକଦେବ ମଣ୍ଡଳ (୨୫), ଅନୁଗୋଳ ଜିଲ୍ଲା କିଶୋରନଗର ଥାନା ଚୁଡ଼ାଖାଇ ଗ୍ରାମର ମଙ୍ଗୁଳ ଦାସଙ୍କ ପୁଅ ଶୁଭେନ ଦାସ (୨୯) ଓ ବିଜୟ ଦାସଙ୍କ ପୁଅ ପ୍ରତାପ ଦାସ (୩୩) । ଏ ନେଇ ଥାନାରେ ଏକ ମାମଲା ରୁଜୁକରି ପୁଲିସ ଅଭିଯୁକ୍ତମାନଙ୍କୁ କୋର୍ଟ ଚାଲାଣ କରିଛି । ଜାମିନ ନାମଞ୍ଜୁର ହେବାରୁ ସମସ୍ତଙ୍କୁ ଜେଲ୍ ପଠାଇ ଦିଆଯାଇଛି ।

# ବନବିଭାଗକୁ ନଚାନ୍ତି କଲାଣି ବାଘ

କାମାକ୍ଷାନଗର,୧୦ ।୧୦(ସମିସ):





କାମାକ୍ଷାନଗରରେ ବାଘ ଆତଙ୍କ ଥମିବାର ନାଁ ଧରୁନି । ଜଙ୍ଗଲରୁ ବାହାରି ରାସ୍ତା ପାର ହେଉଥିବା ବେଳେ ବାଘକୁ କିଛି ଲୋକ ଦେଖିଥିବା ପ୍ରକାଶ କରିଛନ୍ତି । ତଥାପି ବାଘର ଟେର୍ ପାଉନି ବନବିଭାଗ । ଆଜିକୁ ପ୍ରାୟ ୪ ଦିନ ହେବ କାମାକ୍ଷାନଗର ଅଞ୍ଚଳରେ ବାଘ ଆତଙ୍କ ଦେଖିବାକୁ ମିଳିଛି । ବାଘ ପ୍ରଥମେ ମହାବିରୋଡ୍ ରେଞ୍ଜ ମଦରଙ୍ଗାମୁଣ୍ଡା ଗାଁରେ ଏକ ଗାଈକୁ ଘୋଷାଡ଼ି ନେଉଥିବା ସ୍ଥାନୀୟ ଲୋକ ଦେଖି ବନବିଭାଗକୁ ଖବର ଦେଇଥିଲେ । ବନବିଭାଗ ଟିମ ଓ ରେସକ୍ୟୁ ଟିମ ପହଞ୍ଚି ବାଘର ପାଦଚିହ୍ନ ମାପିବା ସହ ବାଘର ଗତିବିଧି ଉପରେ ନଜର ରଖିଥିଲେ । ମାତ୍ର ବନବିଭାଗକୁ ଚକମା ଦେଇ ବାଘ ମହାବିରୋଡ୍ ରେଞ୍ଜରୁ କାମାକ୍ଷାନଗର ପଶ୍ଚିମାଞ୍ଚଳ ରେଞ୍ଜ କାଦବସନ୍ତ ଗାଁରେ ଗାଈକୁ ଜଙ୍ଗଲ ଭିତର ଘୋଷାଡ଼ି ନେବା ସହ ଆତଙ୍କ ସୃଷ୍ଟି କରିଥିଲା । ତେବେ ଶୁକ୍ରବାର ବାଘକୁ କାମାକ୍ଷାନଗର ସହରଠାରୁ ୪ କିଲୋମିଟର ଦୂରରେ ଥିବା କଙ୍କଡ଼ାହାଡ଼ ପୂର୍ତ୍ତ ବିଭାଗ ରାସ୍ତାର ଭାଲୁମୁଣ୍ଡା ନିକଟରେ ଦେଖିବାକୁ ମିଳିଛି । ସ୍ଥାନୀୟ କିଛି ଲୋକ ଜଙ୍ଗଲ ନିକଟରେ ଭୋଜି କରୁଥିବା ବେଳେ ବାଘକୁ ଦେଖି ଭୟଭୀତ ହେବା ସହ ବନ ବିଭାଗକୁ ଖବର ଦେଇଥିଲେ । ତେବେ ବନବିଭାଗ କର୍ମଚାରୀ ବିଳମ୍ବରେ ଘଟଣାସ୍ଥଳରେ ପହଞ୍ଚିବାରୁ ବାଘ ସେଠାରୁ ଚମ୍ପଟ ମାରିଛି । ଚିରାଚରିତ ଢଙ୍ଗରେ ପଶ୍ଚିମାଞ୍ଚଳ ରେଞ୍ଜର ବାଘର ପାଦଚିହ୍ନ ମାପି ଗତିବିଧି ନିରୀକ୍ଷଣ କରୁଥିବା ବେଳେ ବାଘ ବାରମ୍ବାର ବନ ବିଭାଗକୁ ଚକମା ଦେଉଛି । ବନ କର୍ମଚାରୀଙ୍କ ଅପାରଗତା ଯୋଗୁଁ ବାଘ ଜଙ୍ଗଲରୁ ବାହାରି ସହର ନିକଟବର୍ତ୍ତୀ ଅଞ୍ଚଳକୁ ଆସିଥିବା ବେଳେ ସ୍ଥାନୀୟ ବାସିନ୍ଦା ଭୟଭୀତ ହୋଇଛନ୍ତି । ତେବେ ତୁରନ୍ତ ବନବିଭାଗ ବାଘକୁ କାବୁ କରିବାକୁ ଲୋକେ ଦାବି କରିଛନ୍ତି ।

# ଜିଲ୍ଲାସ୍ତରୀୟ ବରିଷ୍ଠ ନାଗରିକ ଦିବସ ପାଳିତ






ଢେଙ୍କାନାଳ,୧୦ ।୧୦(ସମିସ): ସ୍ଥାନୀୟ ପୁରୁଣା ଜିଲ୍ଲାପରିଷଦ ହଲରେ ଜିଲ୍ଲାସ୍ତରୀୟ ବରିଷ୍ଠ ନାଗରିକ ଦିବସ ପାଳିତ ହୋଇଛି । ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତୀକରଣ ବିଭାଗ ପକ୍ଷରୁ ଆୟୋଜିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ରମେଶ ଚନ୍ଦ୍ର ସେଠୀ ଯୋଗଦେଇ ବରିଷ୍ଠ ନାଗରିକମାନେ ସକାରାତ୍ମକ ମନୋଭାବ ନେଇ ଚଳଚଞ୍ଚଳ ରହିବାକୁ ପରାମର୍ଶ ଦେଇଥିଲେ । ବିଭିନ୍ନ କ୍ଷେତ୍ରରେ ପାରଦର୍ଶିତା ଲାଭ କରିଥିବା ବରିଷ୍ଠ ନାଗରିକମାନଙ୍କୁ ସେ ସମ୍ବର୍ଦ୍ଧିତ କରିଥିଲେ । ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ନରେଶ ଚନ୍ଦ୍ର ସ୍ୱାଇଁ ସମସ୍ତ ବରିଷ୍ଠ ନାଗରିକଙ୍କୁ ସ୍ୱାଗତ ଜଣାଇବା ସହ ଆଜି ଜିଲ୍ଲା ତଥା ସମସ୍ତ ବ୍ଲକ୍ ସ୍ତରରେ ଏହି ଦିବସ ପାଳନ କରାଯାଇ ସେମାନଙ୍କ ସାମାଜିକ, ଆର୍ଥିକ, ସ୍ୱାସ୍ଥ୍ୟ ଭିତ୍ତିକ, ଆଇନଗତ ସୁରକ୍ଷା ପାଇଁ କାର୍ଯ୍ୟକ୍ରମ ଗ୍ରହଣ କରାଯାଉଛି ବୋଲି ପ୍ରକାଶ କରିଥିଲେ । ବରିଷ୍ଠ ନାଗରିକ ମଞ୍ଚ କର୍ମକର୍ତ୍ତା ଦୀପ୍ତୀଶ ପ୍ରସାଦ ପଟ୍ଟନାୟକ, ବସନ୍ତ କୁମାର ପଟ୍ଟନାୟକ, ଯୋଗୀନାଥ ମହାନ୍ତି, ଦୁର୍ଗାଚରଣ ମିଶ୍ରଙ୍କ ସମେତ ଡିଏସପି କେ. ଜିସା, ଡା. ଶାନ୍ତନୁ ଟୁଡୁ ଅତିଥି ଭାବେ ଯୋଗଦେଇଥିଲେ । ପୂର୍ବାହ୍ନରେ ବରିଷ୍ଠ ନାଗରିକମାନଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇଥିଲା । ପ୍ରାତଃ ସମୟରେ ବରିଷ୍ଠ ନାଗରିକମାନେ ଯୋଗାଭ୍ୟାସ କରିଥିଲେ । ଅବନୀ ମିଶ୍ର ସଭା ସଞ୍ଚାଳନ କରିଥିଲେ । ଆଦୃତା ଅନୁଷ୍ଠାନ ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା ।

# ଦଧିସିଙ୍ଗା ଗ୍ରାମରେ ୮ ମଣ୍ଡପରେ ଗଜଲକ୍ଷ୍ମୀ ପୂଜା

ଯୋରନ୍ଦା,୧୦ ।୧୦(ସମିସ): ଢେଙ୍କାନାଳ ଜିଲ୍ଲା ଗଁଦିଆ ବ୍ଲକ ଦଧିସିଙ୍ଗା ଗ୍ରାମରେ ୮ ମଣ୍ଡପରେ ପୂଜା ପାଉଛନ୍ତି ଧନଦାତ୍ରୀ ମା' ମହାଲକ୍ଷ୍ମୀ । ସନ୍ଧ୍ୟାରୁ ବିଭିନ୍ନ ପୂଜା ମଣ୍ଡପରେ ଭିଡ଼ ଜମୁଛି । ଗ୍ରାମର ଦେଶକୋଠ ସାହି, ମହାବୀର ସାହି, ଗୋପବନ୍ଧୁ ସାହି, ନୂଆସାହି, କୁମ୍ଭାର ସାହି, ମାହାନ୍ତି ସାହି, ଶବର ସାହି ଓ ଗଙ୍ଗାରଣା ମେଢ଼ ଆକର୍ଷଣୀୟ ସାଜସଜ୍ଜା ହୋଇଛି । ଗୁରୁବାର ବିଭିନ୍ନ ପୂଜା କମିଟି ପକ୍ଷରୁ ମହାପୂଜା ଓ ପ୍ରସାଦ ସେବନ ଅନୁଷ୍ଠିତ ହୋଇଛି । ମହାଲକ୍ଷ୍ମୀ ପୂଜା ମେଳଣ ମହୋତ୍ସବ କମିଟି ଓ ଗ୍ରାମ କମିଟି ପକ୍ଷରୁ ମିଳିତ ଭାବେ ଶନିବାର ୪ର୍ଥ ବାର୍ଷିକ ମେଳଣ ମହୋତ୍ସବ ଅନୁଷ୍ଠିତ ହେବ । ରବିବାର ସକାଳ ୧୦ରୁ ସନ୍ଧ୍ୟା ୫ଟା ପର୍ଯ୍ୟନ୍ତ ଭସାଣି ଉତ୍ସବ ଅନୁଷ୍ଠିତ ହେବ । ଭସାଣି ଉତ୍ସବରେ ସମସ୍ତ ମେଢ଼ ସାମିଲ ହେବେ ବୋଲି ଗ୍ରାମ କମିଟି ପକ୍ଷରୁ ନିଷ୍ପତ୍ତି ନିଆଯାଇଛି । ଏହି ଅବସରରେ ପୂଜ୍ୟପୂଜା ସମ୍ବର୍ଦ୍ଧନା, ସଂକୀର୍ତ୍ତନ ପ୍ରତିଯୋଗିତା ଓ ଛାତ୍ରଛାତ୍ରୀଙ୍କ ମଧ୍ୟରେ ନୃତ୍ୟ ପ୍ରତିଯୋଗିତା ଅନୁଷ୍ଠିତ ହେବ ବୋଲି କୁହାଯାଇଛି ।



■ ଚତୁର୍ଥ ଦିନରେ ଗଜଲକ୍ଷ୍ମୀ ପୂଜା

# ପ୍ରସାଦ ସେବନ କଲେ ହଜାର ହଜାର ଭକ୍ତ



ଢେଙ୍କାନାଳ,୧୦ ।୧୦(ସମିସ): ଢେଙ୍କାନାଳ ପ୍ରସିଦ୍ଧ ଗଜଲକ୍ଷ୍ମୀ ପୂଜା ଚତୁର୍ଥ ଦିନରେ ପହଞ୍ଚିଛି । ପୂଜା ଦେଖିବାକୁ ଭକ୍ତଙ୍କ ଭିଡ଼ ଲାଗିଥିବା ବେଳେ ଗୁରୁବାର ମା' ଲକ୍ଷ୍ମୀଙ୍କୁ ଶଙ୍ଖୁଡ଼ି ଭୋଗ ଲାଗି କରାଯାଇଥିଲା । ମାଆଙ୍କ ପ୍ରସାଦ ପାଇବା ପାଇଁ ପ୍ରତି ମଣ୍ଡପରେ ଭକ୍ତଙ୍କ ଭିଡ଼ ଲାଗିଥିଲା । ପୁରୁଷ, ମହିଳା ଏବଂ ପିଲାମାନେ ପ୍ରସାଦ ପାଇଁ ଲମ୍ବା ଧାଡ଼ିରେ ଠିଆ ହୋଇଥିବା ଦେଖିବାକୁ ମିଳିଥିଲା । ପୂଜା ମଣ୍ଡପ ତରଫରୁ ଅନ୍ନ, ଡାଲମା, ଖିରି, ଶାଗ ସହ ବିଭିନ୍ନ ପ୍ରକାରର ବ୍ୟଞ୍ଜନ ପ୍ରସ୍ତୁତ କରାଯାଇଥିଲା । ମାଆଙ୍କୁ ଅର୍ପଣ ପରେ ଭକ୍ତଙ୍କୁ ପ୍ରସାଦ ବଣ୍ଟନ କରାଯାଇଥିଲା ।

# ବନମାଳୀପ୍ରସାଦରେ ୪୬ତମ ଗଜଲକ୍ଷ୍ମୀ ପୂଜା




ଢେଙ୍କାନାଳ,୧୦ ।୧୦(ସମିସ): ଢେଙ୍କାନାଳ ସହର ଉପକଣ୍ଠ ବନମାଳୀ ପ୍ରସାଦ ଗ୍ରାମରେ ୪୬ତମ ଗଜଲକ୍ଷ୍ମୀ ପୂଜା ଅନୁଷ୍ଠିତ ହେଉଛି । ଗତ ୬ ତାରିଖରୁ ଆରମ୍ଭ ହୋଇଥିବା ଏହି ପୂଜା ଆସନ୍ତା ୧୫ ପର୍ଯ୍ୟନ୍ତ ଚାଲିବ । ପୂଜକ ହାଡ଼ିବନ୍ଧୁ ମିଶ୍ର ଓ ଆଶିଷ କୁମାର ମିଶ୍ରଙ୍କ ତତ୍ତ୍ୱାବଧାନରେ ପୂଜା ହେଉଛି । କର୍ତ୍ତା ଭାବେ ପ୍ରତାପ ଖଟୁଆ ଦାୟିତ୍ୱ ତୁଲାଉଛନ୍ତି । ସଭାପତି ହିମାଂଶୁ ରାଉତ, ସମ୍ପାଦକ ସୂର୍ଯ୍ୟପ୍ରତାପ ରାଉତ, କୋଷାଧ୍ୟକ୍ଷ ଅମୂଲ୍ୟ ସାହୁଙ୍କ ପୂଜା କମିଟିର ସଭ୍ୟବୃନ୍ଦଙ୍କ ସହଯୋଗରେ ପୂଜା ଅନୁଷ୍ଠିତ ହୋଇଛି । ଗୁରୁବାର ପ୍ରାୟ ୨୦୦୦ ଭକ୍ତଙ୍କ ପାଇଁ ପ୍ରସାଦସେବନ ବ୍ୟବସ୍ଥା ହୋଇଥିଲା ।

# ବାଲି ବୋଝେଇ ଟ୍ରାକ୍ଟର ଜବତ; ଚାଳକ ଗିରଫ

ଛେଣ୍ଡିପଦା,୧୦ ।୧୦(ସମିସ): ଅନୁଗୋଳ ଜିଲ୍ଲା ଜରପଡ଼ା ଥାନା ପୁଲିସ ଶୁକ୍ରବାର ଏକ ବେଆଇନ ବାଲି ବୋଝେଇ ଟ୍ରାକ୍ଟର ଜବତ କରିବା ସହ ଚାଳକଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି । ଗିରଫ ଚାଳ ହେଲେ ଜେରଙ୍ଗ ଦେହୁରୀସାହି ଗାଁର ରଘୁନାଥ ଦେହୁରୀ । ଅନୁଯାୟୀ, ପୁଲିସ ପାଟ୍ରୋଲିଂ କରୁଥିବା ବେଳେ ଦୁର୍ଗାପୁର ଛକରେ ଏକ ନମ୍ବରବିହୀନ ବାଲି ଟ୍ରାକ୍ଟର ଅଟକାଇ ଯାଞ୍ଚ କରିଥିଲା । ଚାଳକ ରଘୁ ଦେହୁରୀ ବାଲି ଚାଲାଣ ସମ୍ପର୍କିତ କୌଣସି କାଗଜପତ୍ର ଦେଖାଇ ପାରି ନ ଥିଲେ । ଟ୍ରାକ୍ଟର ମାଲିକଙ୍କ କହିବା ଅନୁଯାୟୀ ସେ ସ୍ଥାନୀୟ କ୍ୱାରିରୁ ଉକ୍ତ ବାଲି ଆଣିଥିବା ପୁଲିସ ଆଗରେ କହିଥିଲେ । ଏ ନେଇ ପୁଲିସ ଟ୍ରାକ୍ଟର ମାଲିକ ଓ କ୍ୱାରି ମାଲିକ ସମେତ ଚାଳକଙ୍କ ନାମରେ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି । ଟ୍ରାକ୍ଟର ଚାଳକ ରଘୁନାଥ ଦେହୁରୀଙ୍କୁ ଗିରଫ କରି ପୁଲିସ କୋର୍ଟ ଚାଲାଣ କରିଛି ।

# ଜମି ଜବରଦଖଲ: ତହସିଲଦାରଙ୍କୁ ଅଭିଯୋଗ

କାମାକ୍ଷାନଗର,୧୦ ।୧୦(ସମିସ): ପାଞ୍ଚଖଣ୍ଡ ଗାଁକୁ ସଂଯୋଗ କରୁଥିବା ରାସ୍ତା ଓ ଦୀର୍ଘବର୍ଷ ଧରି ଗ୍ରାମବାସୀ ଅକ୍ତିଆରରେ ରଖିଥିବା ଜମି ଜବରଦଖଲ କରାଯାଇଥିବା ତହସିଲଦାରଙ୍କୁ ଅଭିଯୋଗ ହୋଇଛି । କାମାକ୍ଷାନଗର ବ୍ଲକ ମହୁଲଡଗର, ଡଙ୍କାବୋଲ, ରଘୁଆବୋଲ, ଭେରୁବଣିଆ, ଫିଲଡ଼ ସାହି ଗ୍ରାମର ମୁରବୀ ଶ୍ରେଣୀୟ ଲୋକ ଜମି ଜବରଦଖଲ ନେଇ କାମାକ୍ଷାନଗର ତହସିଲଦାରଙ୍କୁ ଅଭିଯୋଗ କରିଛନ୍ତି । ଏହି ସବୁ ଗ୍ରାମରେ ଅଧିକାଂଶ ଆଦିବାସୀ ଲୋକେ ବାସ କରୁଥିବା ବେଳେ ସେମାନଙ୍କ ଅକ୍ତିଆରରେ ଥିବା ଜଙ୍ଗଲ ଜମିକୁ କିଛିଦିନ ହେବ ରାଇସମିଲ କରିବା ପାଇଁ ଜଣେ ବ୍ୟକ୍ତି ଜବରଦଖଲ କରିଥିବା ଅଭିଯୋଗରେ ଦର୍ଶାଇଛନ୍ତି । ଏପରିକି ଡଙ୍କାବୋଲ ଗ୍ରାମରୁ ଧୋବାବାହାଳି ହରିଜନ ସାହିକୁ ଯାଇଥିବା ରାସ୍ତା ମଧ୍ୟ ରାଇସମିଲ ବାହାନାରେ ଅକ୍ତିଆର କରାଯାଇଛି । ଫଳରେ ସେ ରାସ୍ତାରେ ଗ୍ରାମବାସୀ ଯାତାୟାତ କରି ନ ପାରି ଅସୁବିଧା ଭୋଗୁଛନ୍ତି । ପଞ୍ଚାୟତ କାର୍ଯ୍ୟାଳୟରୁ ଆରମ୍ଭ କରି ମେଡିକାଲ ଯିବାଆସିବାରେ ଲୋକେ ହଇରାଣ ହେଉଛନ୍ତି । ତୁରନ୍ତ ଜମିକୁ ଜବରଦଖଲ ମୁକ୍ତ କରିବା ପାଇଁ ଗ୍ରାମବାସୀ ତହସିଲଦାର ଶୁଭଙ୍କର ମହାନ୍ତିଙ୍କୁ ଦାବିପତ୍ର ପ୍ରଦାନ କରିଛନ୍ତି । ଦାବିପତ୍ର ପ୍ରଦାନ ବେଳେ ଗ୍ରାମର ଗଙ୍ଗାଧର ପୂର୍ତ୍ତି, ମାଧବାନନ୍ଦ ମାର୍ଣ୍ଡି, ମଦନ ହେମ୍ବ୍ରମ୍, ରବି ବିରୁଆ, ବିନ ଜେରାଇ, ପୂର୍ଣ୍ଣ ଚାତାର, ରବି ହେମ୍ବ୍ରମ୍, ବର୍ଜୁ ଚାତାର, ଟୁନା ବୀରୁଆ, ବୁଦ୍ଧିଆ ଚାତାର, ମଧୁ ଚାତାର, ଚନ୍ଦ୍ରା ଜେରେଇ, ସନ୍ତ ପିଙ୍ଗୁଆ ପ୍ରମୁଖ ଉପସ୍ଥିତ ଥିଲେ ।



# ବାଜି ରାଉତ ପୀଠକୁ ବାଇକ୍ ଶୋଭାଯାତ୍ରା

ଢେଙ୍କାନାଳ,୧୦ ।୧୦(ସମିସ):




ଢେଙ୍କାନାଳ ଜିଲ୍ଲାର ଯୁବ ସଂଗଠନ ଅଲ ଇଣ୍ଡିଆ ଡେମୋକ୍ରାଟିକ ୟୁଥ୍ ଅର୍ଗାନାଇଜେସନ (ଏଆଇଡିୱାଇଓ) ପକ୍ଷରୁ ନୀଳକଣ୍ଠପୁର ବାଜି ରାଉତ ସହିଦ ପୀଠକୁ ବାଇକ୍ ଶୋଭାଯାତ୍ରା କରାଯାଇଛି । ଏଆଇଡିୱାଇଓ ଯାଜପୁର ଜିଲ୍ଲା କମିଟି ଆହ୍ୱାନରେ ଶୋଭାଯାତ୍ରା ହୋଇଥିଲା । ଅଧ୍ୟାପକ ସୁବ୍ରତ କୁମାର ସାହୁ ଏହାକୁ ଉଦଘାଟନ କରିଥିଲେ । ଶୋଭାଯାତ୍ରା ଯାଜପୁର ଜିଲ୍ଲା ବାଲିକୁଦିଆସ୍ଥିତ ବାଜି ରାଉତ ସ୍ମୃତି ପାଠାଗାରରୁ ବାହାରି ଯାଜପୁର ଓ ଢେଙ୍କାନାଳ ଜିଲ୍ଲାର ବିଭିନ୍ନ ଅଞ୍ଚଳ ପରିକ୍ରମା କରି ବାଜି ରାଉତ ସ୍ମୃତିପୀଠରେ ପହଞ୍ଚିଥିଲା । ସେଠାରେ ଜିଲ୍ଲା ସମ୍ପାଦକ ପ୍ରଶାନ୍ତ ସ୍ୱାଇଁଙ୍କ ସଭାପତିତ୍ୱରେ ଏକ ସ୍ମୃତିସଭା ଅନୁଷ୍ଠିତ ହୋଇଥିଲା । ବାଜି ରାଉତଙ୍କ ପୀଠକୁ ଜାତୀୟ ସ୍ମାରକୀ ଘୋଷଣା, ବାଜି ରାଉତଙ୍କ ପୀଠରେ ସହିଦମାନଙ୍କ ପୂର୍ଣ୍ଣାଙ୍ଗ ପ୍ରତିମୂର୍ତ୍ତି ପ୍ରତିଷ୍ଠା ଓ ବାଜି ରାଉତଙ୍କ ଆତ୍ମବଳିଦାନକୁ ପାଠ୍ୟପୁସ୍ତକରେ ସ୍ଥାନିତ କରିବା ସହ ସହିଦ ଦିବସକୁ ସ୍କୁଲ କଲେଜରେ ଏବଂ ସମସ୍ତ ସରକାରୀ ଅନୁଷ୍ଠାନରେ ମର୍ଯ୍ୟାଦାର ସହ ପାଳନ କରିବାକୁ ଦାବି କରାଯାଇଥିଲା । ମୁଖ୍ୟଅତିଥି ଭାବେ ଅବସରପ୍ରାପ୍ତ ଜିଲ୍ଲା ଜଜ୍ ଭିକାରୀ ଚରଣ ରାଉତ, ସମ୍ମାନିତ ଅତିଥି ରୂପେ ସହିଦ ବାଜି ରାଉତ ସ୍ମୃତି ସଂସଦ ସଭାପତି କୋଦଣ୍ଡଧର ସାହୁ, ରାଷ୍ଟ୍ରପତି ପୁରସ୍କୃତ ଅବସରପ୍ରାପ୍ତ ଶିକ୍ଷକ ହରିହର ସାହୁ ଯୋଗଦେଇଥିଲେ । ଏଆଇଡିୱାଇଓର ସର୍ବଭାରତୀୟ ଅଫିସ ସମ୍ପାଦକ ବିଜୟାନନ୍ଦ ମଲ୍ଲିକ ମୁଖ୍ୟବକ୍ତା ଭାବେ ଯୋଗଦେଇ ବ୍ରିଟିଶ ବିରୋଧରେ ଢେଙ୍କାନାଳ ପ୍ରଜା ଆନ୍ଦୋଳନର କିଶୋର ସହିଦ ବାଜି ରାଉତଙ୍କ ସମେତ ହୃଷି ପ୍ରଧାନ, ଲକ୍ଷ୍ମଣ ମଲ୍ଲିକ, ନଟ ମଲ୍ଲିକ, ପାଣ୍ଡୁ ଲେଙ୍କା ଓ ଫଗୁ ସାହୁଙ୍କ ବଳିଦାନ ସମ୍ପର୍କରେ ବର୍ଣ୍ଣନା କରିଥିଲେ । ଅନ୍ୟତମ ବକ୍ତାଭାବେ ରାଜ୍ୟ ଉପ ସଭାପତି ଶରତ ବାରିକ, ଜିଲ୍ଲା ସଭାପତି ସୁବାସ ମଲ୍ଲିକ ଯୋଗଦେଇ ବକ୍ତବ୍ୟ ରଖିଥିଲେ । କିଶୋର ମଲ୍ଲିକ, କବି ସେଠୀ, ସନ୍ତୋଷ ଲେଙ୍କା, ପ୍ରଶାନ୍ତ ମଲ୍ଲିକ, କୁଳମଣି ପରିଡ଼ା, ପ୍ରେମାନନ୍ଦ ମଲ୍ଲିକ, ଭଗନ୍ ବଳ, ମନୋଜ ଭଞ୍ଜ ପ୍ରମୁଖ ସହଯୋଗ କରିଥିଲେ ।

■ ବୃଦ୍ଧଙ୍କୁ ମରଣାନ୍ତକ ଆକ୍ରମଣ

# ଥାନାରେ ଅଭିଯୁକ୍ତଙ୍କ ଆତ୍ମସମର୍ପଣ

ପାଲଲହଡ଼ା,୧୦ ।୧୦(ସମିସ): ପାଲଲହଡ଼ା ଥାନା ଉଦୟପୁର ସାହିରେ ସାମାନ୍ୟ ବଚସାକୁ ନେଇ ମଦ୍ୟପ ଯୁବକ ଜଣେ ବୃଦ୍ଧଙ୍କୁ ମରଣାନ୍ତକ ଆକ୍ରମଣ କରିଛନ୍ତି । ଏଥିରେ ବୃଦ୍ଧ ଜଣକ ଗୁରୁତର ଆହତ ହୋଇଛନ୍ତି । ସେ ହେଲେ ଉଦୟପୁରର ନିତ୍ୟାନନ୍ଦ ବେହେରା (୭୦) । ସେହି ଗ୍ରାମର ବିଭୂତି ବେହେରା (୧୮) ବାଉଁଶ ଠେଙ୍ଗାରେ ନିତ୍ୟାନନ୍ଦଙ୍କୁ ଆକ୍ରମଣ କରି ଫେରାର ହୋଇଯାଇଥିବା ବେଳେ ପରେ ସେ ଥାନାରେ ଆତ୍ମସମର୍ପଣ କରିଛନ୍ତି । ମିଳିଥିବା ସୂଚନା ଅନୁଯାୟୀ, ଶୁକ୍ରବାର ଅପରାହ୍ନ ୪ଟାରେ ନିତ୍ୟାନନ୍ଦ ସାନ୍ଧ୍ୟ ଭ୍ରମଣ କରୁଥିଲେ । ସେ ଘରଠାରୁ ୧୦୦ ମିଟର ଦୂର ଲକ୍ଷ୍ମୀପୂଜା ମଣ୍ଡପ ପଛ ରାସ୍ତା ଦେଇ ଯାଉଥିବା ବେଳେ ବିଭୂତି ମଦ୍ୟପାନ କରି ଫେରୁଥିଲେ । ଏହି ସମୟରେ ନିତ୍ୟାନନ୍ଦଙ୍କୁ ବିଭୂତି ବିନା କାରଣରେ ଖରାପ ଭାଷାରେ ଗାଳିଗୁଲଜ କରିବା ସହ ଠେଲାପେଲା କରିଥିଲେ । ନିତ୍ୟାନନ୍ଦ ଯେତେ କାକୁତି ମିନତି ହୋଇଥିଲେ ସୁଦ୍ଧା ବିଭୂତି ଏକ ବାଉଁଶ ଠେଙ୍ଗାରେ ତାଙ୍କ ମୁଣ୍ଡକୁ ଆକ୍ରମଣ କରିବା ସହ ଧାରୁଆ ଅସ୍ତ୍ରରେ ତଣ୍ଟି କାଟିଦେଇ ଘଟଣାସ୍ଥଳରୁ ଫେରାର ହୋଇଯାଥିଲେ । ଗ୍ରାମବାସୀ ତାଙ୍କୁ ରକ୍ତ ଜୁଡୁବୁଡୁ ଅବସ୍ଥାରେ ଦେଖି ନିତ୍ୟାନନ୍ଦଙ୍କ ପୁଅ ଓକିଲ ବେହେରାଙ୍କୁ ଖବର ଦେଇଥିଲେ । ଓକିଲ ଘଟଣାସ୍ଥଳରେ ପହଞ୍ଚି ନିତ୍ୟାନନ୍ଦଙ୍କୁ ଉଦ୍ଧାର କରି ପ୍ରଥମେ ପାଲଲହଡ଼ା ଡାକ୍ତରଖାନାରେ ଭର୍ତ୍ତି କରିଥିଲେ । ତେବେ ଅବସ୍ଥା ଗୁରୁତର ଥିବାରୁ ତାଙ୍କୁ କେନ୍ଦୁଝର ଜିଲ୍ଲା ମୁଖ୍ୟ ଡାକ୍ତରଖାନା ସ୍ଥାନାତର କରାଯାଇଛି । ଏ ନେଇ ପରିବାର ପକ୍ଷରୁ ଥାନାରେ ଅଭିଯୋଗ କରାଯାଇଅଛି । ତେବେ ସନ୍ଧ୍ୟାରେ ଅଭିଯୁକ୍ତ ବିଭୂତି ଥାନାରେ ଆତ୍ମସମର୍ପଣ କରିଛନ୍ତି । ପୁଲିସ ତାଙ୍କୁ ଗିରଫ କରି ତଦନ୍ତ ଆରମ୍ଭ କରିଛି ।

## ଜିଲ୍ଲାସ୍ତରୀୟ ଆନ୍ତର୍ଜାତିକ ବରିଷ୍ଠ ନାଗରିକ ଦିବସ ପାଳିତ

# 'ବରିଷ୍ଠଙ୍କ ଅଭିଜ୍ଞତା ଓ ପ୍ରେରଣା ଜିଲ୍ଲା ପାଇଁ କାମ୍ୟ'

ଜଗତସିଂହପୁର,୧୦।୧୦(ସମିସ):



ଜଗତସିଂହପୁର ଜିଲ୍ଲା ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ ଆନୁକୂଲ୍ୟରେ ଜିଲ୍ଲାସ୍ତରୀୟ ଆନ୍ତର୍ଜାତିକ ବରିଷ୍ଠ ନାଗରିକ ଦିବସ ସ୍ଥାନୀୟ ଆଦିକବି ସାରଳା ଦାସ ସଂସ୍କୃତି ଭବନରେ ପାଳିତ ହୋଇଯାଇଛି। ଜିଲ୍ଲା ପରିଷଦ ମୁଖ୍ୟ ବିକାଶ ତଥା ନିର୍ବାହୀ ଅଧିକାରୀ ରବିନାରାୟଣ ଜେଠୀଙ୍କ ଅଧ୍ୟକ୍ଷତାରେ ଆୟୋଜିତ ସଭାରେ ମୁଖ୍ୟଅତିଥି ଭାବେ ଜଗତସିଂହପୁର ବିଧାୟକ ଅମରେନ୍ଦ୍ର ଦାସ ଯୋଗଦେଇ ବରିଷ୍ଠ ନାଗରିକଙ୍କ ଅଭିଜ୍ଞତା ଓ ଅନୁପ୍ରେରଣା ସର୍ବଦା ଜିଲ୍ଲା ପାଇଁ କାମ୍ୟ। ସେମାନଙ୍କ ଆଶୀର୍ବାଦରେ ଜଗତସିଂହପୁର ଜିଲ୍ଲାର ପ୍ରଗତି ଦ୍ୱିଗୁଣିତ ହେବ। ସେମାନଙ୍କର ସମସ୍ତ ସୁବିଧା ଅସୁବିଧାକୁ ଶୁଣି ବିଧାୟକ ଶ୍ରୀ ଦାସ ବରିଷ୍ଠ ନାଗରିକଙ୍କ ନିମନ୍ତେ ବିଭିନ୍ନ ସରକାରୀ କାର୍ଯ୍ୟାଳୟ, ବ୍ୟାଙ୍କରେ ସ୍ୱତନ୍ତ୍ର ଧାଡ଼ିର ବ୍ୟବସ୍ଥା, ସମସ୍ତ ସୁବିଧା ସୁଯୋଗ ଥିବା ବିଶ୍ରାମଗାର, ସରକାରୀ କାର୍ଯ୍ୟାଳୟରେ ଅଗ୍ରାଧିକାର ଭିତ୍ତରେ ସେମାନଙ୍କ କାର୍ଯ୍ୟ ସମ୍ପାଦନ ନିମନ୍ତେ ପଦକ୍ଷେପ ଗ୍ରହଣ କରିବାକୁ ଜିଲ୍ଲାପାଳଙ୍କ ସହ ପରାମର୍ଶ କରିବେ ବୋଲି କହିଥିଲେ।

ସମ୍ମାନିତ ଅତିଥି ଭାବେ ଜିଲ୍ଲା ପରିଷଦ ସଭାପତି ମନୋଜ ଭୋଇ ଯୋଗଦେଇ ବରିଷ୍ଠ ନାଗରିକଙ୍କୁ ସୁସ୍ଥ ସମାଜର ସୂତ୍ରଧର ବୋଲି କହିଥିଲେ। ସେମାନଙ୍କ ପ୍ରେରଣାରେ ଜିଲ୍ଲା ବିକାଶ ରାସ୍ତାରେ ଅଗ୍ରସର ହେବ ବୋଲି ଶ୍ରୀ ଭୋଇ ଆଶାବ୍ୟକ୍ତ କରିଥିଲେ। ଜିଲ୍ଲା ପରିଷଦ ମୁଖ୍ୟ ବିକାଶ ଅଧିକାରୀ ରବିନାରାୟଣ ଜେଠୀ ବରିଷ୍ଠ ନାଗରିକଙ୍କ ଅଭିଜ୍ଞତା ଓ ଦିଗଦର୍ଶନ ସର୍ବଦା କର୍ମଜୀବନ ଓ ବ୍ୟକ୍ତିଗତ ଜୀବନକୁ ଆଲୋକିତ କରିଥାଏ ବୋଲି କହିଥିଲେ। ପୌର ପରିଷଦ ଅଧ୍ୟକ୍ଷା ଶ୍ରୀମତୀ ଅର୍ଚ୍ଚନା ସିଂହ ବରିଷ୍ଠ ନାଗରିକ ସର୍ବଦା ପୂଜ୍ୟ ଓ ସେମାନଙ୍କ ଅଭିଜ୍ଞତା, ଆଶୀର୍ବାଦ ସମାଜକୁ ବିକାଶ ଦିଗରେ ଅଗ୍ରଗତି କରାଇବ ବୋଲି କହିଥିଲେ। ଜଗତସିଂହପୁର ବରିଷ୍ଠ ନାଗରିକ ମହାମଞ୍ଚ ଉପସଭାପତି ପ୍ରେମାନନ୍ଦ ପଡ଼ିଆରୀ ବରିଷ୍ଠ ନାଗରିକଙ୍କ ସୁବିଧା ଅସୁବିଧା କଥା ଉପସ୍ଥାପନ କରିଥିଲେ। ବରିଷ୍ଠ ନାଗରିକ ଗୌରାଙ୍ଗ ଚରଣ ହୋତା ଏହି ଦିବସକୁ ଯଥୋଚିତ ଦିନରେ ପାଳନ କରିବାକୁ ପ୍ରସ୍ତାବ ରଖିଥିଲେ। ପରେ ବିଶିଷ୍ଟ ବରିଷ୍ଠ ନାଗରିକଙ୍କୁ ଅତିଥିମାନେ ସମ୍ମାନିତ କରିଥିଲେ।

ଏହି ଦିବସ ଉପଲକ୍ଷେ ଆୟୋଜିତ ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କ ପୁରସ୍କୃତ କରାଯାଇଥିଲା। ୮୦ ବର୍ଷରୁ ଉର୍ଦ୍ଧ୍ୱ ବରିଷ୍ଠ ନାଗରିକଙ୍କୁ ୩୫୦୦ ବର୍ଦ୍ଧିତ ଭତ୍ତା ପ୍ରଦାନ କରାଯାଇଥିଲା। ଏଥିସହ ଯେଉଁମାନେ ଚାଲିବାର ଅସୁବିଧା ଭୋଗ କରୁଛନ୍ତି ସେମାନଙ୍କୁ ଆଶ୍ରା ବାଡି ପ୍ରଦାନ କରାଯାଇଥିଲା। ବିଭିନ୍ନ ବ୍ଲକ୍‌ର ବରିଷ୍ଠ ନାଗରିକ ମଞ୍ଚ ଅଧ୍ୟକ୍ଷ ଓ କର୍ମକର୍ତ୍ତାଙ୍କୁ ମଧ୍ୟ ସମ୍ବର୍ଦ୍ଧିତ କରାଯାଇଥିଲା। ଜିଲ୍ଲାର ବରିଷ୍ଠ ନାଗରିକ ନିଜ ନିଜର ସୁବିଧା ଅସୁବିଧା କଥା ମୁଖ୍ୟଅତିଥିଙ୍କୁ ଜଣାଇଥିଲେ। ସକାଳ ୮ଟାରୁ ଆୟୋଜିତ ଏହି କାର୍ଯ୍ୟକ୍ରମରେ ପ୍ରଥମେ ୱାକାଥନ, ଯୋଗାଭ୍ୟାସ, ପରେ ଅଭିଜ୍ଞ ଡାକ୍ତରଙ୍କ ଦ୍ୱାରା ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇଥିଲା। ପାଲା ଓ ନୃସିଂହ ମଲ୍ଲିକଙ୍କ ଦ୍ୱାରା ମ୍ୟାଜିକ ପରିବେଷଣ କରାଯାଇଥିଲା। ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଶ୍ରୀମତୀ ମମତା ନାୟକ ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ବରିଷ୍ଠ ନାଗରିକ ଫୋରମ୍ ଉପସଭାପତି ମଧୁସୂଦନ ସାହୁ ଧନ୍ୟବାଦ୍ ଅର୍ପଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ସଂସ୍କୃତି ଅଧିକାରୀ ଦିଲ୍ଲୀପ ଜେନା, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଶ୍ରୀମତୀ ପ୍ରତିଚୀ ତନୟା ମହାନ୍ତି, ଜିଲ୍ଲା ବରିଷ୍ଠ ନାଗରିକ ମହାମଞ୍ଚ ସଦସ୍ୟ, ବ୍ଲକସ୍ତରୀୟ ବରିଷ୍ଠ ନାଗରିକ ମଞ୍ଚ ସଦସ୍ୟ, ସହରର ବୁଦ୍ଧିଜୀବୀ, ଆଇନଜୀବୀ, ଗଣମାଧ୍ୟମ ପ୍ରତିନିଧି, ବ୍ଲକ୍ ସାମାଜିକ ସୁରକ୍ଷା ଅଧିକାରୀ ପ୍ରମୁଖ ଯୋଗ ଦେଇଥିଲେ। ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ସୁଭାଷ ଚନ୍ଦ୍ର ରାଉତ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ଜିଲ୍ଲା ସାମାଜିକ ସୁରକ୍ଷା ବିଭାଗ କର୍ମକର୍ତ୍ତା, କନିଷ୍ଠ ସହାୟକ ଓ ପ୍ରୋଗ୍ରାମ ସହାୟକ ସହଯୋଗ କରିଥିଲେ।

## ବିଜେଡି ଉପସଭାପତି ଚିରଞ୍ଜୀବ ବିଶ୍ୱାଳଙ୍କୁ ସମ୍ବର୍ଦ୍ଧନା



ଜଗତସିଂହପୁର,୧୦।୧୦(ସମିସ): ଜଗତସିଂହପୁର ଜିଲ୍ଲାର ବରିଷ୍ଠ ବିଜେଡି ନେତା ତଥା ପୂର୍ବତନ ବିଧାୟକ ଚିରଞ୍ଜୀବ ବିଶ୍ୱାଳଙ୍କୁ ଦଳୀୟ ନେତା ଓ କର୍ମୀଙ୍କ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଛି। ଶ୍ରୀ ବିଶ୍ୱାଳ ଜଗତସିଂହପୁର ସହରର ସିପି ଛକସ୍ଥ ଜନସମ୍ପର୍କ କାର୍ଯ୍ୟାଳୟରେ ପହଞ୍ଚିବା ପରେ ବିଜେଡିର ବରିଷ୍ଠ ଓ ଯୁବନେତା, କର୍ମୀ ତାଙ୍କୁ ସାକ୍ଷାତ କରି ପୁଷ୍ପଗୁଚ୍ଛ ପ୍ରଦାନ ପୂର୍ବକ ଶ୍ରୀ ବିଶ୍ୱାଳଙ୍କୁ ସମ୍ବର୍ଦ୍ଧନା ସହିତ ଅଭିନନ୍ଦନ ଜଣାଇଥିଲେ। ଜିଲ୍ଲା ପରିଷଦ ସଭାପତି ମନୋଜ ଭୋଇ, ଜଗତସିଂହପୁର ପଞ୍ଚାୟତ ସମିତି ଉପାଧ୍ୟକ୍ଷ ରତିରଞ୍ଜନ ବେହେରା, ନଗର ବିଜେଡି ସଭାପତି ପ୍ରିୟବ୍ରତ ମହାପାତ୍ର, ଜିଲ୍ଲା ଛାତ୍ର କଂଗ୍ରେସ ସଭାପତି ସମିତ ଲେଙ୍କା, ବରିଷ୍ଠ ବିଜେଡି ନେତା ଦୀପ୍ତି ଦାସ, ସିକନ୍ଦର ଆଲାମ, ସୁବାସ ସାହୁ, ଦିଲ୍ଲୀପ ସିଂ, ଗୌର ପ୍ରସାଦ ମହାନ୍ତି, ସରୋଜ ବିଶ୍ୱାଳ, ଜଗନ୍ନାଥ ମୁଦୁଲି, ଯୁବନେତା ପ୍ରଶାନ୍ତ ମଲ୍ଲିକଙ୍କ ସମେତ ବିଜେଡି ପାରିଷଦ, ବିଜେଡି ସମର୍ଥିତ ସରପଞ୍ଚ ଓ ସମିତି ସଭ୍ୟ/ସଭ୍ୟା ଏହି ସମ୍ବର୍ଦ୍ଧନା କାର୍ଯ୍ୟକ୍ରମରେ ସାମିଲ ଥିଲେ।

## କୋରଡେଟ୍‌ର ପ୍ରତିଷ୍ଠା ଦିବସ ଓ କୃଷକ ସମାବେଶ



ପାରାଦୀପ, ୧୦।୧୦(ସମିସ): କୋରଡେଟ୍‌ର ୪୮ତମ ପ୍ରତିଷ୍ଠା ଦିବସ ଓ କୃଷକ ସମାବେଶ ଇଫ୍‌କୋ ପରିସରରେ ଆୟୋଜିତ ହୋଇଯାଇଛି। ଇଫ୍‌କୋ ଓ କୋରଡେଟ୍ ମିଳିତ ଭାବେ ଏହି କାର୍ଯ୍ୟକ୍ରମର ଆୟୋଜନ କରିଥିଲେ। ଇଫ୍‌କୋ ୟୁନିଟ୍ ମୁଖ୍ୟ ପି.କେ. ମହାପାତ୍ର ଉଦଘାଟନ କରିଥିଲେ। ଜଳବାୟୁ, ପରିବେଶ ଓ ମୃତ୍ତିକା ପାଇଁ ଇଫକୋ ନାନୋ ଫର୍ଟିଲାଇଜର କୃଷକଙ୍କ ପାଇଁ ଆର୍ଥିକ ଓ ପରିବେଶ ସୁରକ୍ଷା ଦେଇପାରୁଛି ବୋଲି ଶ୍ରୀ ମହାପାତ୍ର କହିଥିଲେ। ଅନ୍ୟତମ ଅତିଥି ଭାବେ ଓୟୁଏଟିର ପ୍ରଫେସର ଡ. ଆର୍.ଏନ. ନାୟକ ଯୋଗଦେଇ ଓଡିଶାର ମୃତ୍ତିକା ସମ୍ବନ୍ଧରେ ବିସ୍ତୃତ ତଥ୍ୟ ଉପସ୍ଥାପନ କରିଥିଲେ। ଅତିଥି ଭାବେ କେନ୍ଦ୍ରୀୟ ଧାନ ଗବେଷଣା କେନ୍ଦ୍ରର ବରିଷ୍ଠ ବୈଜ୍ଞାନିକ ଡ. ସଙ୍ଗୀତା ମହାନ୍ତି, ମହାକାଳପଡାର ବ୍ଲକ୍ କୃଷି ଅଧିକାରୀ ପ୍ରଦୋଶ ବେହେରା, କୁଜଙ୍ଗ ବ୍ଲକ୍ କୃଷି ଅଧିକାରୀ ସୀତାରତ୍ନମାଳି ଦାସ ଯୋଗ ଦେଇଥିଲେ। ଇଫ୍‌କୋର ମାର୍କେଟିଂ ବିଭାଗ କ୍ଷେତ୍ର ଅଧିକାରୀ ସନ୍ଧ୍ୟାରାଣୀ ବେହେରା ଇଫ୍‌କୋ ପକ୍ଷରୁ କୃଷି ନିମନ୍ତେ ୭୫ଟି ଡ୍ରୋନ୍ ବଣ୍ଟନ କରାଯାଇଥିବା ନେଇ ସୂଚନା ଦେଇଥିଲେ। କୋରଡେଟ୍ ଅଧ୍ୟକ୍ଷ କୁଳମଣି ମାଝୀ କୋରଡେଟ୍ କୃଷକ ସମାଜ ନିମନ୍ତେ ସର୍ବଦା କାର୍ଯ୍ୟ କରିଆସୁଥିବା କହିଥିଲେ। ଜୟନ୍ତ ଜେନା କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ନାନୋର ସାଧାରଣ ପ୍ରବନ୍ଧକ ଏସ.ପି. ରଥ, ଯୁଗ୍ମ ପ୍ରବନ୍ଧକ ବି.କେ. ମିଶ୍ର, ମୁଖ୍ୟ ପ୍ରବନ୍ଧକ ରାକେଶ ପାଣ୍ଡେ, ଲୋକ ସମ୍ପର୍କ ଅଧିକାରୀ ଡ. ପ୍ରସନ୍ନ ବେଉରା ଯୋଗ ଦେଇଥିବାବେଳେ ୨୫୦ ଜଣ କୃଷକ ଏହି ସମାବେଶରେ ଉପସ୍ଥିତ ଥିଲେ।

## ପୂର୍ବତନ ବିଧାୟକ କୃଷ୍ଣଚନ୍ଦ୍ର ମଲ୍ଲିକଙ୍କ ସ୍ମୃତିସଭା



ଜଗତସିଂହପୁର,୧୦।୧୦(ସମିସ): ଜଗତସିଂହପୁର ସଦର ବ୍ଲକ୍ ଅନ୍ତର୍ଗତ ପୁନଙ୍ଗସ୍ଥ ଜୟଦୁର୍ଗା ଯୁବ ଓ କ୍ରୀଡ଼ା ସଙ୍ଘ ପକ୍ଷରୁ ପୂର୍ବତନ ବିଧାୟକ କୃଷ୍ଣଚନ୍ଦ୍ର ମଲ୍ଲିକ ଓ କ୍ରୀଡ଼ାବିତ୍ ସ୍ୱର୍ଗତ ଦେବକାନ୍ତ ମିଶ୍ରଙ୍କ ବିୟୋଗରେ ସ୍ମୃତିଚାରଣ ସଭା ସଂଘ କାର୍ଯ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ଏ ଅବସରରେ ଦିବଙ୍ଗତ ଆତ୍ମାର ସଦଗତି କାମନା ପୂର୍ବକ ୧ ମିନିଟ ନିରବ ପ୍ରାର୍ଥନା କରାଯାଇଥିଲା। ପରେ ସଙ୍ଘ ଉପଦେଷ୍ଟା ଅକ୍ଷୟ ପାତ୍ରଙ୍କ ଆବାହକତ୍ୱରେ ଆରମ୍ଭ ହୋଇଥିଲା ସ୍ମୃତିଚାରଣ ସଭା। ଏହି ସଭାରେ ପୁନଙ୍ଗ ଗ୍ରାମର ବରିଷ୍ଠ ସମାଜସେବୀ ପ୍ରଭାକର ଦାସ ଓ ସାମ୍ବାଦିକ ଶଶାଙ୍କ ଶେଖର ପଣ୍ଡା ଯୋଗଦେଇ ପୂର୍ବତନ ବିଧାୟକ ସ୍ୱର୍ଗତ କୃଷ୍ଣଚନ୍ଦ୍ର ମଲ୍ଲିକଙ୍କ ତ୍ୟାଗପୁତ ଜୀବନ, ସମାଜର ଦୁସ୍ଥ ଓ ଅବହେଳିତ ଲୋକଙ୍କୁ ମୁଖ୍ୟସ୍ରୋତରେ ସାମିଲ ନିମନ୍ତେ ତାଙ୍କର ବଳିଷ୍ଠ ଉଦ୍ୟମ ସମ୍ପର୍କରେ ଆଲୋଚନା କରିଥିଲେ। ସେହିପରି ଯୁବ ଆଇନଜୀବୀ, କ୍ରୀଡ଼ାବିତ ତଥା ମଞ୍ଚ ଅଭିନେତା ସ୍ୱର୍ଗତ ଦେବକାନ୍ତ ମିଶ୍ରଙ୍କ କର୍ମମୟ ଜୀବନ ସମ୍ପର୍କରେ ଆଲୋକପାତ କରିଥିଲେ। ସଂଘର ଉପଦେଷ୍ଟା ଲକ୍ଷ୍ମୀନାରାୟଣ ମିଶ୍ର, ସମ୍ପାଦକ ରଜନୀକାନ୍ତ ଚୌଧୁରୀ, ସହସମ୍ପାଦକ ତ୍ରିଲୋଚନ ବେହେରା, ଉପସଭାପତି ଅସୀମ ବାନାର୍ଜୀ, ସ୍ୱର୍ଗତ ମଲ୍ଲିକ ଓ ସ୍ୱର୍ଗତ ମିଶ୍ରଙ୍କ ସ୍ମୃତିଚାରଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଦେବେନ୍ଦ୍ର ବେହେରା, ବିଜୟ ବେହେରା, ବଂଶୀଧର ବେହେରା, ପରେଶ ବେହେରା, ପର୍ଶୁରାମ ବେହେରା, ମନୋରଞ୍ଜନ ଦାସ, ଶଙ୍କର୍ଷଣ ଦାସ, ପବିତ୍ର ପରିଡ଼ା, ପ୍ରିୟବ୍ରତ ମଲ୍ଲିକ, ବଦ୍ରି ମହାନ୍ତି, ରାମକୃଷ୍ଣ ଦାସ, ସୁଧୀର ସିନା, ଅଶୋକ ସାହୁ, ଅମିତ ଅଧିକାରୀ, ସୌମ୍ୟରଞ୍ଜନ ସାହୁ, ସୁମିତ ବେହେରା, ହରି ବୈଶାଖ, ମିହିର ବାରିକ, ରମାକାନ୍ତ ଚୌଧୁରୀ, ନିରଞ୍ଜନ ସେନ, ଗିରିଜା ଦାଶ, ରବୀନ୍ଦ୍ର ଦାସ ଯୋଗଦେଇ ପବିତ୍ର ଆତ୍ମାର ସଦଗତି କାମନା କରିଥିଲେ। ସାରଦା ରଣା ସମସ୍ତଙ୍କୁ କୃତଜ୍ଞତା ଓ ଧନ୍ୟବାଦ ଜଣାଇଥିଲେ।

## ଗଜଲକ୍ଷ୍ମୀ ପୂଜାରେ ପ୍ରବଚନ

ତିର୍ତ୍ତୋଲ,୧୦।୧୦(ସମିସ): ସଅଁରା ଛକରେ ସ୍ଥାନୀୟ ଅଞ୍ଚଳର ବଣିକ ସଂଘ ପକ୍ଷରୁ ଳ ଆରମ୍ଭ ହୋଇଥିବା ମା' ଗଜଲକ୍ଷ୍ମୀଙ୍କ ପୂଜା ଅବସରରେ ଆଧ୍ୟାତ୍ମିକ ପ୍ରବଚନ ଅନୁଷ୍ଠିତ ହୋଇଯାଇଛି।



ଶ୍ରୀଜଗନ୍ନାଥ ସଂସ୍କୃତି ପ୍ରଚାରକ ତଥା ପ୍ରବକ୍ତା ବାବା ଦିବାକର ଦାସ ମହାରାଜ, ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କର ଲୀଳା ମାହାତ୍ମ୍ୟ ଓ ତତ୍ତ୍ୱ ଦର୍ଶନ ଉପରେ ପ୍ରବଚନ ପ୍ରଦାନ କରି ସମବେତ ଶ୍ରଦ୍ଧାଳୁଙ୍କୁ ମନ୍ତ୍ରମୁଗ୍ଧ କରିଥିଲେ। ବାବାଙ୍କ ସହିତ ବାଦ୍ୟଯନ୍ତ୍ରରେ ଜୟନ୍ତ ଶତପଥୀ ଓ କିଶୋର ମହାପାତ୍ର ସହଯୋଗ କରିଥିଲେ।

## ବଜ୍ରପାତରେ ଜଣେ ମୃତ, ୫ ଆହତ



ବାଲିକୁଦା,୧୦।୧୦(ସମିସ): ବଜ୍ରପାତରେ ବରମୁଣ୍ଡଲୀ ପଞ୍ଚାୟତ କପୁରାବେଲାରୀ ଗ୍ରାମର ୪୬ ବର୍ଷୀୟ ଯୁବକ ସଞ୍ଜୟ ଦାସଙ୍କ ମୃତ୍ୟୁ ହୋଇଥିବାବେଳେ ତେନ୍ତୁଳିବେଲାରି ଛ'ଘରିଆ ଗ୍ରାମର କାଳୀପଦ ବେହେରା, ଭାନୁ ମାହିଁଶାଳ, କାର୍ତ୍ତିକ ମଣ୍ଡଳ, ସୁବାସ ବାଗ, ଅକ୍ଷୟ ମାଲ ପ୍ରମୁଖ ଆହତ ହୋଇ ଜିଲ୍ଲା ମେଡିକାଲରେ ଚିକିତ୍ସିତ ହେଉଛନ୍ତି। ସଞ୍ଜୟ ବାଲିଜୋରୀ ଦେବୀ ନଦୀ କୂଳକୁ ମଇଁଷି ଚଳାଇବାକୁ ନେଇଥିଲେ। ଦିନ ପ୍ରାୟ ୧୨ଟା ୩୦ ମିନିଟ ସମୟରେ ପ୍ରବଳ ବର୍ଷା ଓ ବଜ୍ରପାତ ହୋଇଥିଲା। ସଞ୍ଜୟଙ୍କ ଉପରେ ଏହା ପଡ଼ିଥିଲା। ସେ ଚେତାଶୂନ୍ୟ ହୋଇପଡ଼ିଥିଲେ। ନିକଟରେ ଥିବା ଅନ୍ୟ କିଛି ମଇଁଷି ପାଳକ ଏହା ଦେଖି ପରିବାର ଲୋକଙ୍କୁ ସୂଚନା ଦେଇଥିଲେ। ପରିବାର ଲୋକେ ପହଞ୍ଚି ସଞ୍ଜୟଙ୍କୁ ବାଲିକୁଦା ଡାକ୍ତରଖାନା ନେଇଥିଲେ। ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ। ବାଲିକୁଦା ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଶବ ବ୍ୟବଚ୍ଛେଦ ପାଇଁ ଜଗତସିଂହପୁର ମେଡିକାଲ ପଠାଇଛି।

## ମା' ଭଗବତୀ ବିଦ୍ୟାଳୟରେ ସମ୍ବର୍ଦ୍ଧନା ସଭା



ବାଲିକୁଦା,୧୦।୧୦(ସମିସ): ଇଚ୍ଛାପୁର ପଞ୍ଚାୟତ ମା' ଭଗବତୀ ସରକାରୀ ଉଚ୍ଚପ୍ରାଥମିକ ବିଦ୍ୟାଳୟରେ ଜିଲ୍ଲା ପରିଷଦ ସଭ୍ୟା ଡଲି ପଣ୍ଡାଙ୍କ ତତ୍ତ୍ୱାବଧାନରେ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଛି। ପୁରାତନ ଛାତ୍ରଛାତ୍ରୀଙ୍କ ଦ୍ୱାରା ଆୟୋଜିତ ଓ ପୂର୍ବତନ ବ୍ଲକ ସହକାରୀ ଶିକ୍ଷାଧିକାରୀ ପବିତ୍ର ମୋହନ ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟଅତିଥି ଭାବେ ବିଡିଓ ସାଗର ନନ୍ଦ, ମୁଖ୍ୟବକ୍ତା ଅତିରିକ୍ତ ତହସିଲଦାର ସତ୍ୟ ରାୟ, ସମ୍ମାନିତ ଅତିଥି ଭାବେ ଜ୍ଞାନରଞ୍ଜନ ସ୍ୱାଇଁ, ପ୍ରଧାନଶିକ୍ଷୟିତ୍ରୀ କାମିନୀ ସାସମଲ ଯୋଗଦେଇ ଇଚ୍ଛାପୁର ପଞ୍ଚାୟତର ସ୍ମୃତିରଞ୍ଜନ ଦାସ ଓ ସତ୍ୟସ୍ୱରୂପ ପଣ୍ଡାଙ୍କୁ ମାନପତ୍ର ଓ ଉତ୍ତରୀୟ ପ୍ରଦାନ ପୂର୍ବକ ସମ୍ବର୍ଦ୍ଧିତ କରିଥିଲେ। ପୂର୍ବତନ ସରପଞ୍ଚ ରମେଶ ସ୍ୱାଇଁ, ପୂର୍ବତନ ସରପଞ୍ଚ ବବିତା ପୁହାଣ, ପୂର୍ବତନ ସମିତିସଭ୍ୟ ଆର୍ତ୍ତବନ୍ଧୁ ବିଶ୍ୱାଳ, ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ, ପୁରାତନ ଛାତ୍ରଛାତ୍ରୀ ଓ ମା' ଭଗବତୀ କ୍ଲବ୍‌ର ସମସ୍ତ ସଦସ୍ୟ ଉପସ୍ଥିତ ଥିଲେ।

## ଦୁର୍ଘଟଣାରେ ପୂର୍ବତନ ସମିତିସଭ୍ୟଙ୍କ ମୃତ୍ୟୁ



ନାଉଗାଁ,୧୦।୧୦(ସମିସ): ଅଲାଣହାଟ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ନିକଟରେ ଦୁର୍ଘଟଣାରେ ନୂଆଗାଁ ପଞ୍ଚାୟତର ପୂର୍ବତନ ସମିତିସଭ୍ୟ ଅମରେନ୍ଦ୍ର ମହାନ୍ତିଙ୍କ ମୃତ୍ୟୁ ଘଟିଛି। ସେ କୌଣସି କାମରେ ମୁଣ୍ଡାଲୋ ବଜାରରୁ ଦେବୀଦୋଳ ଆଡ଼କୁ ଯାଉଥିବାବେଳେ ଅଲାଣହାଟ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ନିକଟରେ ଆଗରୁ ଆସୁଥିବା ଏକ ବାଇକ୍ ମୁହାଁମୁହିଁ ଧକ୍କା ହୋଇଥିଲା। ଅମରେନ୍ଦ୍ର ବାଇକ୍‌ରୁ ଛିଟିକି ଯାଇ ନାଳ ଭିତରେ ପଡିଯିବାରୁ ମୁଣ୍ଡରେ ଆଘାତ ଲାଗି ପ୍ରବଳ ରକ୍ତସ୍ରାବ ହୋଇଥିଲା। ସ୍ଥାନୀୟ ଲୋକେ ତାଙ୍କୁ ଜଗତସିଂହପୁର ମୁଖ୍ୟ ଚିକିତ୍ସାଳୟକୁ ନେଇଥିବାବେଳେ ସେଠାରେ ତାଙ୍କର ମୃତ୍ୟୁ ହେଇଥିଲା। ସେ ୨୦୦୨ରୁ ୨୦୦୭ ପର୍ଯ୍ୟନ୍ତ ସମିତିସଭ୍ୟ ଥିଲେ। ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟ କରିବା ସହିତ ନାଉଗାଁ ବ୍ଲକରେ ଜଣେ ଦକ୍ଷ ସଂଗଠକ ଭାବେ ପରିଚିତ ଥିଲେ। ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି।

## ଶ୍ରମିକଙ୍କ ମୃତ୍ୟୁକୁ ନେଇ ଧାରଣା

ପାରାଦୀପ, ୧୦।୧୦(ସମିସ): ଆଇଓସିଏଲ ଅଧୀନରେ କାମ କରୁଥିବା ଏକ ଠିକା ସଂସ୍ଥାର ଜଣେ ଶ୍ରମିକଙ୍କ ମୃତ୍ୟୁକୁ ନେଇ ଆଇଓସିଏଲ ୧ ନମ୍ବର ଫାଟକ ନିକଟରେ ସାଥି ଶ୍ରମିକ ଓ ପରିବାର ଲୋକେ ଧାରଣାରେ ବସିଥିଲେ। ମୃତକଙ୍କ ପରିବାରକୁ କ୍ଷତିପୂରଣ ଦାବିରେ ଦିଆଯାଇଥିବା ଧାରଣା ଶେଷରେ କର୍ତ୍ତୃପକ୍ଷଙ୍କ ପ୍ରତିଶ୍ରୁତି ପରେ ହଟିଥିଲା। ଶ୍ରମିକ ଜଣକ ଚଟୁଆ ଗ୍ରାମର ସୁକାନ୍ତ ସେଠୀ (୪୦)। ହୃଦ୍‌ଘାତରେ ତାଙ୍କର ମୃତ୍ୟୁ ହୋଇଥିବାବେଳେ କ୍ଷତିପୂରଣ ଦାବିରେ ପରିବାର ଲୋକେ ତାଙ୍କ ମୃତଦେହକୁ ଆଣି ଧାରଣା ଦେଇଥିଲେ।

## ଜିଲ୍ଲାସ୍ତରୀୟ ଶିଶୁ ଉତ୍ସବ ମହକ ଓ ଉତ୍ସାହ

ଜଗତସିଂହପୁର,୧୦।୧୦(ସମିସ): ଜଗତସିଂହପୁର ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ୍, ମହିଳା ଓ ଶିଶୁ ବିକାଶ ବିଭାଗ ଦ୍ୱାରା ଜିଲ୍ଲାସ୍ତରୀୟ ଶିଶୁ ଉତ୍ସବ ମହକ ଓ ଉତ୍ସାହ ନବକୃଷ୍ଣ ଚୌଧୁରୀ ଷ୍ଟାଡ଼ିୟମ ଓ ଶିଶୁ



ଆଶ୍ରମରେ ୯ ଓ ୧୦ ତାରିଖ ଦୁଇଦିନ ଧରି ଅନୁଷ୍ଠିତ ହୋଇଯାଇଛି। ଏଥିରେ ଜଗତସିଂହପୁରର ଦୁଇଟି ପଞ୍ଜିକୃତ ଶିଶୁ ଯତ୍ନ ଅନୁଷ୍ଠାନ ଶିଶୁ ଆଶ୍ରମ ଜଗତସିଂହପୁର ଓ ଶ୍ରୀଲୋକନାଥ ଶିକ୍ଷାଶ୍ରମ ନିମିଡ଼ି ପାରାଦୀପର ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ଛାତ୍ରଛାତ୍ରୀଙ୍କ ଅନ୍ତର୍ନିହିତ ପ୍ରତିଭା ବିକାଶ, ନେତୃତ୍ୱ ଗୁଣର ପରିସ୍ଫୁଟନ ଓ ଶିଶୁ ସୁରକ୍ଷା ବିଷୟରେ ସଚେତନ ସୃଷ୍ଟି କରିବା ଏହି କାର୍ଯ୍ୟର ମୂଳ ଲକ୍ଷ୍ୟ ଅଟେ। ଉତ୍ସାହ କାର୍ଯ୍ୟକ୍ରମରେ ବିଭିନ୍ନ କ୍ରୀଡ଼ା ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ୧୨ରୁ ୧୮ ବର୍ଷ ବୟସର ଛାତ୍ରଛାତ୍ରୀ ଉଭୟ ବାଳକ ଓ ବାଳିକା ବର୍ଗ ୧୦୦ ମିଟର, ୨୦୦ ମିଟର ଦୌଡ଼, କ୍ୟାରମ, ଚେସ, ଲମ୍ବଡିଆଁ, ଉଚ୍ଚଡିଆଁ ଇଭେଣ୍ଟରେ ଅଂଶଗ୍ରହଣ କରିଥିଲେ। ସେହିପରି ମହକ କାର୍ଯ୍ୟକ୍ରମରେ ବକ୍ତୃତା, ଜଣାଅଜଣା କାର୍ଯ୍ୟକ୍ରମ, ଚିତ୍ରାଙ୍କନ, ସଙ୍ଗୀତ ଓ ଦଳଗତ ନୃତ୍ୟ ପ୍ରତିଯୋଗିତା ଉଭୟ କନିଷ୍ଠ ଓ ବରିଷ୍ଠ ବର୍ଗରେ ଅନୁଷ୍ଠିତ ହୋଇଥିଲା। ଉଭୟ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା। କୃତୀ ପ୍ରତିଯେଗୀ ଆସନ୍ତା ନଭେମ୍ବରରେ ହେବାକୁ ଥିବା ରାଜ୍ୟସ୍ତରୀୟ ମହକ ଓ ଉତ୍ସାହରେ ଅଂଶଗ୍ରହଣ କରିବେ।

ଉକ୍ତ କାର୍ଯ୍ୟକ୍ରମର ପୁରସ୍କାର ବିତରଣୀ ଉତ୍ସବରେ ମୁଖ୍ୟଅତିଥି ଭାବେ ଉପଜିଲ୍ଲାପାଳ ପ୍ରଶାନ୍ତ ତରାଇ, ଶିଶୁ ମଙ୍ଗଳ କମିଟି ଅଧ୍ୟାକ୍ଷା ଶକୁନ୍ତଳା ଚୌଧୁରୀ, ଶିଶୁ ଆଶ୍ରମ ସମ୍ପାଦକ ବିନାୟକ ପଟ୍ଟନାୟକ, ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ବିଷ୍ଣୁପ୍ରିୟା ସେଠୀ, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ରାଜଶ୍ରୀ ସାହୁ, ଅତିରିକ୍ତ ସମାଜ ମଙ୍ଗଳ ଅଧିକାରିଣୀ ରଞ୍ଜୁ ଦେଇ, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରିଣୀ ମମତା ନାୟକ, ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ କାହ୍ନୁଚରଣ ରାଉତ, ସୁରକ୍ଷା ଅଧିକାରୀ ଜଗଦୀଶ ସାହୁ ଯୋଗଦେଇ ପୁରସ୍କାର ବିତରଣ କରିଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ ଶିଶୁ ସୁରକ୍ଷା ୟୁନିଟ, ଶିଶୁ ଆଶ୍ରମ, ଶ୍ରୀଲୋକନାଥ ଶିକ୍ଷାଶ୍ରମ ଓ ଚାଇଲ୍ଡ ହେଲ୍ପ ଲାଇନ କର୍ମକର୍ତ୍ତା ସହଯୋଗ କରିଥିଲେ। ଆଇନ ଅଧିକାରୀ ଜଗନ୍ନାଥ ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ।

## କଳିଙ୍ଗ ବାଲିଯାତ୍ରା ସାଂସ୍କୃତିକ କାର୍ଯ୍ୟକ୍ରମ ପାଇଁ ଆବେଦନପତ୍ର ଆହ୍ୱାନ

ଜଗତସିଂହପୁର, ୧୦।୧୦(ସମିସ): ବିଗତ ବର୍ଷ ଭଳି ଚଳିତ ବର୍ଷ କଳିଙ୍ଗ ବାଲିଯାତ୍ରା ଉତ୍ସବ ଆସନ୍ତା ମାସ ୪ରୁ ୧୦ ତାରିଖ ପର୍ଯ୍ୟନ୍ତ ପାରାଦୀପ ସମୁଦ୍ର ବେଳାଭୂମି ବାଲିଯାତ୍ରା ପଡ଼ିଆରେ ମହାସମାରୋହରେ ଅନୁଷ୍ଠିତ ହେବ। ଏ ଅବସରରେ ପ୍ରତିଦିନ ସନ୍ଧ୍ୟାରେ ବାଲିଯାତ୍ରା ମଞ୍ଚରେ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯିବ। ଏହି ସାଂସ୍କୃତିକ କାର୍ଯ୍ୟକ୍ରମରେ ଭାଗ ନେବାକୁ ଇଚ୍ଛୁକ ବ୍ୟକ୍ତିବିଶେଷ/ଅନୁଷ୍ଠାନ ପକ୍ଷରୁ ଆବେଦନପତ୍ର ଆହ୍ୱାନ କରାଯାଇଛି। ଚଳିତ ମାସ ୨୦ ତାରିଖ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ (ପାରାଦୀପ)ଙ୍କ କାର୍ଯ୍ୟାଳୟରେ ଆବେଦନ ପତ୍ର ଦାଖଲ କରିବାକୁ କୁହାଯାଇଛି। ୨୦ ତାରିଖ ପରେ କୌଣସି ଆବେଦନ ପତ୍ର ଗ୍ରହଣ କରାଯିବନାହିଁ ବୋଲି ପ୍ରଶାସନ ପକ୍ଷରୁ କୁହାଯାଇଛି।

## 'ବ୍ରହ୍ମାନନ୍ଦ ଜେନାଙ୍କ ଆଦର୍ଶ ସମସ୍ତଙ୍କ ପାଇଁ ପ୍ରେରଣା ହେଉ'



ବିରିଡ଼ି, ୧୦।୧୦(ସମିସ): ବାସନ୍ଦରା ଗ୍ରାମର ବ୍ରହ୍ମାନନ୍ଦ ଜେନାଙ୍କ ମଧ୍ୟରେ ଥିଲା ଅଦମ୍ୟ ସାହସ। ସେ ଅନ୍ୟାୟକୁ ଆଦୌ ବରଦାସ୍ତ କରନ୍ତିନାହିଁ। ତାଙ୍କ ଆଦର୍ଶ ଯୁବପିଢ଼ିଙ୍କ ପାଇଁ ପ୍ରେରଣାଦାୟୀ ହେଉ ବୋଲି ଶୁକ୍ରବାର ଦିନ ସ୍ୱର୍ଗତ ଜେନାଙ୍କ ଦ୍ୱାଦଶାହରେ ଆୟୋଜିତ ସ୍ମୃତିଚାରଣ ସଭାରେ ଅତିଥିମାନେ ମତ ପ୍ରକାଶ କରିଛନ୍ତି। ୨ନଂ ଜୋନ୍ ଜିଲ୍ଲା ପରିଷଦ ସଭ୍ୟ ଚନ୍ଦ୍ରଶେଖର ଦାଶଙ୍କ ପୌରୋହିତରେ ଅନୁଷ୍ଠିତ ସ୍ମୃତିସଭାକୁ ତିର୍ତ୍ତୋଲ ନିର୍ବାଚନମଣ୍ଡଳୀ ବିଜେପି ନେତା ରାଜକିଶୋର ବେହେରା ଉଦ୍‌ଘାଟନ କରିଥିଲେ। ପୂର୍ବତନ ଜିଲ୍ଲା ବିଜେପି ସଭାପତି ସତ୍ୟବ୍ରତ ମହାପାତ୍ର, ନନ୍ଦକିଶୋର ବସ୍ତିଆ, ନୃସିଂହ ଦାଶ, ନେତ୍ରାନନ୍ଦ ପାତ୍ର, ସମାଜସେବୀ ଅରୁଣ ଦାସ, ଶ୍ୟାମାସୁନ୍ଦର ପାଇକରାୟ, ନିକୁଞ୍ଜ ବିହାରୀ ଭଞ୍ଜ, ପୂରଣ ସରପଞ୍ଚ ଯୁଧିଷ୍ଠିର ବେହେରା, ସାଂସଦଙ୍କ ପ୍ରତିନିଧି ଗୀତାଞ୍ଜଳି ସାହୁ, ଟୁଟୁ ମଲିକ, ମଣ୍ଡଳ ସଭାପତି ଶୁଭ୍ରଜ୍ୟୋତି ସାହୁ, ସରପଞ୍ଚ ତରୁଣ ଦାସ, ଅଭିମନ୍ୟୁ ସାହୁ, ରବୀନ୍ଦ୍ର ଦଳାଇ, ସଙ୍ଗୀତା ଜେନା, ଦୀପ୍ତିମାନ ମହାନ୍ତି, ସୌଭାଗ୍ୟ ଦାସ ପ୍ରମୁଖ ଯୋଗଦେଇ ସ୍ମୃତିଚାରଣ କରିଥିଲେ। ତିର୍ତ୍ତୋଲ ବିଧାୟକ ପ୍ରଫେସର ରମାକାନ୍ତ ଭୋଇ, ଶିବପ୍ରସାଦ ଜେନା, ସ୍ନେହାଶିଷ ଜେନା ସ୍ୱର୍ଗତ ଜେନାଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ।

# ସାରଳା ଦାସଙ୍କ ଜନ୍ମସ୍ଥାନ ବଡ଼ସାରୋଳକୁ ଐତିହ୍ୟ ଗ୍ରାମ ମାନ୍ୟତା ଦାବି

ଜଗତସିଂହପୁର/ତିର୍ତ୍ତୋଲ,୧୦।୧୦ (ସମିସ):



ଜଗତସିଂହପୁର ଜିଲ୍ଲା ତିର୍ତ୍ତୋଲ ବ୍ଲକ୍ ଅନ୍ତର୍ଗତ ବଡ଼ସାରୋଳ ଗ୍ରାମର କାଳୀନାଗ ପଡ଼ାରେ ଆଜକୁ ପ୍ରାୟ ୬ ଶହ ବର୍ଷ ତଳେ ଜନ୍ମ ଗ୍ରହଣ କରିଥିଲେ ସାରଳା ଦାସ। ତାଙ୍କ ପୈତୃକ ନାମ ଥିଲା ସିଦ୍ଧେଶ୍ୱର ପରିଡ଼ା। ତେବେ ଉତ୍କଳ ଭାରତୀ ମା' ଶାରଳାଙ୍କ କୃପାଲାଭ କରି ସେ ସିଦ୍ଧେଶ୍ୱର ପରିଡ଼ାରୁ ଶୂଦ୍ରମୁନି ଆଦିକବି ସାରଳା ଦାସ ଭାବେ ପରିଚୟ ପାଇଥିଲେ। ପରବର୍ତ୍ତୀ ସମୟରେ ସାରଳା ଦାସ ନିଜର ଇଷ୍ଟ ଦେବୀଙ୍କ ପ୍ରାଚୀନ ପୀଠ ବଡ଼ସାରୋଳ ଗ୍ରାମ, ବର୍ତ୍ତମାନର ଲଣ୍ଡା ଦେଉଳ ପାର୍ଶ୍ୱସ୍ଥ ନୀଳ କଳ୍ପବଟ ମୂଳରେ ବସି ଓଡ଼ିଆ ଭାଷାରେ ସର୍ବପ୍ରଥମ ବୃହତ୍ତମ ମହାଭାରତ ରଚନା କରିଥିଲେ। ସେହି ବରଗଛ ୧୯୯୯ ମହାବାତ୍ୟାରେ ଭାଙ୍ଗିଯାଇଛି। ତାଙ୍କ ସାଧନା ପୀଠରେ ମହାକବିଙ୍କ ଏକ ବ୍ରୋଞ୍ଜ ପ୍ରତିମୂର୍ତ୍ତି ନିର୍ମାଣ କରିବା ନିମନ୍ତେ ସାରଳା ପୀଠ ନବୀକରଣ କାର୍ଯ୍ୟର ମୂଳ ନକ୍ସାରେ ରଖାଯାଇଥିଲା। ଅପରପକ୍ଷେ ଉତ୍କଳ କେଶରୀ ହରେକୃଷ୍ଣ ମହତାବ, ପ୍ରଫେସର ବଂଶୀଧର ମହାନ୍ତି, ଐତିହାସିକ କୃଷ୍ଣଚନ୍ଦ୍ର ପାଣିଗ୍ରାହିଙ୍କଠାରୁ ଆରମ୍ଭ କରି ସୁରେନ୍ଦ୍ର ମହାନ୍ତି ପ୍ରମୁଖ ବହୁ ଗବେଷକ ସାରଳା ଦାସଙ୍କ ଜନ୍ମସ୍ଥାନ ସାରୋଳ ଗ୍ରାମ ବୋଲି ପ୍ରାମାଣିକ ତଥ୍ୟ ପ୍ରଦାନ କରିଥିଲେ ମଧ୍ୟ ବିଗତ କିଛିବର୍ଷ ଧରି ସାରଳା ଦାସଙ୍କ ଜନ୍ମସ୍ଥାନକୁ ନେଇ ବିବାଦ ବଢ଼ି ଚାଲିଛି। ଏକ ସାର୍ବଜନୀନ ସତ୍ୟକୁ ଉପେକ୍ଷା କରି କେତେକ ବ୍ୟକ୍ତି ସଂସ୍କୃତିକୁ ବିକୃତି କରିବା ପାଇଁ ଉଦ୍ୟମ କରୁଛନ୍ତି। ଯାହାକି ନିନ୍ଦନୀୟ ବୋଲି କହିଛନ୍ତି ମା' ଶାରଳାଙ୍କ ବଡ଼ପଣ୍ଡା ରଞ୍ଜନ କୁମାର ପଣ୍ଡା।

ବଡ଼ସାରୋଳ ନଣ୍ଡା ଦେଉଳ ନିକଟରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଶ୍ରୀ ପଣ୍ଡା ଏହା କହିବା ସହିତ ସାରଳା ଦାସଙ୍କ ଜନ୍ମସ୍ଥାନକୁ ନେଇ ଅଧିକ ବିବାଦ ସୃଷ୍ଟି ନ କରିବାକୁ ପରାମର୍ଶ ଦେଇଛନ୍ତି। ସେହିପରି ସାରଳା ଦାସଙ୍କ ଜନ୍ମସ୍ଥାନ ବଡ଼ସାରୋଳ କାଳୀନାଗକୁ ଐତିହ୍ୟ ଗ୍ରାମର ମାନ୍ୟତା ପ୍ରଦାନ ସହିତ ସାଧନା ପୀଠ ମା' ଶାରଳା ଠାକୁରାଣୀଙ୍କ ପ୍ରାଚୀନ ପୀଠ ସ୍ଥଳୀ ବଡସାରୋଳର ଲଣ୍ଡା ଦେଉଳ ଓ ସମାଧି ପୀଠ, ତେନ୍ତୁଳିପଦା ଗ୍ରାମର ମୁନି ଗୋସେଇଁ ମଠର ଉନ୍ନତିକରଣ, ମ୍ୟୁଜିୟମ ପ୍ରତିଷ୍ଠା ପାଇଁ ଏହି ସାମ୍ବାଦିକ ସମ୍ମିଳନୀରେ ଦାବି କରାଯାଇଥିଲା। ସାରଳା ମନ୍ଦିରର ମୁଖ୍ୟ ପୂଜକ ରଞ୍ଜନ କୁମାର ପଣ୍ଡାଙ୍କ ଆହ୍ୱାନକ୍ରମେ ଅନୁଷ୍ଠିତ ଏହି ସାମ୍ବାଦିକ ସମ୍ମିଳନୀରେ ସାରଳା ସଂସ୍କୃତି ଗବେଷକ ରମାକାନ୍ତ ରାଉଳ, କୈବଲ୍ୟ ପଣ୍ଡା, ସୁନୀଲ ମନୋହର ପଣ୍ଡା, ପଣ୍ଡିତ ସୁଧୀର ଦାଶ, ପ୍ରଣବ ରାଉଳ, ପ୍ରୀତିରଞ୍ଜନ ରଣା ଓ ଅମୃତମୟ ପଣ୍ଡାଙ୍କ ସମେତ ସ୍ଥାନୀୟ ଅଞ୍ଚଳର ବହୁ ବୁଦ୍ଧିଜୀବୀ, ମାନ୍ୟଗଣ୍ୟ ବ୍ୟକ୍ତିଙ୍କ ସହିତ ମା' ଶାରଳାଙ୍କ ବରିଷ୍ଠ ସେବାୟତ ଯୋଗଦେଇ ନିଜ ମତ ଉପସ୍ଥାପନ କରିଥିଲେ।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ମାରିଆ ମାଚାଡ଼ୋଙ୍କୁ...

୨୦ ବର୍ଷଧରି ନିରବଚ୍ଛିନ୍ନ ଭାବେ ପ୍ରୟାସ କରିଆସୁଥିବା ମାରିଆଙ୍କ ଉଲ୍ଲେଖନୀୟ ଅବଦାନ ପାଇଁ ନୋବେଲ ଶାନ୍ତି ପୁରସ୍କାର ପାଇବେ ବୋଲି ସ୍ୱିଡିଶ ଏକାଡେମୀ ପକ୍ଷରୁ ଶୁକ୍ରବାର ଘୋଷଣା କରାଯାଇଛି। ମାରିଆ ପ୍ରତିଷ୍ଠା କରିଥିବା 'ସୁମାତେ' ନାମକ ଏନ୍‌ଜିଓ ଦେଶରେ ଏକଛତ୍ରବାଦ ଶାସନ ବିରୋଧରେ ଏବଂ ଗଣତନ୍ତ୍ରର ପ୍ରତିଷ୍ଠା ପାଇଁ କାର୍ଯ୍ୟ କରିଆସୁଛି। ଏହି ସଂସ୍ଥା ଦେଶରେ ମୁକ୍ତ ତଥା ନିରପେକ୍ଷ ନିର୍ବାଚନ ପାଇଁ ଦାବି କରିଆସୁଛି।

ମାରିଆଙ୍କୁ ପୁରସ୍କାର ବାବଦରେ ୧୧ ମିଲିଅନ ସ୍ୱିଡିଶ କ୍ରୋନର ଅର୍ଥାତ ୧୦.୩ କୋଟି ଟଙ୍କା, ଏକ ସ୍ୱର୍ଣ୍ଣ ପଦକ ଓ ପ୍ରମାଣପତ୍ର ମିଳିବ। ଡିସେମ୍ବର ୧୦ରେ ନରୱେର ରାଜଧାନୀ ଓସଲୋରେ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ନୋବେଲ ପୁରସ୍କାର ପ୍ରଦାନ କରାଯିବ। ୧୯୬୭ ଅକ୍ଟୋବର ୭ରେ ଭେନେଜୁଏଲାର କାରାକାସ୍‌ରେ ଜନ୍ମଗ୍ରହଣ କରିଥିବା ମାରିଆ ରାଜନୀତିକୁ ଆସିବା ପୂର୍ବରୁ ଜଣେ ଇଣ୍ଡଷ୍ଟ୍ରିଆଲ ଇଞ୍ଜିନିୟର ଭାବେ ବେଶ୍ ସଫଳତା ହାସଲ କରିଥିଲେ। ୨୦୨୫ରେ ପ୍ରକାଶିତ ସବୁଠାରୁ ପ୍ରଭାବଶାଳୀ ତାଲିକାରେ ମାରିଆଙ୍କୁ ସାମିଲ କରାଯାଇଥିଲା। ୨୦୧୧ରୁ ୨୦୧୪ ମଧ୍ୟରେ ସେ ଭେନେଜୁଏଲାର ରାଷ୍ଟ୍ରୀୟ ସଭାକୁ ନିର୍ବାଚିତ ହୋଇଥିଲେ। ପୂର୍ବରୁ ମଧ୍ୟ ସେ ଏକାଧିକ ଅନ୍ତର୍ଜାତୀୟ ପୁରସ୍କାର ପାଇଛନ୍ତି। ୨୦୨୪ରେ ୟୁରୋପୀୟ ସଂଘର ସାଖାରୋଭ ପୁରସ୍କାରରେ ସମ୍ମାନିତ କରାଯାଇଥିଲା। ଏହା ୟୁରୋପୀୟ ସଂଘ ତାଙ୍କୁ ସର୍ବୋଚ୍ଚ ମାନବାଧୀକାର ପୁରସ୍କାର ଦେଇଥିଲା। ୨୦୨୪ରେ ସେ ଭେନଜୁଏଲାରେ ରାଷ୍ଟ୍ରପତି ପ୍ରାର୍ଥୀ ଭାବେ ନିର୍ବାଚନରେ ଅବତୀର୍ଣ୍ଣ ହୋଇଥିଲେ। ସେ ଏବଂ ତାଙ୍କ ପାର୍ଟି ବିଜୟୀ ହୋଇଥିଲେ ମଧ୍ୟ ତାଙ୍କୁ ଶାସନରୁ ଦୂରେଇ ରଖାଯାଇଥିଲା।

ଶୁଳ୍କ ଯୁଦ୍ଧ ଆରମ୍ଭ କରି ବିଶ୍ୱରେ ଅସ୍ଥିରତା ସୃଷ୍ଟି କରିଥିବା ଆମେରିକା ରାଷ୍ଟ୍ରପତିଙ୍କୁ ନିରାଶ ହେବାକୁ ପଡ଼ିଛି। ପାକିସ୍ତାନ, ତୁର୍କୀ, ଇସ୍ରାଏଲ, କାମ୍ବୋଡିଆ, ଥାଇଲାଣ୍ଡ, ରାୱାଣ୍ଡା, କଙ୍ଗୋ, ଆର୍ମେନିଆ, ଆଜରବୈଜାନ ଏବଂ ଶେଷରେ ରୁଷ୍‌ର ସମର୍ଥନ ସତ୍ତ୍ୱେ ଟ୍ରମ୍ପଙ୍କୁ ନୋବେଲ ଶାନ୍ତି ପୁରସ୍କାର ମିଳିପାରି ନାହିଁ। ଏହି ପୁରସ୍କାର ପାଇବା ପାଇଁ ଦୀର୍ଘ ଦିନ ହେଲା ଟ୍ରମ୍ପ କରିଥିବା ପ୍ରଚାରପ୍ରସାର ବ୍ୟର୍ଥ ହୋଇଯାଇଛି। ୮ଟି ଯୁଦ୍ଧ ବନ୍ଦ, ବିଶ୍ୱରେ ଶାନ୍ତି ପ୍ରତିଷ୍ଠା ଓ ସ୍ଥିରତା ଦାବି ସହିତ ସ୍ୱିଡେନ ଅର୍ଥମନ୍ତ୍ରୀଙ୍କୁ ଫୋନ କରିବା ପରେ ବି ଚଳିତ ବର୍ଷ ନୋବେଲ ଶାନ୍ତି ପୁରସ୍କାର ପାଇବା ପାଇଁ ଟ୍ରମ୍ପ ଅଯୋଗ୍ୟ ହୋଇଛନ୍ତି।

ହ୍ୱାଇଟ୍ ହାଉସ୍ ପକ୍ଷରୁ ଅସନ୍ତୋଷ ଜାହିର କରି କୁହାଯାଇଛି ଯେ, ପୁରସ୍କାର ଚୟନ କମିଟି ଶାନ୍ତି ଅପେକ୍ଷା ରାଜନୀତିକୁ ଅଗ୍ରାଧିକାର ଦେଉଥିବା ପୁଣି ଥରେ ପ୍ରମାଣିତ ହୋଇଛି। ବିଶ୍ୱରେ ଶାନ୍ତି ପ୍ରତିଷ୍ଠା ନେଇ ଟ୍ରମ୍ପ କରୁଥିବା ନିରନ୍ତର ପ୍ରୟାସକୁ ଚୟନ କମିଟି ଅଣଦେଖା କରିଛି। ଏହା ସତ୍ତ୍ୱେ ରାଷ୍ଟ୍ରପତି ଶାନ୍ତି ପାଇଁ ତାଙ୍କ ପ୍ରୟାସ ଜାରି ରଖିବା ସହ ବିଭିନ୍ନ ଦେଶ ମଧ୍ୟରେ ଯୁଦ୍ଧ ସମାପ୍ତ କରାଇବେ ଏବଂ ଜୀବନ ବଞ୍ଚାଇବା ଦିଗରେ କାର୍ଯ୍ୟ ଜାରି ରଖିବେ।

## ପୂର୍ବତନ ଜେଲ୍...

ରେଟ୍ ଛିଡ଼ିଥିବା ଓ ପ୍ରାୟ ୫ରୁ ୧୦ ଲକ୍ଷ ଟଙ୍କା ଅଗ୍ରୀମ ନିଆଯାଇଥିବା କୁହାଯାଉଛି। ସେହିପରି ଜେଲ୍ ବିଭାଗ ଡ଼ିଜି ସମ୍ପ୍ରତି ଓପିଆର୍‌ବି ଅଧ୍ୟକ୍ଷ ଥିବାରୁ ଏହି ଘଟଣାରେ ଜେଲ୍ ବିଭାଗର ଅବସରପ୍ରାପ୍ତ ଡ଼ିଆଇଜି କୁଳମଣି ବେହେରାଙ୍କ ଭୂମିକା ସାଧାରଣରେ ସନ୍ଦେହ ସୃଷ୍ଟି କରିଛି । ତେଣୁ କ୍ରାଇମବ୍ରାଞ୍ଚ ଆଜି ତାଙ୍କୁ ଜେରା କରିଥିବା କୁହାଯାଉଛି।

ଅନ୍ୟପକ୍ଷରେ ଏହି ସମଗ୍ର ଘଟଣାରେ ଓଡ଼ିଶା ପୁଲିସ ରିକ୍ରୁଟମେଣ୍ଟ ବୋର୍ଡ଼ (ଓପିଆର୍‌ବି) ସହ ନିଯୁକ୍ତି ପରୀକ୍ଷା ଟେଣ୍ଡର ପାଇଥିବା ଆଇଟିଆଇ ଲିମିଟେଡ଼୍ ଅନୁରୂପ ଦାୟୀ ବୋଲି ଅଭିଯୋଗ ହୋଇଛି । ଓପିଆରବି ସହ ଆଇଟିଆଇ କରିଥିବା ବୁଝାମଣା ଅନୁସାରେ ସମ୍ପୃକ୍ତ ସଂସ୍ଥା କେବଳ ପରୀକ୍ଷା ପରିଚାଳନା ନିମନ୍ତେ ଅନ୍ୟ ସଂସ୍ଥାଠାରୁ ମାନବସମ୍ବଳ ସହଯୋଗ ନେବା ବ୍ୟବସ୍ଥା ରହିଥିଲା । ମାତ୍ର ପରୀକ୍ଷା ପରିଚାଳନାରେ ସହଯୋଗ ନେବା ପରିବର୍ତ୍ତେ ଆଇଟିଆଇ ଲିଃ ପୁରା ବ୍ୟବସ୍ଥାକୁ ସିଲିକନ୍ ଟେକ୍‌ଲାବ୍‌କୁ ପ୍ରଦାନ କରିଥିଲା। ଅର୍ଥାତ୍ ପରୀକ୍ଷା ନିମନ୍ତେ ପ୍ରଶ୍ନପତ୍ର ପ୍ରସ୍ତୁତି, ଏହାକୁ ଛାପିବା, ଲିଖିତ ପରୀକ୍ଷା ପରିଚାଳନା କରିବା ସମସ୍ତ ଦାୟିତ୍ୱ ସିଲିକନ୍ ନେଇଥିଲା। କୌତୂହଳର କଥା ହେଉଛି ସିଲିକନ୍ ଟେକଲାବ୍ ନିଜେ ପରୀକ୍ଷା ପରିଚାଳନା କରିବା ପରିବର୍ତ୍ତେ ଏହାକୁ ଅନ୍ୟଏକ ଅଖ୍ୟାତ ସଂସ୍ଥା ପଞ୍ଚସଫ୍ଟକୁ ପ୍ରଦାନ କରିଥିଲା। ଦୁଇଟି ପର୍ଯ୍ୟାୟରେ ଦୁଇଟି ସବ୍‌ଲେଟ୍ ଏସ୍‌ଆଇ ପରୀକ୍ଷାରେ ଦୁର୍ନୀତି ପାଇଁ ବାଟ ଖୋଲି ଦେଇଥିଲା । ଅନୁରୂପ ଟେଣ୍ଡରରେ ରହିଥିବା ଅନ୍ୟଏକ ସର୍ତ୍ତ ଅନୁସାରେ ଆଇଟିଆଇ ପରୀକ୍ଷା ପରିଚାଳନା ନିମନ୍ତେ ଯେଉଁ ସଂସ୍ଥାଠାରୁ ମାନବସମ୍ବଳ ସହଯୋଗ ନେବ, ସେହି ସଂସ୍ଥା ସମ୍ପର୍କରେ ପୁରା ବିବରଣୀ ଓପିଆର୍‌ବିକୁ ଆଗୁଆ ଦେବା କଥା। ମାତ୍ର ତାହା କରାଯାଇ ନ ଥିବା ଯୋଗୁଁ ଆଇଟିଆଇକୁ ଓପିଆର୍‌ବି ପକ୍ଷରୁ ନୋଟିସ ଜାରି କରାଯାଇଥିବା କୁହାଯାଉଛି।

କୌତୂହଳର କଥା ହେଉଛି ଓଡ଼ିଶା ପୁଲିସ ରିକ୍ରୁଟମେଣ୍ଟ ବୋର୍ଡ଼ ଏସ୍‌ଆଇ ପରୀକ୍ଷା ସମ୍ପର୍କରେ ଏବେ ଦେଖାଉଥିବା ଅଜ୍ଞତା ସାଧାରଣରେ ସନ୍ଦେହ ସୃଷ୍ଟି କରିଛି । ଦାୟିତ୍ୱ ପାଇଥିବା ସଂସ୍ଥା ଆଇଟିଆଇ ଲିମିଟେଡ଼୍ ପରୀକ୍ଷା ପରିଚାଳନା କରୁ ନ ଥିବା ଓ ଏହାକୁ ଅନ୍ୟ ସଂସ୍ଥାକୁ ସବ୍‌ଲେଟ କରାଯାଇଥିବା ସଂକ୍ରାନ୍ତରେ ଓପିଆର୍‌ବିର ସମସ୍ତ ଅଧିକାରୀ ଅବଗତ ଥିଲେ । ଏପରିକି ଓପିଆରବି ସହ ଜଡ଼ିତ ଅନେକ ଅଧିକାରୀ ନିୟମିତ ଭାବରେ ସିଲିକନ୍ ଟେକ୍‌ଲାବ ଓ ପଞ୍ଚସଫ୍ଟ ଅଫିସକୁ ଯାତାୟତ କରିବା ଏହି ସନ୍ଦେହକୁ ଦୃଢ଼ୀଭୂତ କରିଛି । ଅନୁରୂପ ଭାବରେ ସିଲିକନ କର୍ତ୍ତୃପକ୍ଷଙ୍କ ସହ ରାଜ୍ୟ ପ୍ରଶାସନର ଅନେକ ବଡ଼ ଅଧିକାରୀଙ୍କ ସମ୍ପର୍କ ଏବଂ ପଞ୍ଚ ସଫ୍ଟ ମୁଖ୍ୟ କୁହାଯାଉଥିବା ଶଙ୍କର ପୃଷ୍ଟି, ତାର ସହଯୋଗୀ ମୁନ୍ନା ମହାନ୍ତି ସହ ଶାସକ ଦଳର ବହୁ ନେତାଙ୍କ ଘନିଷ୍ଠତାର ପ୍ରମାଣ ସାମାଜିକ ଗଣମାଧ୍ୟମରେ ଘୂରି ବୁଲୁଛି । ଏହି ପରିପ୍ରେକ୍ଷୀରେ ଓପିଆର୍‌ବି ନିଜ ମୁଣ୍ଡରୁ ଅଠା ଛଡ଼ାଇବାକୁ ଯେପରି ବ୍ୟାକୁଳ, ତଦନ୍ତକାରୀ ସଂସ୍ଥା କ୍ରାଇମବ୍ରାଞ୍ଚ ମଧ୍ୟ ଓପିଆରବି ଓ ଶଙ୍କର ପୃଷ୍ଟି ସହ ଜଡ଼ିତ ଶାସକ ଦଳ ନେତାଙ୍କୁ ସୁରକ୍ଷା ଦେବାକୁ ବ୍ୟସ୍ତ ।

ମାତ୍ର ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଓଡ଼ିଶାରେ ଏସ୍‌ଆଇ ଚାକିରି ବିକ୍ରି କେବଳ ରାଜ୍ୟ ପ୍ରସଙ୍ଗ ହୋଇନାହିଁ । ଏହାର ଚେର ଅନ୍ୟ ରାଜ୍ୟକୁ ବି ବ୍ୟାପିଥିବା ସୂଚନା ମିଳିଛି । ଶଙ୍କର ପୃଷ୍ଟିର ମହାରାଷ୍ଟ୍ର ସମ୍ପର୍କ ଜଣାପଡ଼ିବା ପରେ ଶାସକ ଦଳର କିଛି ନେତାଙ୍କ ପାଇଁ ଏହା ଅଡୁଆ ପରିସ୍ଥିତି ସୃଷ୍ଟି କରିବାର ଆଶଙ୍କା ରହିଛି ।

ଅନ୍ୟପକ୍ଷରେ ପୁଲିସ୍ ଏସ୍‌ଆଇ କେଳେଙ୍କାରୀ ମାମଲାରେ ଆଜି କ୍ରାଇମ୍‌ବ୍ରାଞ୍ଚ କାର୍ଯ୍ୟାଳୟରେ ହାଜର ହୋଇଛନ୍ତି ବଣିକ କୋଚିଂ ସେଣ୍ଟରଏଚ୍‌ଆର ମ୍ୟାନେଜର, ଆକାଉଣ୍ଟ ହେଡ୍ ଏବଂ ଅନ୍ୟ ଜଣେ କର୍ମଚାରୀ। କ୍ରାଇମ୍‌ବ୍ରାଞ୍ଚ ମାଗିଥିବା ଦସ୍ତାବିଜ୍ ସେମାନେ ଦାଖଲ କରିବା ସହ ତଦନ୍ତ ଅଧିକାରୀ ପଚାରିଥିବା ପ୍ରଶ୍ନର ଉତ୍ତର ରଖିଛନ୍ତି।

ଅନ୍ୟପଟରେ କ୍ରାଇମ୍‌ବ୍ରାଞ୍ଚ ନୋଟିସ ଆଧାରରେ ଆଇଟିଆଇ ଏବଂ ସିଲିକନ୍ ଟେକ୍‌ଲ୍ୟାବ୍ ଆବଶ୍ୟକ ଦସ୍ତାବିଜ ଦାଖଲ କରିଛନ୍ତି । ପଞ୍ଚସଫ୍ଟ ମୁଖ୍ୟ ଶଙ୍କରର ଘନିଷ୍ଠ କୁହାଯାଉଥିବା ମୁନ୍ନା ସହ ନିରନ୍ତର ଯୋଗାଯୋଗରେ ଥିବା ଦଶପଲ୍ଲା ଅଞ୍ଚଳର ଶ୍ରୀକାନ୍ତ ଓରଫ୍ ରିଙ୍କୁକୁ ଧରିବାକୁ କ୍ରାଇମବ୍ରାଞ୍ଚ ବିଭିନ୍ନ ସ୍ଥାନରେ ଚଢ଼ଉ କରିଛି। ଦଶପଲ୍ଲାରୁ ପିଲା ଯୋଗାଡ଼ କରି ମୁନ୍ନା ନିକଟରେ ପହଞ୍ଚାଉଥିଲା ଶ୍ରୀକାନ୍ତ। ସେହି ପିଲାମାନଙ୍କ ସହ ମୁନ୍ନା ମୂଳଚାଲ ଛିଡ଼ାଉଥିଲା ଓ ସେମାନଙ୍କଠାରୁ ଟଙ୍କା ରଖୁଥିଲା ବୋଲି ସୂଚନା ମିଳିଛି । ଅନ୍ୟପକ୍ଷରେ ଶଙ୍କର ପୃଷ୍ଟି ଏବଂ ମୁନ୍ନାର ବ୍ୟାଙ୍କ୍ ଆକାଉଣ୍ଟ ଟ୍ରାଞ୍ଜାକ୍‌ସନ କ୍ରାଇମ୍‌ବ୍ରାଞ୍ଚ ହାତରେ ହସ୍ତଗତ ହୋଇଛି। ମୁନ୍ନା ଓ ଶଙ୍କର ଏକାଉଣ୍ଟକୁ ବହୁ ବ୍ୟକ୍ତି ଲକ୍ଷଲକ୍ଷ ଟଙ୍କା ପଠାଇଛନ୍ତି। ତେଣୁ ଟଙ୍କା ପଠାଇଥିବା ଲୋକମାନଙ୍କ ତଥ୍ୟ ସଂଗ୍ରହ କରି ସେମାନଙ୍କୁ କ୍ରାଇମବ୍ରାଞ୍ଚ ୨୦ ଜଣଙ୍କୁ ନୋଟିସ କରିଛି। କେଉଁ କାରଣ ପାଇଁ ସେମାନେ ଏତେ ପରିମାଣର ଟଙ୍କା ପଠାଇଛନ୍ତି, ତାହାର ଉତ୍ତର ରଖିବାକୁ ସେମାନଙ୍କୁ କୁହାଯାଇଛି। ତେବେ ବଡ଼କଥା ହେଉଛି ଟଙ୍କା ନେଣଦେଣ କରିଥିବା ଲୋକଙ୍କ ମଧ୍ୟରେ ଥିବା ୫ ପୁଲିସ ଅଧିକାରୀଙ୍କୁ ନୋଟିସ କରା ନ ଯିବା ସାଧାରଣରେ ସନ୍ଦେହ ସୃଷ୍ଟି କରିଛି।

## ଦିଲ୍ଲୀରୁ ଫେରିଲେ...

ନଜର ରଖୁଥିବା ଓ ନିୟମିତ ଭାବରେ ସାମାଜିକ ଗଣମାଧ୍ୟମରେ ନିଜର ପ୍ରତିକ୍ରିୟା ଦେଉଥିବା ଦେଖା ଯାଇଥିଲା।

ସମ୍ପ୍ରତି ପୁଲିସ ଚାକିରି ବିକ୍ରି ଘଟଣା ସାରା ରାଜ୍ୟରେ ଆଲୋଡ଼ନ ସୃଷ୍ଟି କରିଛି । ସେହିପରି ଭସାଣି ସମୟରେ କଟକରେ ଘଟିଥିବା ଅଘଟଣ ମଧ୍ୟ ରାଜ୍ୟର ଆଇନଶୃଙ୍ଖଳା ସ୍ଥିତି ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି । ନିରନ୍ତର ଏହି ଘଟଣା ସମ୍ପର୍କରେ ଖବର ରଖୁଥିବା ଓ ପ୍ରତିକ୍ରିୟା ଦେଉଥିବା ସତ୍ତ୍ୱେ ନବୀନଙ୍କ ଓଡ଼ିଶା ପ୍ରତ୍ୟାବର୍ତ୍ତନକୁ ରାଜ୍ୟବାସୀ ଚାହିଁ ରହିଥିଲେ। ଏହା ସହିତ ଆଗକୁ ନୂଆପଡ଼ା ଉପନିର୍ବାଚନ ଥିବାରୁ ନବୀନଙ୍କ ନିଷ୍ପତ୍ତି ଉପରେ ସବୁ ଦଳର ନଜର ରହିଛି । ଯଦିଓ ନୂଆପଡ଼ା ଉପନିର୍ବାଚନ ପାଇଁ ଦଳ ପକ୍ଷରୁ ନବୀନ ବରିଷ୍ଠ ନେତାଙ୍କୁ ନେଇ ଷ୍ଟିଅରିଂ କମିଟି ଗଠନ କରିଛନ୍ତି, ତଥାପି ଦଳର ପ୍ରାର୍ଥୀଙ୍କ ନାମ ଘୋଷଣା କରାଯାଇନାହିଁ । ଏହି ପରିପ୍ରେକ୍ଷୀରେ ଦିନେ ଦୁଇଦିନ ମଧ୍ୟରେ ନୂଆପଡ଼ା ଆସନ ପାଇଁ ନବୀନ ଦଳୀୟ ପ୍ରାର୍ଥୀଙ୍କ ନାମ ଘୋଷଣା କରିପାରନ୍ତି ବୋଲି କୁହାଯାଉଛି ।

---

**ବ୍ୟାଙ୍କରୁ ଡକାୟତି ଯୋଜନା ପଣ୍ଡ**

# ପୁଲିସ ପଞ୍ଝାରେ କୁଖ୍ୟାତ 'ମହାକାଳ ଗ୍ରୁପ୍'

**୯ ଗିରଫ, ୫ ପିସ୍ତଲ ସହ ଗୁଳି ଜବତ**
**ଅପରାଧ ସାମ୍ରାଜ୍ୟ ଚଳାଉଥିଲା ବିଶ୍ୱଜିତ**
**କେନ୍ଦୁଝରରର ଡନ୍ ହେବା ଥିଲା ଲକ୍ଷ୍ୟ**

**କେନ୍ଦୁଝର, ୧୦।୧୦(ସମିସ):** ଡକାୟତି, ହତ୍ୟା, ଖଣିଜ ପଦାର୍ଥ ଚୋରାଚାଲାଣ ଓ ଦାଦାବଟି ଆଦାୟ ଭଳି ସଙ୍ଗିନ୍ ଅପରାଧରେ ସାମିଲ ଏକ କୁଖ୍ୟାତ ଗ୍ୟାଙ୍ଗର ପର୍ଦ୍ଦାଫାସ୍ କରିଛି କେନ୍ଦୁଝର ପୁଲିସ। ଗ୍ୟାଙ୍ଗର ୯ସଦସ୍ୟଙ୍କୁ ଗିରଫ କରିବା ସହ ପୁଲିସ ସେମାନଙ୍କଠାରୁ ୫ଟି ପିସ୍ତଲ, ୨୫ଟି ଗୁଳି, ୭ଟି ମାଗାଜିନ ସହ ୫ଟି ଅନ୍ୟାନ୍ୟ ମାରଣାସ୍ତ୍ର, ଏକ ଥାର୍ ଗାଡ଼ି ଜବତ କରିଛି। ସେମାନେ ହେଲେ, ମୟୂରଭଞ୍ଜ ଜିଲ୍ଲା ଛେଳିଆନାଳ ଅଞ୍ଚଳର ବିଶ୍ୱଜିତ ଗିରି ଓରଫ୍ ଗଣେଶ (୩୨), ମୟୂରଭଞ୍ଜ ଉଉରପଶିର ଶୁଭାଶିଷ ଗିରି(୨୭), କେନ୍ଦୁଝର କାଶୀପୁରର ପ୍ରିୟଦର୍ଶନ (୨୯), ଯୋଡ଼ା ଅଞ୍ଚଳର ନିର୍ମଳ ପ୍ରଧାନ (୪୦), ଯୋଡ଼ା କୁନ୍ଦୁରୁନାଳାର ବିନୋଦ ମୁଣ୍ଡା(୩୨), ଯୋଡ଼ା ଜାହିର ହଟିଙ୍ଗର ରୋହିତ ନାଏକ (୨୧), ମାଝୀ ହଟିଙ୍ଗଯୋଡ଼ାର ମହମ୍ମଦ ଜିସନ(୨୫), ବଡ଼ବିଲ ଠାକୁରାଣୀ ଅଞ୍ଚଳର ରଞ୍ଜନ ପଲେଇ (୨୬) ଓ ଝାଡ଼ଖଣ୍ଡ ଗୋବରଗାଁର ପର୍ଶୁରାମ ପ୍ରଧାନ(୫୫)। ବିଶ୍ୱଜିତ ଏହି ଗ୍ୟାଙ୍ଗର ମୁଖିଆ ହୋଇଥିବା ବେଳେ ଏମାନେ 'ମହାକାଳ' ନାମକ ଏକ ଗ୍ରୁପ୍ ଗଢ଼ିଥିଲେ। କେନ୍ଦୁଝର ନିକଟ ନରଣପୁରସ୍ଥିତ ବ୍ୟାଙ୍କ୍ ଅଫ୍ ଇଣ୍ଡିଆ ଶାଖାରୁ ଡକାୟତି ପାଇଁ ଏମାନେ ଗତ ରାତିରେ ଯୋଜନା କରୁଥିବା ବେଳେ ସ୍ଥାନୀୟ ଘଡ଼ଘଡ଼ି ମନ୍ଦିର ନିକଟସ୍ଥ ଏକ ପରିତ୍ୟକ୍ତ ଘରୁ ପୁଲିସ ସମସ୍ତଙ୍କୁ ଗିରଫ କରିଛି।

ପାଠ ପଢ଼ି କିଏ ଆଇଏଏସ୍, ଆଇପିଏସ୍ କିମ୍ବା ବଡ଼ବଡ଼ ପଦରେ ଚାକିରି କରିବାକୁ ଇଚ୍ଛା କରିଥାଏ। କିନ୍ତୁ, ବିଶ୍ୱଜିତ୍‌ର ଇଚ୍ଛା ଓ ସ୍ୱପ୍ନ ଥିଲା ଗ୍ୟାଙ୍ଗଷ୍ଟାର୍ ହେବାକୁ। ପ୍ରଥମେ ପ୍ରଥମେ ଛୋଟଛୋଟ ଅପରାଧ ଘଟାଇ ସେ ଅପରାଧ ଦୁନିଆରେ ପାଦ ଥାପିଥିଲା। କିନ୍ତୁ, ଗ୍ୟାଙ୍ଗ୍ ନ ଗଢ଼ିଲେ ବଡ଼ବଡ଼ ଅପରାଧ ଭିଆଇପାରିବ ନାହିଁ ବୋଲି ସେ ଖୁବ୍‌ଶୀଘ୍ର ବୁଝିଯାଇଥିଲା। ତେଣୁ ନିଜକୁ କେନ୍ଦୁଝରର ଡନ୍ ଭାବେ ଗଢ଼ି ତୋଳିବା ପାଇଁ ସେ ଗଠନ କରିଥିଲା ମହାକାଳ ଗ୍ରୁପ୍। ଏଥିରେ ସେ ସାମିଲ କରିଥିଲା ଓଡ଼ିଶା ଓ ଝାଡ଼ଖଣ୍ଡର ବଛାବଛା ଏକାଧିକ ଅପରାଧୀଙ୍କୁ।

## ୩ ମାଓବାଦୀଙ୍କ ଆତ୍ମସମର୍ପଣ

**ମାଲକାନଗିରି, ୧୦।୧୦(ସମିସ):** ତେଲେଙ୍ଗାନାରେ ମାଓବାଦୀ ଆନ୍ଦୋଳନକୁ ଝଟ୍‌କା ଲାଗିଛି। ମାଓବାଦୀ ସଂଗଠନର ତିନିଜଣ ବରିଷ୍ଠ ମାଓନେତା ଆଜି ଡିଜିପି ଶିବଧର ରେଡ୍ଡୀଙ୍କ ନିକଟରେ ଆତ୍ମସମର୍ପଣ କରିଛନ୍ତି। ସେମାନେ ହେଲେ, କୁକାଟି ଭେଙ୍କଟ ଓରଫ ବିକାଶ, ମୋଗିଲିଚର୍ଲା ରାଜୁ ଓରଫ୍ ସିଏନଏମ ଚନ୍ଦୁ ଏବଂ ଗଙ୍ଗୱା ଓରଫ ସୋନି। ଏମାନେ ଦୀର୍ଘବର୍ଷ ଧରି ମାଓବାଦୀ ସଂଗଠନର ଗୁରୁତ୍ୱପୂର୍ଣ୍ଣ ଦାୟିତ୍ୱରେ ଥିଲେ। ତେଲଙ୍ଗାନା, ଓଡ଼ିଶା, ଛତିଶଗଡ଼ ଆଦି ଅଞ୍ଚଳରେ ମାଓ ଅଭିଯାନ ଚଳାଇଥିଲେ। ଡିଜିପି ଶିବଧର ରେଡ୍ଡୀ କହିଛନ୍ତି ଯେ ରାଜ୍ୟ ସରକାର ଯେକୌଣସି ମାଓବାଦୀଙ୍କୁ ହିଂସା ଛାଡ଼ି ସମାଜର ମୁଖ୍ୟଧାରାକୁ ଫେରିବା ପାଇଁ ସୁଯୋଗ ଦେଉଛନ୍ତି। ଯେଉଁମାନେ ଆତ୍ମସମର୍ପଣ କରିଛନ୍ତି, ସେମାନଙ୍କୁ ପୁନର୍ବାସ ଯୋଜନା ଅନୁଯାୟୀ ସମସ୍ତ ସହାୟତା ଦିଆଯିବ।

## ସିବିଆଇ ପଞ୍ଝାରେ ଆରପିଏଫ୍ ଯବାନ

**ରାଉରକେଲା, ୧୦।୧୦ (ସମିସ):** ଚକ୍ରଧରପୁର ରେଳ ଡିଭିଜନ୍ ଅଧୀନ ବନ୍ଧମୁଣ୍ଡାରେ ଜଣେ ଅଳିଆ ସଂଗ୍ରହକାରୀଙ୍କଠାରୁ ଲାଞ୍ଚ ନେବା ବେଳେ ଜଣେ ଆରପିଏଫ୍ ଯବାନଙ୍କୁ ସିବିଆଇ ଗିରଫ କରିଛି। ଗିରଫ ଆରପିଏଫ୍ ଯବାନ ହେଉଛନ୍ତି, ମହମ୍ମଦ ଅସରାର। ସୂଚନାନୁସାରେ, ଅସରାର ବନ୍ଧମୁଣ୍ଡା ଆରପିଏଫ୍ ପୋଷ୍ଟରେ ନିଯୁକ୍ତ ଥିଲେ। ସ୍ଥାନୀୟ ରେଲୱେ କଲୋନୀରେ ପ୍ଲାଷ୍ଟିକ୍ ବୋତଲ ଏବଂ ସ୍କ୍ରାପ୍ ଅଳିଆ ସଂଗ୍ରହ କରୁଥିବା ଜଣେ ମହିଳାଙ୍କଠାରୁ ପ୍ରତି ମାସରେ ୧୫ହଜାର ଟଙ୍କା ଦାବି କରିଥିଲେ। ଏନେଇ ସେ ସିବିଆଇରେ ଅଭିଯୋଗ କରିଥିଲେ। ଏହି କ୍ରମରେ ଶୁକ୍ରବାର ସକାଳେ ଅଭିଯୋଗକାରିଣୀଙ୍କଠାରୁ ବିଶ୍ରା ଛକଠାରେ ଆରପିଏଫ୍ ଯବାନ ମହମ୍ମଦ ଅସରାର ଲାଞ୍ଚ ନେଉଥିବା ବେଳେ ପୂର୍ବରୁ ପ୍ରସ୍ତୁତ ହୋଇ ରହିଥିବା ସିବିଆଇ ଟିମ୍ ଚଢ଼ଉ କରିଥିଲେ। ଏହା ଦେଖି ଯବାନଜଣଙ୍କ ଖସି ପଳାଇବାକୁ ଚେଷ୍ଟା କରିଥିଲେ ମଧ୍ୟ ସିବିଆଇ ଟିମ ତାଙ୍କୁ କାବୁ କରିନେବା ସହ ତାଙ୍କଠାରୁ ରାସାୟନିକ ରଙ୍ଗ ବୋଳା ଉକ୍ତ ଲାଞ୍ଚ ଟଙ୍କାକୁ ଜବତ କରିଥିଲା। ସିବିଆଇ ଟିମ୍ ଅସରାରଙ୍କୁ ଅଧିକ ପଚରାଉଚରା ପାଇଁ ନେଇଯାଇଛି।



## ପୁଣି ଶ୍ରୀମନ୍ଦିର ଉପରେ ଉଡ଼ିଲା ଡ୍ରୋନ୍

**ଉଡାଣକାରୀ ଛତିଶଗଡ଼ର ଦୁର୍ଗାପ୍ରସାଦ ଯାଦବ ଅଟକ**

**ପୁରୀ, ୧୦।୧୦ (ସମିସ):** ଶ୍ରୀମନ୍ଦିର ନିଷିଦ୍ଧାଞ୍ଚଳରେ ବାରମ୍ବାର ଡ୍ରୋନ୍ ଉଡୁଛି। ଏହା ଜଣାପଡ଼ିବା ପରେ ଶ୍ରୀମନ୍ଦିର ପ୍ରଶାସନ ଓ ପୁଲିସ ତତ୍ପରତା ଦେଖାଉଛନ୍ତି। ହେଲେ କିଛି ଦିନ ପରେ ଯେପରି ଏହି ପ୍ରସଙ୍ଗକୁ ଏକପ୍ରକାର ଭୁଲି ଯାଉଛନ୍ତି। ଫଳରେ, ପୁଣି ଶ୍ରୀମନ୍ଦିର ଉପରେ ଚକ୍କର କାଟୁଛି ଡ୍ରୋନ୍। ବାରମ୍ବାର ଏଭଳି ଘଟଣା ଘଟି ଚାଲିଥିବା ବେଳେ ମନ୍ଦିର ପ୍ରଶାସନ ଚିରାଚରିତ ଭାବେ ଥାନାରେ ଅଭିଯୋଗ କରିବା ପରେ ପୁଲିସ ମାମଲା ରୁଜୁ କରୁଛି। ହେଲେ, ଏଥିପାଇଁ ସେମିତି କିଛି କଡ଼ା ଦଣ୍ଡବିଧାନ ନଥିବାରୁ ପରୋକ୍ଷରେ ଏହା ଉଡ଼ାଣକାରୀଙ୍କୁ ପ୍ରୋତ୍ସାହିତ କରୁଛି। ସେମାନେ ବାରମ୍ବାର ଏଭଳି ବେନିୟମ ଉଡାଣ କରୁଛନ୍ତି। ଶୁକ୍ରବାର ସନ୍ଧ୍ୟାରେ ପୁଣି ଶ୍ରୀମନ୍ଦିର ଉପରେ ଏକ ଡ୍ରୋନ୍ ଉଡ଼ିଛି। ଡ୍ରୋନକୁ ଜବତ କରିବା ସହ ଉଡାଣକାରୀଙ୍କୁ ମଧ୍ୟ କାବୁ କରିବାରେ ସଫଳ ହୋଇଛି ପୁଲିସ।

ସୂଚନାନୁଯାୟୀ, ସନ୍ଧ୍ୟା ପ୍ରାୟ ୭ଟା ୪୫ରେ ଶ୍ରୀମନ୍ଦିର ଉପରେ ଏବଂ ପରିକ୍ରମା ପରିସରରେ ଏକ ଡ୍ରୋନ ଉଡୁଥିବା ଦେଖିବାକୁ ମିଳିଥିଲା। ଏସ୍‌ପି ପ୍ରତୀକ ସିଂଙ୍କ ନଜରକୁ ଆସିବା ପରେ ସଙ୍ଗେସଙ୍ଗେ ସିଂହଦ୍ୱାର ଥାନା ଓ ପୁରୀ ପୁଲିସର ଏକ ସ୍ୱତନ୍ତ୍ର ଟିମ୍‌କୁ ତଦନ୍ତ ଓ କାର୍ଯ୍ୟାନୁଷ୍ଠାନ ପାଇଁ ନିର୍ଦ୍ଦେଶ ଦେଇଥିଲେ। ତୁରନ୍ତ ସିଂହଦ୍ୱାର ଥାନା ଏବଂ ପୁଲିସର ସ୍ୱତନ୍ତ୍ର ଟିମ୍ ଡ୍ରୋନର ପିଛା କରିଥିଲେ। ଏହାକୁ 'ଶନି ମନ୍ଦିର ଗଳି'ରେ ଜବତ କରିଥିଲେ। ଏହି ଘଟଣାରେ ଡ୍ରୋନ୍ ଉଡ଼ାଉଥିବା ଛତିଶଗଡ଼ର ଦୁର୍ଗାପ୍ରସାଦ ଯାଦବ ନାମକ ଜଣେ ଯୁବକଙ୍କୁ ସିଂହଦ୍ୱାର ପୁଲିସ ଧରି ଥାନାରେ ଅଟକ ରଖି ପଚରାଉଚରା କରୁଛି। ଶ୍ରୀମନ୍ଦିର ଓ ଏହା ପରିସରରେ ଯେକୌଣସି ପ୍ରକାର ଡ୍ରୋନ ଉଡାଇବା ନିଷେଧ ଥିବା ସତ୍ତ୍ୱେ ଏହି ବେନିୟମ କାର୍ଯ୍ୟ କରାଯାଇଥିଲା ବୋଲି ପ୍ରାଥମିକ ତଦନ୍ତରୁ ଜଣାପଡ଼ିଛି। ଅଭିଯୁକ୍ତଙ୍କ ବିରୋଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଶ୍ରୀମନ୍ଦିର ଓ ଏହାର ସୁରକ୍ଷା ନିୟମକୁ ସମ୍ମାନ ଦେଇ ଏପରି ବେନିୟମ କାର୍ଯ୍ୟରୁ ଦୂରେଇ ରହିବାକୁ ପୁରୀ ପୁଲିସ ଅନୁରୋଧ କରିଛି।

## ଦ୍ୱିତୀୟ ପତ୍ନୀ ଗ୍ରହଣ କରିଥିବା ଯୁବକଙ୍କୁ ୨ ବର୍ଷ ଜେଲ

**କାକଟପୁର, ୧୦।୧୦ (ସମିସ):** ଜୁଡିସିଆଲ ଫାଷ୍ଟକ୍ଲାସ୍ ମାଜିଷ୍ଟ୍ରେଟ୍ କୋର୍ଟଙ୍କ ପ୍ରଥମ ରାୟରେ ଏକ ସମ୍ବେଦନଶୀଳ ଘଟଣାର ଶୁଣାଣି ହୋଇଥିଲା। ଶୁଣାଣିରେ ଏକ ଐତିହାସିକ ରାୟ ଶୁଣାଇଛନ୍ତି ବିଚାରପତି ଶ୍ରୀଚନ୍ଦନ ଦାଶ। ଜଣେ ଯୁବକ ଦ୍ୱିତୀୟ ପତ୍ନୀ ଗ୍ରହଣ କରିଥିବା ବେଳେ ପ୍ରଥମ ପତ୍ନୀ ଆପତ୍ତି ଉଠାଇ ନ୍ୟାୟଭିକ୍ଷା କରିଥିଲେ। ଯାହାର ବିଚାର କରି ବିଚାରପତି ସଂପୃକ୍ତ ଯୁବକଙ୍କୁ ୨ବର୍ଷ ଜେଲ୍ ଦଣ୍ଡାଦେଶ ଶୁଣାଇଛନ୍ତି।

ସୂଚନାନୁଯାୟୀ, କାକଟପୁର ଥାନା ବାଲିସାହି ଗ୍ରାମର ସୁକାନ୍ତ କାନୁନ୍‌ଗୋ, ଶକୁନ୍ତଳା କାନୁନ୍‌ଗୋଙ୍କୁ ବୈଦିକ ରୀତିରେ ବିବାହ କରିଥିଲେ। ପରେ ତାଙ୍କୁ ନିର୍ଯାତନା ଦେଇ ଘରୁ ତଡ଼ିଦେବା ପରେ ପୁଣି ନୟାହାଟ ଅଞ୍ଚଳ ବିନିସପୁର ଗ୍ରାମର ରୀତା ତରାଇଙ୍କୁ ଦ୍ୱିତୀୟ ବିବାହ କରି ଏକାଠି ରହି ଆସୁଥିଲେ। ତେବେ ପ୍ରଥମ ପତ୍ନୀ ଶକୁନ୍ତଳା ଏହାର ପ୍ରତିବାଦ କରି ୨୦୦୫ରେ କାକଟପୁର ଥାନାରେ ଅଭିଯୋଗ କରିଥିଲେ। ଏନେଇ ଥାନା କେସ୍ ନମ୍ବର ୬୬/୨୦୦୫ର ତଦନ୍ତ କରିଥିଲା ପୁଲିସ। ପରବର୍ତ୍ତୀ ସମୟରେ ଏହି ମାମଲା ନିମାପଡ଼ା କୋର୍ଟଙ୍କ ଦ୍ୱାରା ପରିଚାଳିତ ହୋଇଆସୁଥିଲା। ତେବେ କାକଟପୁରରେ ନୂତନ କୋର୍ଟ ଖୋଲିବା ପରେ ଉକ୍ତ ମାମଲାଟି କାକଟପୁର କୋର୍ଟକୁ ବିଚାର ପାଇଁ ପଠାଯାଇଥିଲା। ଯାହାକି କୋର୍ଟର ପ୍ରଥମ ମାମଲା ଥିଲା। ଏହାର ବିଚାର କରି ଶୁକ୍ରବାର କୋର୍ଟଙ୍କ ଦ୍ୱାରା ରାୟ ପ୍ରକାଶ ପାଇଛି। ଜୁଡିସିଆଲ ମାଜିଷ୍ଟ୍ରେଟ୍ ଶ୍ରୀଚନ୍ଦନ ଦାଶଙ୍କ ଦ୍ୱାରା ସୁକାନ୍ତଙ୍କୁ ୨ ବର୍ଷ ସଶ୍ରମ କାରାଦଣ୍ଡ ଓ ୫ ହଜାର ଟଙ୍କା ଜରିମାନା ଆଦେଶ କରାଯାଇଛି। ଜରିମାନା ଅନାଦେୟ ଆହୁରି ୨ ମାସ ଜେଲଦଣ୍ଡ ଭୋଗିବାକୁ ପଡ଼ିବ ବୋଲି କୋର୍ଟ ତାଙ୍କ ରାୟରେ ଦର୍ଶାଇଛନ୍ତି। ଶକୁନ୍ତଳାଙ୍କ ପକ୍ଷରୁ ସରକାରୀ ଓକିଲ ଅନୀଲ କୁମାର ଦୀକ୍ଷିତ ମାମଲା ପରିଚାଳନା କରୁଥିଲେ। ସେହିପରି ସୁକାନ୍ତଙ୍କ ପାଇଁ ଏମ୍‌କେଏମ୍ ମହାପାତ୍ର ଏବଂ ରୀତା ତରାଇଙ୍କ ପକ୍ଷରୁ ଓକିଲ ଅଶୋକ କୁମାର ମହାପାତ୍ର ମାମଲା ପରିଚାଳନା କରିଥିଲେ।

## ପରିକ୍ରମା ମାର୍ଗରେ ନିଶାଡ଼ିଙ୍କ ଉତ୍ପାତ

**ଆଧ୍ୟାତ୍ମିକସ୍ଥଳୀରେ ଅଶୋଭନୀୟ, ଭକ୍ତଙ୍କ କ୍ଷୋଭ**

**ପୁରୀ, ୧୦।୧୦(ସମିସ):** ମହାପ୍ରଭୁଙ୍କ ଦର୍ଶନ ପାଇଁ ଆସୁଥିବା ଭକ୍ତଙ୍କୁ ଅତ୍ୟାବଶ୍ୟକ ସେବା, ସୁବିଧା ଯୋଗାଇଦେବା ଲକ୍ଷ୍ୟରେ ପୂର୍ବର ବିଜେଡି ସରକାର ଶ୍ରୀମନ୍ଦିର ପରିକ୍ରମା ପ୍ରକଳ୍ପର ପରିକଳ୍ପନା କରିଥିଲେ। ବହୁ ବାଧାବିଘ୍ନ ପରେ ଏହି ପ୍ରକଳ୍ପ ଏବେ ଶ୍ରଦ୍ଧାଳୁଙ୍କ ପାଇଁ ବେଶ୍ ସହାୟକ ହେଉଛି। ପୂର୍ବପରି ମନ୍ଦିର ଚତୁଃପାର୍ଶ୍ୱରେ ପରିକ୍ରମା କରିବା ପାଇଁ ଅସୁବିଧା ହେଉନି। ଖୋଲା ଜାଗାରେ ବସି ମହାପ୍ରଭୁଙ୍କୁ ନିଜ ମନ କଥା ଜଣାଇପାରୁଛନ୍ତି ଶ୍ରଦ୍ଧାଳୁ। ବଡ଼ଦେଉଳ ଚତୁଃପାର୍ଶ୍ୱର ଯେକୌଣସି ଜାଗାରେ ଠିଆ ହୋଇ ଅବା ବସି ନୀଳଚକ୍ର ବାନା ପରିବର୍ତ୍ତନର ଅପୂର୍ବ ଦୃଶ୍ୟ ଉପଭୋଗ କରୁଛନ୍ତି। କିନ୍ତୁ, ବେଳେବେଳେ ପରିକ୍ରମା ମାର୍ଗରୁ ଏମିତି କିଛି ଦୃଶ୍ୟ ଆସୁଛି ଯାହା ଭକ୍ତ ସମାଜକୁ ବ୍ୟଥିତ କରୁଛି। ପରିକ୍ରମା ମାର୍ଗ ଭିତରେ ଜଣେ ବ୍ୟକ୍ତି ନିଶାସକ୍ତ ଅବସ୍ଥାରେ ଉତ୍ପାତ କରିବାର ଚିତ୍ର ଶୁକ୍ରବାର ସାମ୍ନାକୁ ଆସିଛି। ଏହି ବ୍ୟକ୍ତିଜଣଙ୍କ ହେଲେ, ସନ୍ତୋଷ କୁମାର ଓରଫ ବାବୁଲା ଶତପଥୀ (୪୮)। ତାଙ୍କ ଘର ପୁରୀ ମାର୍କଣ୍ଡେଶ୍ୱର ସାହିରେ। ତାଙ୍କ ନାମରେ ପୁଲିସ ମାମଲା ରୁଜୁ କରିଛି। ସମ୍ପୃକ୍ତ ବ୍ୟକ୍ତି ପରିକ୍ରମା ମାର୍ଗ ଭିତରେ ନିଶାଗ୍ରସ୍ତଙ୍କ ଭଳି ଆଚରଣ କରିଥିଲେ। ଚାଲିବା ବେଳେ ତାଙ୍କ ଗୋଡ଼ ଠିକ୍ ଭାବେ ପଡୁ ନ ଥିଲା। ଏପରିକି ସେ ତଳେ ପଡ଼ିଯାଉଥିଲେ। ତାଙ୍କ ପାଖ ଦେଇ ମହିଳା, ପୁରୁଷ ଶ୍ରଦ୍ଧାଳୁମାନେ ଯା'ଆସ କରୁଥିଲେ। ସେ ଯେଉଁ ଢଙ୍ଗରେ ତଳେ ପଡ଼ି ଭକ୍ତଙ୍କୁ ଅନାଉଥିଲେ, ତାହାକୁ ଦେଖି ଅନ୍ୟମାନେ ଉଦ୍‌ବେଗ ପ୍ରକାଶ କରିଥିଲେ।



## ଯୁବକଙ୍କୁ ହତ୍ୟା କରି ଫିଙ୍ଗିଦେଲେ

**ରାଇରଙ୍ଗପୁର/ବହଳଦା, ୧୦।୧୦ (ସମିସ):** ବହଳଦା ଥାନା ଅନ୍ତର୍ଗତ ସାନଦୁନ୍ଦୁ ଗ୍ରାମ ନିକଟ କୁସୁମଡୁଙ୍ଗୁରୀରୁ ବହଳଦା ପୁଲିସ ଆଜି ଜଣେ ଯୁବକଙ୍କ ରକ୍ତ ଜୁଡୁବୁଡୁ ଉଲଗ୍ନ ଶବ ଜବତ କରିଛି। ମୃତକଙ୍କ ପରିଚୟ ମିଳିପାରିନାହିଁ। ପାରିପାର୍ଶ୍ୱିକ ସ୍ଥିତିରୁ ଏହା ଏକ ହତ୍ୟାକାଣ୍ଡ ବୋଲି ଜଣାଯାଉଛି। କେହି ଦୁର୍ବୃତ୍ତ ଯୁବକଙ୍କ ଗଳା କାଟି ଦେବା ସହ ମୁଣ୍ଡକୁ କୌଣସି ଧାରୁଆ ଅସ୍ତ୍ରରେ ହାଣିଦେଇଛି। ପୁଲିସ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। କିଛି ସ୍ଥାନୀୟ ଲୋକ ଆଜି ଶୌଚ ପାଇଁ କୁସୁମ ଡୁଙ୍ଗୁରୀକୁ ଯାଉଥିବା ବେଳେ ଯୁବକଙ୍କ ଶବ ପଡ଼ିଥିବା ଦେଖି ପୁଲିସକୁ ଖବର ଦେଇଥିଲେ। ରାଇରଙ୍ଗପୁର ଏସ୍‌ଡିପିଓ ଗୋକୁଳାନନ୍ଦ ସାହୁ, ବହଳଦା ଥାନା ଅଧିକାରୀ ଭାସ୍କର ଚନ୍ଦ୍ର ପ୍ରଧାନଙ୍କ ସମେତ ପୁଲିସ ସଦଳବଳେ ପହଞ୍ଚି ଛାନଭିନ୍ କରିଥିଲା। ବାରିପଦାରୁ ମଧ୍ୟ ସାଇଣ୍ଟିଫିକ ଟିମ୍ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଥିଲା। ସୂଚନାନୁଯାୟୀ, କୁସୁମଡୁଙ୍ଗୁରି ପଡ଼ୋଶୀ ଝାଡ଼ଖଣ୍ଡର ଦୁମା ଅଞ୍ଚଳକୁ ସଂଯୋଗ କରୁଛି। ଅଞ୍ଚଳଟି ନିଛାଟିଆ କଚା ରାସ୍ତା ହୋଇଥିବାରୁ ଏହା ଅପରାଧୀମାନଙ୍କୁ ସୁହାଉଛି।

# ଇ-ଚାଲାଣ ଜରିମାନାରେ ରିଆତି

**■ ଆଉ ୭ କ୍ଷେତ୍ର ପାଇଁ କୋହଳ ହେଲା ଜରିମାନା ରାଶି**
**■ ପୂର୍ବରୁ ୧୭ଟି କ୍ଷେତ୍ରରେ ମିଳିଥିଲା ଇ-ଚାଲାଣ ଆଶ୍ୱସ୍ତି**

**ଭୁବନେଶ୍ୱର, ୧୦।୧୦ (ସମିସ):** ରାଜ୍ୟ କ୍ୟାବିନେଟ୍‌ର ନିଷ୍ପତ୍ତିକ୍ରମେ ମୋଟା ଅଙ୍କର ଇ-ଚାଲାଣପ୍ରାପ୍ତଙ୍କୁ ରାଜ୍ୟ ପରିବହନ ବିଭାଗ ଆଶ୍ୱସ୍ତି ଦେଇଛି। ଏହି କ୍ରମରେ ପୂର୍ବରୁ ୧୭ଟି କ୍ଷେତ୍ରରେ ନିୟମ ଉଲ୍ଲଂଘନକାରୀଙ୍କୁ ଇ-ଚାଲାଣ ଆଧାରରେ ହୋଇଥିବା ଜରିମାନା ରାଶିକୁ ଅଧା କରି ଦିଆଯାଇଛି। ଏହି କ୍ଷେତ୍ରରେ ଆଜି ଆଉ ୭ଟି କ୍ଷେତ୍ରକୁ ଯୋଡ଼ି ଦିଆଯାଇଛି।

ବିଭାଗ ପକ୍ଷରୁ ଜାରି ନିର୍ଦ୍ଦେଶନାମା ଅନୁଯାୟୀ, ବିନା ବୈଧ ଲାଇସେନ୍ସ କିମ୍ବା ଅତିରିକ୍ତ ଯାତ୍ରୀ ନେଇ ଗାଡ଼ି ଚଳାଇବା କାରଣରୁ ୫,୦୦୦ଟଙ୍କା ଚାଲାଣ ହୋଇଥିଲେ, ୨୫୦୦ ଟଙ୍କାରେ ଏହାର ଫଇସଲା କରାଯାଇପାରିବ। ସେହିପରି ସିଟ୍ ବେଲ୍ଟ ବିନା ଯାତ୍ରା କିମ୍ବା ବାଇକ୍‌ରେ ଅଧିକ ଯାତ୍ରୀ ନେବା କାରଣରୁ ୧,୦୦୦ ଟଙ୍କା ଚାଲାଣ ହୋଇଥିଲେ ୫୦୦ ଟଙ୍କା, ଏବଂ ବିନା ହେଲମେଟରେ ଗାଡ଼ି ଚଳାଇବା କାରଣରୁ ୧,୦୦୦ ଟଙ୍କା ଚାଲାଣ ହୋଇଥିଲେ ୫୦୦ ଟଙ୍କାକୁ କମାଇ ଦିଆଯାଇଛି। ଏହାସହ, ଜରୁରୀକାଳୀନ ଗାଡ଼ିକୁ ରାସ୍ତା ନ ଦେବା କାରଣରୁ ୧୦,୦୦୦ଟଙ୍କା ଜରିମାନା ହୋଇଥିଲେ ୫,୦୦୦ ଟଙ୍କା, ଏବଂ ବିନା ବୀମାରେ ଗାଡ଼ି ଚଳାଇବା କାରଣରୁ ୨,୦୦୦ ଟଙ୍କା ଜରିମାନା ହୋଇଥିଲେ ୧,୦୦୦ ଟଙ୍କା ପୈଠ କରିବାକୁ କୁହାଯାଇଛି।

ବିଭିନ୍ନ ଟ୍ରାଫିକ୍ ନିୟମ ଉଲ୍ଲଂଘନ ପାଇଁ ଯେଉଁ ପରିମାଣରେ ଇ-ଚାଲାଣ କଟାଯାଇଛି ତାହାକୁ ପ୍ରାୟ ଅଧା କରିଦିଆଯାଇଥିବା ବେଳେ ଏହାକୁ ଆସନ୍ତା ୬ ମାସ ମଧ୍ୟରେ ଫଇସଲା ପାଇଁ ନିୟମ ଉଲ୍ଲଂଘନକାରୀଙ୍କୁ ସୁଯୋଗ ଦିଆଯାଇଛି। ଗତ ସେପ୍ଟେମ୍ବର ମାସରେ ପ୍ରଥନ ନିର୍ଦ୍ଦେଶନାମାରେ ୧୭ ଟି କ୍ଷେତ୍ରରେ ଏହି ଜରିମାନା ରାଶି କୋହଳ କରାଯାଇଥିଲା। ମାତ୍ର ମୁଖ୍ୟତଃ ହେଲ୍‌ମେଟ୍ ନ ପିନ୍ଧିବା, ସିଟ୍‌ବେଲ୍ଟ ନ ବାନ୍ଧିବା ଓ ବାଇକରେ ୩ ଜଣ ଯିବା ଓ ବିନା ବୈଧ ଲାଇସେନ୍ସରେ ଗାଡ଼ି ଚଳାଇବା ଯୋଗୁଁ ଅଧିକାଂଶ ଇ-ଚାଲାଣର ଶିକାର ହୋଇଛନ୍ତି। ତେଣୁ ବିଭାଗ ପକ୍ଷରୁ ଏହି ନିୟମ ଉଲ୍ଲଂଘନ ପାଇଁ ମଧ୍ୟ କୋହଳ ମନୋଭାବ ପୋଷଣ କରାଯାଇଛି।

ବିଭାଗ ପକ୍ଷରୁ ଜାରି ବିଜ୍ଞପ୍ତିରେ ଦର୍ଶାଯାଇଛି ଯେ ମୋଟର ଯାନ ଆଇନ ଅନୁସାରେ ଟ୍ରାଫିକ ନିୟମ ଉଲ୍ଲଂଘନକାରୀଙ୍କୁ କରାଯାଇଥିବା ଅନେକ ଇ-ଚାଲାଣ ବକେୟା ପଡ଼ିଛି। ଏହାକୁ 'ଏକକାଳୀନ ସମାଧାନ ଯୋଜନା' ମାଧ୍ୟମରେ ନିୟମ ଖିଲାପକାରୀଙ୍କଠାରୁ ନିର୍ଦ୍ଦିଷ୍ଟ ଜରିମାନା ଆଦାୟ କରାଯାଇ ଏହି ମାମଲାକୁ ବନ୍ଦ କରିବାକୁ ନିଷ୍ପତ୍ତି ହୋଇଛି। ଏଥିରେ ଜୁଲାଇ ୨୦୨୫ ସୁଦ୍ଧା ଯେଉଁମାନଙ୍କ ନାଁରେ ଜରିମାନା ଗଡୁଛି, ସେମାନେ ଲାଭ ଉଠାଇପାରିବେ ବୋଲି ଦର୍ଶାଯାଇଛି। ଆସନ୍ତା ୬ମାସ ଯାଏ ଏହି ଯୋଜନା ଉପଲବ୍ଧ ହେବ ବୋଲି ବିଭାଗ ପକ୍ଷରୁ କୁହାଯାଇଛି। ରାଜ୍ୟରେ ଦିନକୁ ଦିନ ଇ-ଚାଲାଣ ବଢୁଥିବା କାରଣରୁ ସରକାର ଗତ କ୍ୟାବିନେଟ୍ ବୈଠକରେ 'ଏକକାଳୀନ ସମାଧାନ ଯୋଜନା' ଆଣିଥିଲେ। ଏକ ପରିସଂଖ୍ୟାନ ଅନୁସାରେ, ଏବେ ସୁଦ୍ଧା ୩୧ଲକ୍ଷ ଇ-ଚାଲାଣ ଅନାଦେୟ ପଡ଼ି ରହିଛି। ନୂଆ ନମ୍ବରପ୍ଲେଟ୍ ଓ କ୍ୟାମେରା ଲାଗିବା ଦ୍ୱାରା ଗାଡ଼ିଗୁଡ଼ିକ ଉପରେ ସ୍ୱୟଂଚାଳିତ ଢଙ୍ଗରେ ଜରିମାନା ଲାଗୁ କରାଯାଇପାରୁଛି।

**ପିଲାଙ୍କ କଫ ସିରପ୍ ବ୍ୟବହାରକୁ ଅଧିକ ନିୟନ୍ତ୍ରିତ କରିବାକୁ ନିମନ୍ତେ ପରାମର୍ଶ**

## ୨ବର୍ଷରୁ କମ ଶିଶୁଙ୍କ କଫ ଓ ଥଣ୍ଡା ପାଇଁ ସିରପ୍ ମନା

**ଭୁବନେଶ୍ୱର,୧୦।୧୦(ସମିସ):** ଦେଶର ବିଭିନ୍ନ ସ୍ଥାନରେ ବିଷାକ୍ତ କଫ ସିରଫ ଯୋଗୁଁ ଶିଶୁମାନଙ୍କ ମୃତ୍ୟୁ ପରେ ଓଡ଼ିଶାରେ ମଧ୍ୟ ଏହାକୁ ନେଇ ଚର୍ଚ୍ଚର୍ା ହେଉଛି। ଏଣୁ ଶୁକ୍ରବାର ଓଡ଼ିଶା ସ୍ୱାସ୍ଥ୍ୟସେବା ନିର୍ଦ୍ଦେଶାଳୟ ପକ୍ଷରୁ ରାଜ୍ୟର ସମସ୍ତ ମେଡିକାଲ କଲେଜ, ହସ୍ପିଟାଲ ଅଧିକ୍ଷକ, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ, ଶିଶୁ ଚିକିତ୍ସା ବିଶେଷଜ୍ଞ ସଂଘ, ଓଡ଼ିଶା ମେଡିକାଲ ସେବା ସଂଘ ପ୍ରଭୃତିକୁ କଫ ସିରପ୍ ବ୍ୟବହାରକୁ ଅଧିକ ନିୟନ୍ତ୍ରିତ,ସୁଚିନ୍ତିତ ଓ ଯୌକ୍ତିକ କରିବା ନିମନ୍ତେ ପରାମର୍ଶ ଦିଆଯାଇଛି। ପିଲାମାନଙ୍କ ମଧ୍ୟରେ ଦେଖାଯାଉଥିବା ଥଣ୍ଡା ଓ କଫ ରୋଗ ପ୍ରାୟତଃ ଆପେଆପେ ଶରୀରର ପ୍ରତିରୋଧକ ଶକ୍ତି ବଳରେ ଭଲ ହୋଇଥାଏ। ସେଥିପାଇଁ ସବୁବେଳେ ବାହ୍ୟ ଔଷଧ ପ୍ରୟୋଗର ବିଶେଷ ଆବଶ୍ୟକତା ନାହିଁ। ଅପରପକ୍ଷେ ଶରୀରର ପର୍ଯ୍ୟାପ୍ତ ଜଳଯୋଜନ (ଆଡ଼ିକ୍ୟୁଏଟ ହାଇଡ୍ରେସନ), ବିଶ୍ରାମ ଏବଂ ଆନୁସଙ୍ଗିକ ସହାୟତା ଆଦି ଉପରେ ଅଗ୍ରାଧିକାର ଦିଆଯିବା ଦରକାର। ୨ବର୍ଷରୁ କମ ଶିଶୁଙ୍କ କଫ ଓ ଥଣ୍ଡା ପାଇଁ ସିରପ୍ ଦିଆଯିବା ଉଚିତ୍ ନୁହେଁ। ଏହି ସବୁ ଔଷଧ ମଧ୍ୟ ୫ବର୍ଷରୁ କମ ପିଲାଙ୍କ ପାଇଁ ସୁପାରିଶ ଯୋଗ୍ୟ ନୁହେଁ। ଏପରିକି ୫ବର୍ଷରୁ ଅଧିକ ବୟସ୍କ ପିଲାଙ୍କ ପାଇଁ ଏସବୁ ପ୍ରକାର ଔଷଧ ଉପଯୁକ୍ତ ପରୀକ୍ଷା ନିରୀକ୍ଷା, ସମ୍ପୃକ୍ତ ପିଲାର ସ୍ୱାସ୍ଥ୍ୟ ଅବସ୍ଥାର ସଠିକ୍ ଆକଳନ ଆଦି ପରେ ଡାକ୍ତରଙ୍କ ସିଧାସଳଖ ତତ୍ତ୍ୱାବଧାନରେ କରାଯିବା ଦରକାର। ପିଲା କେତେ ମାତ୍ରାରେ ଔଷଧ କେତେ ଥର ଓ କେତେବେଳେ ଖାଇବ ତାହା ମଧ୍ୟ ଡ଼ାକ୍ତରଙ୍କ ପରାମର୍ଶ ଅନୁସାରେ ନିର୍ଦ୍ଧାରିତ ହେବା ଦରକାର।

ଶିଶୁ ରୋଗ ଚିକିତ୍ସା ଓ ଔଷଧ ବଣ୍ଟନ କରୁଥିବା ସମସ୍ତ ସରକାରୀ ଓ ଘରୋଇ ଚିକିତ୍ସାଳୟମାନଙ୍କୁ ଏହି ପରାମର୍ଶ ଅନୁପାଳନ ନିମନ୍ତେ କୁହାଯାଇଛି।

**Government of Odisha "e" Procurement Notice**

Bid Identification No. TENDER ONLINE SNPR-03 OF 2025-26 O-967

| | | |
|---|---|---|
| 1. | Name of the work | Building Works as per DTCN available in the website www.tendersodisha.gov.in |
| 2. | Total No. of Work | 02 (Two) Nos. |
| 3. | Approximate Estimated Cost | Vary from Rs. 23.57 lakh to Rs. 47.70 lakh |
| 4. | Period of Completion | 6 (Six Calendar months) to 9 (Nine Calendar months) |
| 5. | Period and time of availability of bid document in the portal for bidding | 13.10.2025 at 11.00 AM to 24.10.2025 up to 5.00 PM |
| 6. | Date and time of opening of Tender | 27.10.2025 at 11.00 AM (Technical Bid) & (Financial Bid will be intimated later on) |
| 7. | Name and address of the officer inviting bid | S.E.R.W. Division, Sonepur |

(1) Other details can be seen from detailed notice
(2) Inviting tenders, available in website www.tendersodisha.gov.in
(3) Corrigendum if any shall only be published in the website: www.tendersodisha.gov.in

Executive Engineer,
Rural Works Division, Sonepur.

OIPR-25054/11/0037/2526

ସକାଳ
THE SAKALA
www.sakalaepaper.com



# ସମ୍ପୂର୍ଣ୍ଣା



## ଆଜିର ରାଶିଫଳ

**ମେଷ:** ପରିବାର ଲୋକଙ୍କ ସହ ହସ ଖୁସିରେ ଦିନ ବିତିବ । ଗୁରୁଜନଙ୍କ ଆଶୀର୍ବାଦ ନେଇ ନୂତନ ବ୍ୟବସାୟ ଆରମ୍ଭ କରିବେ । ସଫଳତା ପାଇଁ କଠିନ ପରିଶ୍ରମ କରିବେ । କ୍ରୋଧ ଉପରେ ନିୟନ୍ତ୍ରଣ ରଖନ୍ତୁ ।

**ବୃଷ:** ଯାତ୍ରା ଯୋଗ ଅଛି । ଜୀବନସାଥୀଙ୍କ ସହ ସୁଖମୟ ସମୟ ଅତିବାହିତ କରିବେ । ନିବେଶରୁ ଦୂରେଇ ରୁହନ୍ତୁ । କୌଣସି ଶୁଭ ଖବର ମିଳିବ । ବନ୍ଧୁଙ୍କ ସହ ମନୋମାଳିନ୍ୟ ଦେଖା ଦେବ ।

**ମିଥୁନ:** ଯାନବାହନ କିଣିବେ । ଧାର୍ମିକ ପୁସ୍ତକ ପ୍ରତି ଆଗ୍ରହ ବଢ଼ିବ । ମନ ପ୍ରସନ୍ନ ରହିବ । ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ । ପରୋପକାର କାର୍ଯ୍ୟରେ ନିଜକୁ ନିୟୋଜିତ କରିବେ ।

**କର୍କଟ:** ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ । କୌଣସି କାର୍ଯ୍ୟରେ ସମସ୍ୟା ଦେଖା ଦେବ । ଅଯଥା ଖର୍ଚ୍ଚ ବୃଦ୍ଧି ପାଇବ । ବିବାହରେ ସମସ୍ୟା ଆସିବ । ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ ।

**ସିଂହ:** ଚାକିରିରେ ସଫଳତା ମିଳିବ । ବ୍ୟବସାୟରେ ଆଶାଜନକ ପରିଣାମ ମିଳିବ ନାହିଁ । ବାପାଙ୍କ ସ୍ୱାସ୍ଥ୍ୟ ସମସ୍ୟାକୁ ନେଇ ଚିନ୍ତାରେ ରହିବେ । ଦାମ୍ପତ୍ୟ ଜୀବନ ସୁଖମୟ ହେବ ।

**କନ୍ୟା:** ଚାକିରିକୁ ନେଇ କୌଣସି ସମସ୍ୟା ଦେଖା ଦେବ । ପାରିବାରିକ ଜୀବନ ସୁଖମୟ ହେବ । ଘରେ ପୂଜାପାଠ ଆୟୋଜନ କରିବେ । ଅଟକିଥିବା କାର୍ଯ୍ୟ ପୂରା ହେବ । ଆୟର ନୂଆ ଅବସର ପ୍ରାପ୍ତ ହେବ ।

**ତୁଳା:** ଦିନଟି ମିଶ୍ରଫଳ ପ୍ରଦାନ କରିବ । ଆର୍ଥିକ ସ୍ଥିତି ମଜଭୁତ୍ ହେବ । ବିବାହ ପ୍ରସ୍ତାବ ଆସିବ । ରାଜନୀତିରେ ସଫଳତା ମିଳିବ । ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ ।

**ବିଛା:** ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳତା ମିଳିବ । ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ । ବୈବାହିକ ଜୀବନ ସୁଖଶାନ୍ତିରେ କଟିବ । ବିଦ୍ୟାର୍ଥୀ ପଢ଼ାରେ ମନୋନିବେଶ କରିବେ ।

**ଧନୁ:** ପରିବାର ଲୋକଙ୍କ ସହଯୋଗ ମିଳିବ । ସ୍ୱାସ୍ଥ୍ୟରେ ସୁଧାର ଆସିବ । ଆୟ ତୁଳନାରେ ବ୍ୟୟ ଅଧିକ ହେବ । କଥାରେ ମଧୁରତା ରକ୍ଷା କରିବେ । ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ ।

**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ । ବ୍ୟବସାୟରେ ଲାଭ ମିଳିବ । ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ । ପଡ଼ୋଶୀଙ୍କ ସହ ମତାନ୍ତର ହେବ । ପୈତୃକ ସମ୍ପତ୍ତିକୁ ଲାଭ ମିଳିବ । ପ୍ରେମ ସମ୍ବନ୍ଧ ସୁଖମୟ ହେବ ।

**କୁମ୍ଭ:** ବ୍ୟବସାୟକୁ ନେଇ ଦୂରସ୍ଥାନକୁ ଯାତ୍ରା କରିବେ । ନିବେଶରୁ ଦୂରେଇ ରୁହନ୍ତୁ । ଘରେ ପୂଜାପାଠ ଆୟୋଜନ ହେବ । ବିବାହ ସମସ୍ୟା ସମାଧାନ ହେବ । ଯାନବାହନ କ୍ରୟର ଯୋଗ ଅଛି ।

**ମୀନ:** ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ । ଆତ୍ମବିଶ୍ୱାସ ବୃଦ୍ଧି ପାଇବ । ପଢ଼ା ପାଇଁ ଅର୍ଥ ନିବେଶ କରିବେ । ଦୂରସ୍ଥାନକୁ ଯାତ୍ରା କରିବେ । ଧାର କରଜରୁ ନିବୃତ୍ତ ରହିବେ । ପୈତୃକ ସମ୍ପତ୍ତିରୁ ଲାଭ ମିଳିବ ।

## ଆଜିର ଇତିହାସ

- ୧୮୫୨- ସିଡ୍‌ନୀ ବିଶ୍ୱବିଦ୍ୟାଳୟର ସ୍ଥାପନା ।
- ୧୯୦୨- ଲୋକନାୟକ ଜୟପ୍ରକାଶ ନାରାୟଣଙ୍କ ଜନ୍ମ ।
- ୧୯୩୬- ପ୍ରଫେସର କ୍ୱିଜ୍ ନାମରେ ରେଡିଓରେ ପ୍ରଥମ କ୍ୱିଜ୍ କାର୍ଯ୍ୟକ୍ରମର ପ୍ରସାରଣ ଆରମ୍ଭ ହେଲା ।
- ୧୯୪୨- ବଲିଉଡ୍ ଅଭିନେତା ଅମିତାଭ ବଚ୍ଚନଙ୍କ ଜନ୍ମ ।
- ୧୯୪୫- ଚୀନ୍‌ରେ ଗୃହଯୁଦ୍ଧ ଆରମ୍ଭ ହେଲା ।
- ୧୯୮୭- ଭାରତୀୟ ଶାନ୍ତି ସେନା ଶ୍ରୀଲଙ୍କାରେ ଅପରେସନ୍ ପବନର ଆରମ୍ଭ କଲା ।

## ଆନ୍ତର୍ଜାତିକ ବାଳିକା ଦିବସ



ସମଗ୍ର ବିଶ୍ୱରେ ଝିଅମାନେ ସମ୍ମୁଖୀନ ହେଉଥିବା ଲିଙ୍ଗଗତ ଅସମାନତା, ଆଇନ ଅଧିକାର, ସ୍ୱାସ୍ଥ୍ୟସେବା, ହିଂସା, ଭେଦଭାବ ଏବଂ ଅପରିପକ୍ୱ ବୟସରେ ବିବାହ ଭଳି ଅସମାନତା ବିରୋଧରେ ମିଳିତ ଜାତିସଂଘ ପକ୍ଷରୁ ପ୍ରତିବର୍ଷ ଅକ୍ଟୋବର ୧୧ରେ 'ଆନ୍ତର୍ଜାତିକ ବାଳିକା ଦିବସ' ପାଳନ କରାଯାଉଛି । ବାଳିକାମାନଙ୍କୁ ସେମାନଙ୍କ ଅଧିକାର, ଆହ୍ୱାନ ଏବଂ ସୁଯୋଗ ବିଷୟରେ ଅବଗତ କରାଇବା ପାଇଁ ଏହି ଦିବସ ପାଳନ କରାଯାଏ । ୧୯ ଡିସେମ୍ବର ୨୦୧୧ରେ ଜାତିସଂଘ ସାଧାରଣ ପରିଷଦରେ ଏହି ଦିବସ ପାଳନ କରାଯିବା ପାଇଁ ଘୋଷଣା କରାଯିବା ପରେ ୨୦୧୨ରେ ପ୍ରଥମେ ଏହି ଦିବସ ପାଳନ କରାଯାଇଥିଲା । ଆଜି ବି ବାଳିକାମାନେ ସବୁ କ୍ଷେତ୍ରରେ ଉପେକ୍ଷିତ । ଶିକ୍ଷା, ପୋଷଣ, ଶାରୀରିକ ଓ ମାନସିକ କଲ୍ୟାଣ, ଆଇନଗତ ଅଧିକାର, ସ୍ୱାସ୍ଥ୍ୟ ଏବଂ ହିଂସା ବିନା ସୁରକ୍ଷିତ ଜୀବନ ଭଳି ଗୁରୁତ୍ୱପୂର୍ଣ୍ଣ କ୍ଷେତ୍ରରେ ବାଳିକାମାନେ ଭେଦଭାବର ସମ୍ମୁଖୀନ ହେଉଛନ୍ତି । ଏଣୁ ସେମାନଙ୍କ ପାଇଁ ବି ଏକ ସୁରକ୍ଷିତ ପରିବେଶର ଆବଶ୍ୟକତା ରହିଛି । ଏହା ସହ ବାଲ୍ୟ ବିବାହ, ଭ୍ରୂଣହତ୍ୟା ରୋକିବାର ଆବଶ୍ୟକତା ରହିଛି । ଏହି କଥାକୁ ଗମ୍ଭୀରତାର ସହ ଉପଲବ୍ଧି କରି ମିଳିତ ଜାତିସଂଘ ପକ୍ଷରୁ ବାଳିକାଙ୍କ ସଶକ୍ତୀକରଣ ପାଇଁ ପ୍ରତିବର୍ଷ ଅକ୍ଟୋବର ୧୧ରେ 'ଆନ୍ତର୍ଜାତିକ ବାଳିକା ଦିବସ' ପାଳନ କରାଯାଉଛି । ବିଶ୍ୱରେ ଲିଙ୍ଗଗତ ସମାନତା ଏବଂ ବାଳିକାମାନଙ୍କୁ ସମାନ ସୁଯୋଗ ପ୍ରଦାନ କରିବା ଦିଗରେ ସଚେତନ ସୃଷ୍ଟି କରିବା ଏହି ଦିବସର ମୂଳ ଲକ୍ଷ୍ୟ । ଭାରତ ସରକାର ବାଳିକାମାନଙ୍କୁ ସଶକ୍ତ କରିବା ଉଦ୍ଦେଶ୍ୟରେ 'ବେଟି ବଚାଓ ବେଟି ପଢ଼ାଓ' ଯୋଜନାର ଆରମ୍ଭ କରିଛନ୍ତି । କେବଳ ସରକାର ନୁହେଁ, ଆମ ସମସ୍ତଙ୍କ ଭିତରେ କନ୍ୟା ଶିଶୁଟି ପ୍ରତି ଆନ୍ତରିକ ଭଲପାଇବା ସହ ତାଙ୍କର ସ୍ୱର୍ଣ୍ଣିମ ଭବିଷ୍ୟତ ପାଇଁ ନିଜ ନିଜର ଦାୟିତ୍ୱବୋଧତାର ଅଗ୍ରଗତି ଜରୁରି । ତାହେଲେ ଯାଇ ଆଜି ଦିନଟିର ସାର୍ଥକତା ପ୍ରତିପାଦିତ ହେବ । ବିଶ୍ୱର କୋଣ ଅନୁକୋଣରେ ଥିବା ପ୍ରତିଟି ଝିଅ କିପରି ପାଠ ପଢ଼ିବେ, ଶିକ୍ଷିତ ହେବେ, ସମାନ ଅଧିକାର ପାଇବା ସହ କିପରି ସମାଜ କଲ୍ୟାଣ ନିମନ୍ତେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଇବେ ସେ ବାବଦରେ ଧ୍ୟାନ ଦେବା ଏହି ଦିବସର ମୁଖ୍ୟ ଉଦ୍ଦେଶ୍ୟ ।

## ମୃତ୍ୟୁ ପରର ଦୁନିଆ ଦେଖିଥିବା କହିଲେ ଡାକ୍ତର



କଥାରେ ଅଛି, 'ରଖେ ହରି ତ ମାରେ କିଏ' । ଏହାର ଅର୍ଥ ଭଗବାନ ଯାହାକୁ ରକ୍ଷା କରିବାକୁ ଚାହିଁବେ ଅନ୍ୟ କୌଣସି ଶକ୍ତି ସେହି ପ୍ରାଣୀର ଜୀବନ ନେଇପାରିବ ନାହିଁ । ବିଶ୍ୱରେ ଅନେକ ଲୋକ ମୃତ୍ୟୁକୁ ଅତି ନିକଟରେ ଦେଖି ପୁଣି ଜୀବିତ ରହିଥିବା କଥା ଯୁକ୍ତି ବାଢ଼ନ୍ତି । ଏଭଳି ଏକ ଘଟଣା ବିଷୟରେ ନିକଟରେ ଖୋଦ୍ ଜଣେ ଡାକ୍ତର କହିଛନ୍ତି । ଭାରତୀୟ ବଂଶୋଦ୍ଭବ ରାଜୀବ ପାରତୀ ଏକଦା ଆମେରିକାର କାଲିଫର୍ଣ୍ଣିଆ ସ୍ଥିତ ବେକର୍ସଫିଲ୍ଡ ହାର୍ଟ ହସ୍‌ପିଟାଲର ମୁଖ୍ୟ ନିଶ୍ଚେତକ ବିଶେଷଜ୍ଞ ଭାବେ କାର୍ଯ୍ୟ କରୁଥିଲେ । ଏକଦା ସେ କିପରି ମୃତ୍ୟୁକୁ ଅତି ନିକଟରେ ଦେଖିଥିଲେ ସେକଥା ନିକଟରେ ସାମାଜିକ ଗଣମାଧ୍ୟମରେ ସେୟାର୍ କରିଛନ୍ତି । ୨୦୦୮ ମସିହାରେ ତାଙ୍କୁ ୫୧ ବର୍ଷ ହୋଇଥିବାବେଳେ ତାଙ୍କର ମୂତ୍ରାଶୟ କର୍କଟ ଅସ୍ତ୍ରୋପଚାର କରାଯାଇଥିଲା । ଏହିସମୟରେ ହଠାତ୍ ତାଙ୍କର ହୃଦ୍‌ସ୍ପନ୍ଦନ କିଛି ସମୟ ପାଇଁ ବନ୍ଦ ହୋଇଯାଇଥିଲା । କିଛି ସମୟ ପାଇଁ ସେ ମରି ଯାଇଥିଲେ ବୋଲି କହିଛନ୍ତି । ତାଙ୍କ କହିବାନୁସାରେ, ମୃତ୍ୟୁ ପରେ ସେ ଯନ୍ତ୍ରଣା ଜର୍ଜରିତ କିଛି ଲୋକଙ୍କ ଆର୍ତ୍ତ ଚିତ୍କାର ଶୁଣିଥିଲେ । ଏହି ସମୟରେ ସେ ଏକ ଜଳନ୍ତା ରାସ୍ତାରେ ଥିବାର ଅନୁଭବ କଲେ । ତାଙ୍କୁ ପୋଡ଼ା ମାଂସର ଗନ୍ଧ ଆସିଥିଲା । ଧୂଆଁ ତାଙ୍କ ନାକରେ ଭର୍ତ୍ତି ହୋଇଗଲା । ସେତେବେଳେ ସେ ନର୍କଦ୍ୱାରରେ ଥିବା ପରି ଅନୁଭବ କରିଥିବା କୁହନ୍ତି । ଏହାପରେ ତାଙ୍କୁ ଦୁଇଜଣ ଦେବଦୂତ ମିଳିଥିଲେ । ସେମାନେ ତାଙ୍କୁ ନର୍କରୁ ଏକ ସୁଡ଼ଙ୍ଗ ପରି ଦ୍ୱାର ଦେଇ ଏକ ଅଦ୍ଭୁତ ଓ ସୁନ୍ଦର ସ୍ଥାନକୁ ନେଇଗଲେ । ସେଠାରେ ସେ କେବଳ ଉଜ୍ଜ୍ୱଳ ଆଲୋକ ଦେଖିପାରୁଥିଲେ । ସେହି ଆଲୋକରୁ ଜଣେ ବ୍ୟକ୍ତି ବାହାରି ଡାକ୍ତରଙ୍କୁ କିଛି ପ୍ରଶ୍ନ ପଚାରିଥିବା ସେ କହିଥିଲେ । ସେହିସମୟରେ ସେ ଅସ୍ତ୍ରୋପଚାର ଟେବୁଲ ଉପରେ ନିଜକୁ ପଡ଼ିଥିବାର ମଧ୍ୟ ଦେଖିଥିଲେ । ଏହା ତାଙ୍କର ମୃତ୍ୟୁ ପରର ଜୀବନ ଥିଲା ବୋଲି ଡାକ୍ତର ଜଣକ ଦାବି କରିଛନ୍ତି । ଏହି ଘଟଣା ପରେ ତାଙ୍କ ଜୀବନ ସମ୍ପୂର୍ଣ୍ଣ ରୂପେ ବଦଳି ଯାଇଥିଲା । ସେ ତାଙ୍କ ଡାକ୍ତରୀ ପେସା ମଧ୍ୟ ଛାଡ଼ିଦେଇଥିଲେ ।



## ଆସିବ 'ବାହୁବଳି ୩'

ସାଉଥ୍ ସୁପରଷ୍ଟାର୍ ପ୍ରଭାସଙ୍କ ଅଭିନୀତ 'ବାହୁବଳି' ଓ 'ବାହୁବଳି ୨'କୁ ନେଇ ଦର୍ଶକଙ୍କ ମଧ୍ୟରେ ବେଶ୍ ଉତ୍ସାହ ଦେଖିବାକୁ ମିଳିଥିଲା । ଦୁଇଟି ଯାକ ଫିଲ୍ମ ବ୍ଲକ୍‌ବଷ୍ଟର୍ ସାବ୍ୟସ୍ତ ହୋଇଥିଲା । ଏବେ ଏହି ଦୁଇଟି ଫିଲ୍ମକୁ ମିଶାଇ ଏସ୍. ଏସ୍. ରାଜମୌଲି 'ବାହୁବଳି: ଦ ଏପିକ୍' ନିର୍ମାଣ କରିଛନ୍ତି । ଏହା ଏଇ ୩୧ରେ ରିଲିଜ୍ ହେବ । ଇତିମଧ୍ୟରେ ଫିଲ୍ମ ନିର୍ମାତା ଶୋଭୁ ୟାର୍ଲାଗଡ୍ଡା 'ବାହୁବଳି ୩'କୁ ନେଇ ଖୁଲାସା କରିଛନ୍ତି । 'ବାହୁବଳି: ଦ ଏପିକ୍'ର ପ୍ରଚାର ସମୟରେ 'ବାହୁବଳି ୩'କୁ ନେଇ କୌଣସି ପ୍ରକାରର ଘୋଷଣା କରାଯିବ ନାହିଁ ବୋଲି ସେ କହିଛନ୍ତି । ଯଦିଓ ଶୋଭୁ ଫିଲ୍ମ ରିଲିଜ୍ କେବେ ହେବ ସେନେଇ କିଛି କହିନାହାନ୍ତି କିନ୍ତୁ ଦର୍ଶକେ ଏହାକୁ ନେଇ ବେଶ୍ ଉତ୍ସାହିତ ଅଛନ୍ତି । ତେବେ 'ବାହୁବଳି: ଦ ଏପିକ୍'ର ଶେଷରେ ଫିଲ୍ମ ନିର୍ମାତା 'ବାହୁବଳି ୩' ବିଷୟରେ କିଛି ସୂଚନା ଦିଆଯାଇପାରେ ବୋଲି ଚର୍ଚ୍ଚା ହେଉଛି ।

## ଆମ ବିଦ୍ୟାଳୟ


କ୍ଷମାନିଧି ଭୋଇ

ଆମ ବିଦ୍ୟାଳୟ ଶିକ୍ଷାର ଭଣ୍ଡାର
ଦିଶଇ କେଡ଼େ ସୁନ୍ଦର
ଆମକୁ ଦିଅଇ କେତେ କେତେ ଶିକ୍ଷା
ଅଭୁଲା ତା' ଉପକାର ।
ତା' ପାଖରେ କେତେ ଗୁରୁଜୀ ଗୁରୁମା
ଅଟନ୍ତି ସତେ ଈଶ୍ୱର
ଶିକ୍ଷା ଦେଇଥାନ୍ତି ସେନେହ ସହିତ
ଅଜ୍ଞାନକୁ କରି ଦୂର ।
ବଗିଚା ତାହାର ଆହା କି ସୁନ୍ଦର
ମନ ପ୍ରାଣ ନିଏ ଟାଣି
ସୁରଭିତ ଫୁଲ ସୁଆଦିଆ ଫଳ
ଭରି ରହିଅଛି ପୁଣି ।
ପରଜାପତି ଓ ଭଅଁର ଉଡ଼ନ୍ତି
ଫୁଲେ ଫୁଲେ ଚୁମି ଚୁମି
କେତେ ଆନନ୍ଦରେ ଡେଣାକୁ ମେଲେଇ
ଚାରିଆଡ଼େ ଯାନ୍ତି ଘୁମି ।
କେତେ ବୈଜ୍ଞାନିକ କେତେ ଗାଣିତିକ
କେତେ କେତେ ରାଜନେତା
ଗଢ଼ି ଦେଇଅଛି ବିଦ୍ୟାଳୟ ଏହି
ଦେଖାଇ ତା' ମହାନତା ।
କେତେ ଶାସ୍ତ୍ର ଜ୍ଞାନ କେତେ ତର୍କ ଜ୍ଞାନ
ଇଂରାଜୀ ଓ ଚିତ୍ରାଙ୍କନ
ସାମାଜିକ ପାଠ କେତେ ନାଚ ଗୀତ
ଶିଖିଅଛୁ ତା'ଠୁଁ ପୁଣ ।
ଆହା କି ସୁନ୍ଦର ଆମ ବିଦ୍ୟାଳୟ
ଅଟଇ ଶିକ୍ଷା ମନ୍ଦିର
ମଣିଷ ଗଢ଼ା ଏ କାରଖାନା ପରା
ଆମେ ରତନ ତାହାର ।
ଆମକୁ ଗଢ଼ଇ ମଣିଷ ପରି ସେ
ସେନେହ ଆଦର କରି
ଆସ ଆମେ ତା'ର କରିବା ବିକାଶ
ତନୁ ମନ ପ୍ରାଣ ଭରି ।■

ସାଗୁନପାଲି, ସମ୍ବଲପୁର
ମୋ -୪୩୮୨୯୨୯୩୩




## ବାଇଆ ବସା




ମନୀଷା ପଣ୍ଡା


କି ଦିନ ରାତି ଖରା ବରଷା
ଆନନ୍ଦେ ଝୁଲୁଥାଏ
ଦେଖିଲେ ତା'ର ଟିକି ବସାଟି
ସବୁରି ମନ ପାଏ ।
ଗୋଟେଇ ନେଇ କାଠି କୁଟାକୁ
ଥଣ୍ଟେ ପତର ଚିରି,
ବାୟା ଚଢ଼େଇ ଗଢ଼ଇ ବସା
କେତେ ଯତନ କରି ।
ବସାଟି ତା'ର ଏଡ଼େ ସୁନ୍ଦର
ଧନ୍ୟ ତା' କାରିଗରୀ,
ଟିକି ମୁଣ୍ଡରେ ଗଦାଏ ବୁଦ୍ଧି
ବିହି ଦେଇଛି ଭରି ।
ମାଟିଆ ରଙ୍ଗ ଦେହଟି ତା'ର
ଥଣ୍ଟରେ ପୋକ ଖୁଣ୍ଟି,
ପେଟର ଭୋକ ମେଣ୍ଟାଇ ନିଏ
ଛୁଆଙ୍କୁ ଦିଏ ବାଣ୍ଟି ।
ଝୁଲାମୁଣି ଭଳି ଝୁଲାଇ ବସା
ଭିତରେ ଖୋପ କରି,
ଛୁଆଙ୍କୁ ତା'ର ଅତି ଯତନେ
ଆହାର ଦିଏ ଭରି ।
କଳି କଜିଆ ରାଗ ରୁଷାରୁ
ବାଇଆର କି' ଯାଏ !
ଗଛରେ ଥାଇ ବାଆ ବେଳେ ତା
ବସାରେ ଝୁଲୁଥାଏ ।■

ଅଙ୍କରାନ୍ତିପୁର, ଢେଙ୍କାନାଳ
ମୋ-୮୨୪୯୬୮୭୦୯୩

# ସୁମନ



## ଭାଲୁର ଆଳୁ ଚାଷ



ରମେଶ ଚନ୍ଦ୍ର ଦାଶ

ବିଲୁଆ ଆଳୁ ଚାଷ କରିବା ଦେଖି ବଣରାଇଜର ସମସ୍ତ ପ୍ରାଣୀ ପ୍ରଶଂସା କଲେ । ଏହା ଦେଖି ଭାଲୁ ବି ଆଳୁ ଚାଷ କରିବାକୁ ବାହାରିଲା । ସେ ଦିନେ ସଂଧ୍ୟାରେ ବିଲୁଆ ପାଖରେ ପହଞ୍ଚି ଆଳୁ ଚାଷ ବିଷୟରେ ପଚାରି ବୁଝିଲା । ବିଲୁଆ ବି ଯାହା ଜାଣିଥିଲା ସବୁ କହିଲା । ଶେଷରେ ବିଲୁଆ ଭାଲୁକୁ କହିଲା- ଆଉ ଯାହା ଜାଣିବାର ଅଛି, ଚାଷ ସମୟରେ ନିଜେ ଚେଷ୍ଟାକଲେ ଜାଣିପାରିବ । ଏଥିରେ ଭାଲୁର ମନ ବୁଝିଲା ନାହିଁ । ସେ ବିଲୁଆକୁ କହିଲା- ତୁ ମୋତେ ଅସଲ କଥା ଲୁଚାଉଛୁ । ଆଳୁ ଚାଷ କଲେ ସମସ୍ତେ ମୋତେ ପ୍ରଶଂସା କରିବେ ବୋଲି ତୁ ଈର୍ଷା କରୁଛୁ । ଏତକ କହିବା ସହିତ ଭାଲୁ ନିଜେ ଆଳୁ ଚାଷ କଲା । ମଝିରେ ମଝିରେ ଯାହା ଦରକାର ପଡ଼େ ବିଲୁଆ ପାଖକୁ ଯାଇ ବୁଝେ । ତା'ର ଆଗ୍ରହ ଥିବାରୁ ଆଳୁଚାଷ ଭଲ ହେଲା । ଏହା ଦେଖି ସମସ୍ତେ ପ୍ରଶଂସା କଲେ । ଏପରିକି ନିଜେ ବିଲୁଆ ମଧ୍ୟ ପ୍ରଶଂସା କଲା । ଦିନେ ଭାଲୁ ବିଲୁଆକୁ କହିଲା- ମୋର ବୁଦ୍ଧି ଅଧିକ ଯୋଗୁଁ ମୁଁ ତୋ ଠାରୁ ବଢ଼ିଆ ଆଳୁଚାଷ କଲି । ଏଥିରେ ବିଲୁଆ ଆଶ୍ଚର୍ଯ୍ୟ ହୋଇଗଲା । ସେ ଆଉ କିଛି ନ କହି କହିଲା- ହଁ ହଁ ନିଶ୍ଚୟ । ତୁମେ ତ ବୟସରେ ବଡ଼ । ତୁମର ବୁଦ୍ଧି ବି ଅଧିକ । ତେଣୁ ତୁମ ଆଳୁ ଚାଷ ବଢ଼ିଆ ହୋଇଛି । ମୋର ସେଭଳି କରିବାର ଯୋଗ୍ୟତା ନାହିଁ । ଏହା ଶୁଣି ଭାଲୁର ମନ କୁଣ୍ଢେମୋଟ ହୋଇଗଲା । ବିଲୁଆ ଓ ଭାଲୁର କଥାବାର୍ତ୍ତା ସମୟରେ ଶୁଆଟିଏ ସେଇବାଟେ ଯାଉଥିଲା । ଭାଲୁ ଯେଉଁଦିନ ବିଲୁଆ ପାଖକୁ ଯାଇ ଆଳୁଚାଷ ସମ୍ପର୍କରେ ବୁଝୁଥିଲା, ସେଦିନ ବି ଶୁଆଟି ଗଛ ଡାଳରେ ରହି ସବୁ ଶୁଣିଥିଲା । ସେ ନିଜକୁ ସମ୍ଭାଳି ନ ପାରି ଭାଲୁକୁ କହିଲା- ମଉସା, ତୁମେ ବଡ଼ ଠକ । ତୁମକୁ ଆଳୁଚାଷ ବିଷୟରେ କିଛି ଜଣା ନ ଥିଲା । ବିଲୁଆ ଠାରୁ ଶିଖି ଆଳୁ ଚାଷ କଲ । ସେଥିରେ ବିଲୁଆକୁ ଧନ୍ୟବାଦ ନ ଦେଇ ନିଜକୁ ବୁଦ୍ଧିଆ ବୋଲି କହୁଛ, ଲାଜ ଲାଗୁନାହିଁ । ଏହା ଶୁଣି ଭାଲୁର ମୁହଁ ଶୁଖିଗଲା । ସେ ବିଲୁଆ ପାଖରେ ନିଜର ଭୁଲ ପାଇଁ କ୍ଷମା ପ୍ରାର୍ଥନା କଲା ।■

ଶିକ୍ଷାଶ୍ରୀ ଲେନ୍, କୁମ୍ଭାରପଡ଼ା, ପୁରୀ
ମୋ- ୯୭୭୬୨୩୮୫୨୨

## ପ୍ରହେଳିକା

ହେମନ୍ତ ଋତୁରେ ସେ ମାସ ଆସେ
ଧର୍ମ ମାସ ବୋଲି ରାଇଜ ହସେ
ବୃନ୍ଦାବତୀ ପାଶେ ବସିକି ଆଇ
ତପ ଜପ କରେ ପ୍ରଭୁଙ୍କୁ ଧ୍ୟାୟୀ
ଶିରୀ ମନ୍ଦିରରେ ହୁଏ ଗହଳି
ବ୍ରତ ପାଳିଥାନ୍ତି ହବିଷିଆଳୀ
ପଞ୍ଚୁକରେ ହୁଏ ଶରତ ରାସ
ଏବେ କୁହ ମିତ ସେ କେଉଁ ମାସ ।

ଉତ୍ତର-କାର୍ତ୍ତିକ ମାସ

ବାରଟିଏ ସିଏ କାର୍ତ୍ତିକ ମାସେ
ସାରା ଶୈବପୀଠ ଗହଳି ଦିଶେ
ସଭିଏଁ କରନ୍ତି ଜଳ ଅର୍ପଣ
ଶିବ କରିଥାନ୍ତି ରିଷ୍ଟ ଖଣ୍ଡନ
ଶୁଭ ବାର ବୋଲି ଖ୍ୟାତ
ଶିବ ପୂଜା କଲେ ପୂଣ୍ୟ ମିଳିଥାଏ
କୁହ ତା'ର ନାମ ମିତ ।

ଉତ୍ତର-ସୋମବାର

ରାମଚନ୍ଦ୍ର ବେହେରା
ତେନ୍ତୁଳିପଦା, ଜଗତସିଂହପୁର
ମୋ-୭୩୫୫୬୩୪୩୪୬

## ତୁଳି



ଅଦ୍ୱିତା ବିଶ୍ୱାଳ
ତୃତୀୟ ଶ୍ରେଣୀ
ଡିଏଭି ପବ୍ଲିକ୍ ସ୍କୁଲ
ପୋଖରୀପୁଟ
ଭୁବନେଶ୍ୱର



ଶାନ୍ତନୁ ଶାନ୍ତିସ୍ୱରୂପ
ଷଷ୍ଠ ଶ୍ରେଣୀ
ସରସ୍ୱତୀ ବିଦ୍ୟାମନ୍ଦିର
ଭୀମଟାଙ୍ଗି
ଭୁବନେଶ୍ୱର



କୀର୍ତ୍ତି କ୍ରିଷ୍ଣା ରାଉତ
ଅଷ୍ଟମ ଶ୍ରେଣୀ
ଓଡ଼ିଶା ଆଦର୍ଶ
ବିଦ୍ୟାଳୟ
ହଂସପଡ଼ା, ପୁରୀ



ଆରୁଷି ପଟ୍ଟନାୟକ
ପଞ୍ଚମ ଶ୍ରେଣୀ
ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର
ଶାନ୍ତାସାହି, କେନ୍ଦ୍ରାପଡ଼ା

## ଦ୍ୱିତୀୟ ଟେଷ୍ଟରେ ଜୟସ୍ୱାଲଙ୍କ ଅପରାଜିତ ଶତକ

# ପ୍ରଥମ ଦିନରେ ଭାରତ ୩୧୮ /୨

ନୂଆଦିଲ୍ଲୀ,୧୦।୧୦(ଏଜେନ୍ସି)

ଯୁବ ଓପନର ଯଶସ୍ୱୀ ଜୟସ୍ୱାଲଙ୍କର ଆକ୍ରମଣାତ୍ମକ ୧୭୩ ରନ୍ ସହାୟତାରେ ଏଠାରେ ୱେଷ୍ଟଇଣ୍ଡିଜ୍ ସହ ଆରମ୍ଭ ହୋଇଥିବା ଦ୍ୱିତୀୟ ଟେଷ୍ଟର ପ୍ରଥମ ଦିନରେ ଭାରତ ପ୍ରାଧାନ୍ୟ ବିସ୍ତାର କରିଛି। ଜୟସ୍ୱାଲ ତାଙ୍କ ଟେଷ୍ଟ କ୍ୟାରିୟରର ୭ମ ଶତକ ଓ ଦ୍ୱିତୀୟ ୱିକେଟ ଯୋଡିରେ ସାଇ ସୁଦର୍ଶନଙ୍କ ସହ ୧୯୩ ରନ୍ ସଂଗ୍ରହ କରିବା ଫଳରେ ପ୍ରଥମ ଦିନ ଷ୍ଟମ୍ପ ଅପସାରଣ ବେଳକୁ ଭାରତ ପ୍ରଥମ ଇନିଂସରେ ୨ ୱିକେଟ ହରାଇ ୩୧୮ ରନ୍ ସଂଗ୍ରହ କରିନେଇଛି। ଏହି ସମୟରେ ଜୟସ୍ୱାଲଙ୍କ ସହ ଅଧିନାୟକ ଶୁବମନ ଗିଲ ୨୦ ରନ୍‌ରେ ଅପରାଜିତ ରହିଛନ୍ତି। ଭାରତ ପକ୍ଷରୁ ଆଉଟ ହୋଇଥିବା ଦୁଇ ଖେଳାଳିଙ୍କ ମଧ୍ୟରୁ ଓପନର ଲୋକେଶ ରାହୁଲ ୩୮ ଓ ସୁଦର୍ଶନ ୮୭ ରନ୍ କରିଥିଲେ। ୱେଷ୍ଟଇଣ୍ଡିଜ୍ ପକ୍ଷରୁ ବାମହାତୀ ସ୍ପିନର ଜୋମେଲ ୱାରିକାନ ୨ଟି ଯାକ ୱିକେଟ ଅକ୍ତିଆର କରିଥିଲେ। ଟସ୍ ଜିତିଥିବା ଭାରତ ଏଠାରେ ସିରିଜ୍ ସୁଇପ୍ ଲକ୍ଷ୍ୟ ନେଇ ପ୍ରଥମେ ବ୍ୟାଟିଂ କରିଥିଲା। ଅନ୍ୟ ପକ୍ଷରେ କ୍ରମାଗତ କ୍ଲିନ୍ ସୁଇପ୍ ଏଡାଇବା ଲାଗି ୱେଷ୍ଟଇଣ୍ଡିଜ୍ ସମସ୍ତ ପ୍ରକାର ଉଦ୍ୟମ କରିବ ବୋଲି ଅଧିନାୟକ ରୋଷ୍ଟୋନ ଚେଜ୍ କହିଥିଲେ।



ଯଶସ୍ୱୀ ଜୟସ୍ୱାଲ: ୧୭୩*

ଏଠାରେ ଟସ୍ ଜିତିବା ପରେ ଶୁବମନ ଗିଲ୍ ପ୍ରଥମେ ବ୍ୟାଟିଂ କରିବାକୁ ନିଷ୍ପତ୍ତି ନେଇଥିଲେ। ଦୁଇ ଓପନର ଜୟସ୍ୱାଲ ଓ ରାହୁଲ ପ୍ରଥମ ୱିକେଟରେ ୫୮ ରନ୍ ଉଠାଇଥିଲେ। ଏମାନେ କୌଣସି ଅସୁବିଧାର ସମ୍ମୁଖୀନ ହୋଇ ନ ଥିଲେ ମଧ୍ୟ ପ୍ରତିପକ୍ଷ ବାମହାତୀ ସ୍ପିନର ଜୋମେଲ ୱାରିକାନ୍‌ଙ୍କ ପ୍ରଥମ ଓଭରରେ ଓଭର ଷ୍ଟେପ୍ କରି ସଟ୍ ମାରିବାକୁ ଚେଷ୍ଟା କରିଥିବା ରାହୁଲ ୩୮ ରନ୍‌ରେ ଷ୍ଟମ୍ପ୍ ଆଉଟ ହୋଇଯାଇଥିଲେ। ଯାହା ଫଳରେ ୱେଷ୍ଟଇଣ୍ଡିଜ୍‌କୁ ବ୍ରେକ୍ ଥ୍ରୁ ଦେବାରେ ୱାରିକାନ ସମର୍ଥ ହୋଇଥିଲେ। ରାହୁଲଙ୍କ ଆଉଟ ପରେ ଜୟସ୍ୱାଲଙ୍କ ଓ ସାଇ ସୁଦର୍ଶନ ଲଞ୍ଚ୍ ସୁଦ୍ଧା ୧ ୱିକେଟରେ ୯୪ ରନ୍ କରିଥିଲା। ଲଞ୍ଚ୍ ପରେ ଉଭୟ ଖେଳାଳି ଆକ୍ରମଣାତ୍ମକ ବ୍ୟାଟିଂ କରି ଉନ୍ନତ ହାରରେ ରନ୍ ସଂଗ୍ରହ କରିଥିଲେ। ଯାହା ଫଳରେ ସୁଦର୍ଶନ ୫୮ ରନ୍ କରିଥିଲାବେଳେ ଆଉଟ ହେବାର ଏକ ସୁଯୋଗ ଦେଇଥିଲେ। ତାହାକୁ କିନ୍ତୁ ୱେଷ୍ଟଇଣ୍ଡିଜ୍ ହାତଛଡ଼ା କରିଥିଲା। ଯାହା ଫଳରେ ଜୟସ୍ୱାଲ ଓ ସୁଦର୍ଶନଙ୍କ ଭାଗୀଦାରିରୁ ୧୯୩ ରନ୍ ମିଳିଥିଲା। ସୁଦର୍ଶନ ତାଙ୍କ ସ୍ୱଳ୍ପ ଟେଷ୍ଟ କ୍ୟାରିୟରରେ ଦ୍ୱିତୀୟ ଅର୍ଦ୍ଧଶତକ ହାସଲ କରିଥିଲେ। ଅନ୍ୟ ପକ୍ଷରେ ଜୟସ୍ୱାଲ ୨୬ତମ ଟେଷ୍ଟରେ ୭ମ ଶତକ ହାସଲ କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ଏହି ୭ଟି ଶତକ ମଧ୍ୟରେ ସେ ୫ମଥର ଲାଗି ୧୫୦ କିମ୍ବା ତା'ଠାରୁ ଅଧିକ ରନ୍ ସଂଗ୍ରହ କରିଥିଲେ। ଏହା ମଧ୍ୟରେ ୱେଷ୍ଟଇଣ୍ଡିଜ୍ ବିପକ୍ଷ ଡେବ୍ୟୁ ଟେଷ୍ଟରେ ୧୭୧ ରନ୍ ସାମିଲ। ଟେଷ୍ଟର ପ୍ରଥମ ଦିନରେ ଜୟସ୍ୱାଲ ଭାରତ ଲାଗି ଚତୁର୍ଥ ସର୍ବାଧିକ ସ୍କୋର କରିଛନ୍ତି। ତାଙ୍କ ପୂର୍ବରୁ ୨୦୦୭ରେ କୋଲକାତା ଟେଷ୍ଟର ପାକିସ୍ତାନ ବିପକ୍ଷରେ ୱାସିମ୍ ଜାଫର ୧୯୨, ୨୦୧୭ ଗଲ ଟେଷ୍ଟର ଶ୍ରୀଲଙ୍କା ବିପକ୍ଷରେ ଶିଖର ଧାୱନ ୧୯୦ ଓ ୨୦୨୪ ଭାଇଜାଗ ଟେଷ୍ଟରେ ଇଂଲଣ୍ଡ ବିପକ୍ଷରେ ଜୟସ୍ୱାଲ ୧୭୯ ରନ୍ କରିଥିଲେ।

ତୃତୀୟ ସେସନରେ ସୁଦର୍ଶନଙ୍କ ଆଉଟ ହେବା ପରେ ଜୟସ୍ୱାଲଙ୍କ ସହ ଯୋଗ ଦେଇ ଅଧିନାୟକ ଶୁବମନ ଗିଲ ଆକ୍ରମଣାତ୍ମକ ବ୍ୟାଟିଂ କରିଥିଲେ। ଉଭୟ ଖେଳାଳିଙ୍କ ଡିଫେନ୍ସ ଏତେ ଷ୍ଟ୍ରଙ୍ଗ୍ ହୋଇଥିଲା ଯେ, ୱେଷ୍ଟଇଣ୍ଡିଜ୍ ବୋଲରମାନେ ଆଉଟ କରିବାକୁ ସୁଯୋଗ ସୃଷ୍ଟି କରିପାରି ନ ଥିଲେ। ଗିଲ ୨୦ ରନ୍ କରି ଜୟସ୍ୱାଲଙ୍କ ସହ ଅପରାଜିତ ରହିଥିଲେ। ସେ ୨୫୩ଟି ବଲ୍‌ର ସାମ୍ନା କରି ୨୨ ଚୌକା ସହ ୧୭୩ ରନ୍ କରି ଶେଷଯାଏ ଅପରାଜିତ ରହିଥିଲେ।

ୱେଷ୍ଟଇଣ୍ଡିଜ୍ ପକ୍ଷରୁ କୌଣସି ବୋଲର ଭାରତୀୟ ବ୍ୟାଟରଙ୍କ ଉପରେ ପ୍ରଭାବ ବିସ୍ତାର କରିବାରେ ସମର୍ଥ ହୋଇ ନ ଥିଲେ। କିନ୍ତୁ ୨ରୁ ୩ଟି ସ୍ପେଲ୍‌ରେ ଟାଇଟ ବୋଲିଂ କରି ରନ୍ ସଂଗ୍ରହ ହାର କମାଇଦେଇଥିଲେ। ଦଳର ବାମହାତୀ ସ୍ପିନର ଜୋମେଲ ୱାରିକାନ୍‌ଙ୍କୁ ୨ଟି ଯାକ ଭାରତୀୟ ୱିକେଟ ମିଳିଥିଲା। ରାହୁଲଙ୍କୁ ଆଉଟ କରିବା ଲାଗି ସେ ୮.୪ ଡିଗ୍ରି ଓ ସୁଦର୍ଶନଙ୍କୁ ଏଲବିଡବ୍ଲ୍ୟୁ କରିବାକୁ ୬.୪ ଡିଗ୍ରିରେ ବଲ ଟର୍ଣ୍ଣ କରାଇଥିଲେ। ଏହାକୁ ବାଦ୍ ଦେଲେ ଆଉ କୌଣସି ବଲ ଏତେ ଟର୍ଣ୍ଣ ନେଇ ନ ଥିଲା। ପ୍ରଥମ ଟେଷ୍ଟରେ ଇନିଂସ ବିଜୟ ହାସଲ କରିଥିବା ଭାରତୀୟ ଦଳ କୌଣସି ଖେଳାଳି ପରିବର୍ତ୍ତନ ନ କରି ଏହି ମ୍ୟାଚ୍ ଖେଳିଥିଲା। କିନ୍ତୁ ୱେଷ୍ଟଇଣ୍ଡିଜ୍ ଦୁଇ ଜଣ ଖେଳାଳି ବଦଳାଇଥିଲା। ବ୍ରାଣ୍ଡନ କିଙ୍ଗ୍‌ଙ୍କ ସ୍ଥାନରେ ଯୁବ ୱିକେଟରକ୍ଷକ ଟେଭିନ ଇମ୍‌ଲାଚ୍ ଏଠାରେ ଡେବ୍ୟୁ କରିଛନ୍ତି। ସେହିପରି ଜୋହାନ ଲେନ୍‌ଙ୍କ ସ୍ଥାନରେ ଆଣ୍ଡରସନ ଫିଲିପ୍‌ଙ୍କୁ ସାମିଲ କରାଯାଇଛି।

### ସ୍କୋର ବୋର୍ଡ

**ଭାରତ ପ୍ରଥମ ଇନିଂସ : ୩୧୮ /୨, ୯୦ ଓଭର**
(ଯଶସ୍ୱୀ ଜୟସ୍ୱାଲ-ବ୍ୟାଟିଂ-୧୭୩, ଲୋକେଶ ରାହୁଲ-ଷ୍ଟମ୍ପ୍. ଇମ୍‌ଲାଚ୍ ବୋ.ୱାରିକାନ୍-୩୮, ସାଇ ସୁଦର୍ଶନ-ଏଲ୍‌ବିଡବ୍ଲ୍ୟୁ ବୋ.ୱାରିକାନ୍-୮୭, ଶୁବମନ ଗିଲ-ବ୍ୟାଟିଂ-୨୦, ଅତିରିକ୍ତ-୦)।
ୱିକେଟ ପତନ: ୧/୫୮ (ରାହୁଲ), ୨/୨୫୧ (ସୁଦର୍ଶନ)।
ବୋଲିଂ ବିଶ୍ଳେଷଣ (ୱେଷ୍ଟଇଣ୍ଡିଜ୍): ଜେଡେନ ସିଲ୍ସ: ୧୬-୧-୫୯-୦, ଆଣ୍ଡରସନ ଫିଲିପ୍: ୧୩-୨-୪୪-୦, ଜଷ୍ଟିନ ଗ୍ରିଭ୍‌ସ: ୮-୧-୨୬-୦, ଖାରୀ ପିଏରେ: ୨୦-୧-୭୪-୦, ଜୋମେଲ ୱାରିକାନ୍: ୨୦-୩-୬୦-୨, ରୋଷ୍ଟୋନ ଚେଜ୍: ୧୩-୦-୫୫-୦।

## କିଂବଦନ୍ତିଙ୍କ ସହ ସମକକ୍ଷ ହେଲେ ଓପନର୍ ଯଶସ୍ୱୀ

ନୂଆଦିଲ୍ଲୀ,୧୦।୧୦(ଏଜେନ୍ସି): ଏଠାରେ ୱେଷ୍ଟଇଣ୍ଡିଜ୍ ସହ ଆରମ୍ଭ ହୋଇଥିବା ଦ୍ୱିତୀୟ ଟେଷ୍ଟର ପ୍ରଥମ ଦିନରେ ଭାରତୀୟ ଓପନର ଯଶସ୍ୱୀ ଜୟସ୍ୱାଲ ୧୭୩ ରନ୍ କରି କିଂବଦନ୍ତିଙ୍କ ସହ ସକମକ୍ଷ ହୋଇପାରିଛନ୍ତି। ୧୪୫ ବଲ୍‌ରେ ୭ମ ଟେଷ୍ଟ ଶତକ ହାସଲ କରିଥିବା ଏହି ଯୁବ ଓପନର ଏକ ମାଇଲଖୁଣ୍ଟ ଅତିକ୍ରମ କରିଛନ୍ତି। ୨୪ ବର୍ଷ ବୟସ ହେବା ପୂର୍ବରୁ ଜୟସ୍ୱାଲ ୭ଟି ଶତକ ହାସଲ କରି ପାକିସ୍ତାନର ଜାଭେଦ୍ ମିଆଁଦାଦ୍, ଦକ୍ଷିଣଆଫ୍ରିକାର ଗ୍ରେମ୍ ସ୍ମିଥ୍, ଇଂଲଣ୍ଡର ଆଲିଷ୍ଟର କୁକ୍ ଓ ନ୍ୟୁଜିଲାଣ୍ଡର କେନ୍ ୱିଲିୟମସନଙ୍କ ସହ ସମକକ୍ଷ ହୋଇଛନ୍ତି। ଏମାନଙ୍କଠାରୁ କେବଳ ୩ଜଣ ଖେଳାଳି ୨୪ ବର୍ଷ ବୟସରେ ଅଧିକ ଶତକ ହାସଲ କରିବାର ରେକର୍ଡ କରିଛନ୍ତି। ସେମାନେ ହେଲେ ଡନ୍ ବ୍ରାଡ୍‌ମ୍ୟାନ୍ ୧୨ଟି, ସଚିନ ତେନ୍ଦୁଲକର ୧୧ଟି ଓ ଗାରଫିଲ୍ଡ ସୋବର୍ସ ୯ଟି ଶତକ ହାସଲ କରିଥିଲେ। ଯଶସ୍ୱୀ ଜୟସ୍ୱାଲ ଟେଷ୍ଟ ଡେବ୍ୟୁ କରିବା ପରେ ୭ଟି ଶତକ ହାସଲ କରିଥିଲାବେଳେ ତାଙ୍କର ପାର୍ଟନର ହୋଇଥିବା ସମସ୍ତ ଖେଳାଳି ମାତ୍ର ୬ଟି ଶତକ କରିପାରିଛନ୍ତି। ଏହି ସମୟରେ ଇଂଲଣ୍ଡର ବେନ୍ ଡକେଟ ୪ଟି ଶତକ ହାସଲ କରି ଦ୍ୱିତୀୟ ସ୍ଥାନରେ ରହିଛନ୍ତି। ଏହାଛଡ଼ା ଅନ୍ତର୍ଜାତୀୟ କ୍ରିକେଟରେ ଯଶସ୍ୱୀ ୫୦ତମ ମ୍ୟାଚ୍‌ରେ ୩୦୦୦ ରନ୍ ପୂରଣ କରିବାରେ ସମର୍ଥ ହୋଇଛନ୍ତି। ଏହି ରନ୍ ସହ ସେ କେତେ ପରିପକ୍ୱ ହୋଇଛନ୍ତି, ତାହାର ଝଲକ ଏଠାରେ ଦେଇଛନ୍ତି।

■ ମହିଳା ବିଶ୍ୱକପ୍ କ୍ରିକେଟ

## ବାଂଲାର ଶୋଚନୀୟ ପରାଜୟ

ଗୁଆହାଟୀ,୧୦।୧୦(ଏଜେନ୍ସି): ଏଠାରେ ଶୁକ୍ରବାର ଅନୁଷ୍ଠିତ ନ୍ୟୁଜିଲାଣ୍ଡ ବିପକ୍ଷ ମହିଳା ବିଶ୍ୱକପ୍ ମୁକାବିଲାରେ ବାଂଲାଦେଶ ଶୋଚନୀୟ ପ୍ରଦର୍ଶନ କରିଛି। ନ୍ୟୁଜିଲାଣ୍ଡ ପ୍ରଦତ୍ତ ୨୨୮ ରନ୍‌ର ବିଜୟ ଲକ୍ଷ୍ୟକୁ ପିଛା କରି ୨୭ ଓଭର ଖେଳ ଶେଷସୁଦ୍ଧା ବାଂଲାଦେଶ ୭ ୱିକେଟରେ ୭୫ ରନ୍ କରି ପରାଜୟର ସମ୍ମୁଖୀନ ହୋଇଛି। ଏହି ସମୟରେ ଫାହିମା ଖାତୁନ ୧୯ ଓ ରାବେୟା ଖାନ୍ କୌଣସି ରନ୍ ନକରି ବ୍ୟାଟିଂ କରୁଥିଲେ। ନ୍ୟୁଜିଲାଣ୍ଡ ପକ୍ଷରୁ ୩ ପେସ ବୋଲର ରୋଜ୍‌ମେରୀ ମେୟାର, ଜେସ୍ କେର ଓ ଲିଆ ତାହୁହୁ ୨ଟି ଲେଖାଏଁ ୱିକେଟ ନେଇ ବାଂଲାର ବ୍ୟାଟିଂ ବିପର୍ଯ୍ୟୟ ରଚନା କରିଥିଲେ। ପୂର୍ବରୁ ଅଧିନାୟିକା ସୋଫି ଡିଭାଇନଙ୍କ ୬୩ ଓ ବ୍ରୁକ୍ ହ୍ୟାଲିଡେ'ଙ୍କ ୬୯ ରନ୍ ସହାୟତାରେ ପ୍ରଥମେ ବ୍ୟାଟିଂ କରି ନ୍ୟୁଜିଲାଣ୍ଡ ନିର୍ଦ୍ଧାରିତ ୫୦ ଓଭରରେ ୯ ୱିକେଟ ହରାଇ ୨୨୭ ରନ୍ କରିଥିଲା। ଅନ୍ୟମାନଙ୍କ ମଧ୍ୟରେ ସୁଜି ବେଟ୍ସ ୨୯ ଓ ମ୍ୟାଡି ଗ୍ରୀନ୍ ୨୫ ରନ୍ କରି ଉପଯୋଗୀ ସହାୟତା ଦେଇଥିଲେ। ବାଂଲା ପକ୍ଷରୁ ରାବେୟା ଖାନ୍ ସର୍ବାଧିକ ୩ଟି ୱିକେଟ ପାଇଥିଲେ।

**ଆଜିର ମ୍ୟାଚ୍**
ଇଂଲଣ୍ଡ-ଶ୍ରୀଲଙ୍କା
ଆରମ୍ଭ : ଅପରାହ୍ଣ ୩ଟା
ସ୍ଥାନ : କଲମ୍ବୋ

● ସିକେ ନାଇଡୁ ଟ୍ରଫି

## ସାଇଦୀପଙ୍କୁ ରାଜ୍ୟ ଦଳର ନେତୃତ୍ୱ

କଟକ,୧୦।୧୦(ସମିସ): ଆସନ୍ତା ୧୬ ତାରିଖରୁ ୨୩ବର୍ଷରୁ କମ୍ ପୁରୁଷ ସି.କେ ନାଇଡୁ ଟ୍ରଫି ଆରମ୍ଭ ହେବ। ଏଥି ନିମନ୍ତେ ଆଜି ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ପକ୍ଷରୁ ୧୫ଜଣିଆ ରାଜ୍ୟ ଦଳ ଘୋଷଣା କରାଯାଇଛି। ଏହି ପରିପ୍ରେକ୍ଷୀରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ବରିଷ୍ଠ ଦଳ ଚୟନ କମିଟି ସଦସ୍ୟ ଅବକାଶ ଖଟୁଆ, ୨୩ବର୍ଷରୁ କମ୍ ପୁରୁଷ ଦଳର ମୁଖ୍ୟ କୋଚ୍ ସୁବିତ ବିଶ୍ୱାଳ, ସହକାରୀ କୋଚ୍ ବିଭୂଦତ୍ତ ପଣ୍ଡା ଉପସ୍ଥିତ ରହି ଦଳ ଘୋଷଣା ନେଇ ସୂଚନା ଦେଇଥିଲେ। ସାଇଦୀପ ମହାପାତ୍ର ରାଜ୍ୟ ଦଳର ନେତୃତ୍ୱ ନେବେ। ଓମ ଟି ମୁଣ୍ଡେଙ୍କୁ ଦଳର ଉପଅଧିନାୟକ ଦାୟିତ୍ୱ ମିଳିଛି। ଦଳରେ ଆୟୁଷ ସୂତାର, ପାନକଳ ଶଶାଙ୍କ, ଶ୍ରେୟାଂଶ ଭରଦ୍ୱାଜ, ସୁଜଳ ସିଂହ, ଦିନେଶ ମାଝୀ(ୱିକେଟ କିପର), ଆକାଶ ମହାପାତ୍ର(ୱିକେଟ କିପର), ବିମଳ କୁମାର, ମହମ୍ମଦ ଡାନିସ୍, ସୌମ୍ୟ ରଞ୍ଜନ ଲେଙ୍କା, ଆୟୁଷ ବାରିକ, ରିତେଶ ପ୍ରିୟରଞ୍ଜନ, ମହମ୍ମଦ ସୋହେଲ, ଆଶୁତୋଷ ଛୁରିଆ ସ୍ଥାନ ପାଇଛନ୍ତି। ହାଇଦ୍ରାବାଦର ରାଜୀବ ଗାନ୍ଧି ଅନ୍ତର୍ଜାତୀୟ ଷ୍ଟାଡିୟମରେ ୧୬ରୁ ୧୯ ତାରିଖ ପର୍ଯ୍ୟନ୍ତ ଘରୋଇ ହାଇଦ୍ରାବାଦ ବିପକ୍ଷରେ ଓଡ଼ିଶା ପ୍ରଥମ ମ୍ୟାଚ୍ ଖେଳିବ।

● ଜାତୀୟ ଜୁ ଜିତ୍ସୁ ପ୍ରତିଯୋଗିତା

## ପ୍ରଥମ ଦିନରେ ଓଡ଼ିଶାକୁ ୬ ପଦକ




ଭୁବନେଶ୍ୱର,୧୦।୧୦(ସମିସ): ଜାତୀୟ ୨୧ ବର୍ଷରୁ କମ୍ ଏବଂ ବରିଷ୍ଠ ଜାତୀୟ ଜୁ ଜିତ୍ସୁ ପ୍ରତିଯୋଗିତାର ପ୍ରଥମ ଦିନରେ ଓଡ଼ିଶାକୁ ୬ଟି ପଦକ ମିଳିଛି। ଉତ୍ତରପ୍ରଦେଶର ସାହରଣପୁରଠାରେ ଅନୁଷ୍ଠିତ ଏହି ପ୍ରତିଯୋଗିତାରେ ଓଡ଼ିଶାର ଖେଳାଳିମାନେ ୩ ସ୍ୱର୍ଣ୍ଣ ଓ ୩ ରୌପ୍ୟ ପଦକ ହାସଲ କରିଛନ୍ତି। ବରିଷ୍ଠ ମହିଳା ଫାଇଟିଂ ସିଷ୍ଟମରେ ଅନୁପମା ସ୍ୱାଇଁ ଓ ରୋଜାଲିନ୍ ପାଲ, ୨୧ ବର୍ଷରୁ କମ୍ ନେ-ୱାଜାର ୪୫ କିଲୋଗ୍ରାମ୍‌ରେ ସୁମନ୍ତ କୁମାର ସାହୁ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଛନ୍ତି। ବରିଷ୍ଠ ଫାଇଟିଂରେ ନିରୁପମା ସ୍ୱାଇଁ, ବିଦ୍ୟା ପୃଷ୍ଟି ଓ ପ୍ରିୟଦର୍ଶିନୀ ଘଟୁଆରୀ ରୌପ୍ୟ ପଦକ ହାସଲ କରିଛନ୍ତି।

● ୧୯ ବର୍ଷରୁ କମ୍ ମହିଳା ଟି-୨୦

## ୧୬ ଜଣିଆ ରାଜ୍ୟ ଦଳ ଘୋଷିତ

କଟକ,୧୦।୧୦(ସମିସ): ଅକ୍ଟୋବରୁ ୨୬ରୁ ୧୯ ବର୍ଷରୁ କମ୍ ମହିଳା ଟି-୨୦ ଟ୍ରଫି ଆରମ୍ଭ ହେବ। ଆଜି ଓସିଏ ସମ୍ମିଳନୀ କକ୍ଷରେ ମହିଳା ଚୟନ କମିଟି ସଦସ୍ୟା ଶୁଭ୍ରାଂଶୁବାଳା ଭୂୟାଁ ଓ ୧୯ ବର୍ଷରୁ କମ୍ ମହିଳା ଦଳ କୋଚ୍ କାଦମ୍ବିନୀ ମହାକୁଡ ଉପସ୍ଥିତ ରହି ରାଜ୍ୟ ଦଳ ଘୋଷଣା କରିଥିଲେ। ଘୋଷିତ ୧୬ଜଣିଆ ଦଳରେ ପ୍ରିୟଙ୍କାରୀ ମୁଦୁଲିଙ୍କୁ ନେତୃତ୍ୱ ଦିଆଯାଇଛି। ଅନନ୍ୟା ପ୍ରିୟଦର୍ଶିନୀ ରାଉତ, ଆଞ୍ଚେଲ ରାଜ(ୱିକେଟ କିପର), ଅନୁଷ୍କା ମହାନ୍ତି(ୱିକେଟ କିପର), ଅନ୍ୱେଷା ବିଶ୍ୱାଳ, ଅର୍ଚ୍ଚନା ରାଉତ, ବିଜୟଲକ୍ଷ୍ମୀ ବେହେରା, ଇପସିତା ପରିଡା, ଯଶମଣି ମୁର୍ମୁ, ମେଘା ପ୍ରଧାନ, ଶୁଭଶ୍ରୀ ପ୍ରିୟଦର୍ଶିନୀ ପରମାଣିକ, ଶୀତଲ ରାଉତ, ଶ୍ରେୟା ପ୍ରିୟଦର୍ଶିନୀ, ଶୁଭଲକ୍ଷ୍ମୀ ସିଂହ, ସ୍ୱାତିକା ବେହେରା, ଯୁବଲୀପି ପରିଡ଼ା ଦଳରେ ରହିଛନ୍ତି। ରାୟପୁରର ଆରଡିସିଏ ଗ୍ରାଉଣ୍ଡରେ ସୌରାଷ୍ଟ୍ର ବିପକ୍ଷରେ ଓଡ଼ିଶା ପ୍ରଥମ ମ୍ୟାଚ୍ ଖେଳିବ।

ସ୍ୱତନ୍ତ୍ର ଭାରତ ଅଲିମ୍ପିକ୍ସ ବାସ୍କେଟବଲ

## ଓଡ଼ିଶା ପୁରୁଷ ଦଳକୁ କାଂସ୍ୟ




ଭୁବନେଶ୍ୱର,୧୦।୧୦(ସମିସ): ସ୍ୱତନ୍ତ୍ର ଭାରତ ଅଲିମ୍ପିକ୍ସରେ ପ୍ରଥମଥର ଆୟୋଜିତ ବାସ୍କେଟବଲ ଜାତୀୟ ପ୍ରତିଯୋଗିତାରେ ଓଡ଼ିଶା ପୁରୁଷ ଦଳ କାଂସ୍ୟ ପଦକରେ ସନ୍ତୁଷ୍ଟ ହୋଇଛି। ଖୋର୍ଦ୍ଧାର କେଟି ଗ୍ଲୋବାଲ ସ୍କୁଲ ପରିସରରେ ଅକ୍ଟୋବର ୫ରୁ ୯ ତାରିଖଯାଏ ୪ଟି ଦଳକୁ ନେଇ ଏହି ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ଏଥିରେ ଓଡ଼ିଶା ପ୍ରଥମ ମ୍ୟାଚ୍‌ରେ ଉତ୍ତରପ୍ରଦେଶକୁ ୧୮-୪ ପଏଣ୍ଟରେ ପରାସ୍ତ କରିଥିଲା। ଏହା ପରେ ଦଳ ମହାରାଷ୍ଟ୍ରଠାରୁ ୧୨-୧୧ ଓ ପୁଡୁଚେରୀଠାରୁ ୧୪-୪ ପଏଣ୍ଟରେ ପରାଜିତ ହୋଇଥିଲା। ଏଭଳି ଏକ ପ୍ରତିଯୋଗିତାରେ ଓଡ଼ିଶା ପ୍ରଥମଥର ଅଂଶଗ୍ରହଣ କରିଥିଲା। ଭୁବନେଶ୍ୱରର ଦେବାଶିଷ ଏହି ଦଳର ନେତୃତ୍ୱ ନେଇଥିଲେ। ଓଡ଼ିଶା ସରକାରଙ୍କ କ୍ରୀଡ଼ା ବିଭାଗ ଏହି ଟୁର୍ଣ୍ଣାମେଣ୍ଟ ଆୟୋଜନ ଲାଗି ସମସ୍ତ ପ୍ରକାର ସହାୟତା ଯୋଗାଇଦେଇଥିଲେ।

ଏସିଆ ରଗ୍‌ବୀ ଏମିରେଟ୍ସ ସେଭେନ ସିରିଜ୍

## କିସ୍‌ର ଡୁମୁଣି ଭାରତର ଉପଅଧିନାୟିକା

ଭୁବନେଶ୍ୱର,୧୦।୧୦ (ସମିସ): କିସ୍‌ର ଛାତ୍ରୀ ଡୁମୁଣି ମାର୍ଣ୍ଡି ଏସିଆ ରଗ୍‌ବୀ ସେଭେନ୍ସ ସିରିଜ୍ ଲାଗି ଭାରତୀୟ ମହିଳା ଦଳର ଉପଅଧିନାୟିକା ମନୋନୀତ ହୋଇଛନ୍ତି। ଭାରତୀୟ ରଗ୍‌ବୀ ଫୁଟବଲ ୟୁନିଅନ ପକ୍ଷରୁ ଘୋଷିତ ଭାରତୀୟ ଦଳରେ ଓଡ଼ିଶାରୁ ୪ଜଣ ସ୍ଥାନ ପାଇଥିଲାବେଳେ କିସ୍‌ରୁ ୩ଜଣ ରହିଛନ୍ତି। କିସ୍‌ର ଅନ୍ୟ ଦୁଇ ଖେଳାଳି ହେଲେ ତରୁଲତା ନାୟକ ଓ ନିର୍ମାଲ୍ୟ ରାଉତ। ମୟୂରଭଞ୍ଜର ସନ୍ଧ୍ୟାରାଣୀ ଟୁଡୁ ଚତୁର୍ଥ ଓଡ଼ିଆ ଖେଳାଳି ଭାବେ ଏହି ଦଳରେ ସ୍ଥାନ ପାଇଛନ୍ତି। ଶ୍ରୀଲଙ୍କାର କଲମ୍ବୋଠାରେ ଏହି ସିରିଜ୍ ଅକ୍ଟୋବର ୧୮ ଓ ୧୯ ତାରିଖ ଦୁଇ ଦିନ ଧରି ଖେଳାଯିବ। କୋଲକାତାର ସାଇ ସେଣ୍ଟରଠାରେ ଅନୁଷ୍ଠିତ ନ୍ୟାସନାଲ କୋଚିଂ କ୍ୟାମ୍ପରେ ଏହି ଖେଳାଳିମାନେ ପ୍ରଶିକ୍ଷଣ ନେଇଥିଲେ। ଭାରତ ଲାଗି ମନୋନୀତ ସମସ୍ତ ଖେଳାଳିଙ୍କୁ କିଟ୍ ତଥା କିସ୍‌ର ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ଅଭିନନ୍ଦନ ଜଣାଇଛନ୍ତି।




ନିର୍ମାଲ୍ୟ ରାଉତ, ଡୁମୁଣି ମାର୍ଣ୍ଡି ଓ ତରୁଲତା ନାୟକ

## କଳିଙ୍ଗ ଷ୍ଟାଡିୟମରେ ଏସୀୟ ଟିଟି ଟିମ୍ ଚାମ୍ପିଅନସିପ୍ ଆଜିଠାରୁ

ଭୁବନେଶ୍ୱର, ୧୦।୧୦ (ସମିସ)

ସ୍ଥାନୀୟ ଆଇକନିକ୍ କଳିଙ୍ଗ ଷ୍ଟାଡ଼ିୟମ୍ ଆଥଲେଟିକ୍ସ ସେଣ୍ଟର ଠାରେ ଆସନ୍ତାକାଲି ଠାରୁ ଅର୍ଥାତ୍ ଅକ୍ଟୋବର ୧୧ ତାରିଖରୁ ୧୫ ତାରିଖ ପର୍ଯ୍ୟନ୍ତ ଆଇଆଇଟିଏଫ-ଏଟିଟିୟୁ ଏସୀୟ ଟେବୁଲ ଟେନିସ୍ ଟିମ୍ ଚାମ୍ପିଅନସିପ୍‌ର ଆୟୋଜନ କରାଯିବ। ଅନ୍ତର୍ଜାତୀୟ ଟେବୁଲ ଟେନିସ୍ ମହାସଂଘ, ଭାରତୀୟ ଟେବୁଲ ଟେନିସ୍ ମହାସଂଘ, ଏସିଆନ୍ ଟେବୁଲ ଟେନିସ୍ ୟୁନିୟନ, ଓଡ଼ିଶା ଟେବୁଲ ଟେନିସ୍ ଆସୋସିଏସନ ଏବଂ ଓଡ଼ିଶା କ୍ରୀଡ଼ା ଓ ଯୁବସେବା ବିଭାଗର ମିଳିତ ଆନୁକୂଲ୍ୟରେ ଏହି ପ୍ରତିଯୋଗିତାର ଆୟୋଜନ କରାଯିବ। ଦୀର୍ଘ ୧୬ ବର୍ଷ ପରେ ଭାରତରେ ଏସୀୟ ଟେବୁଲ ଟେନିସ୍ ଚାମ୍ପିୟନସିପ୍‌ର ଆୟୋଜନ କରାଯାଉଛି। ଓଡ଼ିଶାରେ ପ୍ରଥମ ଥର ପାଇଁ ଏହି ଏସୀୟ ଟେବୁଲ ଟେନିସ୍ ଟିମ୍ ଚାମ୍ପିୟନସିପ୍ ଆୟୋଜିତ ହେଉଛି।


୨୮ତମ ଆଇଆଇଟିଏଫ-ଏଟିଟିୟୁ ଏସୀୟ ଟେବୁଲ ଟେନିସ୍ ଟିମ୍ ଚାମ୍ପିୟନସିପରେ ପ୍ରାୟ ୨୨ଟି ଦେଶ ଯଥା ଭାରତ, ଚୀନ, ଜାପାନ, କୋରିଆ ରିପବ୍ଲିକ, ଡେମୋକ୍ରାଟିକ ପିପୁଲ୍ସ ରିପବ୍ଲିକ ଅଫ କୋରିଆ, ତାଇୱାନ, ହଙ୍ଗକଙ୍ଗ, ସିଙ୍ଗାପୁର, ଚାଇନିଜ ମକାଓ, ବାଙ୍ଗଲାଦେଶ, ଇରାନ, କାଜାକିସ୍ତାନ, କିରଗୀଜସ୍ତାନ, ମାଲେସିଆ, ମାଳଦୀପ, ମଙ୍ଗୋଲିଆ, ନେପାଳ, ଓମାନ, କତାର, ଶ୍ରୀଲଙ୍କା, ଥାଇଲାଣ୍ଡ, ଉଜବେକିସ୍ତାନରୁ ୫୦୦ରୁ ଉର୍ଦ୍ଧ୍ୱ କ୍ରୀଡ଼ାବିତ୍, ସପୋର୍ଟ ଷ୍ଟାଫ ଆଦି ଅଂଶଗ୍ରହଣ କରିଛନ୍ତି। ଉଭୟ ପୁରୁଷ ଓ ମହିଳା ଟିମ୍ ଏହି ଚାମ୍ପିୟନସିପ୍‌ରେ ଅଂଶଗ୍ରହଣ କରୁଛନ୍ତି। ଏହି ଚାମ୍ପିୟନସିପ୍‌ରେ ସର୍ବଶ୍ରେଷ୍ଠ ପ୍ରଦର୍ଶନ କରିଥିବା ଟିମ୍ ଗୁଡ଼ିକ ଆଗାମୀ ଦିନରେ ଲଣ୍ଡନରେ ଆୟୋଜିତ ହେବାକୁ ଥିବା ଆଇଆଇଟିଏଫ ୱାର୍ଲ୍ଡ଼ ଟେବୁଲ ଟେନିସ୍ ଟିମ୍ ଚାମ୍ପିୟନସିପ୍-୨୦୨୬ ପାଇଁ ଯୋଗ୍ୟ ବିବେଚିତ ହେବେ ବୋଲି ଏକ ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ। ସେ ଆହୁରି ମଧ୍ୟ କହିଛନ୍ତି ଯେ, ବିଶ୍ୱର ଟପ୍ ର୍‌ୟାଙ୍କିଙ୍ଗ ଟେବୁଲ ଟେନିସ୍ ଖେଳାଳିମାନେ ଏହି ୨୮ତମ ଆଇଆଇଟିଏଫ-ଏଟିଟିୟୁ ଏସୀୟ ଟେବୁଲ ଟେନିସ୍ ଟିମ୍ ଚାମ୍ପିଅନସିପ୍‌ରେ ଅଂଶ ଗ୍ରହଣ କରିଛନ୍ତି। ଭାରତରୁ ମହିଳା ବିଭାଗରେ ଶ୍ରୀଜା ଅକୁଲା, ମନିକା ବତ୍ରା, ଦିୟା ଚିତଲେ, ଯଶସ୍ୱିନୀ ଘୋରପଡ଼େ, ସ୍ୱସ୍ତିକା ଘୋଷ ଏବଂ ପୁରୁଷ ବିଭାଗରେ ଅଙ୍କୁର ଭଟ୍ଟାଚାର୍ଯ୍ୟ, ପୟାସ ଜୈନ୍, ମାନୁଷ ଶାହା, ସ୍ନେହିତ ସୁରବଜ୍ଜୁଲା, ମାନବ ଠକ୍କର ଆଦି କ୍ରୀଡାବିତ୍ ଅଂଶଗ୍ରହଣ କରିଛନ୍ତି। ଇତି ମଧ୍ୟରେ ବିଭିନ୍ନ ଦେଶରୁ କ୍ରୀଡ଼ାବିତ୍‌ମାନେ ଆସି ଭୁବନେଶ୍ୱର ଠାରେ ପହଞ୍ଚିଛନ୍ତି। ଖେଳାଳୀମାନେ ପ୍ରତିଯୋଗିତା ପାଇଁ ନିଜର ଅଭ୍ୟାସ ମଧ୍ୟ ଆରମ୍ଭ କରିଛନ୍ତି। ପ୍ରତିଯୋଗିତାକୁ ସଫଳତାର ସହ ଆୟୋଜନ କରିବା ନିମନ୍ତେ ସମସ୍ତ ପ୍ରକାର ପ୍ରସ୍ତୁତିକୁ ବିଭାଗ ପକ୍ଷରୁ ସୁନିଶ୍ଚିତ କରାଯାଇଛି। ଏହି ଅନ୍ତର୍ଜାତୀୟ ଟୁର୍ଣ୍ଣାମେଣ୍ଟ ପାଇଁ ବୁକ୍ ମାଇ ସୋ (Book My Show) ୱେବ୍ସାଇଟରେ ମଧ୍ୟ ଟିକେଟ ବୁକିଂ ବ୍ୟବସ୍ଥା କରାଯାଇଛି। କ୍ରୀଡ଼ାପ୍ରେମୀ ଓ ଦର୍ଶକମାନେ ବୁକ୍ ମାଇ ସୋ (Book My Show) ୱେବସାଇଟକୁ ଯାଇ ଏସୀୟ ଟେବୁଲ ଟେନିସ୍ ଚାମ୍ପିଅନସିପ୍ ଦେଖିବା ପାଇଁ ନିଜର ଟିକେଟ ବୁକ୍ କରିପାରିବେ ବୋଲି କହିଛନ୍ତି କ୍ରୀଡ଼ାମନ୍ତ୍ରୀ ଶ୍ରୀ ସୂରଜ।




ଆଜିର କାର୍ଯ୍ୟକ୍ରମରେ କ୍ରୀଡ଼ା ଓ ଯୁବସେବା ବିଭାଗର କମିଶନର ତଥା ଶାସନ ସଚିବ ସଚିନ ରାମଚନ୍ଦ୍ର ଯାଦବ, ଏସିଆ ଟେବୁଲ ଟେନିସ୍ ୟୁନିୟନ୍‌ର ରିଜିଓନାଲ ଭାଇସ୍ ପ୍ରେସିଡ଼େଣ୍ଟ ଶେଖ୍ ହୟାତ୍ ଅଲ୍ ଖଲିଫା, ଟୁର୍ଣ୍ଣାମେଣ୍ଟ ନିର୍ଦ୍ଦେଶକ ଏନ. ଗଣେଶନ, ଅଲିମ୍ପିଆନ୍ ତଥା ପଦ୍ମଶ୍ରୀ ଅଚନ୍ତା ଶରତ କମଲ ପ୍ରମୁଖ ଉପସ୍ଥିତ ଥିଲେ।

● ଜାତୀୟ ଜୁନିଅର ଆଥଲେଟିକ୍ସ

## ନୀରଜଙ୍କ ରେକର୍ଡ ଭାଙ୍ଗିଲେ ହିମାଂଶୁ



ଭୁବନେଶ୍ୱର,୧୦।୧୦(ସମିସ): ଏସୀୟ ୧୮ ବର୍ଷରୁ କମ୍ ସ୍ୱର୍ଣ୍ଣ ପଦକ ବିଜେତା ହିମାଂଶୁ ଝାକର ଏଠାରେ ଆଜିଠାରୁ ଆରମ୍ଭ ହୋଇଥିବା ଜାତୀୟ ଜୁନିଅର ଆଥଲେଟିକ୍ ଚାମ୍ପିଅନସିପ୍ ଜାଭେଲିନ୍ ଥ୍ରୋରେ ନୀରଜ ଚୋପ୍ରାଙ୍କ ୧୧ ବର୍ଷର ମିଟ୍ ରେକର୍ଡ ଭାଙ୍ଗିଦେଇଛନ୍ତି। ଆଜି ଅନୁଷ୍ଠିତ କ୍ୱାଲିଫାଇଂ ବିଭାଗରେ ସେ ୭୯.୯୬ ମିଟର ଦୂରତାକୁ ଜାଭେଲିନ୍ ଫିଙ୍ଗି ରେକର୍ଡ ଭାଙ୍ଗିବା ସହ ୨୦୨୬ ୨୦ ବର୍ଷରୁ କମ୍ ବିଶ୍ୱ ଆଥଲେଟିକ୍ ଚାମ୍ପିଅନସିପ୍‌ରେ ଭାଗନେବାକୁ ଯୋଗ୍ୟତା ଅର୍ଜନ କରିଛନ୍ତି। ପୂର୍ବରୁ ୨୦୧୪ ବିଜୟୱାଡା ସଂସ୍କରଣରେ ନୀରଜ ୭୬.୫୦ ମିଟରକୁ ଜାଭେଲିନ୍ ଫିଙ୍ଗି ଏହି ରେକର୍ଡର ଅଧିକାରୀ ହୋଇଥିଲେ।


PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS